

▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-87 •SATURDAY •20 SEPTEMBER 2025 •PAGE-12 •₹ 6.00 | PANIKOILI | •ବର୍ଷ-୪୩ •ସଂଖ୍ୟା-୮୭ •ଶନିବାର •୨୦ ସେପ୍ଟେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


# ସାର ତାତି: ବିଧାନସଭା ଅଚଳ

## ଆଲୋଚନା ଦାବିରେ ଅଡ଼ି ବସିଲା ବିଜେଡି, ଗୃହ ଚାଲିଲା ମାତ୍ର ୮ ମିନିଟ

## ଗୃହ ଭିତରେ ପ୍ଲାକାର୍ଡ, ମୋହନ ସରକାର ହାଏ ହାଏ ନାରାରେ କମ୍ପିଲା ଗୃହ

■ **ଭୁବନେଶ୍ୱର, ୧୯।୯ (ସମିସ):** ରାଜ୍ୟରେ ଉତ୍କଟ ସାର ଅଭାବକୁ ନେଇ ଚାଷୀ ସନ୍ତୁଳି ହେଉଛି। ମାତ୍ର ସରକାର ଏ ଦିଗରେ ସମ୍ପୂର୍ଣ୍ଣ ନିରବ। ଏପରି ଏକ ସ୍ପର୍ଶକାତର ଘଟଣାକୁ ନେଇ ବିଧାନସଭାରେ ଗର୍ଜିଛି ବିଜେଡି। ସାର ଅଭାବ ପ୍ରସଙ୍ଗରେ ଶୁକ୍ରବାର ବିଜେଡି ସଦସ୍ୟମାନେ ଗୃହରେ ପ୍ରବଳ ହଟ୍ଟଗୋଳ, ନାରାବାଜି କରିଛନ୍ତି। ଚାଷୀଙ୍କର ଏହି ପ୍ରମୁଖ ସମସ୍ୟାର ସମାଧାନ ପାଇଁ ପ୍ରଶ୍ନକାଳ ବାତିଲ କରି ଆଲୋଚନା କରିବାକୁ ବିଜେଡି ବିଧାୟକମାନେ ଅଡ଼ି ବସିଛନ୍ତି। ବିଜେଡିର ପ୍ରବଳ ପ୍ରତିବାଦ, ନାରାବାଜି କାରଣରୁ ପୂରା ଦିବସର ଗୃହକାର୍ଯ୍ୟ ବାଧାପ୍ରାପ୍ତ ହୋଇଛି। ପ୍ରବଳ ହଟ୍ଟଗୋଳ ମଧ୍ୟରେ ପ୍ରଥମାର୍ଦ୍ଧରେ ୪ ମିନିଟ ଏବଂ ଦ୍ୱିତୀୟାର୍ଦ୍ଧରେ ୪ ମିନିଟ ଅର୍ଥାତ ସାରା ଦିନ ମୋଟ ୮ ମିନିଟ ଗୃହ ଚାଲିପାରିଛି। ଫଳରେ ବାଚସ୍ପତି ଆସନ୍ତା କାଲି ଯାଏ ଗୃହକୁ ମୁଲତବୀ ରଖିଛନ୍ତି। ଶୁକ୍ରବାର ଗୃହକାର୍ଯ୍ୟ ଆରମ୍ଭ ହେବା ମାତ୍ରେ ବିଜେଡିର ବିଧାୟକମାନେ ପ୍ଲାକାର୍ଡ, ବ୍ୟାନର ଧରି ଗୃହର ମଧ୍ୟଭାଗକୁ ମାଡ଼ି ଆସିଥିଲେ। ସାରା ପ୍ରସଙ୍ଗରେ ପୋଷ୍ଟର, ବ୍ୟାନର ପ୍ରଦର୍ଶନ କରିଥିଲେ। ମୋହନ ସରକାର ହାଏ ହାଏ, ମୋହନ ସରକାର ଡାଉନ ଡାଉନ ଆଦି ନାରାରେ ▶ପୃଷ୍ଠା-୭




## କଂଗ୍ରେସ ବିଧାୟକଙ୍କ ବିରୋଧରେ ସ୍ୱାଧିକାର ଭଙ୍ଗ ନୋଟିସ୍

■ **ଭୁବନେଶ୍ୱର, ୧୯।୯ (ସମିସ):** କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ୍‌ଙ୍କ ସମେତ ୫ କଂଗ୍ରେସ ବିଧାୟକଙ୍କ ନାଁରେ ସ୍ୱାଧିକାର ଭଙ୍ଗ ନୋଟିସ୍ ଆଣିଛି ବିଜେପି। ବିଜେପି ବିଧାୟକ ପଦ୍ମଲୋଚନ ପଣ୍ଡା ଏହି ସ୍ୱାଧିକାର ଭଙ୍ଗ ନୋଟିସ୍ ଆଣିଛନ୍ତି। କଂଗ୍ରେସ ଦଳ ପକ୍ଷରୁ ସରକାରଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଅଣାଯାଇଛି। ଏହାକୁ ବାଚସ୍ପତି ଗ୍ରହଣ କରିବା ପୂର୍ବରୁ କଂଗ୍ରେସ ବିଧାୟକମାନେ ଏନେଇ ଗଣମାଧ୍ୟମରେ ସୂଚନା ଦେଇଛନ୍ତି, ଯାହାକି ଗୃହର ଗରିମା ▶ପୃଷ୍ଠା-୭

## ସରକାରଙ୍କ ପାଖରେ ନାହିଁ ଛାତ୍ରୀ ନିର୍ଯାତନା ତଥ୍ୟ !

**ସ୍କୁଲରେ ୩୨ ଓ ବିଶ୍ୱବିଦ୍ୟାଳୟର ୨୦ ଛାତ୍ରୀ ନିର୍ଯାତନାର ଶିକାର**

**'ଉତ୍କଳ' ରେ ସର୍ବାଧିକ ୭ ଓ ରେଭେନ୍ସାରେ ୬ ମାମଲା**

■ **ଭୁବନେଶ୍ୱର, ୧୯।୯ (ସମିସ):** ଶିକ୍ଷାନୁଷ୍ଠାନରେ ଛାତ୍ରୀ ନିର୍ଯାତନା ବଢୁଛି। ଅଧ୍ୟାପକଙ୍କ ନାମରେ ଛାତ୍ରୀମାନଙ୍କୁ ଅସଦାଚରଣ ଓ ଅଶାଳୀନ ବ୍ୟବହାର କରୁଥିବା ଅଭିଯୋଗ ପରେ ମଧ୍ୟ ସରକାର ଉପଯୁକ୍ତ ପଦକ୍ଷେପ ନେଉ ନାହାନ୍ତି। ଏସବୁ ପରେ ମଧ୍ୟ ମହାବିଦ୍ୟାଳୟଗୁଡ଼ିକରେ ଛାତ୍ରୀ ନିର୍ଯାତନା ତଥ୍ୟ ସରକାରଙ୍କ ପାଖରେ ନାହିଁ।

ବିଶ୍ୱବିଦ୍ୟାଳୟଗୁଡ଼ିକରେ ୧୨ ଜୁନ୍ ୨୦୨୪ ଅର୍ଥାତ୍ ରାଜ୍ୟରେ ବିଜେପି ସରକାର ଗଠନ ପରଠାରୁ ୨୦ଜଣ ଛାତ୍ରୀ ଅସଦାଚରଣର ଶିକାର ହୋଇଥିବା ଶୁକ୍ରବାର ବିଧାନସଭାରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଉତ୍ତର ରଖିଛନ୍ତି। ରାଜ୍ୟର ପ୍ରମୁଖ ଓ ପ୍ରଥମ ବିଶ୍ୱବିଦ୍ୟାଳୟ 'ଉତ୍କଳ'ରୁ ସର୍ବାଧିକ ୭ଟି ଅଭିଯୋଗ ଆସିଛି। ତନ୍ମଧ୍ୟରୁ ୬ଟି ମାମଲାର ସମାଧାନ ▶ପୃଷ୍ଠା-୭

# ଦ୍ୱିତୀୟ ବିଶ୍ୱଯୁଦ୍ଧର ବୋମା ଉଦ୍ଧାର

## ୨୦ ହଜାର ଲୋକ ସ୍ଥାନାନ୍ତର



■ **ବର୍ଲିନ, ୧୯।୯ (ଏଜେନ୍ସି):** ଦ୍ୱିତୀୟ ବିଶ୍ୱଯୁଦ୍ଧର ସ୍ମୃତି ପୁଣି ଉଜାଗର ହୋଇ ଉଠିଛି। ଜର୍ମାନୀ ରାଜଧାନୀ ବର୍ଲିନରୁ ଗୁରୁବାର ସନ୍ଧ୍ୟାରେ ଦ୍ୱିତୀୟ ବିଶ୍ୱଯୁଦ୍ଧ ସମୟର ଦୁଇଟି ବଡ଼ ବୋମା ମିଳିଛି। କୌଣସି ବଡ଼ ଅଘଟଣକୁ ଏଡ଼ାଇବା ପାଇଁ ସତର୍କତା ମୂଳକ ପଦକ୍ଷେପ ସ୍ୱରୂପ ଘଟଣାସ୍ଥଳରୁ ୨୦ ହଜାର ଲୋକଙ୍କୁ ଖାଲି କରାଯାଇଛି। ବୋମା ନିକଟରୁ ୫୦୦ ମିଟର ପର୍ଯ୍ୟନ୍ତ ସୁରକ୍ଷା ବଳୟ ସୃଷ୍ଟି କରି ଘର ଘରକୁ ଯାଇ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ପଳାଇବାକୁ ପୁଲିସ କହିଥିଲା। ପ୍ରଥମ ବୋମାଟି ସ୍ପ୍ରି ନଦୀ ନିକଟରୁ ମିଳିଥିଲା। ଏହି ଅଞ୍ଚଳରୁ ପାଖାପାଖି ୧୦ ହଜାର ଲୋକଙ୍କୁ ହଟାଯାଇଥିଲା। ଏହି ଅଞ୍ଚଳରେ କେତୋଟି ଦୂତାବାସ ଓ ସରକାରୀ କାର୍ଯ୍ୟାଳୟ ରହିଥିଲା। ସେହିପରି ୧୦୦ କେଜି ଓଜନର ଦ୍ୱିତୀୟ ବୋମାଟି ସ୍ପଣ୍ଡାଉ ଜିଲ୍ଲାରୁ ମିଳିଥିଲା। ଫଳରେ ଏହି ଅଞ୍ଚଳରୁ ୧୨, ୪୦୦ ଲୋକଙ୍କୁ ଖାଲି କରାଯାଇଥିଲା। ଦୁଇଟି ଯାକ ବୋମାକୁ ନିଷ୍କ୍ରିୟ କରାଯାଇଛି। ତେବେ ଏହି ଦୁଇଟି ବୋମା ସେଭଳି କୌଣସ ବଡ଼ ଧରଣର ବିପଦ ସୃଷ୍ଟି କରି ନ ଥିଲା। ଏଥିପାଇଁ ସୁରକ୍ଷା ଦାୟିତ୍ୱ ପୁଲିସକୁ ଦିଆଯାଇଥିଲା।

# ତାଲିକାରୁ ହଟିଲେ ୮୦୮ ନିଷ୍କ୍ରିୟ ରାଜନୈତିକ ଦଳ

■ **ନୂଆଦିଲ୍ଲୀ, ୧୯।୯ (ଏଜେନ୍ସି):** ରାଜନୈତିକ ଦଳ ମାଧ୍ୟମରେ କଳା ଟଙ୍କାକୁ ଧଳା କରିବା ମାମଲା ସାମ୍ନାକୁ ଆସିବା ପରେ ଭାରତୀୟ ନିର୍ବାଚନ କମିଶନ ସଫେଇ ଅଭିଯାନକୁ ଜୋରଦାର କରିଛନ୍ତି। ଗତ ୬ ବର୍ଷ ହେଲା କୌଣସି ନିର୍ବାଚନ ଲଢ଼ି ନ ଥିବା ୮୦୮ ପଞ୍ଜିକୃତ ଅଣ-ମାନ୍ୟତାପ୍ରାପ୍ତ ରାଜନୈତିକ ଦଳ (ଆରୟୁପିପି)କୁ ଅଣ-ତାଲିକାଭୁକ୍ତ କରିଦେଇଛନ୍ତି। ୧୯୫୧ର ଲୋକ ପ୍ରତିନିଧି ଆଇନର ଧାରା ୨୯ଏ ଅନୁଯାୟୀ ରାଜନୈତିକ ଦଳ ଗୁଡିକର ପଞ୍ଜୀକରଣ ହୋଇଥାଏ। ପଞ୍ଜୀକରଣ ପରେ ଏହି ଦଳଗୁଡିକ ନିର୍ଦ୍ଦିଷ୍ଟ ଲାଭ ପାଇଥାନ୍ତି। ନିର୍ବାଚନୀ ଚିହ୍ନ ଏବଂ ଟିକସରେ ରିଆତି ଆଦି ସୁବିଧା ମିଳିଥାଏ। ଏହାର ଲାଭ ଉଠାଇ କିଛି ରାଜନୈତିକ ଦଳ ବେଆଇନ କାରବାର ଚଳାଉ ଥିଲେ। ତେବେ ୬ ବର୍ଷ ହେଲା କୌଣସି ନିର୍ବାଚନ ଲଢୁ ନ ଥିବା ରାଜନୈତିକ ଦଳଙ୍କୁ ଅଣ ତାଲିକାଭୂକ୍ତ କରିଦିଆଯିବ ବୋଲି ଇସି ସ୍ପଷ୍ଟ କରିଛନ୍ତି।

ଗତ ଜୁନ୍‌ରୁ ଇସି ଏହି ଅଭିଯାନ ଆରମ୍ଭ କରିଥିଲେ। ପ୍ରଥମ ପର୍ଯ୍ୟାୟରେ ଅଗଷ୍ଟ ୯ ତାରିଖରେ ୩୩୪ ଅଣ-ମାନ୍ୟତା ପ୍ରାପ୍ତ ଦଳଙ୍କୁ ତାଲିକାରୁ ହଟାଇ ଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ଗୁରୁବାର ▶ପୃଷ୍ଠା-୭

## ଅପର୍ଣ୍ଣା ମୃତ୍ୟୁ; ଖୁଣ୍ଟୁଣି ଥାନାରେ ହତ୍ୟା ମାମଲା ରୁଜୁ

# ଡିଏସ୍‌ପି ପାହ୍ୟା ଅଧିକାରୀ କରିବେ ତଦନ୍ତ

■ **ଭୁବନେଶ୍ୱର, ୧୯।୯ (ସମିସ):** ମହିଳା କନେଷ୍ଟବଳ ଶୁଭମିତ୍ରା ସାହୁ ହତ୍ୟା ମାମଲାରେ ଗିରଫ ହୋଇଥିବା କନେଷ୍ଟବଳ ଦୀପକ ରାଉତ ପ୍ରଥମ ପତ୍ନୀଙ୍କୁ ମଧ୍ୟ ହତ୍ୟା କରିଥିବା ଅଭିଯୋଗ ପଦାକୁ ଆସିଛି। ଦୀପକର ପ୍ରଥମ ପତ୍ନୀ ଅପର୍ଣ୍ଣାଙ୍କ ଭଉଣୀ ରୋଜାଲିନ ଆଜି ଖୁଣ୍ଟୁଣି ଥାନାର ଦ୍ୱାରସ୍ଥ ହୋଇ ତାଙ୍କ ବଡ଼ ଭଉଣୀ ଅପର୍ଣ୍ଣାଙ୍କୁ ଭିଣୋଇ ଦୀପକ ହତ୍ୟା କରିଥିବା ଲିଖିତ ଏତଲା ଦେଇଛନ୍ତି। ଅଭିଯୋଗ ଆଧାରରେ ପୁଲିସ କେସ୍ ନଂ - ୧୯୪/୨୫ ରେ ହତ୍ୟା ମାମଲା ରୁଜୁ କରିଛି। ଦଫା ୩୦୨, ୪୯୮-ଏ, ୨୦୧ ଓ ୩୪ ଆଇପିସିରେ ମାମଲା ରୁଜୁ କରିଛି। କଟକ ଗ୍ରାମାଞ୍ଚଳ ପୁଲିସ ମୁଖ୍ୟାଳୟର ଡିଏସପି ଅଜୟ କୁମାର ଦାସଙ୍କୁ ଘଟଣାର ତଦନ୍ତ ଭାର ▶ପୃଷ୍ଠା-୭



**ଅଭିଯୁକ୍ତ ଦୀପକକୁ ରିମାଣ୍ଡରେ ନେବ ଖୁଣ୍ଟୁଣି ପୁଲିସ**

# ଚାଷୀଙ୍କୁ ବିଜେପିର ତାଚ୍ଛଲ୍ୟ; ଘେରିଲେ ବିରୋଧୀ

**ଆଲୋଚନାରୁ ଖସିଯିବାକୁ ଚାହୁଁଛନ୍ତି ସରକାର: ବିଜେଡି**

**ସାର ପାଇଁ ସାରା ରାଜ୍ୟରେ ହାହାକାର ସ୍ଥିତି: କଂଗ୍ରେସ**

■ **ଭୁବନେଶ୍ୱର, ୧୯।୯ (ସମିସ):** ରାଜ୍ୟରେ ସାର ଅଭାବ ପାଇଁ ଚାଷୀ କାନ୍ଦୁଛି। ଚାଷବାସ ଛାଡ଼ି ଚାଷୀ ରାତିରାତି ପାକ୍ସ, ଲାମ୍ପସ୍ ଆଗରେ ଧାଡ଼ି ଲଗାଉଛନ୍ତି। ସାର ମୂଲ୍ୟ ୨୪୨ ଟଙ୍କା ରହିଥିବା ବେଳେ ବଜାରରୁ ଏହାକୁ ଚାଷୀ ୮୦୦ରୁ ୧୦୦୦ ଟଙ୍କାରେ କିଣିବାକୁ ବାଧ ହେଉଛି। ଏହାକୁ ପ୍ରତିବାଦ କରି ଅନେକସ୍ଥାନରେ ଚାଷୀ ରାଜରାସ୍ତାକୁ ଓହ୍ଲାଉଛନ୍ତି। ମାତ୍ର ବିଜେପି ଚାଷୀଙ୍କ ଏହି ସମସ୍ୟାକୁ ଦୂର କରିବା ପରିବର୍ତ୍ତେ ଚାଷୀଙ୍କୁ ତାଚ୍ଛଲ୍ୟ କରିଛି। ଛେଣ୍ଡିପଦା ବିଧାୟକ ଅଗସ୍ତି ବେହେରା ବିଧାନସଭା ବାହାରେ ଚାଷୀଙ୍କୁ ବିବାଦୀୟ ଓ ଅସମ୍ମାନଜନକ ଟିପ୍ପଣୀ ପ୍ରଦାନ କରିଥିବାରୁ ବିଜେଡି ଓ କଂଗ୍ରେସ ଏହାକୁ ତୀବ୍ର ବିରୋଧ କରିଛନ୍ତି। ରାଜ୍ୟରେ ସାର ଅଭାବ ନାହିଁ। ଯେଉଁମାନେ ଲାମ୍ପସ ଓ ପାକ୍ସ ଆଗରେ ସାର ପାଇଁ ଧାଡ଼ି ଲଗାଉଛନ୍ତି ସେମାନେ ନକଲି ଚାଷୀ। ବିରୋଧୀମାନେ ନକଲି ଚାଷୀଙ୍କୁ ଠିଆ କରାଇ ରାଜନୀତି କରୁଛନ୍ତି ବୋଲି ବିଜେପି ବିଧାୟକ ଅଗସ୍ତି ବେହେରା ମନ୍ତବ୍ୟ ଦେଇଛନ୍ତି। ଯାହାକୁ ସାଧାରଣରେ ତୀବ୍ର ସମାଲୋଚନା କରାଯାଇଛି। ସରକାର ଆଲୋଚନାରୁ ଖସିଯିବାକୁ ଚାହୁଁଛନ୍ତି। ଏହା ଚାଷୀଙ୍କ ପ୍ରତି ସରକାରଙ୍କ ନିର୍ଦ୍ଦୟତା ବୋଲି ଶ୍ରୀ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ କ୍ଷୋଭ ପ୍ରକାଶ କରିଛନ୍ତି।

ଶୁକ୍ରବାର ପ୍ରଶ୍ନକାଳକୁ ବାତିଲ୍ କରି ସାର ପ୍ରସଙ୍ଗରେ ୩ ଘଣ୍ଟା ଆଲୋଚନା ପାଇଁ ଦାବି କରିଥିଲା ବିଜେଡି। ମାତ୍ର ବାଚସ୍ପତି ବିଜେଡିର ଏହି ▶ପୃଷ୍ଠା-୭






**ପାରିବାରିକ କଳହ**

# ଦୁଇ ପୁଅଙ୍କୁ ବିଷ ପିଆଇଲା ବାପା

■ **ଛେଣ୍ଡିପଦା, ୧୯।୯ (ସମିସ):** ଅନୁଗୋଳ ଜିଲ୍ଲା ଜରପଡ଼ା ଥାନା ତୁବେ ଗ୍ରାମରେ ଘଟିଛି ଅଭାବନୀୟ ଘଟଣା। ପାରିବାରିକ କଳହରୁ ଦୁଇ ନାବାଳକ ପୁଅଙ୍କୁ ଖୋଦ୍ ବାପା ବିଷ ପିଆଇ ଦେଇଥିବା ଅଭିଯୋଗ ହୋଇଛି। ଗୁରୁତର ଅବସ୍ଥାରେ ଦୁହିଁଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ସେମାନେ ହେଲେ, ତୁବେ ଗାଁର କାଳୀଚରଣ ପ୍ରଧାନଙ୍କ ପୁଅ ନୀଳମାଧବ ପ୍ରଧାନ (୧୨) ଏବଂ ଜିଜ୍ଞାସୁ ପ୍ରଧାନ (୮)। ମିଳିଥିବା ସୂଚନା ଅନୁଯାୟୀ, ଶୁକ୍ରବାର ମଧ୍ୟାହ୍ନ ୧୨ରେ କାଳୀଚରଣ ଦୁଇ ପୁଅଙ୍କୁ ସ୍କୁଲରୁ ନେଇ ବନ୍ତଲା ଥାନା ▶ପୃଷ୍ଠା-୭

# ୨୫ରେ ଲଘୁଚାପ

**ବର୍ଷାରେ ଭିଜିବ ଦଶହରା**

■ **ଭୁବନେଶ୍ୱର, ୧୯।୯ (ସମିସ):** ଆସନ୍ତା ୨୫ ତାରିଖରେ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବ। ଏହା ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ଅନୁଭୂତ ହେବ। ଲଘୁଚାପଟି ଅଧିକ ଘନୀଭୂତ ହେବା ଆଶଙ୍କା ଥିବାରୁ ଏଥର ଦଶହରା ବର୍ଷାଭିଜା ହୋଇପାରେ।

ଲଘୁଚାପ ନେଇ ଆଜି ଆଇଏମ୍‌ଡି ପକ୍ଷରୁ କରାଯାଇଥିବା ବେଳେ ଏହାର ପ୍ରଭାବରେ ୨୫ରୁ ୩-୪ ଦିନ ବର୍ଷା ହେବାର ଆଶଙ୍କା କରାଯାଇଛି। ପାଣିପାଗ ବିଭାଗ ଦ୍ୱାରା ଜାରି ସୂଚନା ଅନୁଯାୟୀ, ଆସନ୍ତା ୨୫ ତାରିଖରେ ▶ପୃଷ୍ଠା-୭




# ‘ଦୃଶ୍ୟମ୍’ ଦେଖି ସାଙ୍ଗ ସହ ମିଶି ବାପାଙ୍କୁ ହତ୍ୟା



କାନପୁର, ୧୯।୯ (ଏଜେନ୍ସି): ଚଳଚ୍ଚିତ୍ର ସମାଜର ଦର୍ପଣ ସଦୃଶ୍ୟ। କିନ୍ତୁ ଏବେ ଏହି ଦର୍ପଣ ମଳିନ ହେବାରେ ଲାଗିଛି। ସମାଜରୁ କୁସଂସ୍କାର ଦୂରେଇବା ପରିବର୍ତ୍ତେ ହତ୍ୟା, ଅପରାଧ ଆଦିକୁ ପ୍ରୋତ୍ସାହନ ଦେଉଛି। ଉତ୍ତର ପ୍ରଦେଶ କାନପୁରର ଚନ୍ଦେଲ ନଗରରୁ ଏଭଳି ଏକ ମାମଲା ସାମ୍ନାକୁ ଆସିଛି। ଅଭିନେତା ଅଜୟ ଦେବଗନଙ୍କ ‘ଦୃଶ୍ୟମ’ ଚଳଚ୍ଚିତ୍ର ଏବଂ କ୍ରାଇମ ପାଟ୍ରୋଲ ଦେଖି ସାଙ୍ଗ ସହ ମିଶି ପୁଅ ବାପାଙ୍କୁ ହତ୍ୟା କରିଛି। ଏହା ପରେ ମୃତଦେହକୁ ୭୫କିମି ଦୂର ଔରିଆ ନେଇ ପେଟ୍ରୋଲ ଢାଳି ପୋଡି ଦେଇଛି। ପୁଲିସକୁ ଭୁଆଁ ବୁଲାଇବା ପାଇଁ ଅଜବ ପନ୍ଥା ଆପଣାଇଛି। ଘଟଣାର ଦୁଇ ମାସ ପରେ ମୃତକଙ୍କ ପତ୍ନୀ ବୃନ୍ଦାବନରୁ ଫେରି ସ୍ୱାମୀଙ୍କୁ ଖୋଜିଥିଲେ। ଘରେ ନ ଦେଖି କଲ୍ୟାଣପୁର ଥାନାରେ ଜୁନ୍ ୧୨ରେ ଏତଲା ଦେଇଥିଲେ। ପୁଲିସ ଯାଞ୍ଚ କରି ୬ ମାସ ପରେ ଘଟଣାର ପର୍ଦ୍ଦାଫାସ କରିଥିଲା। ଡିସିପି ଦିନେଶ ଚନ୍ଦ୍ର ତ୍ରିପାଠୀ କହିଛନ୍ତି ଯେ ମୃତକ କମଲାପତି ରେଲୱେରେ ଗାର୍ଡ ଭାବେ ଚାକିରି କରିଥିଲେ। କିନ୍ତୁ ସବୁବେଳେ ମଦ ପିଉଥିବାରୁ ସାନପୁଅ ରାମଜୀଠାରୁ ସେ ଦୂରେଇ ରହୁଥିଲେ। ଟଙ୍କା ମାଗିଲେ ତାଙ୍କୁ ଦେଉ ନ ଥିଲେ। ତେଣୁ ସମ୍ପତ୍ତି ପାଇଁ ପୁଅ ବାପାଙ୍କୁ ତଣ୍ଟିଚିପି ହତ୍ୟା କରିଥିଲା। ପୁଲିସକୁ ଭୁଆଁ ବୁଲାଇବା ପାଇଁ ମୋବାଇଲ ଦେଇ ସାଙ୍ଗକୁ ବିହାର ପଠାଇଥିଲା। ତେବେ ସେଠାରେ ସେ ସ୍ୱିଚ୍ ଅନ୍ କରି ଲୋଭରେ ମୋବାଇଲକୁ ବିକିବା ପାଇଁ ଧରି ପଳାଇ ଆସିଥିଲା। ପରେ ପୁଲିସ ପୁଅ ଘରୁ ମୋବାଇଲ ଜବତ କରିଥିଲା। ଜେରା ସମୟରେ ସେ ବାପାଙ୍କୁ ହତ୍ୟା କରିଥିବା ସ୍ୱୀକାର କରିଥିଲା।

# ପରୀକ୍ଷାରେ ଭଲ ନମ୍ବର ରଖିବାରୁ ଛାତ୍ରଛାତ୍ରୀଙ୍କୁ ବିମାନରେ ଡାମନ-ଡିଉ ବୁଲାଇଲେ ଶିକ୍ଷକ



ଜୟପୁର, ୧୯।୯ (ଏଜେନ୍ସି): ରାଜସ୍ଥାନ ଭିଲୱାରୀର ନନ୍ଦରାଇ ଗ୍ରାମରୁ ଏକ ପ୍ରେରଣାଦାୟୀ ଖବର ସାମ୍ନାକୁ ଆସିଛି। ଦ୍ୱାଦଶ ବୋର୍ଡ ପରୀକ୍ଷାରେ ୯୦ ପ୍ରତିଶତ ମାର୍କ ରଖିବାରୁ ଏଠାକାର ସରକାରୀ ଉଚ୍ଚ ମାଧ୍ୟମିକ ସ୍କୁଲର ୫ ଛାତ୍ରୀଙ୍କୁ ଶିକ୍ଷକ ବିମାନରେ ନେଇ ଡାମନ-ଡିଉ ବୁଲାଇଛନ୍ତି। ତେବେ ଏହି ଯାତ୍ରା ବାବଦ ଖର୍ଚ୍ଚକୁ କୌଣସି ଏନ୍‌ଜିଓ କିମ୍ବା ସରକାର ଦେଇନାହାନ୍ତି। ପ୍ରଧାନଶିକ୍ଷକ ଶଙ୍କରଲାଲ ଜାଟ ଏବଂ ଶିକ୍ଷକ ଅଜୟ କୁମାର ସମସ୍ତ ଖର୍ଚ୍ଚ ବହନ କରିଛନ୍ତି। ଉଭୟ ଶିକ୍ଷକ ଶିକ୍ଷାବର୍ଷରେ ୯୦ ପ୍ରତିଶତ କିମ୍ବା ତାଠାରୁ ଅଧିକ ମାର୍କ ରଖିଲେ ଛାତ୍ରଛାତ୍ରୀଙ୍କୁ ବିମାନରେ ବୁଲାଇ ନେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଫଳାଫଳ ବାହାରିବା ପରେ ଶିକ୍ଷକ ଏହି ଯାତ୍ରାର ଆୟୋଜନ କରି ସମସ୍ତ ଖର୍ଚ୍ଚ ବହନ କରିଥିଲେ। ଏହି ଗ୍ରାମରୁ ଡାମନ-ଡିଉ ବୁଲିବା ପାଇଁ ଦେଢ ଲକ୍ଷ ଟଙ୍କା ଖର୍ଚ୍ଚ ହୋଇଥିଲା।

ଏହି ପଦକ୍ଷେପ ଛାତ୍ରଛାତ୍ରୀଙ୍କ ପ୍ରଦର୍ଶନ ଉପରେ ଗଭୀର ପ୍ରଭାବ ପକାଇ ଥିଲା। ୫୨ ଛାତ୍ରଛାତ୍ରୀଙ୍କ ମଧ୍ୟରୁ ୪୮ ଜଣ ପ୍ରଥମ ଶ୍ରେଣୀରେ ପାସ୍ କରିଥିଲେ। ପ୍ରାୟ ୭୦ ପ୍ରତିଶତ ମାର୍କ ରଖିଥିଲେ। ପୂର୍ବରୁ କେବେ ଏପରି ଫଳାଫଳ ଆସି ଥିଲା। ସ୍କୁଲ୍ ପ୍ରାର୍ଥନାରେ ଶିକ୍ଷକ କରିଥିବା ଏହି ଘୋଷଣା ୫ ପରିଶ୍ରମୀ ଛାତ୍ରୀଙ୍କ ପାଇଁ ବାସ୍ତବତା ପାଲଟି ଯାଇଛି। ଏହା ସ୍କୁଲ୍ ପାଇଁ ମଧ୍ୟ ଗୌରବ ଆଣିଛି। ଗ୍ରାମାଞ୍ଚଳରେ ସରକାରୀ ସ୍କୁଲ୍ ପ୍ରଭାବ ହରାଉଥିବାବେଳେ ଦୁଇ ଶିକ୍ଷକଙ୍କ ନିଆରା ପ୍ରୟାସ ପିଲାଙ୍କ ପାଇଁ ବଡ଼ ସଫଳତା ଆଣି ଦେଇଛି।

# ଜୁବିନ ଗର୍ଗଙ୍କ ପରଲୋକ



ନୂଆଦିଲ୍ଲୀ, ୧୯।୯(ଏଜେନ୍ସି): ଜଣାଶୁଣା ଆସାମୀ ତଥା ବଲିଉଡ ଗାୟକ ଜୁବିନ ଗର୍ଗ ଶୁକ୍ରବାର ପରଲୋକଗମନ କରିଛନ୍ତି। ସିଙ୍ଗାପୁରରେ ଏକ ସ୍କୁବା ଡାଇଭିଂ ଦୁର୍ଘଟଣାରେ ସେ ମୃତ୍ୟୁବରଣ କରିଛନ୍ତି। ୫୨ ବର୍ଷୀୟ ଜୁବିନ ଶୁକ୍ରବାର ଉତ୍ତରପୂର୍ବ ମହୋତ୍ସବରେ ସଙ୍ଗୀତ ପରିବେଷଣ କରିବାର କାର୍ଯ୍ୟକ୍ରମ ଥିଲା। ସ୍କୁବା ଡାଇଭିଂ କରିବା ଅବସରରେ ସେ ସମୁଦ୍ରରେ ପଡ଼ିଯାଇଥିଲେ ଓ ତାଙ୍କୁ ସିଙ୍ଗାପୁର ପୁଲିସ ଉଦ୍ଧାର କରି ନିକଟସ୍ଥ ହସ୍ପିଟାଲକୁ ନେଇଥିଲା। ଡାକ୍ତର ତାଙ୍କୁ ଆଇସିୟୁରେ ଭର୍ତ୍ତି କରିଥିଲେ। କିନ୍ତୁ ତାଙ୍କୁ ବଞ୍ଚାଇ ପାରି ନଥିଲେ। ତାଙ୍କର ଅଚାନକ ମୃତ୍ୟୁରେ ବଲିଉଡ ସ୍ତବ୍ଧ ହୋଇଛି ଓ ତାଙ୍କ ପ୍ରଶଂସକମାନେ ମର୍ମାହତ ହୋଇଛନ୍ତି। ସେ ଉତ୍ତରପୂର୍ବ ମହୋତ୍ସବରେ ଅଂଶଗ୍ରହଣ କରିବାକୁ ସିଙ୍ଗାପୁର ଯାଇଥିଲେ। ତାଙ୍କ ପରଲୋକରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ଆସାମ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱ ଶର୍ମା, ପୂର୍ବତନ ରାଜ୍ୟସଭା ଏମ୍‌ପି ରିପୁ ବୋରା ଓ ଅନ୍ୟ ମାନ୍ୟଗଣ୍ୟ ବ୍ୟକ୍ତିମାନେ ଶୋକ ପ୍ରକାଶ କରିଛନ୍ତି। ଗ୍ୟାଙ୍ଗଷ୍ଟର ସିନେମାର ‘ୟା ଅଲି’, ହୃତିକ ରୋଶନ ଅଭିନୀତ କ୍ରିସ-୩ ସିନେମାର ‘ଦିଲ ତୁହି ବତା’ ଓ ପ୍ୟାର କା ସାଇଡ ଇଫେକ୍ଟ ସିନେମାର ‘ଜାନେ କ୍ୟା ଚାହେ ମନ’ ଭଳି ଗୀତ ଗାଇ ବେଶ୍ ଲୋକପ୍ରିୟତା ଅର୍ଜନ କରିଥିଲେ। ବଲିଉଡ ସମେତ ସେ ଆସାମୀ, ବେଙ୍ଗଲି, ନେପାଳୀ ଓ ଅନ୍ୟ ଆଞ୍ଚଳିକ ସିନେମାରେ ଗୀତ ଗାଇ ଲୋକପ୍ରିୟତା ଅର୍ଜନ କରିଥିଲେ।

# ଇଞ୍ଜିନ ଅଏଲରେ ଜୀବନ ବିତାଉଛନ୍ତି ଅଏଲ କୁମାର

ବେଙ୍ଗାଲୁରୁ, ୧୯।୯ (ଏଜେନ୍ସି): ଅଜବ ଖାଇବା ଶୈଳୀକୁ ନେଇ କର୍ଣ୍ଣାଟକ ଶିବମୋଗାର ଜଣେ ବ୍ୟକ୍ତି ସାରା ଦେଶରେ ଚର୍ଚ୍ଚାରେ ଅଛନ୍ତି। ସେ ଅନ୍ୟମାନଙ୍କ ପରି ଭାତ ଡାଲି କିମ୍ବା ଫଳ ପନିପରିବା ଆଦି ଖାଉ ନାହାନ୍ତି। ସେ ଦିନକୁ ଚା’ ପରି ଗାଡ଼ି ମୋଟରରେ ପଡୁଥିବା ଇଞ୍ଜିନ ଅଏଲ ପିଇ ଯାଉଛନ୍ତି। ତେବେ ନୂଆ ନୁହେଁ, ଖରାପ ହେବା ପରେ ଗାଡ଼ିରୁ ବାହାରୁ ଥିବା ୭ରୁ ୮ ଲିଟର ଇଞ୍ଜିନ ଅଏଲ ଦିନକୁ ପିଉଛନ୍ତି। ସେଥିପାଇଁ ତାଙ୍କୁ ‘ଅଏଲ କୁମାର’ କୁହାଯାଉଛି। ଏହାର ଭିଡିଓ ଖୁବ ଭାଇରାଲ ହେବାରେ ଲାଗିଛି। ଇଣ୍ଟରନେଟରେ ଥିବା ଭିଡିଓରେ ସେ ଲୋକଙ୍କ ସାମ୍ନାରେ ଗଳ ଗଳ କରି ଇଞ୍ଜିନ ଅଏଲ ପିଇ ଯାଉଥିବା ଦେଖାଯାଉଛି। ଏହା ଦେହ ପାଇଁ ଅତ୍ୟନ୍ତ ଖରାପ ହୋଇଥିବାବେଳେ ସେ କେମିତି ବଞ୍ଚିଛନ୍ତି ତାହାକୁ ନେଇ ସମସ୍ତେ ଆଶ୍ଚର୍ଯ୍ୟ ହୋଇ ଯାଇଛନ୍ତି। ଅଏଲ କୁମାର କହିଛନ୍ତି ଯେ ଗତ ୩୩ ବର୍ଷ ହେଲା ଖାଦ୍ୟ ପରିବର୍ତ୍ତେ ଇଞ୍ଜିନ ଅଏଲ ପିଇ ବଞ୍ଚିଛନ୍ତି। ଦିନକୁ ଏତେ ଇଞ୍ଜିନ ଅଏଲ ପିଉଥିବା ସତ୍ତ୍ୱେ ସେ ଆଜି ପର୍ଯ୍ୟନ୍ତ ମେଡିକାଲରେ ଭର୍ତ୍ତି ହୋଇନାହାନ୍ତି। ତାଙ୍କର କୌଣସି ସ୍ୱାସ୍ଥ୍ୟ ସମ୍ବନ୍ଧିତ ସମସ୍ୟା ମଧ୍ୟ ନାହିଁ। ସେ ଭଗବାନ ଅୟପାଙ୍କ ଜଣେ ଭକ୍ତ ମଧ୍ୟ।

### ପୁଣି ନିର୍ବାଚନ କମିଶନଙ୍କୁ ନିଶାଣ କଲେ ରାହୁଲ

# ଚେଇଁ ରହି ଚୋରି ଦେଖୁଥିଲେ ଚୌକିଦାର

ନୂଆଦିଲ୍ଲୀ, ୧୯।୯ (ଏଜେନ୍ସି): ଲୋକସଭା ବିରୋଧୀ ଦଳ ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ ପୁଣି ‘ଭୋଟ ଚୋରି’ ଏବଂ ବେଆଇନ ଭାବେ ଭୋଟର ତାଲିକାରୁ ‘ଭୋଟରଙ୍କୁ ହଟାଇବା’ ପ୍ରସଙ୍ଗକୁ ନେଇ ନିର୍ବାଚନ କମିଶନ (ଇସି)ଙ୍କୁ ନିଶାଣ କରିଛନ୍ତି। ସେ ଶୁକ୍ରବାର ସାମାଜିକ ଗଣମାଧ୍ୟମରେ ଏକ ଭିଡିଓ ପୋଷ୍ଟ କରି ଇସିଙ୍କୁ ତୀବ୍ର ସମାଲୋଚନା କରିଛନ୍ତି। ‘ସକାଳ ୪ଟାରେ ଉଠ, ୩୬ ସେକେଣ୍ଡରେ ୨ ଭୋଟରଙ୍କୁ ତାଲିକାରୁ ହଟାଇ ଦେଇ ପୁଣି ଶୋଇ ଯାଅ। ଏହି ଭଳି ଭାବେ ଭୋଟ ଚୋରି କରାଯାଉଛି। ନିର୍ବାଚନ କମିଶନ ଭୋଟ ଚୋରଙ୍କୁ ସୁରକ୍ଷା ଦେଉଛନ୍ତି। ନିର୍ବାଚନର ଚୌକିଦାର ଚେଇଁ ରହି ଚୋରି ଦେଖୁଥିଲେ ଏବଂ ଚୋରଙ୍କୁ ସୁରକ୍ଷା ଦେଉଥିଲେ’ ବୋଲି ରାହୁଲ ଅଭିଯୋଗ କରିଛନ୍ତି। ଏହା ପୂର୍ବରୁ ରାହୁଲ ଗୁରୁବାର ଦିଲ୍ଲୀରେ ସାମ୍ବାଦିକ ସମ୍ମିଳନୀ କରି କର୍ଣ୍ଣାଟକ ଏବଂ ମହାରାଷ୍ଟ୍ରରେ ସେଣ୍ଟ୍ରାଲାଇଜ୍ଡ ସଫ୍ଟୱେର ବ୍ୟବହାର କରି ଭୋଟ ଚୋରି ଏବଂ ଭୋଟରଙ୍କ ନାମ ହଟା ଯାଇଥିବା ଅଭିଯୋଗ କରିଥିଲେ। ତେବେ ନିର୍ବାଚନ କମିଶନ ଏହି ଅଭିଯୋଗକୁ ଆଧାରହୀନ କହି ଖଣ୍ଡନ କରିଦେଇଥିଲେ। ଏହା ସହିତ ରାହୁଲ ଦେଶର ଯୁବ ବର୍ଗ, ଛାତ୍ରଛାତ୍ରୀ ଏବଂ ଜେନ୍ ଜେଡ୍ ଗୋଷ୍ଠୀଙ୍କ ସହ ଛିଡ଼ା ହୋଇଛି ବୋଲି ରାହୁଲ ଟ୍ୱିଟ୍ କରି କହିଥିଲେ।

ଅନ୍ୟପକ୍ଷରେ ରାହୁଲଙ୍କ ଟିପ୍ପଣୀକୁ କେନ୍ଦ୍ରମନ୍ତ୍ରୀ ଗିରିରାଜ ସିଂହ ସମାଲୋଚନା କରିଛନ୍ତି। ଜେନ-ଜେଡ୍ ଟିପ୍ପଣୀକୁ ନେଇ ସେ କହିଛନ୍ତି ଯେ ରାହୁଲ ହତାଶ ଏବଂ

## ୩୬ ସେକେଣ୍ଡରେ ଦୁଇ ଭୋଟର ହଟାଇ ପୁଣି ଶୋଇ ପଡୁଥିଲେ

## ରାହୁଲଙ୍କୁ ସମାଲୋଚନା କଲେ କେନ୍ଦ୍ରମନ୍ତ୍ରୀ ଗିରିରାଜ ସିଂହ

ନିରାଶ ହୋଇ ପଡ଼ିଛନ୍ତି। ସେ ପୂର୍ବରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନକଲ କରୁଥିଲେ। ଆଉ କେବେ ଜେନ-ଜେଡ୍‌ଙ୍କ କଥା କହୁଥିଲେ। ରାହୁଲ ସହରୀ ନକ୍ସଲ ହେବାକୁ ଚାହୁଁଛନ୍ତି। ସେହି ଭଳି ଭାବେ ହିଁ ପ୍ରତିକ୍ରିୟା ଦେଉଛନ୍ତି। ଦେଶକୁ ଗୃହଯୁଦ୍ଧରେ ଫସାଇବାକୁ ଚାହୁଁଛନ୍ତି। ରାହୁଲ କେତେବେଳ ମୁସଲମାନଙ୍କୁ ଉସୁକାଉଛନ୍ତି ତ



ଆଉ ଆଧାରହୀନ କଥା କହୁଛନ୍ତି। ସେହିପରି ମହାରାଷ୍ଟ୍ର ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭୀସ କହିଛନ୍ତି ଯେ ଏହା ଭୋଟ ଚୋରର ପ୍ରସଙ୍ଗ ନୁହେଁ ବୋଲି ପୂର୍ବରୁ କହିଥିଲି। ରାହୁଲ ଗାନ୍ଧୀଙ୍କ ମସ୍ତିଷ୍କ ଭ୍ରମ ହୋଇଯାଇଛି। ତେଣୁ ସେ ଏଭଳି କଥା କହୁଛନ୍ତି। ସମ୍ବିଧାନରେ ଥିବା ସମସ୍ତ ବ୍ୟବସ୍ଥାକୁ ସେ ଏଡ଼ାଇ ଚାଲିଛନ୍ତି। ଏବେ ରାହୁଲ ସହରୀ ନକ୍ସଲ ହୋଇଥିବା ପ୍ରମାଣ ଦେଇଛନ୍ତି। ଜେନ୍-ଜେଡ୍‌କୁ ସମର୍ଥନ ଦେଇ ସାମ୍ବିଧାନିକ ସରକାରକୁ ଭୁଶୁଡ଼ାଇବାକୁ ଚାହୁଁଛନ୍ତି।

### ଜାତିସଂଘରେ ପାକିସ୍ତାନ, ଚୀନ୍‌କୁ ଝଟ୍‌କା

# ବିଏଲ୍ଏକୁ ନିଷିଦ୍ଧ ପ୍ରସ୍ତାବ ଉପରେ ଆମେରିକାର ଭିଟୋ

ନ୍ୟୁୟର୍କ, ୧୯।୯(ଏଜେନ୍ସି): ଜାତିସଂଘରେ ଆମେରିକା ଏକ ଚକିତ କଲା ଭଳି ନିଷ୍ପତ୍ତି ନେଇଛି। ବେଲୁଚିସ୍ତାନ ଲିବରେସନ ଆର୍ମି (ବିଏଲ୍ଏ) ଓ ତା’ର ଆତ୍ମଘାତୀ ସଂଗଠନ ମଜିଦ ବ୍ରିଗେଡ଼କୁ ନିଷିଦ୍ଧ କରିବା ନେଇ ଆସିଥିବା ପ୍ରସ୍ତାବ ଉପରେ ଆମେରିକା ଭିଟୋ ଜାରି କରିଛି। ଅର୍ଥାତ ଏହି ପ୍ରସ୍ତାବ ଉପରେ ଆମେରିକା ରୋକ ଲଗାଇଛି। ପାକିସ୍ତାନ ଓ ଚୀନ୍ ଏକାଠି ଏହି ପ୍ରସ୍ତାବକୁ ଜାତିସଂଘ ସୁରକ୍ଷା ପରିଷଦ (ୟୁଏନ୍ଏସ୍‌ସି)ର ବୈଠକରେ ଆଣିଥିଲେ। ଦୁଇ ଦେଶ ବିଏଲ୍ଏକୁ ଏକ ପ୍ରତିବନ୍ଧିତ ସଂଗଠନ ଘୋଷିତ କରିବାକୁ ଦାବି କରିଥିଲେ। ବିଏଲ୍ଏ, ମଜିଦ ବ୍ରିଗେଡ଼, ଅଲ-କାଏଦା ଓ ତହରିକ-ଏ- ତାଲିବାନ ପାକିସ୍ତାନ ଭଳି ଆତଙ୍କବାଦୀ ସଂଗଠନ ଆଫଗାନିସ୍ତାନରୁ କାର୍ଯ୍ୟ କରୁଛି ଓ ଏହା ସୀମା ଆରପଟୁ ପାକିସ୍ତାନ ଉପରେ ଆକ୍ରମଣ କରୁଛନ୍ତି ବୋଲି ଦୁଇ ଦେଶ ସୁରକ୍ଷା ପରିଷଦରେ ଦାବି କରିଥିଲା। ଆଫଗାନିସ୍ତାନରୁ ଆତଙ୍କବାଦକୁ ପ୍ରୋତ୍ସାହନ ଦିଆଯାଉଛି ଓ ଏହାଦ୍ୱାରା ପାକିସ୍ତାନର ସୁରକ୍ଷା ବିପଦରେ

## ■ ପୂର୍ବରୁ ବିଏଲ୍ଏକୁ ଆତଙ୍କବାଦୀ ସଂଗଠନ ଘୋଷଣା କରିଥିଲା ଆମେରିକା

ପଡ଼ିଛି ବୋଲି ପାକିସ୍ତାନ କହିଛି। ଆମେରିକା ସମେତ ବ୍ରିଟେନ ଓ ଫ୍ରାନ୍ସ ଭଳି ୟୁରୋପୀୟ ଦେଶ ଏହି ପ୍ରସ୍ତାବକୁ ଖୋଲାଖୋଲି ଭାବେ ବିରୋଧ କରିଛନ୍ତି। କିନ୍ତୁ ଗତ ମାସରେ ଆମେରିକା ଆଶ୍ଚର୍ଯ୍ୟଜନକ ଭାବେ ବିଏଲ୍ଏ ଓ ମଜିଦ ବ୍ରିଗେଡ଼କୁ ବିଦେଶୀ ଆତଙ୍କବାଦୀ ସଂଗଠନ ବୋଲି ଘୋଷିତ କରିଥିଲା। ବିଏଲ୍ଏ ବିରୋଧରେ ପର୍ଯ୍ୟାପ୍ତ ପ୍ରମାଣ ନାହିଁ ବୋଲି ଆମେରିକା କହିଛି। ପୁଣି ବିଏଲ୍ଏ ସହିତ ଆଲ-କାଏଦାର ସମ୍ପର୍କ ଥିବାର କୌଣସି ଠୋସ୍ ପ୍ରମାଣ ମିଳିନାହିଁ। ତେଣୁ ବିଏଲ୍ଏକୁ ଜାତିସଂଘର ୧୨୬୭ ପ୍ରତିବନ୍ଧ ସୂଚୀରେ ସାମିଲ କରାଯାଇପାରିବ ନାହିଁ ବୋଲି ଆମେରିକା ସ୍ପଷ୍ଟ କରିଛି। ଏହି ସୂଚୀ ମଧ୍ୟରେ ସାମିଲ ହୋଇଥିବା ସଂଗଠନଗୁଡିକୁ ଯାତ୍ରା ପ୍ରତିବନ୍ଧ ଲାଗୁ କରାଯିବା ସହ ସମ୍ପତ୍ତି ବ୍ୟାଜାପ୍ତ କରାଯାଇଥାଏ ଏବଂ ଅସ୍ତ୍ରଶସ୍ତ୍ର କ୍ରିୟ କରିବା ଉପରେ ରୋକ ଲଗାଯାଇଥାଏ। ଉଲ୍ଲେଖଥାଉ କି, ବିଏଲ୍ଏ ବେଲୁଚିସ୍ତାନକୁ ପାକିସ୍ତାନଠାରୁ ସ୍ୱାଧୀନ କରିବାକୁ ସଂଘର୍ଷ ୧୯୭୦ରୁ ଆରମ୍ଭ କରିଆସିଛି ଓ ଏବେ ଏହି ସଂଗଠନ ଏକ ପ୍ରକାର ନିର୍ଣ୍ଣାୟକ ସ୍ଥିତି ସୃଷ୍ଟି କରିଛି।

# ଉତ୍ତରପ୍ରଦେଶରେ ବଜ୍ରପାତରେ ୭ ମୃତ

## ହିମାଚଳରେ ବାଦଲ ଫଟା ବର୍ଷା ଓ ଭୂସ୍ଖଳନ

## ୧୬ ଘଣ୍ଟା ପରେ ଅବଶେଷ ତଳୁ ଜଣେ ଜୀବନ୍ତ ଉଦ୍ଧାର

ନୂଆଦିଲ୍ଲୀ, ୧୯।୯(ଏଜେନ୍ସି): ଉତ୍ତରପ୍ରଦେଶରେ ଗତ ୨୪ ଘଣ୍ଟା ମଧ୍ୟରେ ବଜ୍ରପାତରେ ୭ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଜୋନପୁରରେ ୩, କୌଶାମ୍ବିରେ ୨ ଓ ହମିରପୁର-ଚାନ୍ଦୋଲୀରେ ଜଣେ ଲେଖାଏ ଲୋକ ବଜ୍ରପାତ କାରଣରୁ ପ୍ରାଣ ହରାଇଛନ୍ତି। ସେହିପରି ପ୍ରତାପଗଡ଼ରେ ଗୋବିନ୍ଦପୁର ଗାଁରେ ବଜ୍ରପାତ କାରଣରୁ ଗୋଟିଏ ଘରେ ନିଆଁ ଲାଗି ଯାଇଥିଲା। କୌଶାମ୍ବୀରେ ବଜ୍ରପାତ କାରଣରୁ ୨ ମହିଳା ପ୍ରାଣ ହରାଇଛନ୍ତି। ସେହିପରି ଉତ୍ତରାଖଣ୍ଡର ଚାମୋଲି ଜିଲ୍ଲାର ନନ୍ଦନଗରରେ ଗୁରୁବାର ରାତିରେ ହୋଇଥିବା ବାଦଲ ଫଟା ବର୍ଷା କାରଣରୁ ୧୪ ଜଣ ଲୋକ ନିଖୋଜ ଥିଲେ। କିଛି ଲୋକ ଆବର୍ଜନା ତଳେ ଦବି ଯାଇଥିଲେ। ଘଟଣାର ୧୬ ଘଣ୍ଟା ପରେ ଜଣେ ବ୍ୟକ୍ତିଙ୍କୁ ଆବର୍ଜନା ତଳୁ ବଞ୍ଚିଥିବା ଅବସ୍ଥାରେ ଉଦ୍ଧାର କରାଯାଇଛି। ଏହି ଅଞ୍ଚଳରେ ୨୦୦ ଲୋକ ପ୍ରଭାବିତ ହୋଇଛନ୍ତି। ୩୫ରୁ ଉର୍ଦ୍ଧ୍ୱ ବାସଗୃହ କ୍ଷତିଗ୍ରସ୍ତ ହୋଇଛି। ଡେରାଡୁନ- ମସୁରୀରେ ସଡ଼କ ଏବେ ବି କ୍ଷତିଗ୍ରସ୍ତ ରହିଛି। ତେବେ ହାଲକା ଯାନ ପାଇଁ ଏହି ରାସ୍ତାକୁ ଖୋଲା ଯାଇଛି। ଏହି କାରଣରୁ ମସୁରୀରେ ଥିବା ୨୦୦୦ ପର୍ଯ୍ୟଟକ ସୁରକ୍ଷିତ ଅଛନ୍ତି।

# ଲଳିତ ମୋଦୀଙ୍କ ଭାଇ ଦୁଷ୍କର୍ମ ଅଭିଯୋଗରେ ଗିରଫ

ନୂଆଦିଲ୍ଲୀ, ୧୯।୯(ଏଜେନ୍ସି): ଇଣ୍ଡିଆନ ପ୍ରିମିୟର ଲିଗ୍ (ଆଇପିଏଲ)ର ପୂର୍ବତନ ଅଧ୍ୟକ୍ଷ ଲଳିତ ମୋଦୀଙ୍କ ଭାଇ ତଥା ପ୍ରତିଷ୍ଠିତ ବ୍ୟବସାୟୀ ସମୀର ମୋଦୀଙ୍କୁ ଦିଲ୍ଲୀ ବିମାନ ବନ୍ଦରରେ ଗିରଫ କରାଯାଇଛି। ଦିଲ୍ଲୀ ପୁଲିସ ତାଙ୍କୁ ଦୁଷ୍କର୍ମ ଅଭିଯୋଗରେ ଗିରଫ କରିଛି। ୨୦୧୯ରେ ସମୀର କ୍ରମାଗତ ଭାବେ ଦୁଷ୍କର୍ମ କରିବା ସହ ବ୍ଲାକମେଲିଂ ଓ ଧୋଖା ଦେଉଥିବାର ଜଣେ ମହିଳା ଅଭିଯୋଗ କରିଛନ୍ତି। ସେପ୍ଟେମ୍ବର ୧୦ରେ ମହିଳା ଜଣକ ଦିଲ୍ଲୀର ନ୍ୟୁ ଫ୍ରେଣ୍ଡସ୍ କଲୋନୀ ଥାନାରେ ମାମଲା ଦାଏର କରିଥିଲେ। ଏହାପରେ ସମୀରଙ୍କ ବିରୋଧରେ ଲୁକ୍ ଆଉଟ ସର୍କୁଲାର (ଏଲ୍‌ଓସି) ଜାରି କରାଯାଇଥିଲା। ଗୁରୁବାର ୟୁରୋପରୁ ବ୍ୟବସାୟିକ ଗସ୍ତରୁ ଫେରିବା ପରେ ତାଙ୍କୁ ବିମାନ ବନ୍ଦରରୁ ଗିରଫ କରାଯାଇଥିଲା। ଦିଲ୍ଲୀର ଏକ କୋର୍ଟ ତାଙ୍କୁ ଦୁଇ ଦିନ ପାଇଁ ପୁଲିସ ହେପାଜତକୁ ପଠାଇଛନ୍ତି। ସମୀରଙ୍କ ବିରୋଧରେ କରାଯାଇଥିବା ସବୁ ଅଭିଯୋଗ ମିଥ୍ୟା ଓ କପୋଳକଳ୍ପିତ ବୋଲି ତାଙ୍କ ଓକିଲ କହିଛନ୍ତି। ଦୁଷ୍କର୍ମ କଥା ସାର୍ବଜନୀନ କରିବା ପରେ ହତ୍ୟା ଧମକ ଦିଆଯାଇଛି ବୋଲି ମହିଳା ଜଣକ ଅଭିଯୋଗ ଆଣିଛନ୍ତି। ତେବେ ମହିଳା ଜଣକ ସମୀରଙ୍କ ସହ ୨୦୧୯ରୁ ରହିଆସୁଥିଲେ ଓ ୫୦ କୋଟି ଟଙ୍କା ମାଗୁଛନ୍ତି ବୋଲି ତାଙ୍କ ଓକିଲ କହିଛନ୍ତି।

# ଦିଶା ପଟାନୀଙ୍କ ଘରକୁ ଗୁଳି ମାରିଥିବା ୨ ସୁଟର ଗିରଫ

ବରେଲି, ୧୯।୯(ଏଜେନ୍ସି): ଉତ୍ତରପ୍ରଦେଶର ବରେଲିସ୍ଥିତ ବଲିଉଡ ଅଭିନେତ୍ରୀ ଦିଶା ପଟାନୀଙ୍କ ଘର ଉପରକୁ ଗୁଳିମାଡ କରିଥିବା ୪ ଜଣ ସୁଟର ଗିରଫ ହୋଇଛନ୍ତି। ଶୁକ୍ରବାର ବରେଲି ପୁଲିସ୍ ଓ ଏସ୍‌ଓଜି ଟିମ୍ ଦୁଇଜଣ ଦୁର୍ବୃତ୍ତଙ୍କୁ ଧରିଛନ୍ତି। ଏହି ଦୁଇ ସୁଟର ହେଲେ ରାମ ନିବାସ ଓ ଅନୀଲ। ପୁଲିସ ଓ ଏହି ଦୁଇଜଣଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ପୁଲିସ ରାମ ନିବାସ ଗୋଡକୁ ଗୁଳି ମାରିଥିଲେ। ରାମ ନିବାସ ରାଜସ୍ଥାନର ବିଓାର ଜିଲ୍ଲାର ଜଇତାରନ ଥାନର ବେଡକାଲା ଗାଁର ବାସିନ୍ଦା। ତା ଉପରେ ୨୫ ହଜାରେ ଟଙ୍କାର ପୁରସ୍କାର ଘୋଷଣା କରାଯାଇଥିଲା। ସେହିପରି ଅନୀଲର ଘର ହରିୟାଣା ସୋନିପତରେ। ଏହି ଦୁଇଜଣ ଦିଶାଙ୍କ ଘରର ରେକି କରିଥିଲେ। ପୂର୍ବରୁ ପୁଲିସ ଅନ୍ୟ ଦୁଇ ସୁଟର ନକୁଳ ସିଂ ଓ ବିଜୟ ତୋମାରଙ୍କ ମଧ୍ୟ ଗିରଫ କରିଥିଲା। ଏହି ଦୁଇଜଣ ବାଗପତର ବାସିନ୍ଦା ଓ ଏମାନଙ୍କ ଉପରେ ଲକ୍ଷେ ଟଙ୍କା ଲେଖାଏ ପୁରସ୍କାର ଘୋଷଣା କରାଯାଇଛି। ଏହି ଦୁଇଜଣ ସେପ୍ଟେମ୍ବର ୧୧ରେ ଦିଶାଙ୍କ ଘର ଉପରକୁ ଗୁଳିମାଡ କରିଥିଲେ। କିନ୍ତୁ ସେପ୍ଟେମ୍ବର ୧୭ରେ ଅନ୍ୟ ଦୁଇ ସୁଟର ଅରୁଣ ଓ ରବୀନ୍ଦ୍ର ପୁଲିସ ଏନକାଉଣ୍ଟରରେ ନିହତ ହୋଇଥିଲେ। ଏହାପରେ ବିଜୟ, ନକୁଳ, ରାମନିବାସ ଓ ଅନୀଲଙ୍କୁ ପୁଲିସ ଖୋଜା ଜାରି ରଖିଥିଲା।

### ● ମଣିପୁରରେ ସୁରକ୍ଷାକର୍ମୀଙ୍କ ଉପରେ ଆକ୍ରମଣ

# ଆସାମ ରାଇଫଲ୍ସର ୨ ଯବାନ ସହିଦ, ୪ ଆହତ

ଇମ୍ଫାଲ, ୧୯।୯(ଏଜେନ୍ସି): ମଣିପୁର ବିଷ୍ଣୁପୁର ଜିଲ୍ଲାର ନାମ୍ବୋଲ ସବାଲ ଲେଇକାଇ ଅଞ୍ଚଳରେ ଶୁକ୍ରବାର ସୁରକ୍ଷାବାହିନୀ ଉପରେ ଅତର୍କିତ ଆକ୍ରମଣ ହୋଇଛି। ଚାରିପଟୁ ଘେରି ଆସାମ ରାଇଫଲ୍ସର ଏକ ଗାଡି ଉପରକୁ କିଛି ଉଗ୍ରବାଦୀ ଅତର୍କିତ ଗୁଳିମାଡ଼ କରିଛନ୍ତି। ଏଥିରେ ଆସାମ ରାଇଫଲ୍ସର ଦୁଇଜଣ ଯବାନ ସହିଦ ହୋଇଥିବା ବେଳେ ୪ ଜଣ ଆହତ ହୋଇଛନ୍ତି। ସ୍ଥାନୀୟ ବାସିନ୍ଦା ଓ ପୁଲିସକର୍ମୀଙ୍କ ସହାୟତାରେ ଆହତଙ୍କୁ ଆରଆଇଏମ୍ଏସ୍ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ରାଜଧାନୀ ଇମ୍ଫାଲରୁ ବିଷ୍ଣୁପୁର ଯାଉଥିବା ବେଳେ ସନ୍ଧ୍ୟା ୬ଟାରେ ଏହି ଆକ୍ରମଣ ହୋଇଥିଲା ବୋଲି ଅଧିକାରୀମାନେ ସୂଚନା ଦେଇଛନ୍ତି। ଏହାପରେ ଆକ୍ରମଣକାରୀଙ୍କୁ ଖୋଜିବା ପାଇଁ ସୁରକ୍ଷାବଳ ତଲାସୀ ଅଭିଯାନ ଆରମ୍ଭ କରିଛି। ଏହି ଆକ୍ରମଣର କାରଣ ଏପର୍ଯ୍ୟନ୍ତ ଜଣା ପଡ଼ିନାହିଁ। ଏ ନେଇ ତଦନ୍ତ ଚାଲିଛି। ମଣିପୁର ରାଜ୍ୟପାଳ ଅଜୟ କୁମାର ଭଲ୍ଲା ଏହି ଆକ୍ରମଣକୁ ନିନ୍ଦା କରିଛନ୍ତି। ଏଭଳି ହିଂସାତ୍ମକ କାର୍ଯ୍ୟକଳାପକୁ କଦାପି ବରଦାସ୍ତ କରାଯିବ ନାହିଁ ବୋଲି ସେ କହିଛନ୍ତି। ସେହିପରି ମୃତ ଯବାନଙ୍କ ପରିବାର ପ୍ରତି ସେ ଶୋକ ଜାହିର କରିବା ସହ ସମବେଦନା ଜ୍ଞାପନ କରିଛନ୍ତି। ଉଲ୍ଲେଖଥାଉ କି, ମଣିପୁରର ଜିରିବାମ୍ ଜିଲ୍ଲାରେ ୨୦୨୪ ନଭେମ୍ବର ୧୦ରେ ସିଆରପିଏଫ୍ ଯବାନ ଏନକାଉଣ୍ଟର କରି ୧୦ଜଣ କୁକି ଉଗ୍ରବାଦୀଙ୍କୁ ନିପାତ କରିଥିଲେ।

# ପାକିସ୍ତାନ ଘର ଭଳି ଲାଗୁଛି: ପିତ୍ରୋଡା

ନୂଆଦିଲ୍ଲୀ, ୧୯।୯(ଏଜେନ୍ସି): କଂଗ୍ରେସ ବିରଷ୍ଠ ନେତା ସାମ ପିତ୍ରୋଡା ପୁଣି ଏକ ବିବାଦୀୟ ମନ୍ତବ୍ୟ ଦେଇ ଚର୍ଚ୍ଚା ସୃଷ୍ଟି କରିଛନ୍ତି। ଶୁକ୍ରବାର ଏକ ଖବର ସରବରାହ ସଂସ୍ଥାକୁ ସାକ୍ଷାତକାର ଦେବା ଅବସରରେ ସେ କହିଛନ୍ତି ଯେ, ମୁଁ ପାକିସ୍ତାନ ଯାଇଥିଲି ଓ ସେଠାରେ ଘରେ ଥିବା ଭଳି ଅନୁଭବ କରିଥିଲି। ଏହିକ୍ରମରେ ସେ ନେପାଳ ଓ ବାଂଲାଦେଶକୁ ମଧ୍ୟ ପ୍ରଶଂସା କରିବାକୁ ପଛାଇ ନାହାନ୍ତି। ମୁଁ ନେପାଳ ଓ ବାଂଲାଦେଶକୁ ମଧ୍ୟ ଯାଇଥିଲି। ସେଠାରେ ମଧ୍ୟ ଘର ଭଳି ଅନୁଭବ କରିଥିଲି। ବିଦେଶରେ ଥିବା ଭଳି ମୋତେ ଲାଗୁ ନଥିଲା। ଏହି ଦେଶର ନାଗରିକମାନେ ମୋ ଭଳି ଦେଖାଯାଉଥିଲେ ଓ ମୋ ଭଳି କଥାବାର୍ତ୍ତା କରୁଥିଲେ। ସେମାନଙ୍କୁ ଆମର ଗୀତ ପସନ୍ଦ ଲାଗିଥାଏ। ଆମ ସମସ୍ତଙ୍କ ଖାଦ୍ୟ ଏକାଭଳି। ସେମାନଙ୍କ ସହିତ ଶାନ୍ତି ଓ ସୌହାର୍ଦ୍ଦର ସହ ବଞ୍ଚିବାର କଳା ଆମେ ଶିକ୍ଷା କରିବା ଆବଶ୍ୟକ ବୋଲି ସେ କହିଛନ୍ତି। ପଡୋଶୀ ଦେଶଗୁଡିକ ସହ କଥାବାର୍ତ୍ତାକୁ ପ୍ରାଥମିକତା ଦେବାକୁ ସେ କେନ୍ଦ୍ର ସରକାରଙ୍କୁ ପରାମର୍ଶ ଦେଇଛନ୍ତି। ପାକିସ୍ତାନ ସମେତ ସବୁ ପଡୋଶୀ ଦେଶଗୁଡିକ ସହ ସମ୍ପର୍କକୁ ଆହୁରି ଦୃଢ଼ କରିବା ଉପରେ ଗୁରୁତ୍ୱ ଦିଆଯିବା ଉଚିତ ବୋଲି ସେ କହିଛନ୍ତି।

# ପୁଣି ଭୂକମ୍ପରେ ଥରିଲା ରୁଷ

ମସ୍କୋ, ୧୯।୯(ଏଜେନ୍ସି):ରୁଷର କାମଚଟକା ଉପଦୀପର ପୂର୍ବ ଉପକୂଳରେ ପୁଣି ଭୂକମ୍ପ ଆସିଛି। ଶୁକ୍ରବାର ସକାଳେ ହୋଇଥିବା ଏହି ଭୂକମ୍ପର ତୀବ୍ରତା ୭.୮ ଥିଲା। ଏହାପରେ ୫ଟି ପରବର୍ତ୍ତୀ ଭୂକମ୍ପ ଝଟ୍‌କା ଅନୁଭୂତ ହୋଇଥିଲା ଓ ଏଗୁଡିକର ତୀବ୍ରତା ୫.୮ ଥିଲା। ଭୂକମ୍ପ ପରେ ସୁନାମୀ ସତର୍କତା ଜାରି କରାଯାଇଛି। ଉପକୂଳବର୍ତ୍ତୀ ଅଞ୍ଚଳରେ ୩୦ରୁ ୬୨ ସେଣ୍ଟିମିଟର ଉଚ୍ଚର ଲହଡୀ ଆସିବ ବୋଲି ଆଶାଙ୍କା କରାଯାଉଛି। ଜରୁରୀ କାଳୀନ ସୁବିଧା ସୁଯୋଗ ଉପଲବ୍ଧ କରାଇବା ପାଇଁ ସବୁ ପ୍ରକାର ଆଲର୍ଟ ଜାରି କରାଯାଇଛି। କିନ୍ତୁ ଏପର୍ଯ୍ୟନ୍ତ କୌଣସି କ୍ଷୟକ୍ଷତିର ସୂଚନା ମିଳିନାହିଁ। ଏଥିସହ ଗତ ୩ ମାସରେ ୭ କିମ୍ବା ତାଠାରୁ ଅଧିକ ତୀବ୍ରତାର ଭୂକମ୍ପ ୪ଥର ଆସିଲାଣି। ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରାଯାଇଥିବା ଭୂକମ୍ପର ଭିଡିଓରେ ଘରର ଆସବାପତ୍ର ଓ ଲାଇଟ୍ ହଲୁଥିବାର ଦେଖାଯାଉଛି। ଭୂକମ୍ପର ଝଟ୍‌କା ଏପରିଥିଲା ଯେ, ସଡକ ଉପରେ ଛିଡା ହୋଇଥିବା ଗାଡ଼ି ମଧ୍ୟ ହଲୁଥିବାର ଦେଖାଯାଇଥିଲା। ଆମେରିକା ଭୂବିଜ୍ଞାନ ସର୍ବେକ୍ଷଣ (ୟୁଏସ୍‌ଜିଏସ୍) ଅନୁସାରେ ଏହି ଭୂକମ୍ପର ଏପିସେଣ୍ଟର ପେଟ୍ରୋପାଭଲୋଭସ୍କି- କାମଚାଟସ୍କି ସହରଠାରୁ ୧୨୮ କିମି ଦୂର ଓ ଭୂପୃଷ୍ଠଠାରୁ ୧୦କମି ଗଭୀରରେ ଥିଲା। କିନ୍ତୁ ରୁଷିଆ ଜିଓଫିଜିକାଲ ସର୍ଭେ କହିଛି ଯେ, ଏହି ଭୂକମ୍ପର ତୀବ୍ରତା ୭.୪ ଥିଲା। କାମଚଟକାର ପୂର୍ବ ଉପକୂଳରେ ସୁନାମୀ ସତର୍କତା ଜାରି କରାଯାଇଛି।

## ନେପାଳ ଏବେ ଶୂନ୍ୟ ସ୍ଥିତିରେ: ସୁଶୀଲା କାର୍କି

# ଜେନ୍- ଜେଡ୍ ଆନ୍ଦୋଳନରେ ସବୁ ଜଳି ଛାର୍‌ଖାର୍

କାଠମାଣ୍ଡୁ, ୧୯।୯(ଏଜେନ୍ସି): ନେପାଳ ଏବେ ଜିରୋ ଷ୍ଟେଟ୍ ଅର୍ଥାତ ଶୂନ୍ୟ ସ୍ଥିତିରେ ଅଛି ବୋଲି କାମଚଳା ପ୍ରଧାନମନ୍ତ୍ରୀ ସୁଶୀଲା କାର୍କି କହିଛନ୍ତି। ସେ ଶପଥ ନେବା ପରେ ହିଁ ଏହି କଥା କହିଛନ୍ତି। ନେପାଳର ସ୍ଥିତି ଏବେ ବହୁତ ଗମ୍ଭୀର। ଜେନ୍- ଜେଡ ଆନ୍ଦୋଳନରେ ସବୁକିଛି ଜଳି ପଡ଼ି ଛାରଖାର ହୋଇଛି। ଆମ ପାଖରେ କ୍ୟାବିନେଟ ଅଛି, କିନ୍ତୁ ମନ୍ତ୍ରଣାଳୟ ପାଖରେ କାର୍ଯ୍ୟ କରିବା ପାଇଁ ବିଲ୍ଡିଂ, କାର୍ଯ୍ୟାଳୟ ଓ ଆବଶ୍ୟକୀୟ କାଗଜପତ୍ର କିଛି ନାହିଁ। ରାଜଧାନୀ କାଠମାଣ୍ଡୁର ସିଂହ ଦରବାରରେ ସେପ୍ଟେମ୍ବର ୯ରେ ହୋଇଥିବା ଭୟଙ୍କର ପୋଡା ଜଳାରେ ଦେଶର ସରକାରୀ ଭିତ୍ତିଭୂମକୁ ପୂରାପୂରି ନଷ୍ଟ କରି ଦିଆଯାଇଛି ବୋଲି ସେ କହିଛନ୍ତି।

ସିଂହ ଦରବାରରେ ପରିସର ଏକଦା ଏକ ଭବ୍ୟ ମହଲ ଥିଲା ଓ ଏଥିରେ ୨୦ରୁ ଅଧିକ ମନ୍ତ୍ରଣାଳୟର ମୁଖ୍ୟ କାର୍ଯ୍ୟାଳୟ ଥିଲା। ଏବେ କିନ୍ତୁ ଏହା ଆବର୍ଜନାର କେନ୍ଦ୍ରରେ ପରିଣତ ହୋଇଛି। ଏହି ଦୁର୍ନୀତି ବିରୋଧୀ ଆନ୍ଦୋଳନରେ ଦେଶର ସଂସଦ ଓ ପ୍ରାୟ ସବୁ ମନ୍ତ୍ରଣାଳୟର କାର୍ଯ୍ୟାଳୟ ନଷ୍ଟ ହୋଇଛି। ଏହି କ୍ରମରେ ସରକାରୀ କାଗଜପତ୍ର, ଜନ୍ମପ୍ରମାଣ ପତ୍ର, କମ୍ପାନୀ ରେଜିଷ୍ଟ୍ରେସନ ଓ ଅନ୍ତରାଷ୍ଟ୍ରୀୟସ୍ତରରେ ହୋଇଥିବା ବୁଝାମଣା ତଥା ଚୁକ୍ତିର ମୂଳ କାଗଜପତ୍ର ଜଳି ନଷ୍ଟ ହୋଇଛି। କେବଳ ସୁପ୍ରିମକୋର୍ଟର ୬୦ ହଜାର ଫାଇଲ ଜଳି ପାଉଁଷ ହୋଇଛି। ସଂସଦ, ରାଷ୍ଟ୍ରପତି ଭବନଠାରୁ ଆରମ୍ଭ କରି ସୁପ୍ରିମକୋର୍ଟ, ସରକାରଙ୍କ ୩୦୦ରୁ ଅଧିକ ବିଲ୍ଡିଂରେ ନିଆଁ ଲଗାଇ ନଷ୍ଟ କରିଦିଆଯାଇଛି। ଦେଶ



## ■ ସରକାରୀ ଭିତ୍ତିଭୂମି, କାଗଜପତ୍ର ସ୍ୱାହା

ଚଳାଇବାକୁ ସବୁ ସଂସ୍ଥା ଓ ଦସ୍ତାବିଜ ନଷ୍ଟ ହୋଇଛି ଓ ଆମେ ଏବେ ଶୂନ୍ୟ ସ୍ଥିତିରେ ଅଛୁ ବୋଲି ସୁଶୀଲା କହିଛନ୍ତି। କିନ୍ତୁ ଆମେ ପୁଣି ଥରେ ଉଠି ଛିଡା ହେବୁ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି। ବିଭିନ୍ନ ଦସ୍ତାବିଜ ଜଳିଯିବା ପରେ ସାଧାରଣ ଲୋକ ହନ୍ତସନ୍ତ ହେଉଛନ୍ତି। କାଠମାଣ୍ଡୁ ଘାଟୀର ସବୁ ୧୧୨ ପୁଲିସ ଥାନା ନଷ୍ଟ ହୋଇଛି। ତେଣୁ ପୁଲିସ କର୍ମଚାରୀ ସବୁ ତମ୍ବୁରେ ରହି କାର୍ଯ୍ୟ କରୁଛନ୍ତି। ଲୋକ ଜନ୍ମପ୍ରମାଣ ପତ୍ର, ପାସପୋର୍ଟ, ପେନ୍‌ସନ ଓ ବ୍ୟାଙ୍କ ସେବା ପାଇଁ ହନ୍ତସନ୍ତ ହେଉଛନ୍ତି। ଆର୍ଥିକ ଓ ରାଜନୈତିକ ଅସ୍ଥିରତା ପାଇଁ ପ୍ରତିଦିନ ଦୁଇ ହଜାର ନେପାଳ ନାଗରିକ ବିଦେଶ ପଳାୟନ କରୁଛନ୍ତି। ବିତାଡ଼ିତ ପ୍ରଧାନମନ୍ତ୍ରୀ କେପି ଶର୍ମା ଓଲି ୯ ଦିନ ପରେ ନିଜ ଘରେ ପହଞ୍ଚିଛନ୍ତି। ପୁଣି ଦୁଇ ଦେଶ ମଧ୍ୟରେ ସମ୍ପର୍କରେ ଉନ୍ନତି ଆଣିବାକୁ ସୁଶୀଲା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହ ଟେଲିଫୋନ୍‌ରେ କଥା ହୋଇଛନ୍ତି। ଦେଶରେ ଶାନ୍ତି ଫେରାଇ ଆଣିବାକୁ ଭାରତ ସବୁ ପ୍ରକାର ସହଯୋଗ କରିବ ବୋଲି ମୋଦୀ ପ୍ରତିଶ୍ରୁତ ଦେଇଛନ୍ତି।

## ଭିଜିଲାନ୍ସ ଜାଲରେ କାଶୀପୁର ରେଞ୍ଜର

କାଶୀପୁର,୧୯।୯(ସମିସ): ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ରାୟଗଡ଼ା ଜିଲ୍ଲା କାଶୀପୁର ବ୍ଲକ୍ ଅନ୍ତର୍ଗତ କାଶୀପୁର ରେଞ୍ଜର (ବନାଞ୍ଚଳ ଅଧିକାରୀ) ଅନ୍ତର୍ଯ୍ୟାମୀ ସାହୁଙ୍କ କାଶୀପୁରସ୍ଥିତ ସରକାରୀ ବାସଭବନ ଓ କାର୍ଯ୍ୟାଳୟରେ ଆଜି ଭିଜିଲାନ୍ସ ଚଢ଼ଉ କରିଛି। ଏଥିସହ ଭିଜିଲାନ୍ସ ଟିମ୍ କାଶୀପୁର, ବ୍ରହ୍ମପୁର, ବାଲିଗୁଡ଼ା, ଭଞ୍ଜନଗର, ନୟାଗଡ଼ ସମେତ ରାଜ୍ୟର ୯ଟି ସ୍ଥାନରେ ଏକକାଳୀନ ଚଢ଼ଉ କରିଛନ୍ତି। ଯାଞ୍ଚ ବେଳେ ତାଙ୍କର ବାଲିଗୁଡ଼ା



**ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ୯ ସ୍ଥାନରେ ଚଢ଼ଉ**

ସହର ଉପକଣ୍ଠରେ ୬ଟି ପ୍ଲଟ୍, ବ୍ରହ୍ମପୁରର ଜୋଗିଆପାଲିରେ ଗୋଟିଏ ପ୍ଲଟ୍, ଗଞ୍ଜାମର କୋଡାସିଂରେ ୨ଟି ପ୍ଲଟ୍ ସମେତ ୯ଟି ମୂଲ୍ୟବାନ ପ୍ଲଟ୍ ଠାବ କରାଯାଇଛି। ବ୍ୟାଙ୍କ, ଡାକ ଏବଂ ବୀମାଜମା ଏବଂ ଅନ୍ୟାନ୍ୟ ନିବେଶ ଉପରେ ଯାଞ୍ଚ କରାଯାଉଛି। ଏଥିସହ ତାଙ୍କର ବାଲିଗୁଡ଼ା ଏସ୍‌ବିଆଇ ଶାଖାରେ ଏକ ଲକର୍ ଥିବା ମଧ୍ୟ ଜଣାପଡ଼ିଛି। ଚଢ଼ଉ ଜାରି ରହିଥିବାରୁ ସମ୍ପତ୍ତି ନେଇ ସବିଶେଷ ତଥ୍ୟ ମିଳିପାରିନାହିଁ। କାଶୀପୁର ସରକାରୀ ବାସଭବନ ଏବଂ ବନବିଭାଗ କାର୍ଯ୍ୟାଳୟରେ ଯାଞ୍ଚ କରିବା ପରେ ଶ୍ରୀ ସାହୁଙ୍କୁ ରାୟଗଡ଼ା ଜିଲ୍ଲା ଭିଜିଲାନ୍ସ କାର୍ଯ୍ୟାଳୟକୁ ନିଆଯାଇଥିଲା। ସେଠାରୁ ଜୟପୁରସ୍ଥିତ ସ୍ୱତନ୍ତ୍ର ଭିଜିଲାନ୍ସ କାର୍ଯ୍ୟାଳୟକୁ ନିଆଯାଇ ପଚରାଉଚରା କରାଯାଉଥିବା ସୂଚନା ମିଳିଛି। ଜୟପୁର ସ୍ୱତନ୍ତ୍ର ଭିଜିଲାନ୍ସ ଏସ୍‌ପିଙ୍କ ତତ୍ତ୍ୱାବଧାନରେ ଅତିରିକ୍ତ ଏସ୍‌ପି ଅନନ୍ତ ମଲ୍ଲିକଙ୍କ ଉପସ୍ଥିତିରେ ୭ଜଣ ଡିଏସ୍‌ପି, ୬ଜଣ ଇନ୍ସପେକ୍ଟର୍, ୯ ଏଏସ୍‌ଆଇ ଓ ଅନ୍ୟାନ୍ୟ କର୍ମଚାରୀ ଏହି ଚଢ଼ଉରେ ସାମିଲ ଅଛନ୍ତି।

■ ପାରିବାରିକ କଳହର କରୁଣ ପରିଣତି

## ସ୍ତ୍ରୀର ମୁଣ୍ଡଗଣ୍ଡି ଅଲଗା କରିଦେଲା

ଜଳେଶ୍ୱର/ଜଳେଶ୍ୱର ବ୍ଲକ୍, ୧୯।୯ (ସମିସ): ଶୋଇଥିବା ଅବସ୍ଥାରେ ପତ୍ନୀର ଗଣ୍ଡିମୁଣ୍ଡ ଅଲଗା କରିଦେଲା ସ୍ୱାମୀ। ବାଲେଶ୍ୱର ଜିଲ୍ଲା ରାଇବଣିଆ ଥାନା ଅଧୀନ କାଳିକ ପଞ୍ଚାୟତର ୨ନମ୍ବର ୱାର୍ଡର ଚକୁଆପାଳ ଗ୍ରାମରେ ଏପରି ଏକ ଆପରାଧିକ ଘଟଣା ଘଟିଛି। ମୃତ ମହିଳାଜଣଙ୍କ ହେଲେ, ଜୟନ୍ତୀ ପାତ୍ର(୪୫)। ଜୟନ୍ତୀଙ୍କୁ ଗତରାତିରେ ହତ୍ୟା କରିବା ପରେ ଆଜି ସକାଳୁ ଅଭିଯୁକ୍ତ ସ୍ୱାମୀ ଚନ୍ଦ୍ରମୋହନ ପାତ୍ର ରାଇବଣିଆ ଥାନାରେ ଆତ୍ମସମର୍ପଣ କରିଛି। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ୮୪/୨୫ରେ ଏକ ହତ୍ୟା ମାମଲା ରୁଜୁ କରି ଚନ୍ଦ୍ରମୋହନଙ୍କୁ ଗିରଫ କରିଛି। ସୂଚନାନୁଯାୟୀ, ଜୟନ୍ତୀ ଓ ଚନ୍ଦ୍ରମୋହନଙ୍କ ମଧ୍ୟରେ ବିଭିନ୍ନ କଥାକୁ ନେଇ କଳହ ଲାଗି ରହୁଥିଲା। ଗତରାତିରେ ମଧ୍ୟ କୌଣସି କାରଣରୁ ଉଭୟଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ରାତିରେ ସମସ୍ତେ ଖାଇପିଇ ଶୋଇଥିଲେ। ଏହି ସମୟରେ ଚନ୍ଦ୍ରମୋହନ ଏକ ଧାରୁଆ ଅସ୍ତ୍ରରେ ଜୟନ୍ତୀଙ୍କ ମୁଣ୍ଡକୁ କାଟି ଦେଇଥିଲା। ଆଜି ସକାଳେ ଚନ୍ଦ୍ରମୋହନ ଥାନାରେ ଆତ୍ମସମର୍ପଣ କରିବା ପରେ ଜଳେଶ୍ୱର ଏସ୍‌ଡିପିଓ ସୁବ୍ରତ କୁମାର ବେହେରା, ରାଇବଣିଆ ଥାନା ଅଧିକାରୀଣୀ ଲୋପାମୁଦ୍ରା ପଣ୍ଡା ଓ ବାଲେଶ୍ୱରରୁ ୩ ଜଣିଆ ସାଇଣ୍ଟିଫିକ୍ ଟିମ୍ ଗାଁରେ ପହଞ୍ଚି ତଦନ୍ତ କରିଥିଲେ।

## ନାବାଳିକା ଦୁଷ୍କର୍ମକାରୀକୁ ୨୦ ବର୍ଷ ଜେଲ୍

ବାରିପଦା, ୧୯।୯(ସମିସ): ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ତଥା ସ୍ୱତନ୍ତ୍ର ଫାଷ୍ଟଟ୍ରାକ୍ ସ୍ପେଶାଲ ପୋକସୋ କୋର୍ଟରେ ଶୁକ୍ରବାର ଏକ ନାବାଳିକା ଦୁଷ୍କର୍ମ ମାମଲାର ରାୟ ପ୍ରକାଶ ପାଇଛି। ଜଜ୍ ପ୍ରତିମା ପାତ୍ର ମାମଲାର ବିଚାର କରି ଅଭିଯୁକ୍ତ ତିରିଂ ଥାନା ଅଞ୍ଚଳର ଜମାଦାର ବୁରିଉଲି (୩୪)କୁ ଦୋଷୀ ସାବ୍ୟସ୍ତ କରି ୨୦ ବର୍ଷ ସଶ୍ରମ କାରାଦଣ୍ଡାଦେଶ ପ୍ରଦାନ କରିଛନ୍ତି। ଏହାସହ ୬୦ ହଜାର ଟଙ୍କା ଜରିମାନା ଅନାଦେୟ ଅତିରିକ୍ତ ୧ବର୍ଷ ୬ମାସ ଜେଲ ଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ ରହିଛି। ସମସ୍ତ ସାକ୍ଷୀଙ୍କ ବୟାନ, ଡାକ୍ତରୀ ଓ ପୁଲିସ ରିପୋର୍ଟକୁ ଭିତ୍ତିକରି ଜଜ୍ ଉପରୋକ୍ତ ରାୟ ପ୍ରକାଶ କରିଛନ୍ତି। ଏଥିସହ ପୀଡ଼ିତାଙ୍କୁ କ୍ଷତିପୂରଣ ବାବଦରେ ୭ ଲକ୍ଷ ଟଙ୍କା ପ୍ରଦାନ ପାଇଁ ଜିଲ୍ଲା ଆଇନ ପ୍ରାଧିକରଣଙ୍କୁ ସୁପାରିସ କରାଯାଇଛି। ୨୦୨୧ ଅଗଷ୍ଟ ୨୪ରେ ପୀଡ଼ିତାଙ୍କ ଘରେ ଏକ ଭୋଜିର ଆୟୋଜନ ହୋଇଥିଲା। ଆସାମୀ ଜମାଦାର ସେଥିରେ ଯୋଗ ଦେଇଥିଲା। ଅପରାହ୍ଣରେ ସେ ନାବାଳିକାକୁ ପ୍ରଲୋଭନ ଦେଖାଇ ନିକଟସ୍ଥ ଜଙ୍ଗଲକୁ ନେଇ ଦୁଷ୍କର୍ମ କରିଥିଲା। ଏ ସଂପର୍କରେ ପରିବାରଲୋକ ଥାନାରେ ଅଭିଯୋଗ କରିଥିଲେ। ଉକ୍ତ ମାମଲାକୁ ସରକାରୀ ଆଇନଜୀବୀ ଅଭିନ୍ନ କୁମାର ପଟ୍ଟନାୟକ ପରିଚାଳନା କରୁଥିଲେ।

**ରାଜସ୍ୱ ବିଭାଗର ନିର୍ଦ୍ଦେଶନାମା**

## ଗୋଟିଏ ଜାଗାରେ ୩ ବର୍ଷରୁ ଊର୍ଦ୍ଧ୍ୱ ସମୟ ଥିଲେ ବଦଳି

ଭୁବନେଶ୍ୱର,୧୯।୯(ସମିସ): ଗୋଟିଏ ସ୍ଥାନରେ ୩ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ରାଜସ୍ୱ ବିଭାଗ କର୍ମଚାରୀ କାର୍ଯ୍ୟ କରିପାରିବେ ନାହିଁ। ୩ ବର୍ଷ ଧରି ଗୋଟିଏ ସ୍ଥାନରେ ଥିବା ରାଜସ୍ୱ କର୍ମଚାରୀଙ୍କୁ ବଦଳି ପାଇଁ ରାଜ୍ୟର ସମସ୍ତ ଜିଲ୍ଲାପାଳଙ୍କୁ ରାଜସ୍ୱ ବିଭାଗ ନିର୍ଦ୍ଦେଶ ଦେଇଛି। ୩ ବର୍ଷରୁ ଅଧିକ ସମୟ ପୂରଣ କରୁଥିଲେ ସେକ୍ସନ୍ ଅଫିସର୍, ସିନିୟର୍ ରେଭିନ୍ୟୁ ଆସିଷ୍ଟାଣ୍ଟ, ଜୁନିୟର୍ ରେଭିନ୍ୟୁ ଆସିଷ୍ଟାଣ୍ଟଙ୍କ ସହ ଆର୍‌ଆଇ, ସହକାରୀ ଆର୍‌ଆଇ, ଅମିନଙ୍କର ବଦଳି ପାଇଁ ତୁରନ୍ତ ପଦକ୍ଷେପ ନେବାକୁ ଚିଠିରେ ଉଲ୍ଲେଖ କରାଯାଇଛି। ଜିଲ୍ଲାପାଳ, ଉପଜିଲ୍ଲାପାଳ, ବ୍ଲକ୍ ଓ ତହସିଲ କାର୍ଯ୍ୟାଳୟରେ କାର୍ଯ୍ୟରତ ରାଜସ୍ୱ ବିଭାଗ କର୍ମଚାରୀଙ୍କ ପାଇଁ ଏହି ନିର୍ଦ୍ଦେଶନାମା ଲାଗୁ ହେବ। ରାଜସ୍ୱ ପ୍ରଶାସନ ଅଧୀନରେ କାର୍ଯ୍ୟ କରୁଥିବା କିଛି କର୍ମଚାରୀଙ୍କ ବିରୋଧରେ ବାରମ୍ବାର ଅଭିଯୋଗ ଆସୁଛି। ନିୟମିତ ଭାବେ କର୍ମଚାରୀଙ୍କ ବଦଳି ପାଇଁ ସରକାରୀ ନିର୍ଦ୍ଦେଶ ଥିଲେ ମଧ୍ୟ ବହୁ କର୍ମଚାରୀ ଗୋଟିଏ ଅଫିସ ଅବା ପଦବିରେ ବର୍ଷ ବର୍ଷ ଧରି ରହିଛନ୍ତି। ତେଣୁ ବିଭାଗ ପକ୍ଷରୁ ଉପରୋକ୍ତ ନିଷ୍ପତ୍ତି ନିଆଯାଇଛି। ବିଭାଗର ନିର୍ଦ୍ଦେଶନାମା ଉପରେ କାର୍ଯ୍ୟାନୁଷ୍ଠାନ ସମ୍ପର୍କରେ ବିଭାଗକୁ ୧୫ ଦିନ ମଧ୍ୟରେ ଅବଗତ କରାଇବାକୁ ଚିଠିରେ ଉଲ୍ଲେଖ ରହିଛି।

# ସରକାରଙ୍କ ତଣ୍ଟିରେ ରତ୍ନ ଅଳଙ୍କାର କଣ୍ଟା

ପୁରୀ,୧୯।୯(ସମିସ): ଶ୍ରୀମନ୍ଦିର ରତ୍ନଭଣ୍ଡାରକୁ ନେଇ ବିଗତ ଦିନରେ ପଲ୍ଲୀରୁ ଦିଲ୍ଲୀ ପର୍ଯ୍ୟନ୍ତ ରାଜନୀତି ସରଗରମ ହୋଇଛି। ଏବେ ବି ଏହା ଉପରେ ରହିରହି ତର୍ଜମା ଚାଲିଛି। କେବେ ଗଣତିମଣତି ହେବ ମହାପ୍ରଭୁଙ୍କ ଦୁର୍ମୂଲ୍ୟ ରତ୍ନ ଅଳଙ୍କାର? ଏହି ପ୍ରଶ୍ନ ଏବେ ପ୍ରତ୍ୟେକ ଜଗନ୍ନାଥପ୍ରେମୀଙ୍କ ମନରେ ଉଙ୍କି ମାରୁଥିବା ବେଳେ ଏହାକୁ ନେଇ ଏବେ ଦୋଛକିରେ ରାଜ୍ୟ ସରକାର। ଗଣିଲେ ଦୋଷ, ନ ଗଣିଲେ ବି ବଦନାମ। ରାଜ୍ୟର ନୂଆ ବିଜେପି ସରକାର ତଣ୍ଟିରେ ଏବେ ରତ୍ନଅଳଙ୍କାର କଣ୍ଟା ଲାଗିଛି। ନା ଢୋକି ପାରୁଛନ୍ତି ନା କାଢ଼ି ପାରୁଛନ୍ତି। ଏହାରି ଭିତରେ କେବେ ପୂର୍ବ ତାଲିକା ସହ ମହାପ୍ରଭୁଙ୍କ ରତ୍ନଅଳଙ୍କାର ମେଳ କରାଯିବ, ତାହା ଉପରେ ସମସ୍ତଙ୍କ ନଜର ରହିଛି।

୨୦୨୪ ସାଧାରଣ ନିର୍ବାଚନରେ ବିଜେପି ରତ୍ନଭଣ୍ଡାରକୁ ଏକ ପ୍ରମୁଖ ପ୍ରସଙ୍ଗ କରିଥିଲା। ବିଜେପିର ଜାତୀୟସ୍ତରର ନେତାଙ୍କ ସମେତ ଅନ୍ୟ ରାଜ୍ୟର ନେତାମନ୍ତ୍ରୀମାନେ ମଧ୍ୟ ରତ୍ନଭଣ୍ଡାରକୁ ପ୍ରସଙ୍ଗ କରି ଓଡ଼ିଶାରେ ନିର୍ବାଚନ ମଞ୍ଚକୁ ଦୋହଲାଇଥିଲେ। ରତ୍ନଭଣ୍ଡାର ଚାବି କୁଆଡ଼େ ଗଲା ବୋଲି ପ୍ରଶ୍ନ କରି ପୂର୍ବର ବିଜେଡି ସରକାରଙ୍କ ଉପରକୁ ଅଙ୍ଗୁଳି ଉଠାଇଥିଲେ। ମହାପ୍ରଭୁଙ୍କ ରତ୍ନଅଳଙ୍କାର ସୁରକ୍ଷାକୁ ନେଇ ବି ରାଜ୍ୟ ବିଜେପି ନେତାମାନେ ରଡ଼ି ଛାଡ଼ିଥିଲେ। ରାଜ୍ୟରେ ବିଜେପି କ୍ଷମତାକୁ ଆସିବା ପରେ ନିର୍ବାଚନୀ ପ୍ରତିଶ୍ରୁତି ରକ୍ଷା କରି ରତ୍ନଭଣ୍ଡାର ଖୋଲିବା ଏବଂ ଗଣତିମଣତି



ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ କଲା। ଶେଷରେ ରାଜ୍ୟ ସରକାରଙ୍କ ଅନୁମୋଦିତ ମାର୍ଗଦର୍ଶିକା ଅନୁସାରେ, ଗତବର୍ଷ ଜୁଲାଇ ୧୪ ଏବଂ ଜୁଲାଇ ୧୮ ରେ ବାହାର ଓ ଭିତର ରତ୍ନଭଣ୍ଡାର ଖୋଲାଯାଇଥିଲା। ସମସ୍ତ ଅଳଙ୍କାର ତଥା ମୂଲ୍ୟବାନ ସାମଗ୍ରୀ ବାହାରକୁ ଅଣାଯାଇ ଅସ୍ଥାୟୀ ରତ୍ନଭଣ୍ଡାରରେ ରଖାଯାଇଛି। ପରେ ଏଏସ୍‌ଆଇକୁ ଉଭୟ ରତ୍ନଭଣ୍ଡାରର ସଂରକ୍ଷଣ ତଥା ମରାମତି ଦାୟିତ୍ୱ ଦିଆଯାଇଥିଲା। ଗତବର୍ଷ ଡିସେମ୍ବର ୧୭ରୁ ମରାମତି କାର୍ଯ୍ୟ ଆରମ୍ଭ ହୋଇ ପ୍ରାୟ ୬ମାସ ଧରି ଚାଲିଥିଲା। ୯୫ ଦିନ ଧରି ମରାମତି କାର୍ଯ୍ୟ ପରେ ଗତ ଜୁନ୍‌ରେ ରତ୍ନଭଣ୍ଡାରକୁ ଏଏସ୍‌ଆଇ ଶ୍ରୀମନ୍ଦିର ଜିମା ଦେଇସାରିଛି। କାର୍ଯ୍ୟ ଶେଷ ହୋଇଥିବାରୁ ପୂର୍ବ ନିଷ୍ପତ୍ତି ପ୍ରକାରେ ଅସ୍ଥାୟୀ ରତ୍ନଭଣ୍ଡାରରୁ ସମସ୍ତ ଅଳଙ୍କାର ସ୍ଥାୟୀ ରତ୍ନଭଣ୍ଡାରକୁ ସ୍ଥାନାନ୍ତର କରାଯିବ। କିନ୍ତୁ, ଏହାକୁ ନେଇ

**■ ନା ଢୋକି ପାରୁଛନ୍ତି ନା କାଢ଼ି ପାରୁଛନ୍ତି**
**■ ବଦ୍‌ନାମ ହେବାର ଭୟ ଘାରୁଥିବା ଚର୍ଚ୍ଚା**

ଏବେ ପ୍ରଶ୍ନ ଉଠାଇଛନ୍ତି ସେବାୟତ ଓ ବୁଦ୍ଧିଜୀବୀ। ସ୍ଥାୟୀ ରତ୍ନଭଣ୍ଡାର ଘରେ ରଖିବା ପୂର୍ବରୁ ରତ୍ନ ଅଳଙ୍କାର କାହିଁକି ଗଣତିମଣତି କରାଯାଉନାହିଁ ବୋଲି ପ୍ରଶ୍ନ କରିଛନ୍ତି।

ମହାପ୍ରଭୁଙ୍କ ରତ୍ନଅଳଙ୍କାରକୁ ନେଇ ଏବେ ବିଜେପି ସରକାର ଦୋଛକିରେ ପଡ଼ିଥିବା ଚର୍ଚ୍ଚା ହେଉଛି। କାରଣ, ରତ୍ନଭଣ୍ଡାରକୁ ନେଇ ପୂର୍ବରୁ ବିଜେପି ନାନା ମନଗଢ଼ା କଥା କହିଥିଲା। ରତ୍ନ ଅଳଙ୍କାରର ସୁରକ୍ଷାକୁ ନେଇ ପ୍ରଶ୍ନ ଉଠାଇଥିବା ବେଳେ ଚାବି କୁଆଡ଼େ ଗଲା, ପାତାଳରେ ଥିଲେ ବି ଆମେ ଖୋଜି ବାହାର କରିବୁ ବୋଲି କହିଥିଲା। ହେଲେ ରତ୍ନଭଣ୍ଡାର ଖୋଲିବା ପୂର୍ବରୁ ରତ୍ନଅଳଙ୍କାର ଗଣତିମଣତି କରିବା ଆବଶ୍ୟକତା ଥିଲା। ୧୯୭୮ ତାଲିକା ସହ ମେଳ କରାଇ ଦେଇଥିଲେ ସବୁ ଦ୍ୱନ୍ଦ୍ୱ ସ୍ପଷ୍ଟ ହୋଇଥା'ନ୍ତା। କିନ୍ତୁ, ତାହା କରାଯାଇନାହିଁ। ଏବେ ଅସ୍ଥାୟୀ ଘରେ ରହିଛି ରତ୍ନ ଅଳଙ୍କାର। ଯଦି ଗଣତିମଣତି କରାଯାଏ ଏବଂ ଠାକୁରଙ୍କ ଅଳଙ୍କାର ପୂର୍ବ ତାଲିକା ସହ ମେଳ ଖାଏ, ତା' ହେଲେ ବିଜେପିର ମିଛ ଧରାପଡ଼ିଯିବ। କାରଣ ରତ୍ନଭଣ୍ଡାର ଚାବି ଏବଂ ଅଳଙ୍କାର ଚୋରି ହୋଇଥିବା ନେଇ ସେତେବେଳେ ନାନାପ୍ରକାର ଚର୍ଚ୍ଚା ହୋଇଥିଲା। ଏମିତି ବି ଯଦି ପୂର୍ବ ତାଲିକା ସହ ମେଳ ନଖାଏ କିମ୍ବା କିଛି ଅଳଙ୍କାର କମ୍ ଜଣାପଡ଼ିବ, ତେବେ ବିଜେପି ସରକାରକୁ ସମସ୍ତେ ଦୋଷାରୋପ କରିବେ। କାରଣ ନିୟମ ଅନୁସାରେ ଖୋଲିବା ବେଳେ ହିଁ ଗଣତିମଣତି ବା ମାପଚୁପ୍ କରିବା କଥା, ଯାହା କରାଯାଇ ନଥିଲା। ଏଥିପାଇଁ ପୂର୍ବ ସରକାରଙ୍କୁ ଆଉ ବଦନାମ କରାଯାଇପାରିବ ନାହିଁ। ତେଣୁ, ଏମିତି ରତ୍ନଭଣ୍ଡାରର ରତ୍ନ ଅଳଙ୍କାର କଣ୍ଟା ଏବେ ବିଜେପି ସରକାର ତଣ୍ଟିରେ ଲାଗିଯାଇଛି। ଯେଉଁଥିପାଇଁ ଗଣତିମଣତି ଏକପ୍ରକାର ଅନ୍ଧକାର ଭିତରକୁ ଠେଲି ହୋଇଯାଇଥିବା ନେଇ ଚର୍ଚ୍ଚା ହେଉଛି।

## ଅମର୍ଦ୍ଦା ରୋଡ୍ ଏୟାରଷ୍ଟ୍ରିପ୍‌ରେ ଏମ୍‌ଆରଓ ପ୍ରତିଷ୍ଠା ଦାବି

ବାରିପଦା,୧୯।୯(ସମିସ): ମୟୂରଭଞ୍ଜ ଜିଲ୍ଲା ରାସଗୋବିନ୍ଦପୁରସ୍ଥିତ ଅମର୍ଦ୍ଦାରୋଡ୍ ଏୟାରଷ୍ଟ୍ରିପ୍‌ଠାରେ ଦେଶର ପ୍ରଥମ ବିମାନ ରକ୍ଷଣାବେକ୍ଷଣ ଓ ମରାମତି କେନ୍ଦ୍ର (ଏମ୍‌ଆର୍‌ଓ) ପ୍ରତିଷ୍ଠା କରିବା ପାଇଁ ମହାରାଜା ପ୍ରବୀଣ ଚନ୍ଦ୍ର ଭଞ୍ଜଦେଓ କେନ୍ଦ୍ର ସରକାରଙ୍କ

**କେନ୍ଦ୍ର ସରକାରଙ୍କ ଦୃଷ୍ଟିଆକର୍ଷଣ କଲେ ମହାରାଜା**

ଦୃଷ୍ଟି ଆକର୍ଷଣ କରିଛନ୍ତି। କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ମୟୂରଭଞ୍ଜ ଜିଲ୍ଲା ଗସ୍ତରେ ଆସିଥିବା ବେଳେ ଶ୍ରୀ ଭଞ୍ଜଦେଓ ତାଙ୍କୁ ଏ ସଂପର୍କିତ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ଏହାକୁ କାର୍ଯ୍ୟକାରୀ କରିବାକୁ ସେ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନଙ୍କୁ ଅନୁରୋଧ କରିଛନ୍ତି। ଏହାସହ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ, ବେସାମରିକ ବିମାନ ଚଳାଚଳ ମନ୍ତ୍ରୀ କେ. ରାମମୋହନ ନାଇଡୁ, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ଉପ-ମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ପ୍ରମୁଖଙ୍କୁ ମଧ୍ୟ ଏ ସଂକ୍ରାନ୍ତୀୟ ପତ୍ର ଲେଖିଛନ୍ତି।

ଚିଠିରେ ଶ୍ରୀ ଭଞ୍ଜଦେଓ ଉଲ୍ଲେଖ କରିଛନ୍ତି ଯେ ଦ୍ୱିତୀୟ ବିଶ୍ୱଯୁଦ୍ଧ ସମୟରେ ତାଙ୍କ ଜେଜେବାପା ମହାରାଜା ପ୍ରତାପ ଚନ୍ଦ୍ର ଭଞ୍ଜଦେଓଙ୍କ ସହାୟତାରେ ରୟାଲ୍ ଏୟାରଫୋର୍ସ ପକ୍ଷରୁ ୯ ଶହ ଏକର ଜମି ଉପରେ ଉକ୍ତ ବିମାନବନ୍ଦର ନିର୍ମାଣ କରାଯାଇଥିଲା। ୩.୫ କିମି ଦୈର୍ଘ୍ୟ ବିଶିଷ୍ଟ ରନ୍‌ୱେ, ୬୦ କିମି ଦୈର୍ଘ୍ୟ ବିଶିଷ୍ଟ ଟ୍ୟାକ୍ସି-ୱେ ଏବଂ ଏପ୍ରନକୁ ନେଇ ସେତେବେଳେ ଏହା ସମଗ୍ର ଏସିଆ ମହାଦେଶର ସର୍ବବୃହତ୍ ବିମାନବନ୍ଦର ଭାବେ ଖ୍ୟାତ ଥିଲା। ମାତ୍ର ଯୁଦ୍ଧ ସରିବା ପରେ ଏବେ ଏହା ପରିତ୍ୟକ୍ତ ଅବସ୍ଥାରେ ପଡ଼ିରହିଛି। ଯଦିଓ ଏହାକୁ 'ଉଡାନ୍' ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି, କିନ୍ତୁ ଏହାର ବ୍ୟାପକତାକୁ ଲକ୍ଷ୍ୟ କଲେ ଏମ୍‌ଆରଓ ସ୍ଥାପନ ପାଇଁ ଏହା ଦେଶର ସର୍ବୋତ୍କୃଷ୍ଟ ସ୍ଥାନ ବୋଲି ଶ୍ରୀ ଭଞ୍ଜଦେଓ ଦର୍ଶାଇଛନ୍ତି।

ଦେଶରେ ଏମ୍‌ଆରଓ ସୁବିଧା ନଥିବାରୁ ବିମାନ ଚଳାଚଳ କମ୍ପାନୀଗୁଡ଼ିକ ହଂକଂ, ସିଙ୍ଗାପୁର ଓ ଅଷ୍ଟ୍ରେଲିଆ ଉପରେ ନିର୍ଭର କରୁଛନ୍ତି। ଆମ ଦେଶର ଏୟାରଲାଇନଗୁଡ଼ିକ ବର୍ଷକୁ ୨୦ ହଜାର କୋଟି ଟଙ୍କା ସେହି ଦେଶଗୁଡ଼ିକରେ ଖର୍ଚ୍ଚ କରୁଛନ୍ତି ବୋଲି ଜାତୀୟ ଅର୍ଥନୈତିକ ସର୍ବେକ୍ଷଣ (୨୦୨୩-୨୪)ରେ କୁହାଯାଇଛି। ଏହା ଆଗାମୀ ୫ବର୍ଷ ମଧ୍ୟରେ ୩୭ହଜାର ୬ଶହ କୋଟି ଟଙ୍କାକୁ ଛୁଇଁବ ବୋଲି ଆକଳନ କରାଯାଉଛି। ଏସବୁକୁ ଲକ୍ଷ୍ୟ କଲେ, ଦେଶରେ ଏକ ଏମ୍‌ଆରଓ ସ୍ଥାପନ କରିବା ଅତ୍ୟନ୍ତ ଜରୁରୀ। ଏଠାରେ ସମସ୍ତ ଭିତ୍ତିଭୂମି ରହିଥିବାରୁ ଅତି କମ୍ ଖର୍ଚ୍ଚରେ ଏହା ଆରମ୍ଭ କରାଯାଇପାରିବ। ରାସଗୋବିନ୍ଦପୁରଠାରେ ଏମ୍‌ଆରଓ ପ୍ରତିଷ୍ଠା ହେଲେ ମୟୂରଭଞ୍ଜ ତଥା ସମଗ୍ର ଉତ୍ତରଓଡ଼ିଶାରେ ଅସଂଖ୍ୟ ପ୍ରତ୍ୟକ୍ଷ ଓ ପରୋକ୍ଷ ନିଯୁକ୍ତି ସୁଯୋଗ ସୃଷ୍ଟି ହେବା ସହ ସରକାରଙ୍କ ରାଜସ୍ୱ ବୃଦ୍ଧିରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରିବ ବୋଲି ଶ୍ରୀ ଭଞ୍ଜଦେଓ ଆଶାପୋଷଣ କରିଛନ୍ତି।

## ମୃତ ଯାତ୍ରୀଙ୍କ ପରିବାରକୁ ୯ ଲକ୍ଷ କ୍ଷତିପୂରଣ ଦେବ ରେଳବାଇ


କଟକ, ୧୯।୯ (ସମିସ): ରେଳଯାତ୍ରା ବେଳେ ଯାତ୍ରୀଙ୍କ ମୃତ୍ୟୁ ହେଲେ, ମୃତକଙ୍କ ପରିବାରକୁ ସମବେଦନା ଏବଂ ସହାୟତା ପ୍ରଦାନ କରିବା ରେଳବାଇର ପ୍ରଥମ କର୍ତ୍ତବ୍ୟ। ଏଭଳି ପରିବାରକୁ ମକଦ୍ଦମା ଦାୟର କରିବାକୁ ବାଧ୍ୟ କରିବା ସମ୍ପୃକ୍ତ କର୍ତ୍ତୃପକ୍ଷଙ୍କ ଉତ୍ତରଦାୟିତ୍ୱର ଅବସାନ ବୋଲି ବିବେଚନା କରାଯିବ। ଏକ ମାମଲାର ଶୁଣାଣି କରି ହାଇକୋର୍ଟ ଆଜି ଏପରି କହିଛନ୍ତି। ଏହାସହ, ୨୦୦୬ ମସିହାରେ ରେଳଯାତ୍ରା ସମୟରେ ପ୍ରାଣ ହରାଇଥିବା ଜଣେ ଯାତ୍ରୀଙ୍କ ସମ୍ପର୍କୀୟଙ୍କୁ ୪ମାସ ମଧ୍ୟରେ ୯ଲକ୍ଷ ୨୩ ହଜାର ୫୬୨ଟଙ୍କା କ୍ଷତିପୂରଣ ପ୍ରଦାନ ପାଇଁ ହାଇକୋର୍ଟ ରେଳବାଇକୁ ନିର୍ଦ୍ଦେଶ ଦେଇଛନ୍ତି। ସତ୍ୟଜିତ ସ୍ୱାଇଁଙ୍କ ଆବେଦନର ଶୁଣାଣି କରି ଡକ୍ଟର ଜଷ୍ଟିସ ସଂଜୀବ କୁମାର ପାଣିଗ୍ରାହୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ନିର୍ଦ୍ଧାରିତ ସମୟସୀମା ଭିତରେ କ୍ଷତିପୂରଣ ରାଶି ପ୍ରଦାନ କରାନଗଲେ, ୭ ପ୍ରତିଶତ ସୁଧ ବାବଦ ଅର୍ଥ ଆବେଦନକାରୀଙ୍କୁ ପଇଠ କରାଯିବ ବୋଲି ହାଇକୋର୍ଟ କହିଛନ୍ତି। ଅନ୍ୟପଟେ, ଆବେଦନକାରୀଙ୍କ କ୍ଷତିପୂରଣ ଦାବି ଦରଖାସ୍ତକୁ ଖାରଜ କରି ଭୁବନେଶ୍ୱରସ୍ଥିତ ରେଲୱେ କ୍ଲେମସ୍ ଟ୍ରିବୁନାଲ ୨୦୨୪, ଏପ୍ରିଲ ୨୪ରେ ପ୍ରଦାନ କରିଥିବା ନିର୍ଦ୍ଦେଶକୁ ହାଇକୋର୍ଟ ରଦ୍ଦ କରିଛନ୍ତି।

ମାମଲାରୁ ପ୍ରକାଶ ଯେ ଗତ ୨୦୦୬, ଡିସେମ୍ବର ୨୫ରେ ଆହ୍ଲାବାଦରୁ କଟକ ଯିବା ପାଇଁ ସର୍ବେଶ୍ୱର ସ୍ୱାଇଁ ନୀଳାଚଳ ଏକ୍ସପ୍ରେସରେ ଯାତ୍ରା କରୁଥିବା ବେଳେ ଟ୍ରେନ୍ ଭିତରେ ଝଟକା ଲାଗିବା କାରଣରୁ ସେ କମ୍ପାର୍ଟମେଣ୍ଟ ଭିତରେ ଚେତା ହରାଇ ପଡ଼ିଯାଇଥିଲେ। ତାଙ୍କ ମସ୍ତିଷ୍କ ଓ ଶରୀରର ଅନ୍ୟ ସ୍ଥାନରେ ଆଘାତ ଲାଗିଥିଲା। ଚିକିତ୍ସାଧୀନ ଅବସ୍ଥାରେ ଗୟା ସରକାରୀ ଡାକ୍ତରଖାନାରେ ୨୦୦୬, ଡିସେମ୍ବର ୨୭ରେ ତାଙ୍କର ମୃତ୍ୟୁ ହୋଇଥିଲା।

## 'ନ୍ୟାସନାଲ ଜିଓଗ୍ରାଫିକ୍' ପ୍ରଚ୍ଛଦ ପୃଷ୍ଠାରେ ଶିମିଳିପାଳର କଳାବାଘ

ଭୁବନେଶ୍ୱର,୧୯।୯(ସମିସ): ବିଶ୍ୱର ଖ୍ୟାତନାମା ପତ୍ରିକା 'ନ୍ୟାସନାଲ ଜିଓଗ୍ରାଫିକ୍'ର ପ୍ରଚ୍ଛଦ ପୃଷ୍ଠାରେ (କଭର ପେଜ)ରେ ସ୍ଥାନ ପାଇଛି ଶିମିଳିପାଳର ବିରଳ କଳାବାଘ ଫଟୋ। ସାରା ବିଶ୍ୱରେ କେବଳ ଶିମିଳିପାଳରେ ଏହି ବିରଳ ପ୍ରଜାତିର କଳାବାଘ ଦେଖାଦେଇଥାନ୍ତି। ପ୍ରସିଦ୍ଧ ଫଟୋଗ୍ରାଫର ପ୍ରସନ୍ନଜିତ ଯାଦବ ଶିମିଳିପାଳରେ ପ୍ରାୟ ୩ ମାସ ପରିଶ୍ରମ ପରେ ଏହି ଫଟୋ ଉଠାଇଥିବା ସୂଚନା ମିଳିଛି। ଶିମିଳିପାଳର ଏହି ବିରଳ କଳାବାଘ ଫଟୋ ବିଶ୍ୱସ୍ତରୀୟ ପତ୍ରିକାରେ ପ୍ରକାଶକୁ ନେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଖୁସି ବ୍ୟକ୍ତ କରିଛନ୍ତି।

ଏହି ଆକର୍ଷଣୀୟ ଫଟୋଚିତ୍ରଟି ଅକ୍ଟୋବର ୨୦୨୫ ସଂସ୍କରଣରେ ପ୍ରକାଶିତ ହୋଇଛି। ନ୍ୟାସନାଲ ଜିଓଗ୍ରାଫିକ୍ ଅନୁଯାୟୀ, ଏହି ଫଟୋଟି ଓଡ଼ିଶାର ଶିମିଳିପାଳ ଜାତୀୟ ଉଦ୍ୟାନର ଘଞ୍ଚ ଜଙ୍ଗଲରୁ ଉତ୍ତୋଳନ କରାଯାଇଛି। ବିଶ୍ୱର ଏକମାତ୍ର ସ୍ଥାନ ଭାବେ ଏଠାରେ କଳାବାଘ ଦେଖାଯାଇଥାଏ। ବିରଳ ଜେନେଟିକ୍ ପରିବର୍ତ୍ତନ ଯୋଗୁଁ ଏହି ବାଘମାନଙ୍କ ଶରୀରରେ ଗାଢ଼ ପଟ୍ଟା ଥାଏ। ଶିମିଳିପାଳରେ ପ୍ରାୟ ୩୦




ଟି ବାଘ ରହୁଥିବା ବେଳେ ସେମାନଙ୍କ ମଧ୍ୟରୁ ପ୍ରାୟ ଅଧା ଏହି ପ୍ରଜାତିର। ଏପରି ଏକ ବିରଳ ପ୍ରାଣୀର ଫଟୋଚିତ୍ର ସଂଗ୍ରହ କରିବା ସହଜ କାମ ନ ଥିଲା। କଳା ବାଘକୁ ଟ୍ରାକ୍ କରିବା ଏବଂ ନିରୀକ୍ଷଣ କରିବା ସହ ବାଘଙ୍କର ଗତିବିଧି ଓ ଆଚରଣକୁ ସତର୍କତାର ସହିତ ଅନୁଧ୍ୟାନ କରିବାକୁ ପ୍ରାୟ ୩ ମାସରୁ ଅଧିକ ସମୟ ଲାଗିଥିଲା।

ସୂଚନା ଥାଉ କି, ବହୁତ କମ୍ ଭାରତୀୟ

**■ ୩ ମାସର ପରିଶ୍ରମ ପରେ ସଂଗ୍ରହ ହୋଇଛି ଫଟୋଚିତ୍ର**
**■ ଖୁସିବ୍ୟକ୍ତ କଲେ ମୁଖ୍ୟମନ୍ତ୍ରୀ ଓ ବିରୋଧୀଦଳ ନେତା**
**■ କଳାବାଘ ସଫାରୀ ଘୋଷଣା କଥା ଉଲ୍ଲେଖ କଲେ ନବୀନ**

ଫଟୋଗ୍ରାଫର ନ୍ୟାସନାଲ ଜିଓଗ୍ରାଫିକ୍ କଭରରେ ସ୍ଥାନ ପାଇଛନ୍ତି। ଏହି ଘଟଣା ପରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏକ୍ସ ମାଧ୍ୟମରେ ଖୁସି ବ୍ୟକ୍ତ କରିଛନ୍ତି। ମୁଖ୍ୟମନ୍ତ୍ରୀ ନିଜ ଏକ୍ସରେ ଉଲ୍ଲେଖ କରିଛନ୍ତି ଯେ 'ନ୍ୟାସନାଲ ଜିଓଗ୍ରାଫିକ୍' ପତ୍ରିକାର କଭର ପେଜ୍‌ରେ ଶିମିଳିପାଳର ଅଦ୍ଭୁତ ସୌନ୍ଦର୍ଯ୍ୟକୁ ଦେଖି ବହୁତ ଖୁସି ଲାଗିଲା। ଶିମିଳିପାଳ ଓଡ଼ିଶାର ହୃଦୟ ଭାବେ ପରିଚିତ। ଶିମିଳିପାଳର କଳାବାଘ କାହାଣୀ ପ୍ରତି ଫଟୋଗ୍ରାଫର ଶ୍ରୀ ଯାଦବଙ୍କ ପ୍ରତିବଦ୍ଧତା ଏବଂ ସମର୍ପଣକୁ ମୁଖ୍ୟମନ୍ତ୍ରୀ ପ୍ରଶଂସା କରିବା ସହିତ ଭବିଷ୍ୟତ ପିଢ଼ିକୁ ଏପରି କାହାଣୀ ପ୍ରେରଣା ଦେବ ବୋଲି ଉଲ୍ଲେଖ କରିଛନ୍ତି।

ସେହିପରି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଏକ୍ସ ଯୋଗ ଉଲ୍ଲେଖ କରିଛନ୍ତି ଯେ ଶିମିଳିପାଳର ବିରଳ କଳାବାଘକୁ 'ନ୍ୟାସନାଲ ଜିଓଗ୍ରାଫିକ୍'ର କଭର ପେଜ୍‌ରେ ସ୍ଥାନିତ କରାଯାଇଥିବା ଜାଣି ଖୁସି ହେଲି। ପ୍ରକୃତରେ ଓଡ଼ିଶା ପାଇଁ ଏହା ଏକ ଗର୍ବର ମୁହୂର୍ତ୍ତ। ଶିମିଳିପାଳରେ ହିଁ ବିଶେଷତଃ କଳାବାଘ ଦେଖାଯାଇଥାନ୍ତି। ଏହି ମନୋରମ ପ୍ରତିଚ୍ଛବି ତୋଳି ଧରିଥିବାରୁ ଭାରତୀୟ ଫଟୋଗ୍ରାଫର ପ୍ରସେନଜିତ ଯାଦବଙ୍କୁ ନବୀନ ଧନ୍ୟବାଦ ଜଣାଇଛନ୍ତି। ଏହାସହିତ ଗତ ଜାନୁଆରୀ ୨୦୨୪ ରେ, ତତ୍କାଳୀନ ବିଜେଡି ସରକାର ବାରିପଦା ନିକଟରେ ବିଶ୍ୱର ପ୍ରଥମ କଳାବାଘ ସଫାରି ଘୋଷଣା କରିଥିଲେ ବୋଲି ନବୀନ ଉଲ୍ଲେଖ କରିଛନ୍ତି।

# ସୌମ୍ୟାଶ୍ରୀ ଘଟଣା ପାଇଁ ଛାତ୍ର ନିର୍ବାଚନକୁ ଡରୁଛନ୍ତି ସରକାର

ଭୁବନେଶ୍ୱର,୧୯।୯(ସମିସ): ରାଜ୍ୟରେ ଛାତ୍ର ସଂସଦ ନିର୍ବାଚନକୁ ନେଇ ସରକାରଙ୍କର କୌଣସି ଆଗ୍ରହ ନାହିଁ। ସରକାର ନିର୍ବାଚନ କରିବେ ନା ନାହିଁ, ତାହା ବର୍ତ୍ତମାନ ସୁଦ୍ଧା ସ୍ପଷ୍ଟ ହୋଇ ନାହିଁ।

**■ ସରକାରଙ୍କ କଥା ଓ କାମରେ ତାଳମେଳ ରହୁନାହିଁ**
**■ ନିର୍ବାଚନ ନ ହେଲେ ସବୁ କ୍ୟାମ୍ପସ୍‌ରେ ଆନ୍ଦୋଳନ**



ବାଲେଶ୍ୱର ସୌମ୍ୟାଶ୍ରୀ ବିଶି ଘଟଣାକୁ ନେଇ ରାଜ୍ୟ ସରକାର ଛାତ୍ର ସଂସଦ ନିର୍ବାଚନ କରିବାକୁ ଡରୁଛନ୍ତି ବୋଲି ଯୁବ କଂଗ୍ରେସ ଅଭିଯୋଗ କରିଛି।

କଂଗ୍ରେସ ଭବନଠାରେ ଶୁକ୍ରବାର ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ କଂଗ୍ରେସ ନେତା ଅଜୟ ମହାପାତ୍ର କହିଛନ୍ତି, ଛାତ୍ର ସଂସଦ ନିର୍ବାଚନ ହେଉଛି ଗଣତନ୍ତ୍ରର ଅନ୍ତୁଡ଼ିଶାଳ। ତେଣୁ ଏହି ପ୍ରସଙ୍ଗ ଉପରେ ସରକାର ନିର୍ଣ୍ଣାୟକ ନିଷ୍ପତ୍ତି ନ ନେବା ପରିତାପର ବିଷୟ ସେହିପରି ଉତ୍କଳ ବିଶ୍ୱବିଦ୍ୟାଳୟର ପୂର୍ବତନ ଛାତ୍ର ସଭାପତି ମନୋଜ ବିଶ୍ୱାଳ କହିଛନ୍ତି, ବିଜେପି ସରକାରର ଦୋମୁହାଁ ନୀତି ଆପଣାଇଛି। ବିଜେଡି ସରକାରରେ ଥିବାବେଳେ ଛାତ୍ର ସଂସଦ ନିର୍ବାଚନ କାହିଁକି ହେଉନି ବୋଲି ବିଜେପି ରଖେଇ ଥୁଏଇ ଦେଉ ନ ଥିଲା। ଏବେ ସରକାରକୁ ଆସିବା ପରେ ଦଳ କାହିଁକି ନିରବ ରହିଛି। ଯାହା ଶିକ୍ଷାମନ୍ତ୍ରୀ କହିବା କଥା, ତାହା ଆଇନ ମନ୍ତ୍ରୀ କହୁଛନ୍ତି। ଆଇନ ମନ୍ତ୍ରୀ ୨୦୨୪ରେ କହିଥିଲେ ଛାତ୍ର ସଂସଦ ନିର୍ବାଚନ ହେବ; କିନ୍ତୁ ସେ ବର୍ଷ ନିର୍ବାଚନ ହେଲାନାହିଁ। ଏହାସହିତ ୨୦୨୫ ନିର୍ବାଚନକୁ ନେଇ ମଧ୍ୟ ବର୍ତ୍ତମାନ ପ୍ରଶ୍ନବାଚୀ ସୃଷ୍ଟି ହେଲାଣି। ଆଶ୍ଚର୍ଯ୍ୟର କଥା, ମୁଖ୍ୟମନ୍ତ୍ରୀ ଖୋଦ୍ ନିର୍ବାଚନ ହେବ ବୋଲି ପ୍ରତିଶୃତି ଦେଇଥିଲେ ମଧ୍ୟ ତା ବି ଧୂଆଁବାଣ ସାବ୍ୟସ୍ତ ହେବାକୁ ଯାଉଛି।

ସୌମ୍ୟାଶ୍ରୀ ଆତ୍ମାହୂତି ଘଟଣାରେ ଅପରାଧୀ ଭାବରେ ଏବିଭିପି ନେତା ଗିରଫ ହେବା ପରେ ସମଗ୍ର ଓଡିଶାର ଛାତ୍ର ସମାଜରେ ବିଜେପି ନିନ୍ଦିତ ହୋଇଛି। ତେଣୁ ସରକାରଙ୍କୁ ପରାଜୟର ଭୟ ଘାରିଛି। ଏଥିପାଇଁ ନିର୍ବାଚନକୁ ସରକାର ଏଡ଼େଇ ଯିବାକୁ ଚାହୁଁଛନ୍ତି। ଯଦି ଆଗାମୀ ୬ ଦିନ ଭିତରେ ଛାତ୍ର ସଂସଦ ନିର୍ବାଚନ ଘୋଷଣା ନ କରନ୍ତି, ତେବେ ଛାତ୍ର କଂଗ୍ରେସ ରାଜ୍ୟର ପ୍ରତ୍ୟେକ କ୍ୟାମ୍ପସରେ ଦସ୍ତଖତ ଅଭିଯାନ, ବିକ୍ଷୋଭ ପ୍ରଦର୍ଶନ ଏବଂ ବିଶ୍ୱବିଦ୍ୟାଳୟ କୁଳପତିଙ୍କ ସହ ଆଲୋଚନା ଆଦି କାର୍ଯ୍ୟକ୍ରମ କରିବ ବୋଲି ଶ୍ରୀ ବିଶ୍ୱାଳ ଚେତାବନୀ ଦେଇଛନ୍ତି। ଯୁବ କଂଗ୍ରେସ ସଭାପତି ରଞ୍ଜିତ ପାତ୍ର, ଛାତ୍ରନେତା ମନୋଜ ବିଶ୍ୱାଳ, ବିଶ୍ୱଭୂଷଣ ଦାସ, ଆଶିଷ ମାହନ୍ତ, ସନ୍ଦୀପ ରାଉତରାୟ, ସାଗର ପଟ୍ଟନାୟକ, ବିଭୁତି ମହାପାତ୍ର ପ୍ରମୁଖ ସାମ୍ବାଦିକ ସମ୍ମିଳନୀରେ ଉପସ୍ଥିତ ଥିଲେ।

**ନରସିଂହପୁର ଥାନା ହାଜତ ମୃତ୍ୟୁ ମାମଲା**


## ୧୦ ଲକ୍ଷ ଟଙ୍କା କ୍ଷତିପୂରଣ ଦେବାକୁ ଓଏଚ୍‌ଆର୍‌ସିଙ୍କ ନିର୍ଦ୍ଦେଶ

କଟକ, ୧୯।୯(ସମିସ): କଟକ ଜିଲ୍ଲା ନରସିଂହପୁର ଥାନା ହାଜତ ମୃତ୍ୟୁ ମାମଲାରେ ମୃତକଙ୍କ ପରିବାରକୁ ୧୦ ଲକ୍ଷ ଟଙ୍କା କ୍ଷତିପୂରଣ ଦେବାକୁ ଓଡ଼ିଶା ମାନବାଧିକାର କମିସନ (ଓଏଚ୍‌ଆରସି) ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ହୋଇଛନ୍ତି। କମିସନର ଅଧ୍ୟକ୍ଷ ଜଷ୍ଟିସ ଶ୍ରତ୍ରୁଘନ ପୂଜାହାରୀ ଓ ସଦସ୍ୟ ଅସୀମ ଅମିତାଭ ଦାସଙ୍କୁ ନେଇ ଗଠିତ ଏକ ଖଣ୍ଡପୀଠ ଆଇନଜୀବୀ ତଥା ମାନାବାଧିକାର କର୍ମୀ ପ୍ରବୀର କୁମାର ଦାସଙ୍କ ପକ୍ଷରୁ ରୁଜୁ ହୋଇଥିବା ମାମଲାର ଶୁଣାଣି କରି ଏହି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ପୂର୍ବରୁ ୨ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରାଯାଇଥିବା ହେତୁ ଅବଶିଷ୍ଟ ୮ ଲକ୍ଷ ଟଙ୍କା ଆସନ୍ତା ଦୁଇ ମାସ ମଧ୍ୟରେ ପ୍ରଦାନ କରିବାକୁ ଗୃହ ସଚିବଙ୍କୁ ନିର୍ଦ୍ଦେଶ ଦେଇଛନ୍ତି କମିସନ। କ୍ଷତିପୂରଣ ରାଶିରୁ ୭ ଲକ୍ଷ ଟଙ୍କା ଯେକୌଣସି ଜାତୀୟକରଣ ବ୍ୟାଙ୍କରେ ସ୍ଥାୟୀ ଜମା ଭାବେ ରଖାଯିବ ଓ ୧ଲକ୍ଷ ଟଙ୍କା ମୃତକଙ୍କ ନିକଟ ଆତ୍ମୀୟଙ୍କୁ ଦେବାକୁ ଆଦେଶରେ ଉଲ୍ଲେଖ ରହିଛି।

ଗତ ୨୦୧୬ ଡିସେମ୍ବର ୯ ତାରିଖ ମଧ୍ୟରାତିରେ ନରସିଂହପୁର ପୁଲିସ ମାଳିସାହିର ସରୋଜ ସେନାପତି ଓରଫ୍ ଆକୁଳଙ୍କୁ ଏକ ମାମଲାରେ ଗିରଫ କରି ଥାନାକୁ ଆଣିଥିଲେ। ଗିରଫ ପ୍ରକ୍ରିୟାରେ ଅସୁସ୍ଥ ହୋଇ ପଡ଼ିବାରୁ ପରଦିନ ସକାଳେ ସରୋଜଙ୍କୁ ନରସିଂହପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ହେବାରୁ ସେହିଦିନ ତାଙ୍କୁ କଟକ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ଗତ ୨୦୧୬ଡିସେମ୍ବର ୧୧ ତାରିଖ ରାତ୍ରିରେ ତାଙ୍କର ମୃତ୍ୟୁ ହୋଇଥିଲା। ମୃତକଙ୍କ ଶ୍ୱଶୁରଙ୍କ ଲିଖିତ ଅଭିଯୋଗ ଆଧାରରେ ପୁଲିସ କର୍ମଚାରୀଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ ହୋଇଥିଲା। ଏହା ଏକ ହାଜତ ମୃତ୍ୟୁ ମାମଲା ହୋଇଥିବାରୁ ବଡ଼ମ୍ବା ପ୍ରଥମ ଶ୍ରେଣୀ ବିଚାରବିଭାଗୀୟ ମାଜିଷ୍ଟ୍ରେଟ୍ ମଧ୍ୟ ତଦନ୍ତ କରିଥିଲେ। ଶବ ବ୍ୟବଚ୍ଛେଦ ରିପୋର୍ଟରେ କ୍ଷତଚିହ୍ନ ବିଷୟରେ ଉଲ୍ଲେଖ ଥିବା ସହ ମସ୍ତିଷ୍କରେ ଆଘାତ ଯୋଗୁଁ ଆକୁଳର ମୃତ୍ୟୁ ହୋଇଛି ବୋଲି ଡାକ୍ତର ମତ ଦେଇଥିଲେ। ରିପୋର୍ଟରେ ଥିବା ତଥ୍ୟ ଓ ସାକ୍ଷୀମାନଙ୍କର ବୟାନ ଭିତ୍ତିରେ ସରୋଜଙ୍କ ମୃତ୍ୟୁ ସ୍ୱାଭାବିକ ନୁହେଁ ବୋଲି ମାଜିଷ୍ଟ୍ରେଟ୍ ତଦନ୍ତ ରିପୋର୍ଟରେ ଦର୍ଶାଇଥିଲେ। ଏସବୁ ତଥ୍ୟକୁ ଭିତ୍ତି କରି ପୁଲିସ ହାଜତରେ ଥିଲା ବେଳେ ଆଘାତପ୍ରାପ୍ତ ହୋଇ ତାଙ୍କର ମୃତ୍ୟୁ ଘଟିଛି ବୋଲି ଦର୍ଶାଇ ମୃତକଙ୍କ ଆତ୍ମୀୟଙ୍କୁ କ୍ଷତିପୂରଣ ଦେବାକୁ ପ୍ରାର୍ଥନା କରି ଆବେଦନକାରୀ ଓଏଚଆରସିଙ୍କ ଦ୍ୱାରସ୍ଥ ହୋଇଥିଲେ।

# ଭୋଗରାଇ ଟ୍ରେନ୍ ଟିକେଟ କାଉଣ୍ଟର ଲିଙ୍କ୍‌ଫେଲ୍

ଭୋଗରାଇ,୧୯।୯(ସମିସ)



**୧୦ ଦିନ ଧରି ଲୋକେ ହନ୍ତସନ୍ତ**

ଭୋଗରାଇ ବ୍ଲକ୍ ପରିସରରେ ଥିବା ଟ୍ରେନ ଟିକେଟ କାଉଣ୍ଟର ୧୦ଦିନ ହେବ ଠପ୍ ହେବାରୁ ଲୋକେ ହନ୍ତସନ୍ତ ହେଉଥିବା ଅଭିଯୋଗ ହେଉଛି। ସୂଚନାନୁଯାୟୀ, ଭୋଗରାଇ ବ୍ଲକ ପରିସରରେ ପୂର୍ବତନ ସାଂସଦ ଶ୍ରୀକାନ୍ତ ଜେନା ଲୋକମାନେ ଟ୍ରେନ୍ ଟିକେଟ କାଟିବା ପାଇଁ ପଶ୍ଚିମବଙ୍ଗ ଦୀଘା ୧୫ କିଲୋମିଟର ଓ ଜଳେଶ୍ୱର ରେଲୱେ ଷ୍ଟେସନ ୩୦ କିଲୋମିଟର ଯିବାଆସିବାରେ ଅସୁବିଧାକୁ ଆଖି ଆଗରେ ରଖି ୬ ଫେବୃୟାରୀ ୨୦୧୩ରେ ଏକ ଟ୍ରେନ ଟିକ କାଉଣ୍ଟର ଉଦ୍‌ଘାଟନ କରିଥିଲେ। ସେହି ଟିକଟ କାଉଣ୍ଟରକୁ ଭୋଗରାଇ ସମେତ ପାଖରେ ଥିବା ପଶ୍ଚିମବଙ୍ଗ ଦେଉଲିହାଟ, କିଆକୁଇଲି, ଗୋଜ ଓ ପାଖରେ ବାଲିଆପାଳ ଅଞ୍ଚଳରୁ ଲୋକେ ଆସି ଟ୍ରେନ ଟିକେଟ କାଟିଥାନ୍ତି। ଯାତ୍ରୀମାନେ କହିବା କଥା, ଆଜକୁ ୧୦ ଦିନ ହେବ ଲିଙ୍କ୍ ଫେଲ୍ ଅଛି କହି ଟିକେଟ କରାଯାଉନାହିଁ। ଏବାବଦରେ ଟିକେଟ କାଉଣ୍ଟର ଅଧିକାରୀ କିସାନ କିସକୁଙ୍କୁ ପଚାରିବାରୁ ସେ କହିଥିଲେ ଯେ ୧୪ ସେପ୍ଟେମ୍ବର ସେ ଟିକେଟ କାଉଣ୍ଟରକୁ ଆସିଥିଲେ। ମାତ୍ର ସେହି ଦିନଠାରୁ ଆଜି ପର୍ଯ୍ୟନ୍ତ ବିଏସ୍ଏନ୍ଏଲ୍‌ର ଲିଙ୍କ୍‌ଫେଲ୍ ପାଇଁ ଲୋକମାନେ ଟିକେଟ ପାଇଁବାରେ ବଞ୍ଚିତ ହେଉଛନ୍ତି। ଏବାବଦରେ ତାଙ୍କର ଉପରସ୍ତ କର୍ମଚାରୀଙ୍କ ପାଖରେ ଅଭିଯୋଗ କଲେ ସୁଦ୍ଧା କୈଣସି ସୁଫଳ ମିଳିନାହିଁ। ଭୋଗରାଇର କିଛି ଯାତ୍ରୀ ଏଭଳି ଟ୍ରେନ୍ ଟିକଟ କାଉଣ୍ଟର ବନ୍ଦକୁ ନିନ୍ଦା କରିଛନ୍ତି। ଏଥିସହିତ ଯଦି ସମସ୍ୟା ଶୀଘ୍ର ସମାଧାନ କରାନଯାଏ ତେବେ ଆଗାମୀ ଦିନରେ ଲୋକମାନେ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି।

# ଆର୍‌ଏସ୍‌ଏସ୍‌ର ଶତାବ୍ଦୀ ବର୍ଷ ସମାରୋହ ପାଳନ ବୈଠକ



କାଳିପଦା,୧୯।୯(ସମିସ): ବାଲିଆପାଳରେ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସଏସ)ର ଶତାବ୍ଦୀ ବର୍ଷ ସମାରୋହ ପାଳନ ସକାଶେ ପୂର୍ତ୍ତ ବିଭାଗ ଡାକ ବଙ୍ଗଳା ପରିସରରେ ଏକ ବୈଠକ ଅନୁଷ୍ଠିତ ହୋଇ ଯାଇଛି। ଏଥିରେ ବାଲିଆପାଳର ବଣିଆ ଡିହା, ଦେଉଳା, ଚୌମୁଖ, ଅଳାଡିହା, ବାଲିଆପାଳ, ଶ୍ରୀରାମପୁର ଆଦି ସାତଟି ମଣ୍ଡଳର ସ୍ୱୟଂସେବକମାନେ ଅଂଶ ଗ୍ରହଣ କରିବେ। ପ୍ରକଟ ଓ ପଥ ସଂଚାଳନ କାର୍ଯ୍ୟକ୍ରମ ମୁଖ୍ୟତଃ କରାଯିବା ନେଇ ନିଷ୍ପତି ଗ୍ରହଣ କରାଯାଇଛି। ସଂଖ୍ୟା, ଗଣ ବେଶ, ପାଣ୍ଠି ସଂଗ୍ରହ ଆଦି ନେଇ ମଧ୍ୟ ଆଲୋଚନା ହୋଇଥିଲା। ଏଥିପାଇଁ ଏକ ସମିତି ମଧ୍ୟ ଗଠନ କରାଯାଇଛି। ସମିତିରେ ଅଧ୍ୟାପକ ଡ. ସୁକାନ୍ତ ଗିରି ସଂଯୋଜକ, ଅଦ୍ୱୈତ କୁମାର ବାଗ ସହ ସଂଯୋଜକ, ଗଣ ବେଶ ପ୍ରମୁଖ ମନୋଜ ବାରିକ, ସହ ଗଣ ବେଶ ପ୍ରମୁଖ ସଞ୍ଜୟ ପରିଡା, ବସ୍ତୁ ଭଣ୍ଡାର ପ୍ରମୁଖ ରାକେଶ ଅଣ୍ଡିଆ, ସହ ପ୍ରମୁଖ କ୍ଷୀତିଶ ଜେନା, ପାଣ୍ଠି ସଂଗ୍ରହ ପ୍ରମୁଖ ସଞ୍ଜୟ କୁମାର ପରିଡା, ସହ ପ୍ରମୁଖ ଗୋପାଳ କୃଷ୍ଣ ବିଶ୍ୱାଳ ଓ ଅଭିମନ୍ୟୁ ଗିରି ପ୍ରମୁଖଙ୍କୁ ମନୋନୀତ କରାଯାଇଛି। ମନୋରଞ୍ଜନ ବେହେରା, ହେମନ୍ତ ପ୍ରାମାଣିକ, ନବୀନ ଗଙ୍ଗାଇ, ରାମଚନ୍ଦ୍ର ଜେନା, ସୁଧାଂଶୁ ପଣ୍ଡା, ହରେକୃଷ୍ଣ ଦାସ, ନାରାୟଣ ବେହେରା, ନୀଳକଣ୍ଠ ଜେନା, ଅରବିନ୍ଦ ବେହେରା, ଅଜୟ ସାହୁ, ରାକେଶ ରଞ୍ଜନ ଅଣ୍ଡିଆ, ହେମନ୍ତ ସାହୁ, ବିଜୟ ବେହେରା, ଅଜୟ ଜେନା, ଦିଲ୍ଲୀପ ପାତ୍ର, ହେମନ୍ତ ମୁଖି, ନାରାୟଣ ପଣ୍ଡା, ବୀର ମାଧବ ଦାସ, ଅଜିତ କୁମାର କର, ଶ୍ରୀହରି ମଣ୍ଡଳ, ଜିତେନ୍ଦ୍ର ପାତ୍ର, ସନ୍ୟାସୀ ବେହେରା ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ।

# ଦେବଶିଳ୍ପୀ ବିଶ୍ୱକର୍ମାଙ୍କ ପୂଜା

ନୀଳଗିରି,୧୯।୯(ସମିସ): ନୀଳଗିରିଠାରୁ ମାତ୍ର ୬ କିମି ଦୂର ସୋମନାଥପୁର ସ୍ଥିତ ଟ୍ୟାଙ୍କ୍ ଲୋରି ୱାର୍କର୍ସ ୟୁନିଅନ ତରଫରୁ



ବିଶ୍ୱକର୍ମା ପୂଜା ମହାସମାରୋହରେ ପାଳିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମ ଚଳିତ ମାସ ୧୭ ତାରିଖରୁ ଆରମ୍ଭ ହୋଇ ୧୯ ତାରିଖ ପର୍ଯ୍ୟନ୍ତ ଚାଲିଥିଲା। ୧୯ ତାରିଖ ଦିନ ପ୍ରସାଦସେବନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ପ୍ରାୟ ତିନି ହଜାରରୁ ଅଧିକ ଲୋକ ପ୍ରସାଦସେବନ କରିଥିଲେ। ୟୁନିଅନର ସାଧାରଣ ସମ୍ପାଦକ ବିଜୟ କୁମାର ପାତ୍ରଙ୍କ ନେତୃତ୍ୱରେ ସମସ୍ତ ଡ୍ରାଇଭର ଓ ହେଲପରମାନେ ସହଯୋଗ କରି ଉକ୍ତ କାର୍ଯ୍ୟକ୍ରମକୁ ସଫଳ କରିଥିଲେ। ୟୁନିଅନ ପକ୍ଷରୁ ଏସ୍‌କେ ମୋବରକ୍, ଶ୍ରୀକାନ୍ତ ବେହେରା, ମଦନ ବେହେରା, ଶୈଳେଶ ଠାକୁର, ନିରଞ୍ଜନ ସେଠୀ, ଶମ୍ଭୁନାଥ ଜେନା, ରମେଶ ଚଢ଼ା, ନରେନ୍ଦ୍ର ନାୟକ, ଅମର ରାଉତ, ସଞ୍ଜୟ ଯାଦବ, ଭୋଳାନାଥ ବଳ, ଅକ୍ଷୟ ସ୍ୱାଇଁଙ୍କ ସମେତ ୟୁନିଅନର ସମସ୍ତ ଡ୍ରାଇଭର ଓ ହେଲପର ସହଯୋଗ କରିଥିବା ଦେଖାଯାଇଛି।

# ବାଲେଶ୍ୱର-ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କର ସଭାପତିଙ୍କ ଭୋଗରାଇ ଗସ୍ତ



ଚନ୍ଦନେଶ୍ୱର,୧୯।୯(ସମିସ): ବାଲେଶ୍ୱର ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କର ସଭାପତି ଗଣେଶ ପ୍ରସାଦ ମହାପାତ୍ର ଆଜି ଭୋଗରାଇ ଗସ୍ତରେ ଆସି ବିଭିନ୍ନ ସେବା ସମବାୟ ସମିତି ପରିଦର୍ଶନ କରିଛନ୍ତି। ଶ୍ରୀ ବେହେରାଙ୍କ ସହିତ ବାଲେଶ୍ୱର ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କର ନିର୍ଦ୍ଦେଶକ ଆଶିଷ କୁମାର ପାତ୍ର ଓ ଭୋଗରାଇ ବାଲେଶ୍ୱର ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କର ଶାଖା ପରିଚାଳକ ଅନନ୍ତ ଦାସ ପ୍ରମୁଖ ଥିଲେ। ଶ୍ରଦ୍ଧାପୁର ସେବା ସମବାୟ ସମିତି, ଶଙ୍ଖାରୀ ସେବା ସମବାୟ ସମିତି, ଟୁକୁରିହାଜିରା ସେବା ସମବାୟ ସମିତି ଓ କମର୍ଦ୍ଦା ସେବା ସମବାୟ ସମିତି ପରିଦର୍ଶନ କରି ସମିତିର ସଭାପତି, ସମ୍ପାଦକ ଓ ନିର୍ଦ୍ଦେଶକମାନଙ୍କ ସହିତ ବିଭିନ୍ନ ସମସ୍ୟା ନେଇ ଆଲୋଚନା କରିଥିଲେ। ପ୍ରଥମେ ଶ୍ରଦ୍ଧାପୁର ସେବା ସମବାୟ ସମିତିରେ ପହଞ୍ଚି ଏଠାକାର ସମସ୍ୟା ବିଷୟରେ ଅବଗତ ହୋଇଥିଲେ। ସମିତିର ସଭାପତି ଗୁଣାକର ମାଝୀ ନୂତନ ଗୋଦାମ ଗୃହ, ସମ୍ମିଳନୀ କକ୍ଷ, ମାର୍କେଟ କମ୍ପ୍ଲେକ୍ସ ନିର୍ମାଣ ନେଇ ଆଲୋଚନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ, ଶ୍ରଦ୍ଧାପୁର ସେବା ସମବାୟ ସମିତିର ଭାରପ୍ରାପ୍ତ ସମ୍ପାଦକ ଚିତ୍ତରଞ୍ଜନ ମହାନ୍ତି, ନିର୍ଦ୍ଦେଶକ ସୁଶାନ୍ତ କୁମାର ନାୟକ, ଅଜିତ କୁମାର ପାତ୍ର, ଗୌରାଙ୍ଗ ପ୍ରଧାନ, ପ୍ରଦୀପ୍ତ କେଶରୀ ପାତ୍ର, ସୁମନ୍ତ ନାୟକ, ଅଧୀର ଜେନା, ବନମାଳୀ ବେହେରା, ନନୀଗୋପାଳ ମହାନ୍ତି, ଶିବଶଙ୍କର ପ୍ରଧାନ, ଧରଣୀକାନ୍ତ ପ୍ରଧାନ ଉପସ୍ଥିତ ଥିଲେ। ସେହିପରି ଶ୍ରୀ ବେହେରା ଟୁକୁରିହାଜିରା ସେବା ସମବାୟ ସମିତିର ସଭାପତି ଯତୀନ୍ଦ୍ର ନାଥ ଦାସ ଓ ସମ୍ପାଦକ ଚିତ୍ତରଞ୍ଜନ ମହାନ୍ତିଙ୍କ ସମ୍ମିଳନୀ କକ୍ଷ ନିର୍ମାଣ ନେଇ ଆଲୋଚନା କରିଥିଲେ।

# ପାଠପଢ଼ା ଛାଡ଼ି ପିଲା ବୁଲୁଥିବା ଅଭିଯୋଗ





ଜଳେଶ୍ୱରବ୍ଲକ୍,୧୯।୯(ସମିସ): ବାଲେଶ୍ୱର ଜିଲ୍ଲା ରାଇବଣିଆ ପଞ୍ଚାୟତର କବାଟଘାଟି ଆଶ୍ରମ ବିଦ୍ୟାଳୟରେ ଚତୁର୍ଥ ଶ୍ରେଣୀଠାରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ୩୧୬ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ସେମାନଙ୍କ ମଧ୍ୟରୁ ୭ରୁ ୮ ଜଣ ଦଶମ ଶ୍ରେଣୀର ପିଲାମାନେ କ୍ଲାସରୁମକୁ ପାଠପଢିବା ପାଇଁ ନ ଯାଇ ୧ କିଲୋମିଟର ଦୂର ଘଞ୍ଚ ଜଙ୍ଗଲ ମଧ୍ୟରେ ବସି ଥିବା ସ୍ଥାନୀୟ ଗ୍ରାମର କିଛି ଛେଳି ଚରାଳି ଏବାବଦରେ ଦେଖିବାକୁ ପାଇଥିଲେ। ସେମାନଙ୍କୁ ଦେଖି ପିଲାମାନେ ସେଠାରୁ ଦୌଡ଼ି ପଳାଇଯାଇ ଥିଲେ। ଏନେଇ ଗ୍ରାମର କିଛି ସଚେତନ ନାଗରିକ ପ୍ରଧାନଶିକ୍ଷକ ଚକ୍ରଧର ଦାସଙ୍କୁ ଏବାବଦରେ ପଚାରିବାରୁ ସେ କହିଥିଲେ କି ବିଦ୍ୟାଳୟରେ ପିଲାମାନଙ୍କୁ ନେଇ ଗ୍ରାମ ପରିକ୍ରମା ସହିତ ସଚେତନତା ଅଭିଯାନ କାର୍ଯ୍ୟକ୍ରମ ଥିଲା। ବିଦ୍ୟାଳୟ ପରିସରରେ ପାଚେରି ନ ଥିବା ହେତୁ ପିଲାମାନେ ବାହାରକୁ ଚାଲିଯାଉଛନ୍ତି। ଗ୍ରାମବାସୀଙ୍କ କହିବା କଥା ପିଲାମାନଙ୍କର ଦାୟିତ୍ୱବହନରେ ଢିଲାପଣ ଦେଖାଯାଉଛି। ଏନେଇ ଜଳେଶ୍ୱର ବ୍ଲକ କଲ୍ୟାଣ ସମ୍ପ୍ରସାରଣ ଅଧିକାରୀ ସଜତ୍ ଅନୁପମଙ୍କୁ ପଚାରିବାରୁ ଏବାବଦରେ ତଦନ୍ତ କରି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଥିଲେ।

# ଭେଲୋରା ଓଡ଼ିଶା ଆଦର୍ଶ ବିଦ୍ୟାଳୟର ପ୍ରତିଷ୍ଠା ଦିବସ





ରାଜଘାଟ,୧୯।୯(ସମିସ): ବସ୍ତାବ୍ଲକ ଓଡ଼ିଶା ଆଦର୍ଶ ବିଦ୍ୟାଳୟର ପ୍ରତିଷ୍ଠା ଦିବସ ଆଜି ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧକ୍ଷା ମଞ୍ଜୁଷା ମିଶ୍ର ପୌରହିତ୍ୟ କରି ଆଦର୍ଶ ବିଦ୍ୟାଳୟର ବିଭିନ୍ନ ପ୍ରତିକୂଳ ଅବସ୍ଥା ଥିଲେ ମଧ୍ୟ ଗ୍ରାମାଞ୍ଚଳର ଛାତ୍ରଛାତ୍ରୀ ପାଠସହ ସହପାଠ୍ୟ ଭଳି ବିଭିନ୍ନ କାର୍ଯ୍ୟରେ ସଫଳତା ହାସଲକରି ଆଗକୁ ବଢ଼ିଚାଲିଛନ୍ତି ବୋଲି କହିଥିଲେ। ମୁଖ୍ୟଅତିଥି ଭାବେ ବସ୍ତା ବ୍ଲକର ଗୋଷ୍ଠୀ ଉନ୍ନୟନ ଅଧିକାରୀ ମିହିର ରଞ୍ଜନ ବେହେରା ଯୋଗଦେଇ ଭେଲୋରା ଓଡ଼ିଶା ଆଦର୍ଶ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ସହ ମିଶି ସମାଜ ସେବା କରାଇବା ମୁଖ୍ୟ ଲକ୍ଷ୍ୟ ବୋଲି କହିଥିଲେ। ସମ୍ମାନିତ ଅତିଥି ଭାବେ ପ୍ରାକ୍ତନ ବିଇଓ ବିରଞ୍ଜନ ଦାସ ମହାପାତ୍ର ଯୋଗଦେଇ ପିଲାଙ୍କ ଭିତରେ ଲୁକ୍କାୟିତ ପ୍ରତିଭାକୁ ବିକଶିତ କରିବାରେ ଆଦର୍ଶ ବିଦ୍ୟାଳୟର ଭୂମିକାରେ ନିଜେ ସାମିଲ ହେବେ ବୋଲି ମତବ୍ୟକ୍ତ କରିଥିଲେ। ଅନ୍ୟତମ ଅତିଥି ଭାବେ ପରିଚାଳନା କମିଟି ସଭାପତି ଅଞ୍ଜନ କୁମାର ଦାସ ଯୋଗଦେଇ ଆଦର୍ଶ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କର ସର୍ବାଙ୍ଗୀନ ଉନ୍ନତି ପାଇଁ ସବୁ ପ୍ରକାର ଚେଷ୍ଟା କରାଯିବ ବୋଲି ମତ ରଖିଥିଲେ। ସହକାରୀ ଶିକ୍ଷୟିତ୍ରୀ ସ୍ୱାତୀରାଣୀ ପ୍ରଧାନ ଓ ସତିଶ ଚନ୍ଦ୍ର ଧଳ ମଞ୍ଚ ପରିଚାଳନା କରିଥିଲେ। ଶେଷରେ ଛାତ୍ରଛତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କରମୁ ଟୁଡୁ, କାହ୍ନୁଚରଣ ଜେନା ଓ ଦିପକ କୁମାର ଗିରି, ଅଞ୍ଜନ କୁମାର ଜେନା, କର୍ମୁ ଟୁଡୁ, ବିପିନ ବିହାରୀ ଦାସ, ମଧୁସ୍ମିତା ବିଶ୍ୱାଳ, ସ୍ୱାତିରାଣୀ ପ୍ରଧାନ, ଗୀତାଞ୍ଜଳି କର, ସୋନାଲି ପରିଡ଼ା, ଜ୍ୟୋସ୍ନାମୟୀ ପ୍ରଧାନ, ରାମାନନ୍ଦ ରାମ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶେଷରେ ମାନସ ଖଟୁଆ ଧନ୍ୟବାଦ୍ ଅର୍ପଣ କରିଥିଲେ।

# ସୋରକୁ ସବ୍‌ଡିଭିଜନ ଘୋଷଣା ଦାବି ଉଠାଇଲେ ବିଧାୟକ

ସୋର,୧୯।୯(ସମିସ): ସୋରକୁ ସବଡିଭିଜନ ଘୋଷଣା କରିବା ନିମନ୍ତେ ବିଧାନସଭାରେ ବିଧାୟକ ମାଧବ ଧଡ଼ା ପ୍ରଶ୍ନ କରିଛନ୍ତି। ଏଥିସହିତ ସୋର ଏବଂ ବାହାନଗା ତହସିଲରେ କେତେ ଗୋଟି ପଡା ଗ୍ରାମକୁ ରାଜସ୍ୱ ଗ୍ରାମରେ ପରିଣତ କରାଯାଇଥିବା ପ୍ରଶ୍ନର ଉତ୍ତରରେ ରାଜସ୍ୱ ଏବଂ ବିପର୍ଯ୍ୟୟ ମନ୍ତ୍ରୀ ସୁରେଶ ପୂଜାରୀ ବାହାନଗା ତହସିଲର ୧୪ ଗୋଟି ଓ ସୋର ତହସିଲର ୩୬ ଗୋଟି ପଡା ଗ୍ରାମକୁ ରାଜସ୍ୱ ଗ୍ରାମରେ ପରିଣତ କରାଯାଇଥିବା ଉତ୍ତର ରଖିଥିଲେ। ସବଡିଭିଜନ ଘୋଷଣା ପ୍ରଶ୍ନର ଉତ୍ତରରେ କହିଥିଲେ ସରକାର ଏ ବାବଦରେ ଅବଗତ ଅଛନ୍ତି। ଉପଖଣ୍ଡ ଘୋଷଣା କରିବା ପାଇଁ ସମସ୍ତ ମାନଦଣ୍ଡକୁ ବିଚାରକୁ ନେଇ ଯଥା ଶୀଘ୍ର ନିଷ୍ପତ୍ତି ନେବେ। ସୋର ଓ ବାହାନଗା ବ୍ଲକରେ ଥିବା ଆଦର୍ଶ ବିଦ୍ୟାଳୟର ଛାତ୍ରଛାତ୍ରୀ ନିବାସ ନିର୍ମାଣ, ସ୍କୁଲରେ ଡେସ୍କ ବେଞ୍ଚ, ବହି, ପୋଷାକପତ୍ର ଓ ଖାଲି ପଡିଥିବା ଶିକ୍ଷକ ନିଯୁକ୍ତି ବାବଦରେ ପ୍ରଶ୍ନ କରିଥିଲେ। ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ନିଜର ଉତ୍ତରରେ ପୁସ୍ତକ, ପୋଷାକପତ୍ର ବଣ୍ଟନ ନିମନ୍ତେ ପଦକ୍ଷେପ ନିଆଯିବା ସହିତ ଖାଲିଥିବା ଶିକ୍ଷକ ପଦବୀ ପୂରଣ ପାଇଁ ବିଜ୍ଞାପନ ପ୍ରକାଶ କରିବା ପାଇଁ ପଦକ୍ଷେପ ନିଆଯାଉଛି ବୋଲି କହିଥିଲେ। ଏତଦ୍‌ବ୍ୟତୀୟ ସୋରର ବିଭିନ୍ନ ସମସ୍ୟା ମଧ୍ୟରେ ଉତ୍ତରେଶ୍ୱରରେ ବସଷ୍ଟାଣ୍ଡ, ବ୍ଲକ୍‌ସ୍ତରୀୟ ମିନି ଷ୍ଟାଡିଅମ ନିର୍ମାଣ, ସୋର ନିର୍ବାଚନ ମଣ୍ଡଳୀର ବିଭିନ୍ନ ମହାବିଦ୍ୟାଳୟଗୁଡ଼ିକରେ ଛାତ୍ର ଓ ଛାତ୍ରୀ ନିବାସ ନିର୍ମାଣ, ଶିକ୍ଷାଗୁରୁ ଉପେନ୍ଦ୍ରନାଥ ପ୍ରଧାନଙ୍କ ପ୍ରତିମୂର୍ତ୍ତି ନିର୍ମାଣ, ଫକୀର ମୋହନ ବିଶ୍ୱବିଦ୍ୟାଳୟରେ ଓଡ଼ିଆ ଚେୟାର ପ୍ରତିଷ୍ଠା ସମ୍ପର୍କରେ ବିଭିନ୍ନ ପ୍ରଶ୍ନ କରିଥିଲେ। ସେହିପରି ବନ୍ୟା ପ୍ରବଣ ସ୍ଥାନ ଭାବରେ ପରିଚିତ ସୋର ନିର୍ବାଚନମଣ୍ଡଳୀରେ ପ୍ରବାହିତ ହୋଇଥିବା କାଂଶବାଂଶ, ପଞ୍ଚୁବିଶା ଓ ତାର ଶାଖା ନଦୀରେ ଜଳ ନିୟନ୍ତ୍ରଣ ପାଇଁ କେନ୍ଦ୍ରୀୟ ଜଳ ଆୟୋଗ ଦ୍ୱାରା ମଂଜୁର କରି ପ୍ରକଳ୍ପ କାର୍ଯ୍ୟକାରି କରି ସରକାର ପଦକ୍ଷେପ ନେବେ କି ବୋଲି ପ୍ରଶ୍ନ କରିଥିଲେ। ଏଥିସହିତ ଉତ୍ତର ଓଡ଼ିଶା ବିକାଶ ପରିଷଦ ଏବଂ ସୋରର ବିଭିନ୍ନ ମୌଳିକ ସମସ୍ୟା ବାବଦରେ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ।

# ଲାୟନ୍ସ କ୍ଲବ୍ ପକ୍ଷରୁ ବିଦ୍ୟାଳୟରେ ଚାରାରୋପଣ





ଜଳେଶ୍ୱର,୧୯।୯(ସମିସ): ଜଳେଶ୍ୱର ଲାୟନ୍ସ କ୍ଲବ୍ ପକ୍ଷରୁ ମହୁଲିଆ ପ୍ରାଥମିକ ବିଦ୍ୟାଳୟରେ ଚାରାରୋପଣ କାର୍ଯ୍ୟକ୍ରମ ଆୟୋଜନ କରାଯାଇଛି। କ୍ଲବର ସଭାପତି ଲାୟନ ପ୍ରଶାନ୍ତ ପ୍ରଧାନ, ସମ୍ପାଦକ ଲାୟନ ଶେଖ ସବୀର, କୋଷାଧକ୍ଷ ଲାୟନ କପିଳେଶ୍ୱର ମହାନ୍ତି, ଯୁଗ୍ମ ସେକ୍ରେଟାରୀ ଲାୟନ ଗିରିଜା ଶଙ୍କର ଦାସ, ଉପସଭାପତି ଲାୟନ ବିନୋଦ ସାହୁ, ଲାୟନ ସତ୍ୟନାରାୟଣ ମହାପାତ୍ର, ଲାୟନ ଦୁର୍ଗା ପ୍ରସାଦ ଖଣ୍ଡେଲୱାଲ, ଲାୟନ ଶିରୀଶ ଚୌହାନ, ଲାୟନ ଗୋପାଳ କଟାଲ, ଲାୟନ ମନୋଜ ଗୁପ୍ତା, ଲାୟନ ଶେଖ ଅକ୍ଷବିଦ, ଲାୟନ ଯୁଗେଶ ରାଠୀ, ଲାୟନ ଦିପେନ୍ଦୁ କର ସହିତ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୁକୁମାର ମଣ୍ଡଳ ଓ ଛାତ୍ରଛାତ୍ରୀ ଉପସ୍ଥିତ ରହିଥିଲେ।

# ପୁରାତନ ଛାତ୍ର ସଂସଦର ଦାବି ପରେ ବଦଳିଲା ବିଦ୍ୟାଳୟର ନାମ

ସୋର,୧୯।୯(ସମିସ): ସୋର ବ୍ଲକ ଗୋପୀନାଥପୁର ପଞ୍ଚାୟତ ମଙ୍ଗଳପୁର ଜନାର୍ଦ୍ଦନ ଉଚ୍ଚ ନୋଡାଲ ବିଦ୍ୟାପୀଠର ପୁରାତନ ଛାତ୍ର ସଂସଦର ଦାବି ମୁତାବକ ଏହାର ନାମ ପରିବର୍ତ୍ତନ କରାଯାଇ ଭୋଳେଶ୍ୱର-ଜନାର୍ଦ୍ଦନ ଉଚ୍ଚ ନୋଡାଲ ବିଦ୍ୟାପୀଠ ଭାବେ ନାମିତ କରାଯାଇଛି। ଏଠାରେ ବହୁ ପୂର୍ବରୁ ପୁରାତନ ଭୋଳେଶ୍ୱର ମଧ୍ୟ ଇଂରାଜୀ ବିଦ୍ୟାଳୟ ଏବଂ ଜନାର୍ଦ୍ଦନ ଉଚ୍ଚ ବିଦ୍ୟାପୀଠ ଭାବେ ଦୁଇଟି ବଦ୍ୟାଳୟ ଥିଲା। ମାତ୍ର ସରକାରଙ୍କ ବିଦ୍ୟାଳୟ ଏକତ୍ରିକରଣ ଯୋଜନାରେ ଏହି ବିଦ୍ୟାଳୟର ନାମ କେବଳ ଜନାର୍ଦ୍ଦନ ନୋଡାଲ ଉଚ୍ଚ ବିଦ୍ୟାପୀଠ ନାମରେ କରାଯାଇଥିଲା। ସ୍ଥାନୀୟ ଜମିଦାର ବଇରୀଗଞ୍ଜନ ଭୋଳେଶ୍ୱର ଭୂୟାଁ ଦାସ ମହାପାତ୍ର ଏହି ବିଦ୍ୟାଳୟ ପାଇଁ ୫ ଏକର ୩୭ ଡିସିମିଲ ଜାଗା ଦାନ କରିଥିଲେ। ଏହାକୁ ନେଇ ବିଦ୍ୟାଳୟ ପୁରାତନ ଛାତ୍ର ସଂସଦ ତରଫରୁ ସରାକାରଙ୍କ ପାଖରେ ବିଦ୍ୟାଳୟ ନାମରେ ଭୋଳେଶ୍ୱର ସଂଯୋଗ କରିବା ପାଇଁ ଦାବି କରିଥିଲେ। ବିଭାଗ ତରଫରୁ ଏହାକୁ ଯଥାର୍ଥ ବିଚାର କରାଯାଇ ୧୮ ତାରିଖରେ ଚିଠିରେ ଏହି ବିଦ୍ୟାଳୟର ନାମ ଭୋଳେଶ୍ୱର ଜନାର୍ଦ୍ଦନ ଉଚ୍ଚ ନୋଡାଲ ବିଦ୍ୟାପୀଠ ଭାବେ ନାମିତ କରାଯାଇଛି।

# ପାଣିରେ ବୁଡ଼ି ବୃଦ୍ଧଙ୍କ ମୃତ୍ୟୁ


ଖଇରା,୧୯।୯(ସମିସ): ଖଇରା ବ୍ଲକ ନୟାଖଣ୍ଡି ଗ୍ରାମ ପଞ୍ଚାୟତ ଅଧୀନ ଗଡ ଗ୍ରାମର ହରମୋହନ ମହାନ୍ତି(୮୧) ପୋଖରୀକୁ ଶୌଚ ହେବାକୁ ଯାଇ ମୃତ୍ୟୁବରଣ କରିଛନ୍ତି। ଶୁକ୍ରବାର ମଧ୍ୟାହ୍ନ ଭୋଜନ ପୂର୍ବରୁ ହରମୋହନ ଘର ପାଖ ପୋଖରିକୁ ଶୌଚ ହେବାକୁ ଯାଇଥିଲେ। ଗୋଡ ଖସିଯିବାରୁ ପାଣିରେ ବୁଡି ଯାଇଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ଖଇରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଅଣାଯାଇଥିଲେ ହେଁ ଡାକ୍ତର ମୃତ ଘୋଷଣା କରିଥିଲେ।

# ଶିଶୁ ଉଦ୍ୟାନ ପ୍ରତିଷ୍ଠା କାର୍ଯ୍ୟକ୍ରମ

ଖଇରା,୧୯।୯(ସମିସ): ବାଲେଶ୍ୱର ଜିଲ୍ଲା ଖଇରା ବ୍ଲକ ତୁଡିଗଡିଆ ମଣ୍ଡଳ ଅଧୀନ ମାଟିଆଳପଦା ଗ୍ରାମରେ ବିଜେପି ରାଜ୍ୟ ଯୁବ ମୋର୍ଚ୍ଚା କୋଷାଧକ୍ଷ ଇଂ ରାଜେଶ ମହାକୁଡଙ୍କ ନେତୃତ୍ୱରେ ଶିଶୁ ଉଦ୍ୟାନ(ପାର୍କ) ପ୍ରତିଷ୍ଠା କରାଯାଇଛି। ପରେ ଉଦ୍ୟାନରେ ୨୫୦ ପ୍ରକାରର ବିଭିନ୍ନ ପ୍ରଜାତିର ଚାରାରୋପଣ କରାଯାଇଛି। ଖୁବଶୀଘ୍ର ପିଲାମାନଙ୍କ ଖେଳ ସାମଗ୍ରୀ ସ୍ଥାପନା କରାଯିବା ସମ୍ପର୍କରେ ଶ୍ରୀ ମହାକୁଡ ପ୍ରକାଶ କରିଥିଲେ। ବିଧାୟକ ପଦ୍ମଲୋଚନ ପଣ୍ଡା, ଯୁବନେତା ଡଃ ଅଣୁମାଧବ ପଣ୍ଡା, ଜିଲ୍ଲା କାର୍ଯ୍ୟକାରିଣୀ ସଦସ୍ୟ ମହେଶ୍ୱର ନାଥ, ମଣ୍ଡଳ ସଭାପତି ମାନସ ମୁଦୁଲି ପ୍ରମୁଖ ଚାରାରୋପଣ କରିବା ସହ ଉଦଘାଟନୀ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ।

# ନିଖୋଜ ବାପାକୁ ଖୋଜୁଛି ପୁଅ

ଜଳେଶ୍ୱର ବ୍ଲକ୍,୧୯।୯(ସମିସ): ନିଖୋଜ ବାପାକୁ ଖୋଜୁଛି ପୁଅ। ଜଳେଶ୍ୱର ଥାନା ଅଧୀନ ଗୋବରଘୋଟା ଗ୍ରାମର ରବିନ୍ଦ୍ର ଖଟୁଆଙ୍କ ବାପା ଅନନ୍ତ ଖଟୁଆ (୭୫) ବୁଧବାର ଭୋରୁ ଘରୁ କାହାରିକୁ କିଛି ନ କହି କୁଆଡେ ପଳାଇ



ଯାଇଛନ୍ତି। ପରିବାର ପକ୍ଷରୁ ବହୁ ଖୋଜା ଖୋଜି କରିବା ପରେ ବି କୌଣସି ସନ୍ଧାନ ନ ମିଳିବାରୁ ଜଳେଶ୍ୱର ଥାନରେ ପୁତ୍ର ରବୀନ୍ଦ୍ର ଖଟୁଆ ନିଖୋଜ ଅଭିଯୋଗ କରିଛନ୍ତି। ଜଳେଶ୍ୱର ପୁଲିସକୁ ତାଙ୍କ ବାପାଙ୍କୁ ଖୋଜି ବାହାର କରିବା ପାଇଁ ଅନୁରୋଧ କରାଯାଇଛି। ଅନନ୍ତଙ୍କ ବୟସାର୍ଦ୍ଧିକ କାରଣ ହେତୁ ମାନସିକ ସ୍ତରରେ ସୁଦୃଢ ନ ଥିବାରୁ ପରିବାର ଲୋକେ ଚିନ୍ତାରେ ଅଛନ୍ତି। ତାଙ୍କ ବାବଦରେ ଯଦି କୌଣସି ସ୍ୱହୃଦୟ ବ୍ୟକ୍ତିମାନେ ଖବର ପାଆନ୍ତି ୮୪୫୫୮୭୫୭୯୧ ନମ୍ବରରେ କିମ୍ବା ପୁଲିସ ପ୍ରଶାସନଙ୍କୁ ଯୋଗାଯୋଗ କରି ଜଣାଇପାରିବେ।

# ଖଇରାକୁ ଏନ୍‌ଏସି ଘୋଷଣା ଦାବିରେ ଧାରଣା ଜାରି





ଖଇରା,୧୯।୯(ସମିସ): ବାଲେଶ୍ୱର ଜିଲ୍ଲାର ଖଇରାକୁ ଏନଏସି ଘୋଷଣା ଦାବିରେ ସ୍ୱାଭିମାନ ମଞ୍ଚ ତରଫରୁ ଧାରଣା ଜାରି ରହିଛି। ଶୁକ୍ରବାର ଉକ୍ତ ଧାରଣାରେ ଜିଲ୍ଲା ପରିଷଦ ସଭାପତି ନାରାୟଣ ପ୍ରଧାନ ଓ ଜିଲ୍ଲା ପରିଷଦ ସଭ୍ୟା ସୁଷମା ମହାପାତ୍ର ଯୋଗଦେଇ ଏନଏସି ଦାବିକୁ ପୂର୍ଣ୍ଣ ସମର୍ଥନ ଜଣାଇଛନ୍ତି। କ୍ଷମତାର ବିକେନ୍ଦ୍ରିକରଣ ଓ ଅଞ୍ଚଳର ବିକାଶ ଲାଗି ପୂର୍ବ ସରକାରଙ୍କ ସମୟରେ ୫୭ଟି ଏନଏସି ଘୋଷଣା କରାଯାଇଥିଲା ଏବଂ ଖଇରା ମଧ୍ୟ ଏଥିରେ ସାମିଲ ଥିଲା। ଭାଜପା ସରକାର ଆସିବା ପରେ ଖଇରା ବାଦ ପଡିବା ଅତ୍ୟନ୍ତ ଦୁଃଖ ଦାୟକ ବୋଲି କହିଥିଲେ। ଆନ୍ଦୋଳନକୁ ଆଉରି ଜୋରଦାର କରିବା ଲକ୍ଷରେ ବିଶିଷ୍ଟ ସଙ୍ଗୀତ ଶିକ୍ଷକ କିଶୋର ରାଉତଙ୍କ ଦ୍ୱାରା 'ଜାଗରେ ଜାଗରେ' ଗୀତ ବେଶ ମନଛୁଆଁ ଥିଲା। ଏଭଳି ସଙ୍ଗିତ ଗଣଧାରଣାକୁ ଆଉରୀ ଶକ୍ତିଶାଳୀ କରିବ ବୋଲି କୁହାଯାଉଛି।

# ବିଭନ୍ନ ସମସ୍ୟା ନେଇ ବଉଳଗଡ଼ିଆଠାରେ ଦିବାରାତ୍ର ଧାରଣା

ନୀଳଗିରି,୧୯।୯(ସମିସ)



**ଉପଜିଲ୍ଲାପାଳଙ୍କ ପ୍ରତିଶ୍ରୁତି ପରେ ଧାରଣା ପ୍ରତ୍ୟାହୃତ**

ନୀଳଗିରି ବଉଳଗଡିଆ (ପିଡବ୍ଲ୍ୟୁଡି) ରାସ୍ତା ମରଣଯନ୍ତା ପାଲଟିଛି। ଏହି ରାସ୍ତା ଉତ୍ତର ଓଡ଼ିଶାର ପ୍ରସିଦ୍ଧ ଶୈବପୀଠ ବାବା ପଞ୍ଚଲିଙ୍ଗେଶ୍ୱରକୁ ସଂଯୋଗ କରୁଥିବାରୁ ରାଜ୍ୟ ଓ ରାଜ୍ୟ ବାହାରୁ ପ୍ରତିଦିନ ହଜାର ହଜାର ପର୍ଯ୍ୟଟକଙ୍କ ସୁଅ ଛୁଟିଥାଏ ପୀଠକୁ। ଏହି ରାସ୍ତାର ଉନ୍ନତୀକରଣ ପାଇଁ ବାରମ୍ବାର ଅଭିଯୋଗ ହୋଇଥିଲେ ବି ଫଳଶୂନ। ଉକ୍ତ ରାସ୍ତାର ମରାମତି ଓ କୁଳଡିହା ଅଭୟାରଣ୍ୟ ଇକୋସେନସିଟିଭ ଜୋନ କଟକଣା ଉଠାଇବା ଦାବିରେ ଗୁରୁବାର ସକାଳଠାରୁ ନୀଳଗିରି ଉପଖଣ୍ଡ ଆଞ୍ଚଳିକ କୃଷକ ମଞ୍ଚ ତରଫରୁ ନୀଳଗିରି ବଉଳଗଡିଆ ରାସ୍ତାର ବାଉଁଶବଣିଆ ଛକ ଏବଂ ସନ୍ତରାଗଡିଆ ବଜାରଠାରେ ରାସ୍ତାରୋକ ସହ ଦିବାରାତ୍ର ଧାରଣା ଦିଆଯାଇଥିବା ଦେଖିବାକୁ ମିଳିଥିଲା। ବାଉଁଶ ବଣିଆ ଛକରେ କୃଷକମଞ୍ଚର ସଭାପତି ରାମଚନ୍ଦ୍ର ବେହେରାଙ୍କ ନେତୃତ୍ୱରେ ନିରଞ୍ଜନ ବାରିକ, ବିଜୟ କୁମାର ସ, ପ୍ରକାଶ ଚନ୍ଦ୍ର ଚୌଧୁରୀ, ହରେକୃଷ୍ଣ ପଣ୍ଡିତ, ଗାୟତ୍ରୀ ପଣ୍ଡା, ବାସନ୍ତୀ ନାୟକ ପ୍ରମୁଖ ସାଥି ନେତୃତ୍ୱ ନେଇଥିଲେ। ପୂର୍ବତନ ବିଧାୟକ ସୁକାନ୍ତ କୁମାର ନାୟକ, ଚିତ୍ତରଞ୍ଜନ ଷଡ଼ଙ୍ଗୀ ଏହି ଆନ୍ଦୋଳନକୁ ସମର୍ଥକ ପୂର୍ବକ ଉଦ୍‌ବୋଧନ ଦେଇଛନ୍ତି। ସନ୍ତରାଗଡିଆ ବଜାରରେ ମଞ୍ଚର ଉପସଭାପତି ଉମାକାନ୍ତ ମଲ୍ଲିକଙ୍କ ନେତୃତ୍ୱରେ ଅବସରପ୍ରାପ୍ତ ସୈନିକ ଯୋଗେଶ୍ୱର ବେହେରା, ସୀତାରାମ ଦାସ, କମଳାକାନ୍ତ ବାରିକ, ଶୈଳେନ୍ଦ୍ର ପଣ୍ଡା, ଲେଲିନ ବାରିକ, ଶରତ ଚନ୍ଦ୍ର ଦାସ, ରାଧାଶ୍ୟାମ ମିଶ୍ର, କାର୍ତ୍ତିକ ଚନ୍ଦ୍ର ସ୍ୱାଇଁ, ଅରୁଣା ବାରିକ, ଗୀତାଞ୍ଜଳି ଦେଉରି ପ୍ରମୁଖ ନେତୃତ୍ୱରେ ସାଥିମାନେ ରାସ୍ତାରୋକ କରିଥିଲେ। ତେବେ ଗତ ଗୁରୁବାର ଦିନରୁ ରାତି ହୋଇଯାଇଥିଲା ହେଲେ ପ୍ରଶାସନ ପକ୍ଷରୁ କୌଣସି ପ୍ରତିଶ୍ରୁତି ମିଳି ନଥିଲା। ଶୁକ୍ରବାର ମଧ୍ୟାହ୍ନରେ ନୀଳଗିରି ଉପଜିଲ୍ଲାପାଳ ଡ. ମଧୁସ୍ମିତା ସାମନ୍ତରାୟଙ୍କ ସମେତ ପୂର୍ତ୍ତ ବିଭାଗ ଯନ୍ତ୍ରୀଙ୍କ ଉପସ୍ଥିତିରେ ଧାରଣାକାରୀଙ୍କ ସହିତ ଆଲୋଚନା କରିଥିଲେ। ଏଥିସହ ନୀଳଗିରି ବଉଳଗଡ଼ିଆ ରାସ୍ତାର ମରାମତି କାମ ୧୫ ଦିନ ମଧ୍ୟରେ ସମାପ୍ତ କରାଯିବ। ଆସନ୍ତା ମାସେ ମଧ୍ୟରେ ନୂଆ ଟେଣ୍ଡର ହୋଇ ପିଚୁ ହେବାସହ ପାହାଡ଼ର ପାଦଦେଶରେ ସୋଲାର ଫିଙ୍ଗିଂ କାମ ଏକ ମାସ ମଧ୍ୟରେ ସମାପ୍ତ କରାଯିବାର ପ୍ରତିଶ୍ରୁତିପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ଏହି ପ୍ରତିଶ୍ରୁତି ପାଳନ ନହେଲେ ଆସନ୍ତା ନଭେମ୍ବର ମାସ ପୁଣି କୃଷକ ମଞ୍ଚ ଆନ୍ଦୋଳନ କରିବାର ସୂଚନା ମିଳିଛି।

● ଜାତୀୟସ୍ତରୀୟ ମାରାଥନରେ ସହଯୋଗୀ ହେବ ଟିପିଏନ୍‌ଓଡିଏଲ୍

## ବାଲେଶ୍ୱର ମାରାଥନ ଆସୋସିଏସନ ସହିତ ବୁଝାମଣାପତ୍ର ସ୍ୱାକ୍ଷରିତ




ବାଲେଶ୍ୱର,୧୯।୯ (ସମିସ): ଟିପିଏନଓଡିଏଲ ପକ୍ଷରୁ ବାଲେଶ୍ୱର ମାରାଥନ ଆସୋସିଏସନ ସହିତ ଏକ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି। ଆସନ୍ତା ନଭେମ୍ବର ୨୩ ତାରିଖରେ ବାଲେଶ୍ୱରରେ ଆୟୋଜିତ ହେବାକୁ ଯାଉଥିବା ଜାତୀୟସ୍ତରୀୟ ମାରାଥନରେ ଟିପିଏନଓଡିଏଲ ପ୍ରମୁଖ ସହଯୋଗୀ ସଂସ୍ଥା ଭାବେ ଦାୟିତ୍ୱ ନିର୍ବାହ କରିବ। ସବୁଜ ଶକ୍ତି ବ୍ୟବହାରକୁ ପ୍ରୋତ୍ସାହନ ଓ ଶକ୍ତି ସଂରକ୍ଷଣ ନେଇ ସଚେତନତା ବାର୍ତ୍ତା ଦେବାକୁ "ରନ୍ ୱିଥ ଦ ସନ୍' ଥିମ୍‌ରେ ଏହି ମାରାଥନ ଆୟୋଜିତ ହେବ। ଏଥିରେ ରାଜ୍ୟ ତଥା ରାଜ୍ୟ ବାହାରର ପ୍ରତିଯୋଗୀମାନେ ଅଂଶଗ୍ରହଣ କରିବେ। ତେବେ ଟିପିଏନଓଡିଏଲ କର୍ପୋରେଟ ଅଫିସରେ ଏନେଇ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଥିଲା। ଏଥିରେ ଟିପିଏନଓଡିଏଲ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଗଜାନନ କାଲେଙ୍କ ସମେତ ଟିପିଏନଓଡିଏଲର ଅନ୍ୟ ଅଧିକାରୀ ଓ ବାଲେଶ୍ୱର ମାରାଥନ ଆସୋସିଏସନର ବରିଷ୍ଠ କର୍ମକର୍ତ୍ତାମାନେ ଉପସ୍ଥିତ ଥିଲେ।

## ବିଭିନ୍ନ ଦାବିନେଇ ଜିଏଲ୍‌ଏଫ୍ ଇସି ସଂଘ ପକ୍ଷରୁ ବିଡିଓଙ୍କୁ ଦାବିପତ୍ର

ବାଲେଶ୍ୱର,୧୯।୯ (ସମିସ)



କାର୍ଯ୍ୟକାଳ ୩ ପରିବର୍ତ୍ତେ ୫ବର୍ଷ କରାଯାଉ

ରେମୁଣା ବ୍ଲକ୍ ଅଧୀନ ସମସ୍ତ ଗ୍ରାମ ପଞ୍ଚାୟତସ୍ତରୀୟ ମହାସଂଘର ସମସ୍ତ ଇସି ସଭ୍ୟାମାନେ ବିଭିନ୍ନ ଦାବିନେଇ ରେମୁଣା ବିଡିଓଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ସେମାନଙ୍କ ଅଭିଯୋଗ ଅନୁସାରେ, ସମସ୍ତ ଇସି ସଭ୍ୟାଙ୍କର କାର୍ଯ୍ୟକାଳ ୩ ପରିବର୍ତ୍ତେ ୫ବର୍ଷ କରାଯାଉ। କାରଣ ୨୦୦୧ ମସିହାରୁ ବିନା ପାରିଶ୍ରମିକରେ ସେମାନେ କାର୍ଯ୍ୟକରି ଆଜି ଏସଏସଜିକୁ ଏକ ମହାଦ୍ରୁମରେ ପରିଣତ କରିଛନ୍ତି। ପୂର୍ବତନ ସରକାର ୨୦୨୨ମସିହା ଠାରୁ ସେମାନଙ୍କୁ ଗସ୍ତଖର୍ଚ୍ଚ ଏବଂ ମିଟିଂ ଫିସ ମଧ୍ୟ ଦେଉଥିଲେ। ଏଣୁ ସେମାନଙ୍କର କାର୍ଯ୍ୟକାଳ ୫ବର୍ଷ କରାଯିବାକୁ ଦାବି କରାଯାଇଛି। ଏହାଛଡା ଯେଉଁ ଏସ୍‌ଏସ୍‌ଜିରେ ରିଷ୍ଟ୍ରକ୍‌ଚରିଂ କରିବେ ତାଙ୍କ ମାଆ ମାନେ ଯାହାକୁ ସଭାପତି ଓ ସମ୍ପାଦକ ଚାହିଁବେ ସେମାନେ ହେବେ। ଯେଉଁମାନେ ଥିଲେ ସେମାନେ ହୋଇପାରନ୍ତି ନଚେତ ନୂଆ ମଧ୍ୟ ହୋଇପାରନ୍ତି। କାରଣ ୱାର୍ଡମେମ୍ବରଙ୍କ ଠାରୁ ଏମ୍‌ପି ପର୍ଯ୍ୟନ୍ତ ତାଙ୍କର କାର୍ଯ୍ୟକାଳ ୫ବର୍ଷ ରଖୁଛନ୍ତି। ପୁଣି ଯେତେଥର ଜଣେ ବ୍ୟକ୍ତି ଚାହୁଁଛି ସେ ସେତେଥର ସେହି ପଦବୀରେ ଠିଆ ହେଉଛି। ହେଲେ ତାଙ୍କ ପାଇଁ କୌଣସି ନିୟମ ରଖାଯାଉ ନାହିଁ। ଏଣୁ ଏସ୍‌ଏସ୍‌ଜିର ଇସି ମାଆ ମାନଙ୍କର ଉପରେ ଏତେ ରାଗ କଣ ପାଇଁ ପ୍ରଶ୍ନ କରିଛନ୍ତି। ଏହାଛଡା ନିର୍ବାଚନ ସମୟରେ ଓଡ଼ିଆ ଅସ୍ମିତାକୁ ନେଇ ପ୍ରଚାର କରୁଥିଲେ। ଏବେ ମାଆ ମାନେ ସେଇୟା ହିଁ ଆଶା କରୁଛନ୍ତି। ଏସ୍‌ଏସ୍‌ଜିର ଗାଇଡଲାଇନ ଓ ଏସ୍‌ଏସ୍‌ଜି ସମ୍ବନ୍ଧୀୟ ଚିଠି ଓଡ଼ିଆରେ ଦିଅନ୍ତୁ ଯାହାଦ୍ୱାରା କି ସବୁ ଏସ୍‌ଏସ୍‌ଜି ମହିଳାମାନେ ଏସମ୍ପର୍କରେ ସଠିକ ଭାବେ ଜାଣିପାରିବେ। ସିଆର୍‌ପି, ଏସ୍‌ବିକେମାନେ ଏସ୍‌ଏସ୍‌ଜି ମହିଳାମାନଙ୍କୁ ଭୁଲ ତଥ୍ୟ ପ୍ରଦାନ କରୁଛନ୍ତି। ଯାହା ଆଉ ସେମାନେ କରିପାରିବେ ନାହିଁ। ଏହାଛଡ଼ା ବର୍ତ୍ତମାନ ସ୍ଥିତିରେ ସିଆରପି ଓ ଏମବିକେମାନେ କହୁଛନ୍ତି ଯେ ଯେଉଁ ଏସଏସଜି ରିଷ୍ଟ୍ରକଚରିଂ ନକରିବ ସେମାନଙ୍କର ରାସନ କାର୍ଡ କଟିବ। ଏପରିକି ସରକାରଙ୍କ କୌଣସି ସୁବିଧା ପାଇ ପାରିବ ନାହାନ୍ତି ବୋଲି ଅଭିଯୋଗ କରିଛନ୍ତି। ଏହାଛଡା କୌଣସି ନୋଟିସ ବିନା ଜୋର ଜବରଦସ୍ତ ବିପିସି, ବିପିଏମ, ଡିଏଲସି ଏସଏସଜି ମହିଳାମାନଙ୍କର ଘରକୁ ଯାଇ ଭୁଲ ତଥ୍ୟ ଦେଇ ଏସଏସଜିମାନଙ୍କର ପୁର୍ନଗଠନ କରୁଛନ୍ତି ବୋଲି ଅଭିଯୋଗ କରିଛନ୍ତି। ଏହା ବ୍ୟତିତ ରେମୁଣା ବ୍ଲକରେ ଯେଉଁ ଜିପିଏଲଏଫ ଇସିମାନଙ୍କୁ ଟଙ୍କା ମିଳିନାହିଁ ତାହା ପୈଠ କରାଯାଉ। ଯେଉଁମାନେ ସ୍କୁଟି ଲୋନ ନେଇଛନ୍ତି ତାଙ୍କର ଲୋନକୁ ଶୁଝିଦିଆଯିବା ସହ ଆଜି ପର୍ଯ୍ୟନ୍ତ ବକେୟା ଥିବା ଗସ୍ତଖର୍ଚ୍ଚ ଓ ମିଟିଂ ଫି' ସେମାନଙ୍କୁ ତୁରନ୍ତ ପ୍ରଦାନ କରାଯାଉ ବୋଲି ଅଭିଯୋଗ କରିଛନ୍ତି। ଏହି ଦାବିପତ୍ର ପ୍ରଦାନ ବେଳେ ରେମୁଣା ବ୍ଲକର ଜିପିଏଲଏଫ ଇସିର ସଦସ୍ୟା ଉଷାରାଣୀ ପଢ଼ିଆରୀ, ସଙ୍ଗିତା ଦାସ, ଉର୍ମିଳା ପାଢ଼ୀ, ମନୋରମା ପାତ୍ର, ସବିତା ନାୟକ, ଲକ୍ଷ୍ମୀପ୍ରୀୟା ନାୟକ, ରାଜଶ୍ରୀ ଦଳାଇ, ସସ୍ମିତା ଓଝା, ସରସ୍ୱତୀ ଦାସ, ବାଣୀପ୍ରଭା ମଲ୍ଲିକ, ସୁନିତା ସିଂ, ଅଞ୍ଜଳୀ ଦାସ ପ୍ରମୁଖଙ୍କ ସହ ଅନ୍ୟମାନେ ଉପସ୍ଥିତ ଥିଲେ।

ବିଏଡ୍ ପଢ଼ିବା ପାଇଁ ଅନ୍ୟ ରାଜ୍ୟକୁ ଯାଉଛନ୍ତି ହଜାର ହଜାର ପିଲା

## ଅଧିକ ସଂଖ୍ୟକ ବିଏଡ୍ କଲେଜ୍ ଖୋଲିବା ପାଇଁ ଦାବିକଲେ ବିଧାୟିକା



ବାଲେଶ୍ୱର,୧୯।୯ (ସମିସ): ବସ୍ତା ବିଧାୟିକା ସୁବାସିନୀ ଜେନା ଶୁକ୍ରବାର ବିଧାନସଭାରେ ଏକ ତାରକା ପ୍ରଶ୍ନ ଉଠାଇ ସମଗ୍ର ରାଜ୍ୟରେ ବିଏଡ ପଢ଼ିବା ପାଇଁ କେତୋଟି ସରକାରୀ ଶିକ୍ଷକ ଶିକ୍ଷା ମହାବିଦ୍ୟାଳୟ ଅଛି ଏବଂ ପ୍ରତିବର୍ଷ ରାଜ୍ୟରୁ ହଜାର ହଜାର ପିଲା ଏହି ପାଠ ପଢ଼ିବା ପାଇଁ ଅନ୍ୟ ରାଜ୍ୟକୁ ଯାଉଛନ୍ତି। କିନ୍ତୁ ରାଜ୍ୟରେ ସମସ୍ତ ଭିତ୍ତିଭୂମି ଥାଇ ମଧ୍ୟ କଣ ପାଇଁ ଅଧିକ ସଂଖ୍ୟକ ସରକାରୀ ବିଏଡ କଲେଜ୍ ଖୋଲାଯାଉ ନାହିଁ ତାହା ଜଣାଇବେ କି। ଏଥିସହିତ ବାଲେଶ୍ୱର ଜିଲ୍ଲାରେ ଗୋଟିଏ ସରକାରୀ ବିଏଡ କଲେଜ୍ ଥିବା ବେଳେ ଜିଲ୍ଲାରେ ଶିକ୍ଷିତ ଛାତ୍ରଛାତ୍ରୀଙ୍କ ସଂଖ୍ୟା ବୃଦ୍ଧି ହେତୁ ଆଉ ଏକ ବିଏଡ କଲେଜ୍ ଖୋଲିବାର ପ୍ରସ୍ତାବ ରାଜ୍ୟ ସରକାରଙ୍କର ଅଛି କି ବୋଲି ପ୍ରଶ୍ନ କରିଥିଲେ। ଏହାର ଉତ୍ତରରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ସମଗ୍ର ରାଜ୍ୟରେ ବିଏଡ ପଢିବା ପାଇଁ ଓଡିଶାର ବିଭିନ୍ନ ବିଶ୍ୱବିଦ୍ୟାଳୟ ଅଧୀନରେ ୧୬ଟି ସରକାରୀ ଶିକ୍ଷକ ଶିକ୍ଷା ମହାବିଦ୍ୟାଳୟ ଅଛି। ଏଗୁଡିକରେ ୨ ବର୍ଷ ବିଏଡରେ ୧୭୦୦ ଜଣ ଛାତ୍ରଛାତ୍ରୀ ନାମ ଲେଖାଇଛନ୍ତି। ଏତଦବ୍ୟତୀତ ଅନ୍ୟ ୧୫ଟି ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟରେ ୭୫୦ ଜଣ ଛାତ୍ରଛାତ୍ରୀ ମଧ୍ୟ ୨ ବର୍ଷୀୟ ବିଏଡ ଶିକ୍ଷା ଗ୍ରହଣ କରୁଛନ୍ତି। ପ୍ରତିବର୍ଷ ମୋଟ ୨୪୫୦ ଛାତ୍ରଛାତ୍ରୀ ୨-ବର୍ଷୀୟ ବିଏଡ ପାଠ୍ୟକ୍ରମରେ ଅଧ୍ୟୟନ କରୁଛନ୍ତି। ୪ ବର୍ଷୀୟ ସମନ୍ୱିତ ବିଏଡ ପାଠ୍ୟକ୍ରମ/ସମନ୍ୱିତ ଶିକ୍ଷକ ଶିକ୍ଷା କାର୍ଯ୍ୟକ୍ରମ(ଆଇଟିଇପି) ପାଠ୍ୟକ୍ରମରେ ତିନୋଟି ମହାବିଦ୍ୟାଳୟ ଓ ତିନୋଟି ବିଶ୍ୱବିଦ୍ୟାଳୟରେ ମୋଟ ୫୫୦ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ସେହିପରି ୩ ବର୍ଷୀୟ ସମନ୍ୱିତ ବିଏଡ ଓ ଏମଏଡ ପାଠ୍ୟକ୍ରମ ଚାରୋଟି ବିଶ୍ୱବିଦ୍ୟାଳୟରେ ଉପଲବ୍ଧ ଅଛି। ଏଥିରେ ପ୍ରତିବର୍ଷ ୨୦୦ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ଏହିପରି କ୍ରମେ ସମୁଦାୟ ୩୨୦୦ ଜଣ ଛାତ୍ରଛାତ୍ରୀ ପ୍ରତିବର୍ଷ ବିଏଡ ଶିକ୍ଷା ଗ୍ରହଣ କରୁଛନ୍ତି। ଚଳିତ ବର୍ଷ ରାଜ୍ୟରେ ଜାତୀୟ ଶିକ୍ଷାନୀତି-୨୦୨୦ ପ୍ରଣୟନ ହେବାପରେ, ୨ବର୍ଷୀୟ ବିଏଡ ପାଠ୍ୟକ୍ରମ ପ୍ରତିବଦଳରେ ୪ ବର୍ଷୀୟ ସମନ୍ୱିତ ଶିକ୍ଷକ ଶିକ୍ଷା କାର୍ଯ୍ୟକ୍ରମକୁ ଗୁରୁତ୍ୱ ଆରୋପ କରାଯାଉଅଛି। ରାଜ୍ୟରେ ୫ଟି ସରକାରୀ ମହାବିଦ୍ୟାଳୟ ଓ ଗୋଟିଏ ବିଶ୍ୱବିଦ୍ୟାଳୟରେ ୨ବର୍ଷୀୟ ଏମଏଡ ପାଠ୍ୟକ୍ରମ ଚାଲୁଅଛି। ଏଥିରେ ସର୍ବମୋଟ୍ ପ୍ରତିବର୍ଷ ୩୦୦ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ରାଜ୍ୟରେ ଗୁଣାତ୍ମକ ଶିକ୍ଷାର ବିକାଶ ଓ ବିଏଡ ଶିକ୍ଷାରେ ଛାତ୍ର ସଂଖ୍ୟା ବଢାଇବା ପାଇଁ ବିଭିନ୍ନ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟଗୁଡ଼ିକୁ ନିର୍ଦ୍ଦେଶ ଦିଆଯାଇଥିଲା। ସେହିକ୍ରମରେ ଆଗାମୀ ଶିକ୍ଷାବର୍ଷ ୨୦୨୬-୨୭ରେ ସମନ୍ୱିତ ଶିକ୍ଷକ ଶିକ୍ଷା କାର୍ଯ୍ୟକ୍ରମ (ଆଇଟିଇପି) ପାଠ୍ୟକ୍ରମ ପାଇଁ ଜାତୀୟ ଶିକ୍ଷକ ଶିକ୍ଷା ପରିଷଦ (ଏନସିଟିଇ)ର ଅନୁମୋଦନ ପାଇଁ, ଆବେଦନ କରିଥିବା ଉଚ୍ଚଶିକ୍ଷା ଅନୁଷ୍ଠାନ ମାନଙ୍କରେ ସିଟ୍ ସଂଖ୍ୟା ୧୫୫୦ ପର୍ଯ୍ୟନ୍ତ ଉପଲବ୍ଧ କରିବା ପାଇଁ ସରକାରଙ୍କ ତରଫରୁ ପଦକ୍ଷେପ ଗ୍ରହଣ କରାଯାଉଛି। ଏଥିସହିତ ବାଲେଶ୍ୱର ଜିଲ୍ଲାରେ ଆସନ୍ତା ୨୦୨୬-୨୭ ଶିକ୍ଷାବର୍ଷରୁ ନୂତନ ଆଇଟିଇପି ଅନୁମୋଦନ ପାଇଁ ଫକୀର ମୋହନ ବିଶ୍ୱବିଦ୍ୟାଳୟ ଏବଂ କୁନ୍ତଳା କୁମାରୀ ସାବତ ମହିଳା ମହାବିଦ୍ୟାଳୟର ପ୍ରସ୍ତାବ ଜାତୀୟ ଶିକ୍ଷକ ଶିକ୍ଷା ପରିଷଦ (ଏନସିଟିଇ)ର ବିଚରାଧୀନ ଅଛି ବୋଲି ଉତ୍ତର ରଖିଥିଲେ।

## ଦୁଇଦିନିଆ ବିପର୍ଯ୍ୟୟ ପରିଚାଳନା ପ୍ରଶିକ୍ଷଣ ଶିବିର



ବାଲେଶ୍ୱର,୧୯।୯ (ସମିସ): ରାଜ୍ୟ ପ୍ରାକୃତିକ ବିପର୍ଯ୍ୟୟ ପରିଚାଳନା ବିଭାଗ ଆନୁକୂଲ୍ୟରେ ଜିଲ୍ଲା ଜରୁରୀକାଳୀନ ବିଭାଗ ପକ୍ଷରୁ ସ୍ଥାନୀୟ ପଦ୍ମାବତୀ ଜଳ ଉଦ୍ୟାନ ସଭାଗୃହଠାରେ ସୋରୋ ଓ ନୀଳଗିରି ବ୍ଲକର ସମସ୍ତ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀମାନଙ୍କୁ ନେଇ ଦୁଇଦିନିଆ ବିପର୍ଯ୍ୟୟ ପରିଚାଳନା ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ପ୍ରଶିକ୍ଷଣ କାର୍ଯ୍ୟକ୍ରମଟିକୁ ଜିଲ୍ଲା ଜରୁରୀକାଳୀନ ଅଧିକାରୀ ସାଇକୃଷ୍ଣ ଜେନା ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା କ୍ରୀଡା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ଜେନା, ଜିଲ୍ଲା ସୂଚନା ଅଧିକାରୀ ପ୍ରିୟଦର୍ଶୀ ରାଜେଶ ଓ ଅବନୀ କାନ୍ତ ଭୂୟାଁ, ଡିପିଓ, ଓଏସଡିଏମ ପ୍ରମୁଖ ମଞ୍ଚାସୀନ ଥିଲେ। ପ୍ରତିବର୍ଷ ଓଡ଼ିଶାକୁ ପ୍ରାକୃତିକ ବିପର୍ଯ୍ୟୟକୁ ସାମ୍ନା କରିବାକୁ ପଡୁଛି। ବାଲେଶ୍ୱର ଜିଲ୍ଲା ସର୍ବଦା ପ୍ରାକୃତିକ ବିପର୍ଯ୍ୟୟ ସଫଳତାର ସାମ୍ନା ମଧ୍ୟ କରୁଛି। ତେଣୁ ସମନ୍ୱୟ ରକ୍ଷାକରି କାର୍ଯ୍ୟକଲେ ନିଶ୍ଚିତ ଭାବେ ବିପର୍ଯ୍ୟୟ ମୁକାବିଲା ସଫଳ ହେବ ବୋଲି ଜିଲ୍ଲା କ୍ରୀଡ଼ା ଅଧିକାରୀ ଶ୍ରୀ ଜେନା କହିଥିଲେ। ଏହି ପ୍ରଶିକ୍ଷଣରେ ଜିଲ୍ଲା ଜରୁରୀକାଳୀନ ଅଧିକାରୀ ଶ୍ରୀ ଜେନା ପିଇଓ ମାନଙ୍କୁ ବିଭିନ୍ନ ପ୍ରକାର ବିପଦ ସମୟରେ ସେମାନଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା, ସତର୍କତା, ପ୍ରାୟୋଗିକ ପଦକ୍ଷେପ ଓ ସରକାରୀ ସମନ୍ୱୟ ପ୍ରକ୍ରିୟା ବିଷୟରେ ପରାମର୍ଶ ଦେଇଥିଲେ। ନିବାସୀୟ ପ୍ରଶିକ୍ଷଣରେ ପିଇଓ ମାନେ ବିପଦ ସମୟରେ ଜନସାଧାରଣଙ୍କୁ ସୁରକ୍ଷାରେ ରଖିବା, ସମୟୋଚିତ ସହାୟତା ପହଞ୍ଚାଇବା ଓ ସରକାରୀ ସମନ୍ୱୟକାରୀ ଭାବେ କାର୍ଯ୍ୟ କରିବା ବିଷୟରେ ମୂଳଭୂତ ଜ୍ଞାନ ଲାଭ କରୁଛନ୍ତି ବୋଲି ଜିଲ୍ଲା ସୂଚନା ଅଧିକାରୀ ଶ୍ରୀ ରାଜେଶ ମତବ୍ୟକ୍ତ କରିଥିଲେ। ଏହି ପ୍ରଶିକ୍ଷଣ କାର୍ଯ୍ୟକ୍ରମଟିକୁ ଓଏସଡିଏମ ତରଫରୁ ଯୋଗ ଦେଇଥିବା ଚାରି ଜଣ ପ୍ରଶିକ୍ଷକ ଆନନ୍ଦ କୁମାର ବେହେରା, ପ୍ରଦୀପ କୁମାର ଜେନା, ଶିଶିର ଦାଶ, ଶ୍ରୀ ତ୍ରିଲୋଚନ ଗିରି ଓ ପ୍ରଶିକ୍ଷଣ ଦେଇଥିଲେ। ଜରୁରୀକାଳୀନ ବିଭାଗର ଜିଲ୍ଲା ପ୍ରକଳ୍ପ ଅଧିକାରି ଅବନୀ କାନ୍ତ ଭୂୟାଁ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

## ରାଜ୍ୟସ୍ତରୀୟ ରେଡ୍‌କ୍ରସ ବ୍ଲକ୍ ସଂଯୋଜକଙ୍କ ଦକ୍ଷତା ବିକାଶ କର୍ମଶାଳା ଉଦ୍‌ଯାପିତ

ବାଲେଶ୍ୱର,୧୯।୯ (ସମିସ): ବାଲେଶ୍ୱର ଜିଲ୍ଲାର ଜିଲ୍ଲା ଶିକ୍ଷା ଅଧିକାରୀ ତଥା ଜିଲ୍ଲା ଜୁନିଅର ରେଡକ୍ରସର ଅଧ୍ୟକ୍ଷ ଡ.ବସନ୍ତ କୁମାର ନାୟକଙ୍କ ତତ୍ତ୍ୱାବଧାନରେ ରାଜ୍ୟ ଜୁନିୟର ରେଡକ୍ରସ ଓ ଜିଲ୍ଲା ଜୁନିୟର ରେଡକ୍ରସର ମିଳିତ ଆନୁକୂଲ୍ୟରେ ରାଜ୍ୟସ୍ତରୀୟ ତ୍ରିଦିବସୀୟ ବ୍ଲକ ସଂଯୋଜକମାନଙ୍କର ଦକ୍ଷତା ବିକାଶ ତାଲିମ୍ ଶିବିର ରେଡକ୍ରସ୍



ଭବନଠାରେ ଉଦଯାପିତ୍ ହୋଇଯାଇଛି। ଏଥିରେ ଭଦ୍ରକ, ମୟୂରଭଞ୍ଜ, କେଉଁଝର, ଯାଜପୁର, ଦେବଗଡ଼, ଝାରସୁଗୁଡ଼ା ଓ ବାଲେଶ୍ୱର ଜିଲ୍ଲାର ସବୁ ବ୍ଲକରୁ ସର୍ବମୋଟ ୭୬ ଜଣ କାଉନସେଲର ଭାଗ ନେଇଥିଲେ। କାର୍ଯ୍ୟକ୍ରମ ସେପ୍ଟେମ୍ବର ୧୭ରୁ ୧୯ ତିନି ଦିନ ଆୟୋଜିତ ହୋଇଥିଲା। ଉଦ୍‌ଯାପନୀ ସଭାରେ ଜିଲ୍ଲା ଶିକ୍ଷା ଅଧିକାରୀ ସଭାପତିତ୍ୱ କରି ସମସ୍ତ ବ୍ଲକ୍ ସଂଯୋଜଙ୍କୁ ମାନପତ୍ର ପ୍ରଦାନ କରିଥିଲେ ଏବଂ ଯାହା ଶିକ୍ଷା କରିଛନ୍ତି ତାହାକୁ କାମରେ ଲଗାଇବାକୁ ଉପଦେଶ ଦେଇଥିଲେ। ବିଶିଷ୍ଟ ଅତିଥି ଭାବେ ପୂର୍ବତନ ବାଲେଶ୍ୱର ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରକାଶ ଚନ୍ଦ୍ର ଯୋଶୀ ଏବଂ ଅନ୍ୟତମ ଅତିଥି ଭାବେ ରାଜ୍ୟ ଜୁନିୟର ରେଡକ୍ରସ ଅଧିକାରୀ ଲକ୍ଷ୍ମଣ ସ୍ୱାଇଁ, ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ତଥା ଜୁନିୟର ରେଡକ୍ରସ୍ ସମ୍ପାଦକ ଚନ୍ଦ୍ରକାନ୍ତ ଘଡେଇ, ସାଧନ କର୍ମୀ ନାରାୟଣ ପାଇକରାୟ, ମୟୂରଭଞ୍ଜ ଜୁନିୟର ରେଡକ୍ରସ୍ ଅଧିକାରୀ ସ୍ମୃତି ରଞ୍ଜନ ପାଣି ଉପସ୍ଥିତ ଥିଲେ। ବରିଷ୍ଠ ସାଧନ କର୍ମୀ ତଥା ଜିଲ୍ଲା ଜୁନିୟର ରେଡକ୍ରସର ସହ ସମ୍ପାଦକ ବାମନ ଚନ୍ଦ୍ର ମହାନ୍ତି ପରିଚାଳନ କରିଥିଲେ। ଶେଷରେ ଭଦ୍ରକ ଜିଲ୍ଲାର ବ୍ଲକ୍ ସଂଯୋଜକ ଦେବାଶିଷ ଆଚାର୍ଯ୍ୟ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ରାଜ୍ୟ ଜୁନିୟର ରେଡକ୍ରସ ଅଧିକାରୀ ଲକ୍ଷ୍ମଣ ସ୍ୱାଇଁ ୩ଦିନ ଉପସ୍ଥିତ ରହି କର୍ମଶାଳାର ବିଭିନ୍ନ ବିଭିନ୍ନ ବିଷୟରେ ତାଲିମ୍ ପ୍ରଦାନ କରିଥିଲେ। ବାଲେଶ୍ୱର ଜିଲ୍ଲା ଜୁନିୟର ରେଡକ୍ରସ୍ ତରଫରୁ ତାଙ୍କୁ ସମ୍ମାନିତ କରାଯାଇଥିଲା। ବ୍ଲକ୍‌ସ୍ତରରେ ଜୁନିଅର ରେଡକ୍ରସର କାର୍ଯ୍ୟକ୍ରମକୁ ଅଧିକ କ୍ରିୟାଶୀଳ କରିବା ସହ ବିଭିନ୍ନ ବିଷୟରେ ଯଥା ରେଡକ୍ରସ ଇତିହାସ ଓ ବିଦ୍ୟାଳୟସ୍ତରରେ ଏହାର କାର୍ଯ୍ୟକାରୀ, ରକ୍ତଦାନ, ପ୍ରାଥମିକ ସହାୟତା, ସଡ଼କ ସୁରକ୍ଷା, ପ୍ରାକୃତିକ ବିପର୍ଯ୍ୟୟ ଓ ପରିଚାଳନା, ଏଚ୍‌ଆଇଭି ଏଡସ, ସାଇବର ସିକ୍ୟୁରିଟି, ଅଗ୍ନି ନିରାପତା ଉପରେ ତାଲିମ ଦିଆଯାଇଥିଲା। କାର୍ଯ୍ୟକ୍ରମରେ ଜିଲ୍ଲା ସାଧନ କର୍ମୀ ସୁଦର୍ଶନ ରାଉତ ଓ ଦନାର୍ଦ୍ଦନ ଖିଲାରଙ୍କ ସହିତ ଅପୂର୍ବ ରଞ୍ଜନ ଖୁଣ୍ଟିଆ, ବାବୁଜୀ ମହାଲିକ, ସତ୍ୟବ୍ରତ ଦତ୍ତ, ଜୟନ୍ତ କୁମାର ରଣା ସମ୍ପୂର୍ଣ୍ଣ ସହଯୋଗ କରିଥିଲେ।

## ଧୀରେନ୍ଦ୍ର ନାରାୟଣ ଦାସଙ୍କ ଶୋକସଭା

ବାଲେଶ୍ୱର,୧୯।୯ (ସମିସ): କୋ-ଅପରେଟିଭ୍ ଅର୍ବାନ ବ୍ୟାଙ୍କ ସଭାକକ୍ଷରେ ଧିରେନ୍ଦ୍ର ନାରାୟଣ ଦାସଙ୍କ ବିୟୋଗରେ ଶୋକସଭା ଅନୁଷ୍ଠିତ ହୋଇଯାଇଛି। ବ୍ୟାଙ୍କର ସଭାପତି ସୂର୍ଯ୍ୟକାନ୍ତ କରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ସ୍ୱର୍ଗତ ଦାସଙ୍କ ସ୍ମୃତିଚାରଣ କରାଯାଇଥିଲା। ସ୍ୱର୍ଗତ ଦାସ ଏହି ବ୍ୟାଙ୍କରେ ୧୯୯୭ ମସିହାରେ ନିର୍ଦ୍ଦେଶକ ଭାବରେ ରହି ବ୍ୟାଙ୍କର ବହୁ ଉନ୍ନତିମୂଳକ କାର୍ଯ୍ୟ କରିଥିଲେ। ଉକ୍ତ ଶୋକସଭାରେ ନିର୍ଦ୍ଦେଶକ, କର୍ମଚାରୀ, ଦୈନିକ ଜମା ସଂଗ୍ରହକାରୀ ଉପସ୍ଥିତ ଥିଲେ।

## ଜିଲ୍ଲା କ୍ରୀଡ଼ାସଂଘ ପକ୍ଷରୁ ଶୋକସଭା

ବାଲେଶ୍ୱର,୧୯।୯ (ସମିସ): ଜିଲ୍ଲା କ୍ରୀଡାସଂଘର ବରିଷ୍ଠ ସଭ୍ୟ ସୋମେନ କୁମାର ଘୋଷଙ୍କ ଅକାଳ ବିୟୋଗରେ ଜିଲ୍ଲା କ୍ରୀଡାସଂଘ କାର୍ଯ୍ୟାଳୟରେ ଶୋକସଭା ଅନୁଷ୍ଠିତ ହୋଇଯାଇଛି। ତାଙ୍କର ଅମରଆତ୍ମା ପ୍ରତି ସମ୍ମାନ ଜଣାଇ ଦୁଇ ମିନିଟ ନିରବ ପ୍ରାର୍ଥନା କରିବା ସହ ତାଙ୍କ ପରିବାର ବର୍ଗଙ୍କ ପ୍ରତି ସମବେଦନା ଜ୍ଞାପନ କରାଯାଇଥିଲା। ଜିଲ୍ଲା କ୍ରୀଡାସଂଘର କାର୍ଯ୍ୟକାରୀ ସଭାପତି ଅଭୟ ମହାପାତ୍ର ସଭାପତିତ୍ୱ କରି କରିଥିଲେ। ସାଧାରଣ ସମ୍ପାଦକ ପଦ୍ମଲୋଚନ ଲେଙ୍କା, ଉପସଭାପତି ଜଗଦିଶ ବେହେରା, ସଭ୍ୟ ରବିନ୍ଦ୍ର ମହାନ୍ତି ଓ ରବିନ ମିତ୍ର ଶ୍ରୀ ଘୋଷଙ୍କର କ୍ରୀଡା କ୍ଷେତ୍ରରେ ତାଙ୍କର ଅବଦାନ ଓ ତାଙ୍କର ଅମାୟିକ ଚରିତ୍ର ଏବଂ ଜିଲ୍ଲା କ୍ରୀଡା ପ୍ରତି ତାଙ୍କର ଅବଦାନ ବିଷୟରେ ଆଲୋକପାତ କରିଥିଲେ। ସଭାରେ ଯୁଗ୍ମ ସମ୍ପାଦକ ବିରେନ୍ଦ୍ର ସ୍ୱାଇଁ, କାର୍ତ୍ତିକ ଚନ୍ଦ୍ର ନାୟକ, ସଞ୍ଜୟ ଲେଙ୍କା, ଦିଲୀପ ଜେନା, କୋଷାଧ୍ୟକ୍ଷ ବିଷ୍ଣୁପ୍ରସାଦ ମହାନ୍ତ, ରବିନ୍ଦ୍ର ସାହୁ, ସଞ୍ଜୟ ଗିରି ପ୍ରମୁଖ ଉପସ୍ଥିତ ଥିଲେ।

## ବିଏସ୍‌ପି ପକ୍ଷରୁ ପେରିୟାର ଜୟନ୍ତୀ




ବାଲେଶ୍ୱର,୧୯।୯ (ସମିସ): ବହୁଜନ ସମାଜପାର୍ଟି ପକ୍ଷରୁ ବାଲେଶ୍ୱର ସ୍ଥିତ ଆମ୍ବେଦକର ଭବନଠାରେ ସାମାଜିକ ନ୍ୟାୟର ପିତା, ସମାଜ ସଂସ୍କାରକ ପେରିୟାର ଇଭି ରାମସ୍ୱାମୀ ନାୟକରଙ୍କ ଜୟନ୍ତୀ ମହାସମାରୋହ ପାଳିତ ହୋଇଯାଇଛି। ଏଥିରେ ବିଏସପିର ବହୁ କର୍ମକର୍ତ୍ତା, ଛାତ୍ର, ଯୁବକ, ମହିଳା ଓ ଆମ୍ବେଦକରବାଦୀ ଯୋଗଦେଇ ପେରିୟାରଙ୍କ ଫଟୋଚିତ୍ରରେ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। ପେରିୟାର ୧୭ସେପ୍ଟେମ୍ବର ୧୮୭୯ ମସିହା ତାମିଲନାଡୁର ଏକ 'ତେଲି' ପରିବାରରେ ଜନ୍ମଗ୍ରହଣ କରିଥିଲେ। ତାଙ୍କ ପୁରାନାମ 'ଇରୋଡ଼ ଭେଙ୍କଟାପ୍ପା ରାମସ୍ୱାମୀ ନାୟକର' ଓ ସେ 'ପେରିୟାର' ନାମରେ ବିଖ୍ୟାତ। ସେ ଜଣେ ରାଜନେତା ସହିତ 'ଆତ୍ମ ସମ୍ମାନ ଆନ୍ଦୋଳନ' ସଙ୍ଗଠନର ସ୍ରଷ୍ଟା ଥିଲେ। ଶିକ୍ଷାର ପ୍ରସାର, ଅସ୍ପୃଶ୍ୟତା ଦୂରୀକରଣ, ନାରୀ ଅଧିକାର ଓ ପରମ୍ପରା ନାମରେ ସମାଜରୁ ଅନ୍ଧବିଶ୍ୱାସ ଦୂରୀକରଣ ଦିଗରେ ତାଙ୍କର ଅବଦାନ ଅତୁଳନୀୟ ଥିଲା। ତାଙ୍କ ସମ୍ମାନରେ ଭାରତ ସରକାର ୧୯୭୮ରେ ଡାକଟିକଟ ପ୍ରଚଳନ ମଧ୍ୟ କରିଥିଲେ ବୋଲି ଆଲୋଚନା ହୋଇଥିଲା। ଉକ୍ତ ଆଲୋଚନାଚକ୍ର ଓ ଜୟନ୍ତୀ କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ସମାଜସେବୀ ପ୍ରଫୁଲ୍ଲ ଜେନା, ବିଏସପି ଜିଲ୍ଲା ସଭାପତି ଡାକ୍ତର ମନୋଜ କିଶୋର ମାଝୀ, ସଚିବ ଆଡଭୋକେଟ ସୌଭାଗ୍ୟ ମଲ୍ଲିକ, ପୂର୍ବତନ ଜିଲ୍ଲା ସଭାପତି ଉତ୍ସବ ଜେନା, ରେମୁଣା ବିଏସପିର ବିଧାୟକ ପ୍ରାର୍ଥୀ ଆଡଭୋକେଟ ସଂଗ୍ରାମ କିଶୋର ମାଝୀ, ଭୋଗରାଇ ବିଏସପିର ଜନଦରଦୀ ନେତା ସୁବୋଧ ମାଝୀ, ରେମୁଣାର ବିଏସପି ନେତା ଲକ୍ଷ୍ମୀଧର ମଲିକ, ନେତ୍ରୀ ମିନତୀ ଜେନା, ନିରୁପମା ପାତ୍ର, ପ୍ରହଲ୍ଲାଦ ଦାସ, କୈଳାସ ଦାସ, ଗଗନ ପାତ୍ର, ଉପେନ୍ଦ୍ର ଦାସ, ଭୋଳାନାଥ ବେହେରା ଉପସ୍ଥିତ ଥିଲେ। ଶେଷରେ ନେତ୍ରୀ ଆରତୀ ମାଝୀ ଧନ୍ୟବାଦ ଦେଇଥିଲେ।

ସୁବର୍ଣ୍ଣରେଖା ନଦୀର ପଞ୍ଚମ ବନ୍ୟାର କ୍ଷୟକ୍ଷତି ରିପୋର୍ଟ ପ୍ରଦାନ

## ମାଗଣା ରନ୍ଧାଖାଦ୍ୟ, ଚୁଡ଼ା ଓ ଗୁଡ଼ ପାଇଁ ଖର୍ଚ୍ଚ ହୋଇଛି କୋଟିଏରୁ ଊର୍ଦ୍ଧ୍ୱ ଟଙ୍କା

ବାଲେଶ୍ୱର,୧୯।୯ (ସମିସ)

ବାଲେଶ୍ୱର ଜିଲ୍ଲାରେ ପ୍ରବାହିତ ହେଉଥିବା ସୁବର୍ଣ୍ଣରେଖା ନଦୀରେ ଗତ ତିନି ମାସ ମଧ୍ୟରେ ଷଷ୍ଠଥର ବନ୍ୟା ଆସିଛି। ବନ୍ୟା ଫଳରେ ଲୋକମାନଙ୍କର ମେରୁଦଣ୍ଡ ଭାଙ୍ଗିଯାଇଥିବା ବେଳେ ଚାଷ ମଧ୍ୟ ବହୁମାତ୍ରାରେ ଉଜୁଡି ଯାଇଛି। ଯାହାଫଳରେ ଲୋକମାନେ ଏବେ ବହୁ ଅସୁବିଧାରେ ସମ୍ମୁଖୀନ ହେଉଥିବା ବେଳେ ଏହି ପ୍ରାକୃତିକ ବିପଦରେ କ୍ଷୟକ୍ଷତି ହୋଇଥିବା ଲୋକମାନଙ୍କୁ କେବେ ସରକାରୀ ସହାୟତା ମିଳିବ ତାହା ଏବେ ଅନିଶ୍ଚିତତା ମଧ୍ୟରେ ରହିଛି। ଜିଲ୍ଲା ଜରୁରୀ ବିଭାଗ ପକ୍ଷରୁ ମିଳିଥିବା ତଥ୍ୟ ଅନୁସାରେ, ବାଲେଶ୍ୱର ଜିଲ୍ଲାରେ ସୁବର୍ଣ୍ଣରେଖା ନଦୀରେ ହୋଇଥିବା ପଞ୍ଚମ ବନ୍ୟାର କ୍ଷୟକ୍ଷତିର ରିପୋର୍ଟ ସ୍ୱତନ୍ତ୍ର ରିଲିଫ କମିଶନରଙ୍କ ନିକଟରୁ ଗତ ଅଗଷ୍ଟ ମାସ ୮ତାରିଖରେ ଚିଠି ନମ୍ବର ୭୨୧୫ରେ ଏହାର ରିପୋର୍ଟ ପ୍ରଦାନ କରାଯାଇଛି। ପ୍ରଦାନ କରାଯାଇଥିବା ରିପୋର୍ଟ ଅନୁସାରେ, ପଞ୍ଚମ ବନ୍ୟାରେ ପ୍ରଭାବିତ ହୋଇଥିବା ଲୋକମାନଙ୍କୁ ମାଗଣା ରନ୍ଧାଖାଦ୍ୟ ସାଙ୍ଗକୁ ଚୁଡ଼ା ଓ ଗୁଡ଼ ପ୍ରଦାନ ବାବଦରେ ଏକ କୋଟି ୨୮ଲକ୍ଷ ୮୧ହଜାର୪୮୩ଟଙ୍କା ଖର୍ଚ୍ଚ ହୋଇଛି। ପ୍ରଭାବିତ ଲୋକମାନଙ୍କୁ ନେବା ଆଣିବା ବାବଦରେ ୨୨ଲକ୍ଷ ୩୫ହଜାର ୭୧୪ଟଙ୍କା ଖର୍ଚ୍ଚ ହୋଇଛି ବୋଲି ରିପୋର୍ଟରେ ଦର୍ଶାଯାଇଛି। ଏହାଛଡ଼ା କୃଷି କ୍ଷେତ୍ରରେ ୪୩ଲକ୍ଷ ୩୮ହଜାର୫ଶହ ଟଙ୍କର ଶସ୍ୟ ନଷ୍ଟ ହୋଇଥିବା ବେଳେ ଘର ଭଙ୍ଗି ଏବଂ ମରାମତି ବାବଦକୁ ୧୧ଲକ୍ଷ ୪୦ହଜାର ଟଙ୍କାର ବିବରଣି ପ୍ରଦାନ କରାଯାଇଛି। ସେହିପରି ଫିସରିଜ ସେକ୍ଟରରେ ୫ଲକ୍ଷ ୪୫ହଜାର ଟଙ୍କାର ଆବଶ୍ୟକତା ରହିଥିବା ଦର୍ଶାଯାଇଛି। ତେବେ ବିଶେଷ କରି ଏହି ବନ୍ୟାରେ ଭୋଗରାଇ ବ୍ଲକରେ ୪ଟି କଚ୍ଚାଘର ଆଂଶିକ ଭାଙ୍ଗିଥିବା ବେଳେ ଏହାର ମରାମତି ପାଇଁ ୧୬ହଜାର ଟଙ୍କାର ଆବଶ୍ୟକତା ରହିଛି। ସେହିପରି ବାଲିଆପାଳ ବ୍ଲକରେ ୮ଟି ଘର ଆଂଶିକ ଭାଙ୍ଗିଥିବା ବେଳେ ଜଳେଶ୍ୱର ବ୍ଲକରେ ଗୋଟିଏ, ବସ୍ତା ବ୍ଲକରେ ୭ଟି ଘର ଆଂଶିକ ଭାବେ ଭାଙ୍ଗିଛି। ଏହାଛଡା ଅତ୍ୟଧିକ ବର୍ଷା ଫଳରେ ବାଲେଶ୍ୱର ସଦରରେ ଗୋଟିଏ ଘର ଆଂଶିକ ଭାଙ୍ଗିଥିବା ବେଳେ ନୀଳଗିରି ବ୍ଲକରେ ଗୋଟିଏ ଏବଂ ଖଇରା ବ୍ଲକରେ ଦୁଇଟି ଘର ଆଂଶିକ ଭାବେ ଭାଙ୍ଗିଛି। ତେବେ ମୋଟ ଉପରେ ୨୪ଟି ଘର ଆଂଶିକ ଭାବେ ଭାଙ୍ଗିଥିବା ରିପୋର୍ଟରେ ଦର୍ଶାଯାଇଛି। ସେହିପରି କୃଷି କ୍ଷେତ୍ରରେ ଭୋଗରାଇ ବ୍ଲକରେ ୧୪୪.୫ହେକ୍ଟର ଚାଷ ଜମି ନଷ୍ଟ ହୋଇଥିବା ବେଳେ ବାଲିଆପାଳ ବ୍ଲକରେ ୨୪୮, ବସ୍ତା ବ୍ଲକରେ ୩୦ହେକ୍ଟର ଏବଂ ଜଳେଶ୍ୱର ବ୍ଲକରେ ୬୬.୫ହେକ୍ଟର ଜମି ନଷ୍ଟ ହୋଇଛି। ମୋଟ ଉପରେ ଏହି ଚାରୋଟି ବ୍ଲକରେ ୪୮୯ ହେକ୍ଟର ଚାଷ ଜମି ନଷ୍ଟ ହୋଇଥିବା ବେଳେ ଚାଷୀମାନଙ୍କୁ ସେମାନଙ୍କର କ୍ଷତିପୂରଣ ପ୍ରଦାନ କରିବା ବାବଦକୁ ୪୩ଲକ୍ଷ ୩୮ହଜାର୫ଶହ ଟଙ୍କାର ଆବଶ୍ୟକତା ରହିଛି ବୋଲି ରିପୋର୍ଟରେ ଦର୍ଶାଯାଇଛି। ଏହାଛଡା ଏହି ବନ୍ୟା ଫଳରେ ବାଲିଆପାଳ ଓ ଭୋଗରାଇ ବ୍ଲକରେ ଫିସରିଜ ସେକ୍ଟରେ ବହୁତ କ୍ଷୟକ୍ଷତି ହୋଇଛି। ବିଶେଷ କରି ଏହି ଦୁଇ ବ୍ଲକରେ ଫିସ୍ ସିଡ ଫାର୍ମଗୁଡିକ କ୍ଷତିଗ୍ରସ୍ତ ହୋଇଛି। ତେବେ ବାଲିଆପାଳ ବ୍ଲକରେ ୫.୭୬ଏରିଆରେ ଥିବା ୨୭ଟି ଫିସ୍ ସିଡ ଫାର୍ମ ନଷ୍ଟ ହୋଇଥିବା ବେଳେ ଏହାବାବଦକୁ ୫ଲକ୍ଷ ୭୬ହଜାର ଟଙ୍କାର ଆବଶ୍ୟକତା ରହିଛି। ସେହିପରି ଭୋଗରାଇ ବ୍ଲକରେ ୪୮.୭୪ଏରିଆରେ ଥିବା ୬୦ଟି ଫିସ ସିଡ ଫାର୍ମ ନଷ୍ଟ ହୋଇଥିବା ବେଳେ ଏହାର ମରାମତି ପାଇଁ ୪୮ଲକ୍ଷ ୭୪ହଜାର ଟଙ୍କାର ଆବଶ୍ୟକତା ରହିଛି। ତେବେ ମୋଟ ଉପରେ ଏହି ଦୁଇ ବ୍ଲକରେ ୫୪.୫ଏରିଆରେ ମୋଟ ୮୭ଟି ଫିସ ସିଡ ଫାର୍ମ ନଷ୍ଟ ହୋଇଥିବା ଏହି ରିପୋର୍ଟରେ ଦର୍ଶାଯାଇଛି। ତେବେ ଏହି ବନ୍ୟା ଫଳରେ ଲୋକମାନଙ୍କର ଅଧିକରୁ ଅଧିକ କ୍ଷୟକ୍ଷତି ହୋଇଥିବା ବେଳେ ସରକାରୀ ସ୍ତରରେ ପଠାଯାଇଥିବା ରିପୋର୍ଟ ସଠିକ ରହିଛି କି ନାହିଁ ତା ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଅନ୍ୟପଟେ ଏହି ବନ୍ୟାଫଳରେ ପ୍ରାଣ ହରାଇଥିବା ଲୋକମାନଙ୍କ ପାଇଁ କୌଣସି ପ୍ରକାର ରିପୋର୍ଟ ପ୍ରଦାନ କରାଯାଇନଥିବା ତା ମଧ୍ୟ ଏକ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଅନ୍ୟପଟେ ଦେଖିବାକୁ ଗଲେ ସୁବର୍ଣ୍ଣରେଖାରେ ସୃଷ୍ଟି ହୋଇଥିବା ଫଚମ ବନ୍ୟାରେ ବହୁ ଲୋକ ଚୁଡା ଚାଉଳ ପାଇନଥିବା ବେଳେ ଅଧିକରୁ ଅଧିକ ଲୋକମାନଙ୍କର ଘର ମଧ୍ୟ କ୍ଷତି ଗ୍ରସ୍ତ ହୋଇଛି। ଏପରିକି ଲୋକମାନଙ୍କୁ ସ୍ଥାନାନ୍ତରିତ ପାଇଁ ମଧ୍ୟ ଅଧିକ ଟଙ୍କା ଖର୍ଚ୍ଚ ହୋଇଛି ବୋଲି ରିପୋର୍ଟରେ ଦର୍ଶାଯାଇଛି ଯାହାକି ଏକ ଭିନ୍ନ ଦିଗକୁ ଇଙ୍ଗିତ କରୁଛି ବୋଲି ଆଲୋଚନା ହେଉଛି।


Nippon india Mutual Fund
Wealth sets you free

Mutual Fund Investor Awareness Program

To increase awareness about Mutual Funds, we conduct Investor Awareness Programmes (IAPs) across the country. Schedule of upcoming IAP is as mentioned below.

| Date | Time | Location |
| --- | --- | --- |
| 19th September, 2025 | 06:00 PM | Rourkela |

Venue: Hotel Radhika Regency, Bisra Road, Rourkela-769001
Name: Sahanwaj Alam | Mob. No.: Sahanwaj Alam

Nippon Life India Asset Management Limited | CIN : L65910MH1995PLC220793

Mutual Fund investments are subject to market risks, read all scheme related documents carefully.

ସକାଳ
THE SAKALA

# ସମ୍ପାଦକୀୟ



ଭାରତ ପ୍ରତ୍ୟେକ ମହାନ ଧର୍ମର ନିବାସ ସ୍ଥଳ।
-ଆନି ବେସାନ୍ତ

## ଲଘୁ ଖଣିଜ ସମ୍ପଦ ଲୁଟ୍

ଆମ ରାଜ୍ୟରୁ ଲଘୁ ଖଣିଜ ଚୋରାଚାଲାଣ ସମସ୍ତ ନିୟନ୍ତ୍ରଣକୁ ଅତିକ୍ରମ କରିଯାଇଛି। କ୍ଷମତା କେନ୍ଦ୍ରର କଠୋର କଟକଣା ଓ ନିର୍ଦ୍ଦେଶର କ୍ରମାଗତ ଉଲ୍ଲଙ୍ଘନରୁ ସ୍ପଷ୍ଟ ବାରି ହୋଇପଡୁଛି ଯେ ଚୋରା ଚାଲାଣକାରୀ ମାଫିଆଙ୍କ ସହ ଅସାଧୁ ମେଣ୍ଟର ଉଚ୍ଚସ୍ତରରେ ସଂପର୍କ ଥିବାରୁ ରାଜ୍ୟର ବିପୁଳ ରାଜସ୍ୱହାନି ଘଟୁଛି। ଏପରିକି କ୍ଷମତାକେନ୍ଦ୍ର ସହ ସଂଶ୍ଳିଷ୍ଟ ଦଳର ବରିଷ୍ଠ ନେତା ଏହି ଚୋରା ଚାଲାଣ ନେଇ ସ୍ୱର ଉତ୍ତୋଳନ କରିଥିଲେ ମଧ୍ୟ କୌଣସି ପ୍ରଭାବ ତୃଣମୂଳ ସ୍ତରରେ ପଡୁନାହିଁ। ଏ ବାବଦରେ ରାଜସ୍ୱ ଆଦାୟ ୧୪୮୫ କୋଟିରୁ ୬୦୦ କୋଟିଟଙ୍କାକୁ ହ୍ରାସ ପାଇଥିବାରୁ ଶାସନକଳର ଚରମ ଉଦାସୀନତା ସବୁରି ମହଲରେ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇଛି।

ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଗତ ମାର୍ଚ୍ଚମାସରେ ରାଜ୍ୟର ସମସ୍ତ ଜିଲ୍ଲାପାଳ ଓ ଏସପିଙ୍କୁ ପଥର, ବାଲି ଓ ମୋରମ ଭଳି ଲଘୁ ଖଣିଜ ସମ୍ପଦ ଚୋରା ଚାଲାଣ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ, ବିଶେଷକରି ନିୟମିତ ଚଢ଼ଉ ପାଇଁ ଦେଇଥିବା ନିର୍ଦ୍ଦେଶ ପ୍ରତି ଏପର୍ଯ୍ୟନ୍ତ ଉଚିତ ଧ୍ୟାନ ଦିଆଯାଇଥିଲା ଭଳି ମନେହେଉନାହିଁ। ଏହି ଖଣିଜ ସଂପଦର ନୂଆ ଉତ୍ସ ଚିହ୍ନଟ କରି ଅତିରିକ୍ତ ରାଜସ୍ୱ ଆଦାୟ ଯୋଜନା ମଧ୍ୟ କାର୍ଯ୍ୟକାରୀ ହେଉନାହିଁ। ଫଳରେ ଖଣି ମାଫିଆ ସେମାନଙ୍କ କାର୍ଯ୍ୟ ପରିସର ବଢ଼ାଇ ନିର୍ବାଧରେ ଚୋରା ଚାଲାଣ କରୁଛନ୍ତି। ଏକଥା ସତ ଯେ ଏହି ଲୁଟତରାଜ ରୋକିବା ପାଇଁ ମିଳିତ ଚଢ଼ଉର ଆବଶ୍ୟକତା ରହିଛି। ପୁଲିସ, ତହସିଲ, ଖଣି ଓ ଆବଶ୍ୟକ ସ୍ଥଳେ ଜଙ୍ଗଲ ବିଭାଗ କର୍ମଚାରୀଙ୍କୁ ନେଇ ସ୍ୱତନ୍ତ୍ର ସ୍କ୍ୱାଡ୍ ଗଠନ କରାଯିବା ଜରୁରୀ ହୋଇପଡ଼ିଛି। ନିୟମିତ ଭାବେ ମିଳିତ ଚଢ଼ାଉ କଲେ ଚୋରା ଚାଲାଣକୁ ରୋକିହେବ। ପରିସ୍ଥିତି ଏପରି ହୋଇଛି ଯେ ଚଢ଼ଉ ବେଳେ ତହସିଲ କର୍ତ୍ତୃପକ୍ଷଙ୍କୁ ଧମକ ଚମକ ଦେଇ ଖଣି ମାଫିଆ ନିଜ ଶୈଳୀରେ ଚୋରା ଚାଲଣ ଜାରି ରଖିଛନ୍ତି। ବେଳେ ବେଳେ ମନେହୁଏ ସେମାନଙ୍କର ଉଚ୍ଚକ୍ଷମତା ସମ୍ପନ୍ନ ବ୍ୟକ୍ତିବିଶେଷଙ୍କ ସହ ସଂପର୍କ ଥିବାରୁ ନିମ୍ନସ୍ତରର କ୍ଷମତାଧାରୀ ନିଜକୁ ଅସହାୟ ମନେ କରୁଛନ୍ତି। ଏଭଳି ଏକ ପ୍ରତିକୂଳ ପରିସ୍ଥିତିରେ ସମସ୍ତେ ନିଜ ନିଜ ଢଙ୍ଗରେ ହାତ ଚିକ୍କଣ କରି ନିରବ ରହୁଛନ୍ତି। ଏହି ବାସ୍ତବ ଦିଗ ପ୍ରତି ଉପରୁ ନିର୍ଦ୍ଦେଶ ଦେଉଥିବା କର୍ତ୍ତୃପକ୍ଷ ଧ୍ୟାନ ଦେଉ ନ ଥିବାରୁ କେବଳ କାଗଜ କଲମରେ ଚାଷ ହେଉଛି ସିନା ଚୋରା ଚାଲାଣ ରୋକି ହେଉନାହିଁ।

ପୁଲିସ-ତହସିଲ-ଖଣି ବିଭାଗର ମଧୁଚନ୍ଦ୍ରିକା ସଂପର୍କରେ ଯାହା କୁହାଯାଉଛି ତାହା ଯେ ସଂପୂର୍ଣ୍ଣ ରୂପେ ବିଭ୍ରାନ୍ତକର ଏକଥା ନୁହେଁ। ଏବାବଦରେ ହେଉଥିବା ରାଜସ୍ୱ ହରିଲୁଟ ପଛରେ ଯେଉଁ ପ୍ରଭାବଶାଳୀ ବର୍ଗ ଅଛନ୍ତି ସେମାନଙ୍କ ପ୍ରସଙ୍ଗ ଆଲୋଚନା ପରିସରକୁ ଆସୁନାହିଁ। ତଳଠାରୁ ଉପରସ୍ତର ପର୍ଯ୍ୟନ୍ତ ଏବାବଦରେ ଆଦାୟ ହେଉଥିବା ଅର୍ଥର ଅଂଶୀଦାର ଅଛନ୍ତି। ଅନେକ କ୍ଷେତ୍ରରେ ଖଣିମାଫିଆଙ୍କ ପ୍ରତି ରାଜନେତାଙ୍କ ଆଶୀର୍ବାଦ ଥିବାରୁ ସେମାନେ ନିର୍ଭୟରେ ଲଘୁ ଖଣିଜ ଲୁଟି ଚାଲିଛନ୍ତି। ଧର ପଗଡ଼ ବେଳେ ସେମାନେ କର୍ତ୍ତୃପକ୍ଷଙ୍କୁ ପାଲଟା ନାଲିଆଖି ଦେଖାଇ ଚମ୍ପଟ ମାରୁଛନ୍ତି। ଏଭଳି ପରିସ୍ଥିତିରେ କିଏ କାହାକୁ ରୋକିବ? ଲଘୁ ଖଣିଜ ସମ୍ପଦ ବ୍ୟାପାରରେ ବାଡ଼ି ଫସଲ ଖାଇବା ନୀତି ଅନୁସରଣ କରାଯାଉଥିବାରୁ ରାଜସ୍ୱ ହାନି ଘଟିବା ସ୍ୱାଭାବିକ।

## ବିପଦରେ ପ୍ରବାସୀ ଭାରତୀୟ

ଆମଦେଶର ପ୍ରାୟ ୪କୋଟି ଲୋକ ବିଦେଶରେ ଅବସ୍ଥାନ କରୁଛନ୍ତି। ଏକ ପରିସଂଖ୍ୟାନରୁ ଜଣାପଡ଼ିଛି ଯେ ଦୈନିକ ହାରାହାରି ୭୦୦ ଭାରତୀୟ ଦେଶ ଛାଡୁଛନ୍ତି। ସମ୍ପନ୍ନ ପରିବାରରେ ବିଶେଷତଃ ଏହି ମାନସିକତା ପରିଲକ୍ଷିତ ହେଉଛି। ଏହି ପ୍ରବାସୀ ଭାରତୀୟ ଏଠାରେ ଥିବା ନିଜ ପରିବାର ଓ ପରିଜନଙ୍କ ସକାଶେ ନିୟମିତ ପଠାଉଥିବା ଡଲାର ଆମ ଅର୍ଥନୀତିକୁ ସୁଦୃଢ଼ କରିବାରେ ସହାୟକ ହେଉଛି। ସେମାନଙ୍କ ନିକଟରୁ ଗତ ବର୍ଷ ୧୩୬ ବିଲିୟନ ଡଲାର ଭାରତକୁ ଆସିଛି। ଆମ ଜିଡିପିରେ ଏହାର ଅବଦାନ ୩.୪ ପ୍ରତିଶତ। ଏହାଛଡ଼ା ଗଚ୍ଛିତ ବୈଦେଶିକ ବିନିମୟ ମୁଦ୍ରା ଅଭିବୃଦ୍ଧିରେ ସେମାନଙ୍କ ଦ୍ୱାରା ପ୍ରେରିତ ଡଲାରର ଅବଦାନ ମଧ୍ୟ ଗୁରୁତ୍ୱପୂର୍ଣ୍ଣ। ଏସବୁ ଉଲ୍ଲେଖ କଲାବେଳେ ସ୍ୱତଃ ମନରେ ଉଙ୍କିମାରେ ସମ୍ଭ୍ରାନ୍ତ ଓ ସମ୍ପନ୍ନ ପରିବାର ଭାରତର ତଥାକଥିତ ପ୍ରଗତିରେ ଅଂଶୀଦାର ନହୋଇ କାହିଁକି ଦେଶ ଛାଡୁଛନ୍ତି। ଏ ସଂପର୍କରେ ଏପର୍ଯ୍ୟନ୍ତ ଆମ ଦେଶରେ କୌଣସି ତାଜା ସମୀକ୍ଷା ହୋଇନାହିଁ। ସେମାନଙ୍କ ତଥାକଥିତ ରେମିଟାନ୍ସରେ ହିଁ ଆମେ ସନ୍ତୁଷ୍ଟ ଥିଲା ଭଳି ମନେ ହେଉଛି।

ଏବେ ଆମ ପାଇଁ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇଛି ଏହି ପ୍ରବାସୀ ଭାରତୀୟମାନେ ଅବସ୍ଥାନ କରୁଥିବା ରାଷ୍ଟ୍ରରେ ମୁଣ୍ଡ ଟେକିଥିବା ଅତିବାଦୀ ଦକ୍ଷିଣପନ୍ଥୀଙ୍କ ବହିରାଗତ ବିଦ୍ୱେଷୀ ଆନ୍ଦୋଳନ। ଏହି ପ୍ରବାସୀଙ୍କ ଅବସ୍ଥାନ ଫଳରେ ମୂଳବାସିନ୍ଦା ନିଯୁକ୍ତି ସୁଯୋଗରୁ ବଂଚିତ ହେବା ସହ ମୂଲ୍ୟବୃଦ୍ଧି ସେମାନଙ୍କ ଜୀବନକୁ ଦୁର୍ବିସହ କରିପକାଇଛି। ସମଗ୍ର ବିଶ୍ୱରେ ଦକ୍ଷିଣପନ୍ଥୀ ମାନସିକତାର ଅଭ୍ୟୁଦୟ ଘଟିଥିବାରୁ ସେମାନଙ୍କ ଆନ୍ଦୋଳନ ଓ ହିଂସା, କ୍ଷମତାସୀନ ସରକାର ପ୍ରତିକୂଳ ଅର୍ଥନୀତିର ମୁକାବିଲା କରୁଥିବା ବେଳେ ଆଇନ ଶୃଙ୍ଖଳା ପରିସ୍ଥିତି ଭଳି ନୂଆ ସମସ୍ୟାର ସମ୍ମୁଖୀନ ହୋଇଛି। ପ୍ରବାସୀ ଭାରତୀୟ ବିରୋଧୀ ଆନ୍ଦୋଳନ ଅଷ୍ଟ୍ରେଲିଆ ପରେ ବ୍ରିଟେନରେ ତୀବ୍ର ହେବାରେ ଲାଗିଛି। ଗତ ଶନିବାର ଲଣ୍ଡନରେ ଦେଢ଼ଲକ୍ଷ ମୂଳବାସିନ୍ଦା ଟମ୍ ରବିନ୍‌ସନ୍‌ଙ୍କ ନେତୃତ୍ୱରେ ରାଜରାସ୍ତାକୁ ଓହ୍ଲାଇ ବହିରାଗତଙ୍କୁ ବହିଷ୍କାର ଦାବି କରିଥିଲେ। ଏହା ମୁଖ୍ୟତଃ ଥିଲା ପ୍ରବାସୀ ଭାରତୀୟଙ୍କ ବିରୋଧରେ। ଆଇନ ଶୃଙ୍ଖଳା ରକ୍ଷା ଦାୟିତ୍ୱରେ ଥିବା ୨୬ ବରିଷ୍ଠ ଅଧିକାରୀ ହିଂସାକାଣ୍ଡରେ ଆହତ ହୋଇଛନ୍ତି। ଏହି ସମାବେଶକୁ ଆଭାସୀ ମାଧ୍ୟମରେ ଉଦ୍‌ବୋଧନ ଦେଇ ଏଲନ ମସ୍କ କହିଛନ୍ତି – ମାଡ଼ି ଆସୁଛି ହିଂସା ମୁକାବିଲା କର, ନହେଲେ ମୃତ୍ୟୁକୁ ଆଦରି ନିଅ। ଲଣ୍ଡନରେ ଉପୁଜିଥିବା ଏହି ପରିସ୍ଥିତିର କିଛିଦିନ ପୂର୍ବରୁ ଅଷ୍ଟ୍ରେଲିଆରେ ପ୍ରବାସୀ ଭାରତୀୟଙ୍କ ବହିଷ୍କାର ଦାବି କରି ମୁଣ୍ଡ ଟେକିଥିବା ଆନ୍ଦୋଳନ ଭୟଙ୍କର ରୂପ ନେଇଥିଲା। ଏହି ବହିରାଗତଙ୍କ ଭୋଟ ଉପରେ ନିର୍ଭରଶୀଳତା ଦୃଷ୍ଟିରୁ ସରକାର କଠୋର ଦମନ ନୀତି ମାଧ୍ୟମରେ ଆନ୍ଦୋଳନକୁ ଚପାଇଦେଇଥିଲେ ମଧ୍ୟ ପରିସ୍ଥିତି ସୁଧୁରିନି। ଅନୁରୂପ ପରିସ୍ଥିତି ଆର୍ୟଲାଣ୍ଡରେ ମଧ୍ୟ ଅନୁଭୂତ ହୋଇଛି। ସବୁ ଦେଶରେ ମୂଳ ବାସିନ୍ଦାଙ୍କ ସେହି ଏକା ଦାବି। ଆମେରିକା ଓ କାନାଡ଼ା ସ୍ଥିତି ସଂପର୍କରେ ଅଧିକ କିଛି ଉଲ୍ଲେଖ କରିବା ଅନାବଶ୍ୟକ। ନିକଟରେ ଆମେରିକାରୁ ଦକ୍ଷିଣ କୋରିଆ ପ୍ରବାସୀଙ୍କୁ ବହିଷ୍କାର କରାଯାଇଛି। ଏହାସତ୍ତ୍ୱେ ରାଷ୍ଟ୍ରପତି ଟ୍ରମ୍ପ କହିଛନ୍ତି ଯେ ପ୍ରବାସୀଙ୍କ ସେବା ଓ ସହଯୋଗର ଆବଶ୍ୟକତା ଦେଶରେ ରହିଛି।

ଏକଥା ଉଲ୍ଲେଖ କଲାବେଳେ ଆମକୁ କହିବାକୁ ପଡୁଛି ଯେ ପଡ଼ୋଶୀ ନେପାଳ ଓ ବାଂଲାଦେଶରେ ଭାରତୀୟଙ୍କ ବିରୋଧରେ କ୍ରମାଗତ ହିଂସା ଉପୁଜୁଥିଲେ ମଧ୍ୟ କିଛି ପ୍ରତିକାର କରାଯାଇ ପାରୁନି। କେବଳ ସୀମାରେ ନିରାପତ୍ତା ବ୍ୟବସ୍ଥା ସୁଦୃଢ଼ କରି ସରକାର ନିରବ ଦ୍ରଷ୍ଟା ସାଜିଛନ୍ତି। ନେପାଳ ସହ ଆମର ଆଧ୍ୟାତ୍ମିକ ଓ ସାଂସ୍କୃତିକ ସଂପର୍କ ଥିଲେ ମଧ୍ୟ ଭାରତୀୟଙ୍କ ପ୍ରତି ଆକ୍ରୋଶମୂଳକ ହିଂସା ର କୌଣସି ଉତ୍ତର ଆମ ପାଖରେ ନାହିଁ।

# ନିର୍ବାଚନ ରଣାଙ୍ଗନରେ ଶବ୍ଦର ଯାଦୁ

ଜିତୁ ନାଥ

ସମ୍ପ୍ରତି ବିହାର ବିଧାନସଭା ନିର୍ବାଚନ ପରିପ୍ରେକ୍ଷୀରେ 'ଭୋଟ ଚୋରି' ପରି ଏକ ଆକର୍ଷଣୀୟ ଉତ୍କଣ୍ଠାପୂର୍ଣ୍ଣ ଶବ୍ଦକୁ ମତଦାତାଙ୍କ ମାନସିକ ଭାବନା ସହ ଯୋଡ଼ିବାକୁ ବିରୋଧୀ ଦଳ ନେତା ପ୍ରୟାସ କରୁଛନ୍ତି। ପରିବର୍ତ୍ତିତ ପରିସ୍ଥିତିରେ ଅନ୍ୟାନ୍ୟ ବିରୋଧୀ ଦଳର ନେତାମାନେ ଏହାକୁ ଜାତୀୟ, ପ୍ରାଦେଶିକ ଓ ସ୍ଥାନୀୟ ସ୍ତରରେ ବାରମ୍ବାର ଉଚ୍ଚାରଣ କରି ଏହାର ଗୁରୁତ୍ୱ ବଢ଼ାଇବାକୁ ଯୋଜନା କରୁଛନ୍ତି। ବିହାରରେ ଚାଲିଥିବା 'ଭୋଟର ଅଧିକାର ଯାତ୍ରା'ରେ ଏହି ଶବ୍ଦକୁ ବିଶେଷ ଗୁରୁତ୍ୱ ଦିଆଯାଉଛି। ଭୋଟ ଚୋରି ଦ୍ୱାରା ଭାରତୀୟ ଗଣତନ୍ତ୍ରକୁ ବିପନ୍ନ ଏବଂ ବିହାର ମତଦାତାଙ୍କ ସର୍ବନିମ୍ନ ଅଧିକାରକୁ ଛଡ଼େଇ ନେବାର ପ୍ରୟାସ କେନ୍ଦ୍ର ସରକାର ଓ ନିର୍ବାଚନ କମିଶନ କରୁଛନ୍ତି ବୋଲି ପ୍ରଚାର କରାଯାଉଛି। ଏହି ଶବ୍ଦ ବର୍ତ୍ତମାନ ବିରୋଧୀ ଦଳର ମୁଖ୍ୟ ଅସ୍ତ୍ର ହିସାବରେ ଗ୍ରହଣ କରାଯାଇଛି ଏବଂ ଏହାର ସଫଳତା ପାଇଁ ବିଭିନ୍ନ ମାଧ୍ୟମ ଅବଲମ୍ବନ କରାଯାଉଛି। ଏପରି ସ୍ଲୋଗାନ, ଶବ୍ଦ, ଶବ୍ଦପୁଞ୍ଜ, ସଂଳାପ, ପଂକ୍ତି, ଲୋକକଥା ବେଳେବେଳେ ବହୁ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗକୁ ପଛରେ ପକାଇ ଭୋଟରଙ୍କ ଭାବାବେଗକୁ ନିୟନ୍ତ୍ରଣ କରିଥାଏ ଏବଂ ନିର୍ବାଚନର ଫଳାଫଳାକୁ ନିର୍ଦ୍ଧରଣ କରିଥାଏ।

ସ୍ୱାଧୀନତା ପରର ପ୍ରଥମ ନିର୍ବାଚନଠାରୁ ଆରମ୍ଭ କରି ଅଦ୍ୟାବଧି ଦେଶର କେନ୍ଦ୍ର ସରକାର ବା ପ୍ରାଦେଶିକ ସରକାରଙ୍କ ଗଠନରେ ଏପରି ସ୍ଲୋଗାନର ଯଥେଷ୍ଟ ଭୂମିକା ଥିବାର ପ୍ରମାଣ ରହିଛି। ସ୍ଲୋଗାନ ମାଧ୍ୟମରେ ଦଳର ମୁଖ୍ୟ ପ୍ରଚାରକ ଏକ ଦୃଢ଼ ବାର୍ତ୍ତା ଦିଅନ୍ତି, ଯାହା ଭୋଟରଙ୍କୁ ଉତ୍ସାହିତ କରିଥାଏ। ଏହାଦ୍ୱାରା ଭୋଟଦାନର ହାର ମଧ୍ୟ ବଢ଼ିବାର ସମ୍ଭାବନା ଥାଏ। ତୁଣ୍ଡ ବାଇଦ ସହସ୍ର କୋଶ ପରି ଏହି ଶବ୍ଦ ଏକ ନିର୍ଦ୍ଦିଷ୍ଟ ଦଳର ଆଭିମୁଖ୍ୟକୁ ବହୁ ସହଜରେ ନିର୍ବାଚନ କ୍ଷେତ୍ରର କୋଣ ଅନୁକୋଣରେ ପହଞ୍ଚାଇଥାଏ। ସମୟ ସମୟରେ ରାଜନୈତିକ ଅସ୍ଥିରତା, ଆଶା-ଆଶଙ୍କା ମଧ୍ୟରେ ଏପରି ସ୍ଲୋଗାନ ମଧ୍ୟ ମତଦାତାଙ୍କୁ ଯୋଡ଼ିବାରେ ସାହାଯ୍ୟ କରିଥାଏ ଏବଂ ବହୁଦିନ ପର୍ଯ୍ୟନ୍ତ ଜନମାନସରେ ଉଜ୍ଜୀବିତ ରହିଥାଏ।

ଗତ ଫେବୃଆରୀ ମାସରେ ଦିଲ୍ଲୀ ବିଧାନସଭା ନିର୍ବାଚନର ଫଳାଫଳ ଆଶ୍ଚର୍ଯ୍ୟଜନକ ଥିଲା। ଆମ ଆଦମୀ ପାର୍ଟି(ଆପ୍)ର ମୁଖ୍ୟ ଅରବିନ୍ଦ କେଜ୍ରିୱାଲଙ୍କ ସହ ମନୀଷ ସିସୋଡିଆ, ସତ୍ୟେନ୍ଦ୍ର ଜୈନ ପ୍ରମୁଖ ବହୁ ପ୍ରଭାବଶାଳୀ ନେତାଙ୍କ ପରାଜୟ ବହୁ ରାଜନୀତି ବିଶାରଦଙ୍କ ପୂର୍ବାନୁମାନକୁ ଭୁଲ୍ ସାବ୍ୟସ୍ତ କରିଥିଲା। ଏହି ଫଳାଫଳର ବିଭିନ୍ନ କାରଣମାନଙ୍କୁ ତର୍ଜମା କଲା ବେଳେ ଅନ୍ୟସବୁ ପ୍ରସଙ୍ଗ ତୁଳନାରେ ଭାରତୀୟ ଜନତା ପାର୍ଟି(ବିଜେପି)ର ପ୍ରଚାରଶୈଳୀ, ପ୍ରସାର ମାଧ୍ୟମ ଓ ନ୍ୟାରେଟିଭ ଗଠନ ବିଶେଷ ଗୁରୁତ୍ୱ ବହନ କରେ। ଦିଲ୍ଲୀ ବିଧାନସଭା ନିର୍ବାଚନରେ 'ଆପ୍'କୁ 'ଆପଦା' ଅର୍ଥାତ ବିପଦ ସହ ଯୋଡ଼ିବା ବିଜେପିର ଏକ ପ୍ରମୁଖ ରାଜନୈତିକ ଅସ୍ତ୍ର ଥିଲା ବୋଲି ବିବେଚନା କରାଯାଉଛି।

ସ୍ୱାଧୀନ ଭାରତରେ ୧୯୭୧ ମସିହା ନିର୍ବାଚନରେ ଶ୍ରୀମତୀ ଇନ୍ଦିରା ଗାନ୍ଧୀଙ୍କର 'ଗରିବୀ ହଟାଓ' ନାରା ସାରା ଦେଶରେ ଗୁଞ୍ଜରିତ ହୋଇଥିଲା। ୨୦୧୪ରେ 'ଅଚ୍ଛେଦିନ ଆ ରହେ ହିଁ' କାମ ଦେଇଥିଲା। ଏହା ଆମ ଦେଶରେ ଏ ପର୍ଯ୍ୟନ୍ତ ଏକ ପ୍ରଭାବୀ ସ୍ଲୋଗାନ ଭାବେ ପରିଗଣିତ। ୧୯୯୬ ମସିହା ନିର୍ବାଚନରେ 'ଅବ କି ବାରି ଅଟଳ ବିହାରୀ' କେନ୍ଦ୍ରରେ କ୍ଷମତା ପରିବର୍ତ୍ତନ କରିପାରିଥିଲା। ୨୦୧୯ ମସିହାର 'ଫିର ଏକ ବାର ମୋଦୀ ସରକାର' ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବ୍ୟକ୍ତିତ୍ୱ, ଚିନ୍ତାଧାରା ଓ ନେତୃତ୍ୱ ନେବାର ଶ୍ରେଷ୍ଠତ୍ୱକୁ ସମ୍ମୁଖରେ ରଖି ମତଦାତାଙ୍କୁ ଆକୃଷ୍ଟ କରିବାରେ ସକ୍ଷମ ହେଲା। ଗତ ମହାରାଷ୍ଟ୍ର ବିଧାନସଭା ନିର୍ବାଚନରେ 'ବଟେଙ୍ଗେ ତୋ କଟେଙ୍ଗେ', 'ଏକ ହେ ତୋ ସେଫ ହେ' ସ୍ଲୋଗାନ୍ ସେହି ସମୟର ଏକ ନିର୍ଦ୍ଦିଷ୍ଟ ସମ୍ପ୍ରଦାୟଙ୍କ ଭବିଷ୍ୟ ଉପରେ ସଚେତନ କରାଇ ମତଦାତାଙ୍କ ନିକଟତର ହୋଇପାରିଲା।

ଗଣତାନ୍ତ୍ରିକ ପର୍ବ ନିର୍ବାଚନର କିଛି ସ୍ଲୋଗାନ ମଧ୍ୟ ଏପରି ରହିଛି, ଯାହା ଦଳ ବା ନେତୃତ୍ୱର ବିରୋଧରେ କାମ କରିଛି ବା ବିରୋଧୀ ଦଳ ପାଇଁ ଫାଇଦା ଆଣିଛି। ୨୦୨୪ ନିର୍ବାଚନରେ କେନ୍ଦ୍ର ସରକାରଙ୍କର 'ଅବ କି ବାର, ୪୦୦ ପାର' ଏହାର ସଦ୍ୟତମ ଉଦାହରଣ। କିଛିବର୍ଷ ପୂର୍ବେ ଗୁଜୁରାଟରେ ବିଜେପି ବିରୋଧରେ ବିରୋଧୀ ଦଳଙ୍କ 'ମୌତ କି ସୌଦାଗର', ବିହାର ନିର୍ବାଚନରେ ଡିଏନଏ ପ୍ରସଙ୍ଗରେ ଆକ୍ଷେପ ବିରୋଧୀଙ୍କ ବିପକ୍ଷରେ ଯାଇଛି। 'ଚୌକିଦାର ଚୋର ହେ' ବଦଳରେ 'ମେଁ ଭି ଚୌକିଦାର' ଅଧିକ ସଫଳତା ଆଣିଦେଇଥିବାର ଦୃଷ୍ଟାନ୍ତ ରହିଛି। ଉଚ୍ଚ ବ୍ୟକ୍ତିତ୍ୱସମ୍ପନ୍ନ ନେତାମାନଙ୍କ ନାଁରେ ହୋଇଥିବା ସ୍ଲୋଗାନ, ଯେପରିକି - 'ଇନ୍ଦିରା ଲାଓ, ଦେଶ ବଚାଓ', 'ଫିର ଏକ ବାର ମୋଦୀ ସରକାର' ଦେଶବାସୀଙ୍କ ଦ୍ୱାରା ଗ୍ରହଣୀୟ ହୋଇପାରିଛି।

ଆମ ଓଡ଼ିଶାରେ ମଧ୍ୟ ଏପରି ବହୁ ରୋଚକ ଶବ୍ଦ ବା ସ୍ଲୋଗାନ ମତଦାନକୁ ପ୍ରଭାବିତ କରିଥିବାର ଉଦାହରଣ ରହିଛି। 'ହଜାରେ ଦିନରେ ହଜାରେ ଶିଳ୍ପ'ର କଥା କହି ପୂର୍ବତନ ମୁଖ୍ୟମନ୍ତ୍ରୀ ଜାନକୀ ବଲ୍ଲଭ ପଟ୍ଟନାୟକ ଓଡ଼ିଆ ଲୋକଙ୍କୁ ସମୃଦ୍ଧ ଓଡ଼ିଶାର ସ୍ୱପ୍ନ ଦେଖାଇଥିଲେ ଏବଂ କ୍ଷମତାସୀନ ହୋଇଥିଲେ। 'ଆପଣ ମାନେ ଖୁସି ତ' - ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କର ଏକ ପ୍ରମୁଖ ସ୍ଲୋଗାନ ଥିଲା। ସ୍ୱଳ୍ପ ବକ୍ତବ୍ୟ ପାଇଁ ପ୍ରସିଦ୍ଧ ନବୀନ ବାବୁଙ୍କ ଏହି ଧାଡ଼ିକିଆ ଉକ୍ତିରେ 'ସେ ସାଧାରଣ ଓଡ଼ିଆଙ୍କ ଭଲମନ୍ଦ ଜାଣିବାର ପ୍ରୟାସ କରୁଛନ୍ତି' - ଏହା ଲୋକମାନଙ୍କ ମନକୁ ଛୁଇଁଲା ଏବଂ ତାହା ଭୋଟରେ ପ୍ରତିଫଳିତ ହୋଇଥିଲା। ୨୦୨୪ ନିର୍ବାଚନରେ 'ଓଡ଼ିଆ ଅସ୍ମିତା' ଏପରି ଏକ ଶବ୍ଦପୁଞ୍ଜ ଥିଲା, ଯାହାର ମନସ୍ତାତ୍ତ୍ୱିକ ପ୍ରଭାବ ସାଧାରଣ ମତଦାତା ଉପରେ ପଡ଼ିଲା ଏବଂ ଭୋଟରେ ପରିଣତ ହେଲା। ସ୍ଥଳବିଶେଷରେ ଛୋଟ ଛୋଟ ରୁଢ଼ି, ଢଗ, ଲୋକକଥା ମଧ୍ୟ ଭୋଟରଙ୍କୁ ଆକୃଷ୍ଟ କରେ। ଗତ ନିର୍ବାଚନରେ, 'ଲେଖା ଛିଡ଼ିବା' ଏହାର ଏକ ଉଦାହରଣ।

ଏପରି ସ୍ଲୋଗାନ କେବଳ ଭାରତୀୟ ନିର୍ବାଚନ ନୁହେଁ, ବରଂ ବିଶ୍ୱର ବହୁରାଷ୍ଟ୍ରର ନିର୍ବାଚନକୁ ପ୍ରଭାବିତ କରିଛି। ଆବ୍ରହାମ ଲିଙ୍କନଙ୍କ ଉକ୍ତି, 'ବିଭାଜିତ ଗୃହ କେବେ ସ୍ଥିର ରୁହେନା' - ଯୁକ୍ତରାଷ୍ଟ୍ର ଆମେରିକାର ସ୍ଥିରତା ପାଇଁ ଉଦ୍ଦିଷ୍ଟ ଥିଲା ଏବଂ ଭୋଟରଙ୍କୁ ଖୁବ ପ୍ରଭାବିତ କରିଥିଲା। ରୁଜଭେଲଟଙ୍କ 'ସୁଖର ଦିନ ଆସୁଛି' ଫଳପ୍ରଦ ହୋଇଥିଲା। ବାରାକ ଓବାମାଙ୍କ 'ହଁ, ଆମେ ପାରିବା' ତାଙ୍କୁ ଆମେରିକାର ପ୍ରଥମ କୃଷ୍ଣକାୟ ରାଷ୍ଟ୍ରପତି କରାଇଲା। ଡୋନାଲଡ ଟ୍ରମ୍ପଙ୍କର 'ମାଗା' ସ୍ଲୋଗାନ ଆମେରିକା ଅସ୍ମିତା ପାଇଁ ଉଦ୍ଦିଷ୍ଟ ଥିଲା ଏବଂ ତାଙ୍କୁ ପୁନର୍ବାର ରାଷ୍ଟ୍ରପତି କରାଇଲା। କ୍ୟୁବାର ଅପ୍ରତିଦ୍ୱନ୍ଦ୍ୱୀ ନେତା ଫିଡେଲ କାଷ୍ଟ୍ରୋ 'ଜନ୍ମଭୂମି କିମ୍ବା ମୃତ୍ୟୁ' ର ସ୍ଲୋଗାନ ଦେଇ ଦୀର୍ଘକାଳ କ୍ଷମତାସୀନ ହୋଇପାରିଥିଲେ।

ସମ୍ପ୍ରତି ବିଜ୍ଞାନର ପ୍ରଗତି ଅନୁସାରେ ପ୍ରଚାରପତ୍ର ବଦଳରେ ଭାରତୀୟ ନିର୍ବାଚନରେ ଇଣ୍ଟରନେଟ ମୁଖ୍ୟ ମାଧ୍ୟମ ପାଲଟିଛି। 'ଏକ୍ସ'ରୁ ଆରମ୍ଭ କରି ଫେସ୍‌ବୁକ୍, ହ୍ୱାଟ୍‌ସଆପ୍, ୟୁଟ୍ୟୁବ୍ ଆଦି ବିଭିନ୍ନ ସାମାଜିକ ଗଣମାଧ୍ୟମରେ ପ୍ରତିଦିନ ଶହଶହ ସଂଖ୍ୟାରେ ନୂତନ ଶୈଳୀ, ନୂଆ ଢାଞ୍ଚାରେ ସେହି ସମାନ ଶବ୍ଦର ଗୁରୁତ୍ୱ ବଢ଼ାଇବାକୁ ଚେଷ୍ଟା କରାଯାଉଛି। ସରକାରୀ ତଥ୍ୟ ଅନୁସାରେ ଗତବର୍ଷ ସୁଦ୍ଧା ଦେଶର ପଞ୍ଚାନବେ ପ୍ରତିଶତ ଗ୍ରାମକୁ ଇଣ୍ଟରନେଟ ସଂଯୋଗ କରାଯାଇଛି। କୁହାଯାଉଛି ଦେଶର ପଞ୍ଚାଅଶୀ ପ୍ରତିଶତ ପରିବାରଙ୍କ ପାଖରେ ସ୍ମାର୍ଟଫୋନ ପହଞ୍ଚି ସାରିଲାଣି। ସୁତରାଂ ବିଭିନ୍ନ ରାଜନୈତିକ ଦଳ ବର୍ତ୍ତମାନ ଏହି ନିର୍ବାଚନୀ ଆୟୁଧ - 'ଶବ୍ଦପୁଞ୍ଜ'ର ପ୍ରଚାର, ପ୍ରସାର ପାଇଁ ମୋବାଇଲ ଫୋନକୁ ମୁଖ୍ୟ ମାଧ୍ୟମ କରିଛନ୍ତି। ଚିତ୍ର, ଛାୟାଚିତ୍ର, କ୍ଷୁଦ୍ର ଗୀତ, ସଂଳାପ, ନାଟକ ମାଧ୍ୟମରେ ଲୋକଙ୍କ ମନକୁ ଆକର୍ଷିତ କଲା ପରି ସଂଯୋଜନା କରି ଏହି ଶବ୍ଦର ଗୁରୁତ୍ୱ ବୃଦ୍ଧି କରାଯାଉଛି। ସରକାରୀ ଦଳର ବିଭିନ୍ନ ଲୋଭନୀୟ ଯୋଜନା ସହ ବିରୋଧୀ ଦଳର ସମାଲୋଚନା ଏବଂ ଭବିଷ୍ୟତର ସ୍ୱପ୍ନ ମଧ୍ୟରେ ଏହି ଶବ୍ଦର ସଠିକ ନିରୂପଣ ଓ ବ୍ୟବହାର ଯେ ନିର୍ବାଚନ ରଣାଙ୍ଗନର ଅନ୍ୟତମ ପ୍ରମୁଖ ଅସ୍ତ୍ର, ଏହା ଅନସ୍ୱୀକାର୍ଯ୍ୟ।

ଭୁବନେଶ୍ୱର, ମୋ: ୯୪୩୭୩୬୦୮୬୬

# ପ୍ରାକ୍‌ପ୍ରସ୍ତୁତି ଲକ୍ଷ୍ୟ ହାସଲକୁ ସହଜ କରେ

ଡ. ଉଷାରାଣୀ ଦାଶ

ହିମାଳୟ ପାଦଦେଶର ରାଜ୍ୟଗୁଡ଼ିକରେ ପ୍ରାୟତଃ ପ୍ରତିବର୍ଷ ବାଦଲଫଟା ବର୍ଷା, ତଦ୍‌ଜନିତ ବନ୍ୟା, ହିମବାହ ଓ ଭୂସ୍ଖଳନ ଭଳି ପ୍ରାକୃତିକ ବିପର୍ଯ୍ୟୟ ସେଠାକାର ଜନଜୀବନକୁ ଅସ୍ତବ୍ୟସ୍ତ କରିଆସୁଛି। ଏପରି ପରିସ୍ଥିତିରୁ ସୁରକ୍ଷା ପାଇଁ ପୂର୍ବପ୍ରସ୍ତୁତି ନିହାତି ଆବଶ୍ୟକ। ବିକାଶମୂଳକ କାର୍ଯ୍ୟଗୁଡ଼ିକୁ ପରିବେଶ ଅନୁକୂଳ କରାଗଲେ ଏହିପରି ବିପର୍ଯ୍ୟୟକୁ ରୋକାଯାଇପାରିବ। ପ୍ରସ୍ତୁତର ସଫଳତା ବିନା ଏହା ସମ୍ଭବନ ନୁହେଁ। ଏ ସମ୍ପର୍କରେ ବେଞ୍ଜାମିନ ଫ୍ରାଙ୍କଲିନଙ୍କ ଉକ୍ତିଟି ପ୍ରଣିଧାନଯୋଗ୍ୟ, ଯାହାର ଅର୍ଥ - 'ପ୍ରସ୍ତୁତିରେ ବିଫଳ ହୋଇ ତୁମେ ବିଫଳ ହେବା ନିମିତ୍ତ ପ୍ରସ୍ତୁତ ହେଉଛ।'

ପୂର୍ବପ୍ରସ୍ତୁତି କିଭଳି ବିପର୍ଯ୍ୟୟରୁ ଧନଜୀବନକୁ ଶତପ୍ରତିଶତ ସୁରକ୍ଷିତ କରିପାରେ ତାହାର ଉଦାହରଣ ଭାବେ ଆମେ ଓଡ଼ିଶାକୁ ନେଇପାରିବା। ଭାରତସ୍ଥିତ ଜାତିସଂଘର ଆବାସିକ ସଂଯୋଜକ ଶୋମ୍ବି ଶାର୍ପ ୨୦୨୪ମସିହାରେ ବିପର୍ଯ୍ୟୟ ଆପଦ ପ୍ରସ୍ତୁତିରେ ଓଡ଼ିଶାକୁ ବିଶ୍ୱରେ ଏକ ଅଗ୍ରଣୀ ମଡେଲ ଭାବେ ପ୍ରଶଂସା କରିଥିଲେ। ୨୦୨୩ ମସିହାରେ ଭାରତ ସରକାରଙ୍କ ଜାତୀୟ ବିପର୍ଯ୍ୟୟ ପରିଚାଳନା ପ୍ରାଧିକରଣ ଦ୍ୱାରା ଭାରତରେ ବିପର୍ଯ୍ୟୟ ପ୍ରସ୍ତୁତି ଓ ପରିଚାଳନାରେ ଉଲ୍ଲେଖନୀୟ ଅବଦାନକୁ ସ୍ୱୀକୃତି ସ୍ୱରୂପ ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷଙ୍କୁ 'ସୁଭାଷ ଚନ୍ଦ୍ର ବୋଷ ଆପଦ ପ୍ରବନ୍ଧନ' ପୁରସ୍କାରରେ ସମ୍ମାନିତ କରାଯାଇଥିଲା। ବିଶ୍ୱସ୍ତରରେ ଏହି ପୁରସ୍କାରର ମୂଳରେ ଥିଲା ଓଡ଼ିଶା ସରକାରଙ୍କ ସଫଳ ପ୍ରସ୍ତୁତି।

କୋଭିଡ୍-୧୯ ଆରମ୍ଭ ହେବା ସମୟରେ ଚିକିତ୍ସା ଭିତ୍ତିଭୂମି ଏବଂ ମହାମାରୀ ରଣନୀତିର ଅଭାବ ହେତୁ ଭାରତ ସମେତ ଅନେକ ଦେଶ, ପିପିଇ, ଚିକିତ୍ସା ଉପକରଣ, ପରୀକ୍ଷଣ ଭିତ୍ତିଭୂମି ଏବଂ ହସ୍ପିଟାଲରେ ଶଯ୍ୟାର ଅଭାବ ସମସ୍ୟାର ସମ୍ମୁଖୀନ ହୋଇଥିଲେ। ପରେ ଭାରତ ପିପିଇ ଉତ୍ପାଦନ ବୃଦ୍ଧି କରିବା ସହିତ କୋୱିନ ପ୍ଲାଟଫର୍ମ ଆରମ୍ଭ କରି ବିଶ୍ୱର ସର୍ବବୃହତ ଟିକାକରଣ ଅଭିଯାନ କାର୍ଯ୍ୟକାରୀ କରିଥିଲା। ଇଟାଲୀ ଓ ଆମେରିକାରେ ପ୍ରାରମ୍ଭିକ ପରୀକ୍ଷାର ଅଭାବ, ମନ୍ଥର ଲକଡାଉନ୍ ଏବଂ ଦୁର୍ବଳ ଭଣ୍ଡାର ପରିଚାଳନା ଯୋଗୁଁ ସ୍ୱାସ୍ଥ୍ୟ ବ୍ୟବସ୍ଥା ଭୁଶୁଡ଼ି ପଡ଼ିଥିବା ବେଳେ ଦକ୍ଷିଣ କୋରିଆ ଓ ତାଇୱାନ ପରି ପ୍ରାକ୍‌ପ୍ରସ୍ତୁତ ଦେଶଗୁଡ଼ିକ ପରୀକ୍ଷଣ, ସଂକ୍ରମିତ ବ୍ୟକ୍ତିଙ୍କ ସଂସ୍ପର୍ଶରେ ଆସିଥିବା ଲୋକଙ୍କୁ ଚିହ୍ନଟ କରି ସଫଳତାର ସହିତ ମୁକାବିଲା କରିଥିଲେ। ସେହି ସମୟରେ ସ୍କୁଲଗୁଡ଼ିକରେ ଅନଲାଇନ୍ ଶିକ୍ଷାଦାନ କରିବା ଅତ୍ୟାବଶ୍ୟକ ହୋଇଥିଲା। ଭାରତ, ଆଫ୍ରିକା, ଆମେରିକାର ଗ୍ରାମାଞ୍ଚଳ ଓ ଅନୁନ୍ନତ ଅଞ୍ଚଳରେ ଅନେକ ପ୍ରତିଷ୍ଠାନ ଡିଜିଟାଲ୍ ଭିତ୍ତିଭୂମି ଓ ତାଲିମ ଅଭାବରୁ ସମସ୍ୟାର ସମ୍ମୁଖୀନ ହୋଇଥିଲେ। ଅପରପକ୍ଷରେ ଫିନ୍‌ଲ୍ୟାଣ୍ଡ ପରି ଦେଶଗୁଡ଼ିକ ପ୍ରାକ୍‌ଡିଜିଟାଲ୍ ପ୍ରସ୍ତୁତି କରିସାରିଥିବାରୁ ସେଠାରେ ନିରନ୍ତର ଶିକ୍ଷା ଜାରି ରହିଥିଲା।

ଏକଦା ମୋବାଇଲ୍ ଫୋନ୍ ଜଗତରେ ନେତୃତ୍ୱ ନେଉଥିବା ନୋକିଆ ସ୍ମାର୍ଟଫୋନ୍ ବିପ୍ଳବ ପାଇଁ ଉପଯୁକ୍ତ ପ୍ରସ୍ତୁତି ନ କରିବା ସହିତ ଆପଲ୍ ଓ ଆଣ୍ଡ୍ରଏଡ୍ ଭଳି ପ୍ରତିଯୋଗୀମାନଙ୍କୁ ଅଣଦେଖା କରିଥିଲା। ଫଳରେ ରାତାରାତି ବଜାର ନେତୃତ୍ୱ ହରାଇଥିଲା। ଉପଯୁକ୍ତ ପ୍ରସ୍ତୁତି, ନେତୃତ୍ୱ, ସମ୍ବଳ ଓ ସମନ୍ୱୟର ଅଭାବ ସହିତ ଅସହଯୋଗ ଯୋଗୁଁ ସିପାହୀ ବିଦ୍ରୋହ ଆଶାନୁରୂପ ପ୍ରଭାବଶାଳୀ ହୋଇପାରି ନ ଥିଲା। ତାଲିବାନକୁ ବିତାଡ଼ିତ କରିବା ପାଇଁ ଆଫଗାନିସ୍ତାନରେ ଆମେରିକାର ସାମରିକ କାର୍ଯ୍ୟାନୁଷ୍ଠାନ ସମୟରେ ସେ ଦେଶର ଭୌଗୋଳିକ ସ୍ଥିତି ଆକଳନର ଅଭାବ ଏବଂ ପାର୍ବତ୍ୟାଞ୍ଚଳ ପାଇଁ ଆବଶ୍ୟକ ସ୍ୱତନ୍ତ୍ର ରଣନୀତିର ଅଭାବ ଯୋଗୁଁ ସଫଳତା ପାଇପାରି ନ ଥିଲା।

ସେହିପରି ଭାରତରେ ନଗଦ ଦେଣନେଣ, ଡିଜିଟାଲ୍ ଭିତ୍ତିଭୂମି ଓ ସାଧାରଣ ଯୋଗାଯୋଗ ଦୃଷ୍ଟିରୁ ପ୍ରସ୍ତୁତିର ଅଭାବ ପାଇଁ ୨୦୧୬ରେ ଭାରତରେ ବିମୁଦ୍ରୀକରଣ ପଦକ୍ଷେପ ବିଫଳ ହୋଇଥିଲା। ୨୦୨୩ ମସିହାରେ ଇସ୍ରୋର ଚନ୍ଦ୍ରାୟଣ-୩ ସଫଳ ଅବତରଣ କେବଳ ଚନ୍ଦ୍ରାୟଣ-୨ର ଆଂଶିକ ବିଫଳତାର ସୁଧାର ପରେ ସମ୍ଭବ ହୋଇଥିଲା। ସେହିପରି ୨୦୨୪-୨୦୨୫ରେ ସାରା ଭାରତରେ ଭୟଙ୍କର ଗ୍ରୀଷ୍ମ ପ୍ରବାହ ହେତୁ ଜରୁରୀକାଳୀନ ପରିସ୍ଥିତି ସୃଷ୍ଟି କରିଥିବା ସମୟରେ ଗ୍ରୀଷ୍ମ ପରିଚାଳନା ଯୋଜନା କାର୍ଯ୍ୟକାରୀ ହେଉଥିବା ଅହମ୍ମଦାବାଦ ଭଳି ସହରରେ ମୃତାହତଙ୍କ ସଂଖ୍ୟାକୁ ଉଲ୍ଲେଖନୀୟ ଭାବେ ହ୍ରାସ କରାଯାଇପାରିଥିଲା। ଯୋଜନାବ ବିହୀନ ସହରାଞ୍ଚଳ ବିକାଶ, ଦୁର୍ବଳ ଜଳ ନିଷ୍କାସନ ଓ ବିପର୍ଯ୍ୟୟ ପ୍ରଶମନ ପ୍ରସ୍ତୁତିର ଅଭାବ ଯୋଗୁଁ ୨୦୨୫ ମସିହାରେ ଦିଲ୍ଲୀ, ମୁମ୍ବାଇ ସହିତ ଅନେକ ସହରରେ ବନ୍ୟା ହୋଇଥିଲା।

ଯେଉଁ ବ୍ୟକ୍ତି ନିଜର ଲକ୍ଷ୍ୟ ଅନୁଯାୟୀ ସଠିକ୍ ଯୋଜନା ପ୍ରସ୍ତୁତ କରନ୍ତି, ଅନ୍ତତଃ ପକ୍ଷେ ନିଜର ଲକ୍ଷ୍ୟସ୍ଥଳରେ ପହଞ୍ଚିବା ପାଇଁ କେଉଁ ପଦ୍ଧତି, କିପରି ପ୍ରସ୍ତୁତି କରିବା ଜାଣନ୍ତି ଏବଂ ରଣନୈତିକ ପ୍ରୟାସ ଜାରି ରଖନ୍ତି ସେମାନେ ନିଶ୍ଚିତ ଭାବରେ ସଫଳତାର ସ୍ୱାଦ ଚାଖନ୍ତି। ଆବ୍ରାହମ ଲିଙ୍କନ୍ କହିଥିଲେ, ମୋତେ ଗଛ କାଟିବା ପାଇଁ ଛଅ ଘଣ୍ଟା ଦିଅ; ମୁଁ ପ୍ରଥମ ଚାରି ଘଣ୍ଟା କୁରାଢ଼ିକୁ ଧାର କରିବା ପାଇଁ ବିତାଇବି।' ଗ୍ରୀକବୀର ଆଲେକଜାଣ୍ଡାର୍, ହର୍କ୍ୟୁଲସ୍, ଆକବର, ରାଣାପ୍ରତାପ, ଅଶୋକ, ମହାତ୍ମା ଗାନ୍ଧୀ, ସୁଭାଷ ଚନ୍ଦ୍ର ବୋଷ ପ୍ରମୁଖ ବିଭିନ୍ନ ପ୍ରତିକୂଳ ପରିବେଶ ଓ ପରିସ୍ଥିତିକୁ ସଫଳତାର ସହ ମୁକାବିଲା କରି ସେମାନଙ୍କର ନାମ ସଫଳ ବ୍ୟକ୍ତିତ୍ୱ ଭାବରେ ବିଶ୍ୱ ଇତିହାସ ପୃଷ୍ଠାରେ ଲିପିବଦ୍ଧ କରିଯାଇଛନ୍ତି। ପିଲାଦିନେ ଲଗାତାର ବିଫଳତାର ଶିକାର ହୋଇଥିବା ଆଲବର୍ଟ ଆଇନଷ୍ଟାଇନ ପ୍ରସ୍ତୁତି ଓ ନିରନ୍ତର ପ୍ରୟାସ ଫଳରେ ନିଜକୁ ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟାର ଅମୂଲ୍ୟ ରତ୍ନ ଭାବରେ ପ୍ରମାଣିତ କରି ୧୯୨୧ ମସିହାରେ ପଦାର୍ଥବିଜ୍ଞାନ ପାଇଁ ନୋବେଲ୍ ପୁରସ୍କାର ଲାଭ କରିପାରିଥିଲେ। କୋଲୋନେଲ ହାର୍ଲାଣ୍ଡ ସାଣ୍ଡର୍ସ ତାଙ୍କ ରେଷ୍ଟୁରାଣ୍ଟର ଫ୍ରାଞ୍ଚାଇଜ୍ ଚୂଡ଼ାନ୍ତ ଅନୁମୋଦନ ପୂର୍ବରୁ ୧୦୦୯ ଥର ପ୍ରତ୍ୟାଖ୍ୟାନ ହୋଇଥିବା ତାଙ୍କର ଗୁପ୍ତ ରେସିପି, 'କେଣ୍ଟକି ଫ୍ରାଏଡ୍ ଚିକେନ୍' ବିଶ୍ୱବ୍ୟାପୀ ପ୍ରସିଦ୍ଧି ଲାଭ କରିଥିଲା।

ଦ୍ରୁତ ପରିବର୍ତ୍ତନଶୀଳ ସମସାମୟିକ ବିଶ୍ୱରେ ସଙ୍କଟ ସାଧାରଣ। କେବଳ ପର୍ଯ୍ୟାପ୍ତ ପ୍ରସ୍ତୁତ ରାଷ୍ଟ୍ର ହିଁ ଏହାକୁ ସମ୍ମୁଖୀନ ହୋଇପାରିବେ ଏବଂ ସଫଳ ହୋଇପାରିବେ। ଲୁଇସ ପାଷ୍ଟରଙ୍କ ଭାଷାରେ 'ସୁଯୋଗ ଓ ସମ୍ଭାବନା କେବଳ ପ୍ରସ୍ତୁତ ହୋଇଥିବା ମନକୁ ସମର୍ଥନ କରିଥାଏ।' ପ୍ରସ୍ତୁତି କେବଳ ସଫଳତା ପାଇଁ ଏକ ଉପକରଣ ନୁହେଁ; ଏହା ବିଫଳତା ବିରୁଦ୍ଧରେ ଏକ ସୁରକ୍ଷା। ପ୍ରତ୍ୟେକ କ୍ଷେତ୍ରରେ ଏହି ମାନସିକତା ମୂଳଦୁଆ ହେବା ଆବଶ୍ୟକ।

ଏମ୍ସ, ଭୁବନେଶ୍ୱର, ମୋ: ୯୪୩୮୧୩୩୬୧୨

# କଞ୍ଜୁର ଓ ତଞ୍ଜୁର

ପ୍ରବୀର କୁମାର ପଟ୍ଟନାୟକ

## ଦ୍ୱିତୀୟ-ବୁଦ୍ଧ କଥା

ପୂର୍ବପ୍ରକାଶିତ ଉତ୍ତାରୁ...

ତଞ୍ଜୁର: ଏହି ଶ୍ରେଣୀରେ ସତରଗୋଟି ବର୍ଗର ଗ୍ରନ୍ଥମାନ ଅନ୍ତର୍ଭୁକ୍ତ। କେତେକ ବର୍ଗ ମଧ୍ୟରେ ଉପ-ବର୍ଗମାନ ମଧ୍ୟ ରହିଛି। (୧) ସ୍ତୋତ୍ର- ଏହି ବର୍ଗରେ ଏକସ୍ତରୀ ଗୋଟି ଗ୍ରନ୍ଥ ଅନ୍ତର୍ଭୁକ୍ତ। (୨) ତନ୍ତ୍ର- ତିବ୍ବତୀୟ ପରମ୍ପରାରେ ଦର୍ଶାଯାଇଥିବା ମୁତାବକ ଏହି ବର୍ଗଟି ହେଉଛି ତାନ୍ତ୍ରିକ ଗ୍ରନ୍ଥର ବିଶାଳ ସଂଗ୍ରହ। ଏହା ମଧ୍ୟରେ ଦୁଇ ହଜାର ଛଅଶହ ଛଅଗୋଟି ତନ୍ତ୍ର ଗ୍ରନ୍ଥ ରହିଛି। ଏଥିମଧ୍ୟରୁ ଅନେକ ଗ୍ରନ୍ଥ ହେଉଛି ଭାରତୀୟ ଉପ-ମହାଦେଶରୁ ସଂଗୃହୀତ ତନ୍ତ୍ରଗ୍ରନ୍ଥ। (୩) ପ୍ରଜ୍ଞାପାରମିତା ସୂତ୍ର- ଏହି ଶ୍ରେଣୀରେ ଅଠତିରିଶ ଗୋଟି ଗ୍ରନ୍ଥ ଅନ୍ତର୍ଭୁକ୍ତ। (୪) ମାଧ୍ୟମିକ - ଏହି ବର୍ଗରେ ଏକଶହ ସତାବନ ଗୋଟି ଶାସ୍ତ୍ର ରହିଛି। (୫) ସୂତ୍ରଟୀକା - ଏହା ହେଉଛି ବୁଦ୍ଧଙ୍କ ବାଣୀ ସଂପର୍କରେ ଭାରତୀୟ ଗୁରୁ ଓ ପଣ୍ଡିତମାନଙ୍କର ବ୍ୟାଖ୍ୟା ସମ୍ବଳିତ ସଂଗ୍ରହ। ଏହା ମଧ୍ୟରେ ଅଣଚାଳିଶ ଗୋଟି ଗ୍ରନ୍ଥ ଅନ୍ତର୍ଭୁକ୍ତ। (୬) ଯୋଗାଚାର- ମହାଯାନ



ବୌଦ୍ଧଧର୍ମର ଏହା ଏକ ପ୍ରମୁଖ ଶାଖା। ମାତ୍ର ଏଠାରେ ଏହାର ଅର୍ଥ ହେଉଛି ଯୋଗ ଓ ଯୋଗଦର୍ଶନ ସଂପର୍କିତ। (୭) ଅଭିଧର୍ମ- ଏହି ବର୍ଗର ଗ୍ରନ୍ଥ ପାଲି ଅଭିଧର୍ମପିଟକ ଗ୍ରନ୍ଥ ସ୍ୱରୂପ। ଏଥିମଧ୍ୟରେ ଉଭୟ ଭାରତ ଓ ତିବ୍ବତରେ ଉଚ୍ଚଶ୍ରେଣୀର ବୌଦ୍ଧ ଦର୍ଶନ ଅନ୍ତର୍ଭୁକ୍ତ। ମାତ୍ର ପାଲି ଅଭିଧର୍ମପିଟକଠାରୁ ଏଥିରେ ଅଧିକ ଗ୍ରନ୍ଥ ରହିଛି। ଏହି ବର୍ଗରେ ଅଠର ଗୋଟି ଗ୍ରନ୍ଥର ସଂଗ୍ରହ, ଯେଉଁଠିକି ପାଲିରେ ମାତ୍ର ସାତଗୋଟି। (୮) ବିନୟ- ଏହା ମଧ୍ୟରେ ଛୟାଳିଶ ଗୋଟି ଗ୍ରନ୍ଥ ଅନ୍ତର୍ଭୁକ୍ତି। (୯) ଜାତକ- ପାଲିଗ୍ରନ୍ଥ ମଧ୍ୟରେ ଜାତକ ଗ୍ରନ୍ଥକୁ ତ୍ରିପିଟକ ମଧ୍ୟରେ ଗଣାଯାଏ ନାହିଁ, ମାତ୍ର ଜାତକ ଗ୍ରନ୍ଥ ବୌଦ୍ଧ ପାଲିଗ୍ରନ୍ଥର ଏକ ମୁଖ୍ୟ ଅଂଶ। (୧୦) ଚିଠିପତ୍ର- ଏହି ବର୍ଗରେ ପଇଁଚାଳିଶ ଗୋଟି ଗ୍ରନ୍ଥ ଅନ୍ତର୍ଭୁକ୍ତ। ଏଥି ମଧ୍ୟରେ ନାଳନ୍ଦାର ପ୍ରସିଦ୍ଧ ବୌଦ୍ଧ ଗୁରୁ ନାଗାର୍ଜୁନ ରାଜା ଗୋତମିପୁତ୍ରଙ୍କ ନିକଟକୁ ଲେଖିଥିବା ପତ୍ର ସବୁଠାରୁ ଅଧିକ ମହତ୍ତ୍ୱପୂର୍ଣ୍ଣ। (୧୧) ପ୍ରମାଣ ସୂତ୍ର- ଏହି ବର୍ଗରେ ଛଅଷଠି ଗୋଟି ଗ୍ରନ୍ଥ ଅନ୍ତର୍ଭୁକ୍ତ। (୧୨) ବ୍ୟାକରଣ ବା ଶବ୍ଦ ଶାସ୍ତ୍ର- ଏହି ବର୍ଗରେ ସଇଁତିରିଶ ଗୋଟି ଗ୍ରନ୍ଥର ସମାହାର। (୧୩) ଚିକିତ୍ସା ଶାସ୍ତ୍ର- ତିବ୍ବତୀୟ ପରମ୍ପରା ମୁତାବକ ବୁଦ୍ଧ ହେଉଛନ୍ତି ଶେଷ ଚିକିତ୍ସକ ଓ ସେ ହିଁ ସମସ୍ତ ମାନସିକ, ଶାରୀରିକ, ମନସ୍ତାତ୍ତ୍ୱିକ ତଥା ଅନ୍ୟାନ୍ୟ ସମସ୍ୟା ଏବଂ ରୋଗ ସବୁର ଚିକିତ୍ସାର କର୍ତ୍ତା। ଏଣୁ ସେମାନେ ବୁଦ୍ଧଙ୍କୁ ହିଁ ଭୈଷଜ୍ୟ ଗୁରୁ ଭାବେ ଗ୍ରହଣ କରିଥା'ନ୍ତି। ବୁଦ୍ଧ ହିଁ ସଂସାରରେ ସମସ୍ତ ପ୍ରକାର ଔଷଧ ତଥା ଚେରମୂଳିରୁ ଔଷଧ ପ୍ରସ୍ତୁତିର ସ୍ୱରର ହର୍ତ୍ତାକର୍ତ୍ତା। (୧୪) ଶିଳ୍ପ ବିଦ୍ୟା- ଏହା ହେଉଛି ମଣ୍ଡଳ, ଧାରଣୀ ଓ ତନ୍ତ୍ରର ବିଭିନ୍ନ ପ୍ରକାରର ଯନ୍ତ୍ର ତିଆରି ନିମନ୍ତେ ଆବଶ୍ୟକୀୟ ବିଦ୍ୟା। ଏହା ମଧ୍ୟରେ ପନ୍ଦର ଗୋଟି ଗ୍ରନ୍ଥର ସମାହାର। (୧୫) ସମୟ ଶାସ୍ତ୍ର- ଏହି ବର୍ଗରେ ଅଠର ଗୋଟି ଗ୍ରନ୍ଥ ରହିଛି। (୧୬) ଅନ୍ୟାନ୍ୟ- ଯେଉଁ ସବୁ ଗ୍ରନ୍ଥ ଉପରେ ବର୍ଣ୍ଣିତ ବର୍ଗ ଅନ୍ତର୍ଭୁକ୍ତ ନୁହନ୍ତି, ସେ ସବୁକୁ ଏହି ବର୍ଗରେ ସ୍ଥାନିତ କରାଯାଇଛି। ଏହି ବର୍ଗରେ ଏକଶହ ଉଣେଇଶ ଗୋଟି ଗ୍ରନ୍ଥ ସଂଗୃହୀତ। (୧୭) ଅତୀଶଙ୍କ ଦ୍ୱାରା ରଚିତ ଗ୍ରନ୍ଥ- ଏହି ବର୍ଗରେ ଏକଶହ ତିନିଗୋଟି ଗ୍ରନ୍ଥ ସଂଗୃହୀତ।

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

**ମିଳୁନି ଜିଏସ୍‌ବିୱାଇ ଚିକିତ୍ସା**

# ବାପ ଘରେ ସ୍ୱାସ୍ଥ୍ୟକାର୍ଡ, ଶାଶୂଘରେ ବୋହୂ

- ସବୁରି ମୂଳରେ ବ୍ଲକ୍‌ୱାରୀ ଟାର୍ଗେଟ୍
- ଛୋଟ ପିଲା ବି ଯୋଡ଼ି ହୋଇପାରୁନାହାନ୍ତି

ଭୁବନେଶ୍ୱର,୧୯।୯(ସମିସ): ରାସନ କାର୍ଡ ହିତାଧିକାରୀଙ୍କୁ ଘରୋଇ ହସ୍ପିଟାଲ୍‌ରେ ମାଗଣା ସ୍ୱାସ୍ଥ୍ୟ ସେବା ବ୍ୟବସ୍ଥା ବିଏସ୍‌କେୱାଇ ମାଧ୍ୟମରେ ବିଜେଡି ସରକାର ଆରମ୍ଭ କରିଥିଲେ। ସେହି କାର୍ଡର ନାମ ପରିବର୍ତ୍ତନ କରି ବିଜେପି ସରକାର ତାକୁ ଆୟୁଷ୍ମାନ ସହ ଯୋଡ଼ି ଗୋପବନ୍ଧୁ ସ୍ୱାସ୍ଥ୍ୟ ବୀମା ଯୋଜନା(ଜିଏସ୍‌ବିୱାଇ) ରେ ପରିଣତ କରିଦେଲେ। ମାତ୍ର ବିଏସ୍‌କେୱାଇରେ ଯେଉଁ ସୁବିଧା ସୁଯୋଗ ମିଳୁଥିଲା, ତାହା ଏବେ ଜିଏସ୍‌ବିୱାଇରେ ମିଳୁନି। ହେଲେ ଏବେ ବି ଯେତିକି ସୁବିଧା ମିଳୁଛି, ଅଧିକାଂଶ ଯୋଗ୍ୟ ହିତାଧିକାରୀ ତାହା ପାଇପାରୁନାହାନ୍ତି। ବିଶେଷକରି ନବବିବାହିତ ଝିଅମାନେ ଏହି ଚିକିତ୍ସା ସୁବିଧାରୁ ବଞ୍ଚିତ ହୋଇଛନ୍ତି। ବିବାହ ପରେ ସେମାନେ ବାପାଘର କାଡର୍‌ରୁ ବାଦ ପଡୁଛନ୍ତି ସିନା, ମାତ୍ର ଶାଶୂଘର କାର୍ଡରେ ସେମାନଙ୍କ ନାମ ଯୋଡ଼ି ହୋଇପାରୁନାହାନ୍ତି। କିଛି ସ୍ଥାନରେ ବାପ ଘରେ ଝିଅର ନାଁ ଥିବାବେଳେ ସ୍ୱାସ୍ଥ୍ୟ ସମସ୍ୟା ହେଲେ ପାଖରେ କାର୍ଡ ନ ଥିବାରୁ କାର୍ଡ ନମ୍ବର, ଫିଙ୍ଗରପ୍ରିଣ୍ଟ୍ ଆଦି ବିଭିନ୍ନ ଅସୁବିଧା ଯୋଗୁଁ ଚିକିତ୍ସାରୁ ବଞ୍ଚିତ ହେଉଛନ୍ତି।

ରାଜ୍ୟରେ ରାସନ କାର୍ଡଧାରୀ ପରିବାର ସଂଖ୍ୟା ୯୫ ଲକ୍ଷ ୮୫ ହଜାର ୭୬୬। ଗ୍ରାମାଞ୍ଚଳଠାରୁ ଆରମ୍ଭ କରି ସହରାଞ୍ଚଳ ପର୍ଯ୍ୟନ୍ତ ପ୍ରତ୍ୟେକ ପରିବାରର ସଦସ୍ୟ ଏହି କାର୍ଡରେ ଯୋଡ଼ି ହୋଇ ଯୋଜନାର ଲାଭ ଉଠାଉଛନ୍ତି। ଝିଅମାନେ ବିବାହ ପୂର୍ବରୁ କାର୍ଡରେ ଯୋଡ଼ି ହୋଇ ମୁଣ୍ଡ ପିଛା ୫ କେଜି ଚାଉଳ ସହ ବିଭିନ୍ନ ସୁବିଧା ସୁଯୋଗ ପାଇପାରୁଛନ୍ତି। ବାହାଘର ପରେ ସେମାନେ ବାପାଘର କାର୍ଡରୁ ନିଜ ନାମକୁ ବିଯୋଗ କରି ଶାଶୂଘର କାର୍ଡରେ ଯୋଡ଼ି ହେବାକୁ ଚାହୁଁଛନ୍ତି; କିନ୍ତୁ ବାପାଘର ଓ ଶାଶୂଘର ଭିନ୍ନ ବ୍ଲକ୍ ହୋଇଥିଲେ ନାଁ ଯୋଡ଼ିବାରେ ଅସୁବିଧା ହେଉଛି। ବ୍ଲକ୍‌ଗୁଡ଼ିକୁ ପୂର୍ବରୁ ଏସ୍‌ଏଫ୍‌ଏସ୍‌ଏସ୍ ଓ ଏନ୍‌ଏଫ୍‌ଏସ୍‌ଏସ୍‌ରେ ନିର୍ଦ୍ଦିଷ୍ଟ ଟାର୍ଗେଟ୍ ଦିଆଯାଉଛି। ତେଣୁ ଯେଉଁ ବ୍ଲକ୍‌ରେ ନୂତନ ଭାବେ ଯୋଡି ହେବାକୁ ଚାହୁଁଛନ୍ତି, ସେଠି ଟାର୍ଗେଟ୍ ପୂରଣ ହୋଇଯାଇଥିବାରୁ ଯୋଡ଼ି ହୋଇପାରୁନାହାନ୍ତି। କେବଳ ଝିଅମାନେ ନୁହନ୍ତି, ଛୋଟ ପିଲା ଜନ୍ମ ହେବା ପରେ ଆଧାରକାର୍ଡ ହେବା ପରେ ରାସନ କାର୍ଡରେ ଯୋଡ଼ି ହେବା ବେଳକୁ ଏଭଳି ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ବ୍ଲକ୍‌ଗୁଡ଼ିକରେ ଯଦି କୌଣସି ହିତାଧିକାରୀଙ୍କ ମୃତ୍ୟୁ ହେଉଛି, ତେବେ ତାଙ୍କ ପରିବର୍ତ୍ତେ ଆବେଦନକାରୀଙ୍କୁ ଗୁରୁତ୍ୱ ଦିଆଯାଉଛି। ତେଣୁ ଅଧିକାଂଶ ଝିଅମାନେ ଚାଉଳ ନ ପାଇବା ଯୋଗୁଁ ବାପାଘରୁ ନାଁ କାଟିବାକୁ ଚାହୁଁନାହାନ୍ତି। ତେଣୁ ସରକାରୀ ଚିକିତ୍ସା ସୁବିଧାର ଲାଭ ଉଠାଇ ପାରୁନାହାନ୍ତି।

ହିତାଧିକାରୀ ଚନ୍ଦ୍ରଶେଖର ବେହେରା କହିଛନ୍ତି ଯେ ମୋର କାର୍ଡ ଭୁବନେଶ୍ୱର ମହାନଗର ନିଗମ ଅଞ୍ଚଳରେ ଅଛି। ମୋ ସ୍ତ୍ରୀଙ୍କର ଖୋର୍ଦ୍ଧା ଜିଲ୍ଲା ବୋଲଗଡ଼ ବ୍ଲକ୍‌ରେ ନାଁ ରହିଛି। ଗୋଟିଏ ଜିଲ୍ଲା ଭିତରେ ହୋଇଥିଲେ ବି ଦୁଇଟି ବ୍ଲକ୍ ଓ ଟାର୍ଗେଟ୍ ନଥିବା କାରଣରୁ ପତ୍ନୀଙ୍କ ନାଁ ଯୋଡ଼ିବାରେ ମୋତେ ଅସୁବିଧା ହେଉଛି। ମୁଁ ନ ଜାଣିପାରି ସେଠୁ ନାଁ କାଟି ଦେଇଥିବାବେଳେ ଏବେ ଏଠି ଯୋଡ଼ିବାରେ ଅସୁବିଧା ହେଉଛି। ତେଣୁ ସରକାର ଏଥିପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା କରିବାକୁ ସେ ନିବେଦନ କରିଛନ୍ତି। ଏ ସମ୍ପର୍କରେ ଯୋଗାଣ ବିଭାଗର ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି, ଟାର୍ଗେଟ୍ ନ ଥିଲେ ଆମେ କିଛି କରିପାରିବୁ ନାହିଁ। ମୂଳରେ ଏଭଳି ସରକାରୀ ବ୍ୟବସ୍ଥା ହୋଇଛି। ତେଣୁ ଏଥିରେ ପରିବର୍ତ୍ତନ ପାଇଁ ଆମେ ପ୍ରସ୍ତାବ ଦେବୁ। ଆଗାମୀ ଦିନରେ ସରକାର ଯାହା ନିଷ୍ପତ୍ତି ନେବେ, ଆମେ ତାକୁ କାର୍ଯ୍ୟକାରୀ କରିବୁ ବୋଲି ସେ କହିଛନ୍ତି।

# ଚରିତ୍ର ସନ୍ଦେହରେ ସ୍ତ୍ରୀକୁ କଟୁରି ଚୋଟ

- ଝିଅ, ଶ୍ୱଶୁରକୁ ବି ଛାଡ଼ିଲାନି
- ଘରେ ନିଆଁ ଲଗାଇଦେଲା



ଢେଙ୍କାନାଳ,୧୯।୯(ସମିସ): ସ୍ତ୍ରୀର ଚରିତ୍ରକୁ ସନ୍ଦେହ କରି ସଦର ଥାନା ଅନ୍ତର୍ଗତ ବଳଦିଆବନ୍ଧ ଗ୍ରାମରେ ବର୍ବର କାଣ୍ଡ ଘଟିଛି। ଗ୍ରାମର ମାନସ ଦାସଙ୍କ କଟୁରି ଚୋଟରେ ତାଙ୍କ ସ୍ତ୍ରୀ ସନ୍ତୋଷୀ ପାତ୍ରଙ୍କ ସମେତ ୧୧ବର୍ଷୀୟ ଝିଅ ଓ ଶ୍ୱଶୁର ସରୋଜ ଚନ୍ଦ୍ର ପାତ୍ର ଗୁରୁତର ଆହତ ହୋଇଛନ୍ତି। ଏହି ଆକ୍ରମଣରେ ଖୋଦ୍ ମାନସ ମଧ୍ୟ ଆହତ ହୋଇଛନ୍ତି। ଏହି କାଣ୍ଡ ଭିଆଇବା ପରେ ମାନସ ନିଜ ଘରେ ନିଆଁ ମଧ୍ୟ ଲଗାଇ ଦେଇଥିବା ଜଣାପଡ଼ିଛି। ପରିବାରଲୋକ ଓ ଗ୍ରାମବାସୀଙ୍କ ସହାୟତାରେ ସମସ୍ତଙ୍କୁ ଉଦ୍ଧାର କରାଯାଇ କଟକର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

ମିଳିଥିବା ସୂଚନାନୁଯାୟୀ, ସନ୍ତୋଷୀ ଇନ୍‌ଷ୍ଟାଗ୍ରାମରେ ରିଲ୍ସ କରୁଥିବାରୁ ମାନସ ସବୁବେଳେ ତାଙ୍କ ଚରିତ୍ରକୁ ସନ୍ଦେହ କରିଆସୁଥିଲେ। ବୁଧବାର ରାତିରେ ଏ ନେଇ ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ମାନସ ଉତକ୍ଷିପ୍ତ ହୋଇ ଏକ କଟୁରିରେ ସନ୍ତୋଷୀଙ୍କୁ ଆକ୍ରମଣ କରିଥିଲେ। ଏହା ଦେଖି ମାନସଙ୍କ ଝିଅ ଏବଂ ଶଶୁର ସରୋଜ ମାନସଙ୍କୁ ବିରୋଧ କରିବାରୁ ସେମାନଙ୍କୁ ମଧ୍ୟ ଆକ୍ରମଣ କରିବାରୁ ପଛାଇ ନ ଥିଲା।

**୧୪୦ତମ ରାଜ୍ୟସ୍ତରୀୟ ସିଙ୍ଗଲ୍ ୱିଣ୍ଡୋ କ୍ଲିୟରାନ୍ସ ଅଥରିଟି କମିଟି ବୈଠକ**

# ୨୫ଟି ପ୍ରକଳ୍ପକୁ ମଞ୍ଜୁରୀ, ୪,୭୩୯ ଟଙ୍କା ହେବ ନିବେଶ

**୨୫,୨୦୦ ନିଯୁକ୍ତି ସୁଯୋଗ ସୃଷ୍ଟି ଲକ୍ଷ୍ୟ**

ଭୁବନେଶ୍ୱର, ୧୯।୯ (ସମିସ): ଶୁକ୍ରବାର ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ରାଜ୍ୟସ୍ତରୀୟ ସିଙ୍ଗଲ୍ ୱିଣ୍ଡୋ କ୍ଲିୟରାନ୍ସ ଅଥରିଟି (ଏସ୍‌ଏଲଡବ୍ଲୁସିଏ) ର ୧୪୦ତମ ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ୪,୭୩୯ କୋଟି ଟଙ୍କାର ମୋଟ ୨୫ଟି ନୂଆ ନିବେଶ ପ୍ରସ୍ତାବକୁ ଅନୁମୋଦନ ମିଳିଛି। ଏହି ପ୍ରକଳ୍ପଗୁଡ଼ିକ ଦ୍ୱାରା ଖୋର୍ଦ୍ଧା, ଯାଜପୁର, କଟକ, ସମ୍ବଲପୁର, ଝାରସୁଗୁଡ଼ା, ଗଞ୍ଜାମ, ମୟୂରଭଞ୍ଜ, ଅନୁଗୋଳ ଓ ଗଜପତି ଜିଲ୍ଲାରେ ୨୫,୨୦୦ଟି ନୂତନ ନିଯୁକ୍ତି ସୃଷ୍ଟି ହେବ। ଅନୁମୋଦିତ ପ୍ରକଳ୍ପଗୁଡ଼ିକ ମଧ୍ୟରେ ବୟନଶିଳ୍ପ, ଇସ୍ପାତ, ରସାୟନ, ସୂଚନା ପ୍ରଯୁକ୍ତି, ଭିଡିଭୂମ, ଲଜିଷ୍ଟିକ୍ସ, ନବୀକରଣଯୋଗ୍ୟ ଶକ୍ତି, ପର୍ଯ୍ୟଟନ, ଧାତୁ ଉପରେ ନିର୍ଭରଶୀଳ ଶିଳ୍ପ, ସର୍କୁଲାର ଇକୋନୋମି, ଶୀତଳଭଣ୍ଡାର ଓ ଉତ୍ପାଦନ ସାମଗ୍ରୀ ଆଦି ମୋଟ ୧୩ଟି ମୁଖ୍ୟ କ୍ଷେତ୍ର ଅନ୍ତର୍ଭୁକ୍ତ ରହିଛି।

ପ୍ରମୁଖ ପ୍ରକଳ୍ପ ମଧ୍ୟରେ ସୂଚନା ପ୍ରଯୁକ୍ତି ତଥା ଆଇଟି ସକ୍ଷମ ସେବା କ୍ଷେତ୍ରରେ ଲିନ୍‌ଡେ ଇଣ୍ଡିଆ ଲିମିଟେଡ୍ ଖୋର୍ଦ୍ଧାରେ ପରିବହନ ଏବଂ ଦୂରରୁ ପରିଚାଳନା(ରିମୋଟ ଅପରେସନ) ପାଇଁ ଏକ ବୈଶ୍ୱିକ କୌଶଳ କେନ୍ଦ୍ର ସ୍ଥାପନ କରିବ। ଏଥିପାଇଁ ୮୨କୋଟି ଟଙ୍କା ନିବେଶ ହେବା ସହିତ ୨୧୦ ନିଯୁକ୍ତି ସୃଷ୍ଟି ହେବ। ଏହି କମ୍ପାନୀ ମଧ୍ୟ ଭିତ୍ତିଭୂମି ନିର୍ମାଣ କ୍ଷେତ୍ରରେ ଯାଜପୁରରେ ଟାଟା ଇସ୍ପାତ ଓ ଅନ୍ୟାନ୍ୟ ଶିଳ୍ପସଂସ୍ଥା ପାଇଁ ପାଇପଲାଇନ୍ କ୍ଲଷ୍ଟର ପ୍ରକଳ୍ପ ସ୍ଥାପନ କରିବ। ଏଥିପାଇଁ ୧୦୫.୭୦ କୋଟି ଟଙ୍କା ନିବେଶ କରିବ ଏବଂ ଏଥିରୁ ୩୫ଟି ନିଯୁକ୍ତି ସୃଷ୍ଟି ହେବ। ବସ୍ତ୍ର, ପୋଷାକ ଓ ପ୍ରାଯୁକ୍ତିକ ବସ୍ତ୍ର କ୍ଷେତ୍ରରେ କଲରଟୋନ୍ ଟେକ୍ସଟାଇଲ୍ସ ପ୍ରା.ଲି. ଖୋର୍ଦ୍ଧାରେ ୭୦୦.୨୯ କୋଟି ଟଙ୍କା ନିବେଶ କରି ସମନ୍ୱିତ ବସ୍ତ୍ର କେନ୍ଦ୍ର ସୁବିଧା ସ୍ଥାପନ କରିବ, ଯାହାଦ୍ୱାରା ୧,୦୧୦ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ। ଟେକ୍ନୋ ଆକ୍ଟିଭ୍‌ୱେୟାର୍ ପ୍ରା.ଲି. କଟକରେ କ୍ରୀଡ଼ା ପୋଷାକ ଫେବ୍ରିକ୍ ଓ ପୋଷାକ ୟୁନିଟ୍ ପାଇଁ ୧୦୦ କୋଟି ଟଙ୍କା ନିବେଶ କରିବ ଏବଂ ଏହାଦ୍ୱାରା ୨,୫୦୦ ନିଯୁକ୍ତି ସୃଷ୍ଟି ହେବ। ହିଣ୍ଡାଲ୍କୋ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ୍ କେନ୍ଦୁଝର ଓ ସମ୍ବଲପୁରରେ ପୋଷାକ ୟୁନିଟ୍ ପାଇଁ ପ୍ରତ୍ୟେକରେ ୧୦୦ କୋଟି ଟଙ୍କା ନିବେଶ କରିବା ସହ ପ୍ରତ୍ୟେକରେ ୧,୨୦୦ କରି ମୋଟ ୨,୪୦୦ ନିଯୁକ୍ତି ସୃଷ୍ଟି କରିବ। ଆହୁରି ମଧ୍ୟ, ପର୍ଯ୍ୟଟନ କ୍ଷେତ୍ରରେ ଏସ୍‌ୱାଇସିଇ ଇଣ୍ଡିଆ (ଓପିସି) ପ୍ରା.ଲି. ସମ୍ବଲପୁରରେ ୫-ତାରକା ବିଶିଷ୍ଟ ଆଡ଼ମ୍ବରପୂର୍ଣ୍ଣ ରିସର୍ଟ ପାଇଁ ୧୦୭.୪୨ କୋଟି ଟଙ୍କା ନିବେଶ କରିବ ଏବଂ ଏହାଦ୍ୱାରା ୧୫୦ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ। ଯାନ୍ତ୍ରିକ ଓ ବୈଦ୍ୟୁତିକ ଉପକରଣ ଦ୍ରବ୍ୟ ଉତ୍ପାଦନ କ୍ଷେତ୍ରରେ ରାହୀ ଟ୍ରାକ୍ ଟେକ୍ନୋଲୋଜିଜ୍ ପ୍ରା.ଲି. ଖୋର୍ଦ୍ଧାରେ ଭାରୀ ଇସ୍ପାତ କାଷ୍ଟିଂ ବ୍ୟବସ୍ଥା ପାଇଁ ୧୪୦ କୋଟି ଟଙ୍କା ବିନିଯୋଗ କରିବ ଓ ଏହାଦ୍ୱାରା ୧୫୦ ନିଯୁକ୍ତି ସୁଯୋଗ ମିଳିବ। ଇସ୍ପାତ କ୍ଷେତ୍ରରେ କୋଣାର୍କ ଇସ୍ପାତ ଲିମିଟେଡ୍ ଝାରସୁଗୁଡ଼ାରେ ରୋଲିଂ ମିଲ୍, ପେଲେଟ୍ ପ୍ଲାଣ୍ଟ, ଡି.ଆର୍.ଆଇ., ବିଲେଟ୍ ପ୍ଲାଣ୍ଟ ଓ ସି.ପି.ପି. ସହିତ କାରଖାନା ବିସ୍ତାର ପାଇଁ ୯୯୦ କୋଟି ଟଙ୍କା ନିବେଶ କରି ୨,୦୦୦ ନିଯୁକ୍ତି ସୁଯୋଗ ସୃଷ୍ଟି କରିବ। ରସାୟନ କ୍ଷେତ୍ରରେ ସିରିଅସ୍ ସ୍ପେସିଆଲିଟି କେମିକାଲ୍ସ ପ୍ରା.ଲି. ଦ୍ୱାରା ଯାଜପୁରରେ କାର୍ବନ ଇଲେକ୍‌ଟ୍ରୋଡ୍ ପେଷ୍ଟ ଉତ୍ପାଦନ କାରଖାନା ପାଇଁ ୨୦୫.୪୪ କୋଟି ଟଙ୍କା ନିବେଶ ଫଳରେ ୬୦୦ ନିଯୁକ୍ତି ସୃଷ୍ଟି ଲକ୍ଷ୍ୟ ରଖିଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ସାର ତାତି...

ଗୃହ କମ୍ପାଇଥିଲେ। ଏହି ସମୟରେ ବିଧାୟକ ଟଙ୍କଧର ତ୍ରିପାଠୀଙ୍କ ଏକ ଅଣତାରକା ପ୍ରଶ୍ନରେ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଉତ୍ତର ରଖୁଥିଲେ ହେଁ ବିଜେଡି ବିଧାୟକଙ୍କ ନାରାବାଜିରେ ଏହା ଆଦୌ ଶୁଣାଯାଉନଥିଲା। ଏହି ସମୟ ମଧ୍ୟରେ କଂଗ୍ରେସ ବିଧାୟକମାନେ ନିଜ ନିଜ ଆସନରେ ଛିଡ଼ା ହୋଇ ରହିଥିଲେ। ବିଜେଡି ବିଧାୟକଙ୍କୁ ନିଜ ନିଜ ଆସନକୁ ଫେରିଯିବା ପାଇଁ ବାଚସ୍ପତି ବାରମ୍ବାର ଅନୁରୋଧ କରିଥିଲେ ମଧ୍ୟ ସେମାନେ ଏହାକୁ କର୍ଣ୍ଣପାତ କରିନଥିଲେ। ଫଳରେ ବାଚସ୍ପତି ୧୦ଟା ୩୪ରୁ ଅପରାହ୍ନ ୪ଟା ଯାଏଁ ଗୃହକୁ ମୁଲତବୀ ରଖିଥିଲେ। ଅପରାହ୍ନରେ ଗୃହକାର୍ଯ୍ୟ ଆରମ୍ଭ ହେବା ମାତ୍ରେ ବିଜେଡି ବିଧାୟକ ସମାନ ଢଙ୍ଗରେ ଗୃହରେ ନାରାବାଜି, ହଟ୍ଟଗୋଳ ଆରମ୍ଭ କରିଥିଲେ। ବିଜେପି ସରାକରଙ୍କ ବିରୋଧରେ ନାରାବାଜି କରିବା ସହ ସାର ପ୍ରସଙ୍ଗରେ ସ୍ୱତନ୍ତ୍ର ଆଲୋଚନା ପାଇଁ ଅଡ଼ି ବସିଥିଲେ ବିଜେଡି ବିଧାୟକ। ବିଜେଡି ବିଧାୟକଙ୍କ ପ୍ରବଳ ହଟ୍ଟଗୋଳ କାରଣରୁ ବାଚସ୍ପତି ଶନିବାର ଯାଏଁ ଗୃହକୁ ମୁଲତବୀ ରଖିଛନ୍ତି।

### କଂଗ୍ରେସ ବିଧାୟକଙ୍କ...

କ୍ଷୁଣ୍ଣ କରିଛି। ଏଥିପାଇଁ ସେମାନଙ୍କ ବିରୋଧରେ ଗୃହର ସ୍ୱାଧିକାର ଭଙ୍ଗ ନୋଟିସ୍ ଆସିଥିବା ବାଚସ୍ପତି ସୁରମା ପାଢ଼ୀ ଆଜି ଗୃହରେ ସୂଚନା ଦେଇଛନ୍ତି।

ଅନ୍ୟପଟେ ସ୍ୱାଧୀକାର ଭଙ୍ଗ ନୋଟିସ୍ ପ୍ରସଙ୍ଗରେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ ସରକାରଙ୍କ ଉପରେ ବର୍ଷିଛନ୍ତି। ଗୃହ ବାହାରେ ଗଣମାଧ୍ୟମକୁ ସୂଚନା ଦେଇ ଶ୍ରୀ କାଡାମ୍ କହିଛନ୍ତି ଯେ ଆମକୁ ଡରାଇବା ପାଇଁ ସ୍ୱାଧିକାର ନୋଟିସ ଅଣାଯାଇଛି। ଏଥିରେ କଂଗ୍ରେସ ବିଧାୟକ ଭୟଭୀତ ହେବେ ନାହିଁ। କଂଗ୍ରେସର କଣ୍ଠରୋଧ କରିବାକୁ ଶାସକ ଦଳ ଚେଷ୍ଟା କରୁଛି। ବିଧାନସଭାର ବିଧି ଅନୁସାରେ ଆମେ ଅନାସ୍ଥା ନୋଟିସ ଦେଇଛୁ; କୌଣସି ସ୍ୱାଧୀକାର ଭଙ୍ଗ କରିନାହୁ। ଆମ ଦଳ ବିରୋଧରେ ଶାସକ ଦଳ ମିଛ ଅଭିଯୋଗ କରୁଛି। ଦେଢ଼ବର୍ଷର ବିଜେପି ସରକାର ଓଡିଶାବାସୀଙ୍କୁ ସୁଶାସନ ଦେବାରେ ବିଫଳ ହୋଇଛି। ଏହା ବିରୋଧରେ ଆମେ ଅନାସ୍ଥା ଆଣିଛୁ ବୋଲି ଶ୍ରୀ କାଡାମ୍ ସୂଚନା ଦେଇଛନ୍ତି।

### ସରକାରଙ୍କ ପାଖରେ...

ହୋଇଥିବାବେଳେ ଗୋଟିଏ ମାମଲାର ବିଚାର ସରିନାହିଁ। ଅଭିଯୋଗକାରିଣୀ ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ନିକଟରେ ହାଜର ହୋଇ ନ ଥିବାରୁ ତଦନ୍ତ ଆଗକୁ ବଢ଼ିପାରି ନାହିଁ। ଦ୍ୱିତୀୟରେ ରେଭେନ୍ସା ବିଶ୍ୱବିଦ୍ୟାଳୟର ୬ଜଣ ଛାତ୍ରୀ ଅସଦାଚରଣର ଶିକାର ହୋଇଥିବାବେଳେ ଫକୀର ମୋହନ ବିଶ୍ୱବିଦ୍ୟାଳୟର ୩ଜଣ, ବ୍ରହ୍ମପୁର ଓ ସମ୍ବଲପୁରସ୍ଥିତ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟରୁ ଗୋଟିଏ ଲେଖାଏଁ ମାମଲା ରହିଛି। ରାଜ୍ୟର ଏକମାତ୍ର ମହିଳା ବିଶ୍ୱବିଦ୍ୟାଳୟ 'ରମାଦେବୀ'ରେ ଦୁଇଜଣ ଛାତ୍ରୀ ନିର୍ଯ୍ୟାତନାର ମାମଲା ତଦନ୍ତାଧୀନ ରହିଛି। ତନ୍ମଧ୍ୟରୁ ଜଣେ ଛାତ୍ରୀ ଯୌନ ନିର୍ଯ୍ୟାତନାର ଶିକାର ହୋଇଥିବା ଦେଢ଼ମାସ ପୂର୍ବରୁ ଅଭିଯୋଗ କରିଥିଲେ ମଧ୍ୟ କୌଣସି କାର୍ଯ୍ୟାନୁଷ୍ଠାନ ହୋଇନାହିଁ। ବିଧାୟକ ତୁଷାରକାନ୍ତି ବେହେରାଙ୍କ ପ୍ରଶ୍ନରେ ଉଚ୍ଚଶିକ୍ଷା ମନ୍ତ୍ରୀ ଏହି ତଥ୍ୟ ରଖିଛନ୍ତି। ଅପରପକ୍ଷରେ ୨୦୨୪-୨୫ ଠାରୁ ଏବେଯାଏଁ ଶିକ୍ଷାନୁଷ୍ଠାନରେ କେତେ ଛାତ୍ରୀ ଅସଦାଚରଣ ଓ ଦୁର୍ଷମର ଶିକାର ହୋଇଛନ୍ତି ଏବଂ କେତେଜଣ ଆତ୍ମହତ୍ୟା କରିଛନ୍ତି ବୋଲି ବିଧାୟକ ରମେଶ ଚନ୍ଦ୍ର ବେହେରା ବିଧାନସଭାରେ ପ୍ରଶ୍ନ କରିଥିଲେ। ଏହି ଅଣତାରକା ପ୍ରଶ୍ନର ଉତ୍ତର ରଖି ଉଚ୍ଚଶିକ୍ଷା ମନ୍ତ୍ରୀ ତଥ୍ୟ ସଂଗ୍ରହ କରାଯାଉଥିବା କହିଛନ୍ତି। ମହାବିଦ୍ୟାଳୟରୁ ସର୍ବାଧିକ ଅଭିଯୋଗ ଆସୁଥିବାବେଳେ ସରକାରଙ୍କ ପାଖରେ କିପରି ତଥ୍ୟ ନାହିଁ, ସେନେଇ ଶିକ୍ଷାବିତ୍‌ମାନେ ଆଶ୍ଚର୍ଯ୍ୟପ୍ରକଟ କରିଛନ୍ତି।

ସେହିପରି ଦେଢ଼ ବର୍ଷ ମଧ୍ୟରେ ବିଦ୍ୟାଳୟଗୁଡ଼ିକରେ ୩୨ ଜଣ ଛାତ୍ରୀ ନିର୍ଯ୍ୟାତନାର ଶିକାର ହୋଇଥିବା ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ବିଧାନସଭାରେ ଉତ୍ତର ରଖିଛନ୍ତି। ବିଧାୟକ ତାରାପ୍ରସାଦ ବାହିନିପତିଙ୍କ ପ୍ରଶ୍ନର ଉତ୍ତର ରଖି ମନ୍ତ୍ରୀ କହିଛନ୍ତି ଯେ ୧୪ଟି ଜିଲ୍ଲାର ୨୦ଟି ବିଦ୍ୟାଳୟରୁ ଅଭିଯୋଗ ଆସିଛି। ମୋଟ୍ ୩୨ ଜଣ ଛାତ୍ରୀ ଅସଦାଚରଣର ଶିକାର ହୋଇଥିବା ଅଭିଯୋଗ କରିଛନ୍ତି। କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ସରକାରୀ ଉଚ୍ଚ ବିଦ୍ୟାଳୟରୁ ସର୍ବାଧିକ ୧୧ ଜଣ ଛାତ୍ରୀ ଅଭିଯୋଗ କରିଥିବାବେଳେ ସମ୍ପୃକ୍ତ ଶିକ୍ଷକଙ୍କୁ ନିଲମ୍ବିତ କରାଯାଇଛି। ସମସ୍ତ ଅଭିଯୋଗର ତଦନ୍ତ କରାଯାଇଛି। ମୋଟ୍ ୧୬ ଜଣ ଶିକ୍ଷକଙ୍କ ସମେତ ୩ଜଣ ପ୍ରଧାନ ଶିକ୍ଷକଙ୍କୁ ନିଲମ୍ବିତ କରାଯାଇଛି। ଅନ୍ୟ ଶିକ୍ଷକଙ୍କ ବିରୋଧରେ ମଧ୍ୟ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନିଆଯାଇଥିବା ମନ୍ତ୍ରୀ ଶ୍ରୀ ଗଣ୍ଡ ସୂଚନା ଦେଇଛନ୍ତି।

### ତାଲିକାରୁ ହଟିଲେ...

୪୭୪ ଦଳଙ୍କୁ ବାଦ୍ ଦେଇଥିଲେ। ଏହାକୁ ମିଶାଇ ମୋଟ ୮୦୮ ଦଳଙ୍କୁ ଅଣ-ତାଲିକାଭୁକ୍ତ କରାଗଲାଣି। ଦ୍ୱିତୀୟ ପର୍ଯ୍ୟାୟରେ ଉତ୍ତର ପ୍ରଦେଶର ସର୍ବାଧିକ ୧୨୧ ଦଳ, ମହାରାଷ୍ଟ୍ରର ୪୪, ତାମିଲନାଡୁର ୪୨, ଦିଲ୍ଲୀର ୪୦, ପଞ୍ଜାବର ୨୧, ମଧ୍ୟପ୍ରଦେଶର ୨୩, ବିହାରର ୧୫, ରାଜସ୍ଥାନ ଏବଂ ଆନ୍ଧ୍ର ପ୍ରଦେଶର ୧୭ଟି ଲେଖାଏଁ ଦଳ ସାମିଲ ରହିଛି। ଏହି ପର୍ଯ୍ୟାୟରେ ୩୦ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳର ୪୭୪ ଦଳଙ୍କୁ ବାଦ୍ ଦିଆଯାଇଛି। ତୃତୀୟ ପର୍ଯ୍ୟାୟରେ ୨୩ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳର ୩୫୯ ଦଳ ବିଚାରାଧୀନ ଅଛନ୍ତି। ଏହି ଦଳଗୁଡିକ ନିର୍ବାଚନ ଲଢ଼ିଥିବାବେଳେ ତିନି ବର୍ଷର ବାର୍ଷିକ ସମୀକ୍ଷା ରିପୋର୍ଟ ଦାଏର କରିନାହାନ୍ତି। ଏହି ଦଳଗୁଡିକୁ କାରଣ ଦର୍ଶାଅ ନୋଟିସ ଜାରି କରାଯାଇଛି। ପକ୍ଷ ଶୁଣିବା ପରେ ଅନ୍ତିମ ନିଷ୍ପତ୍ତି ନିଆଯିବ ବୋଲି ନିର୍ବାଚନ କମିଶନଙ୍କ ପକ୍ଷରୁ କୁହାଯାଇଛି।

### ଡିଏସ୍‌ପି ପାହ୍ୟା...

ଦିଆଯାଇଛି। ହତ୍ୟାର ପ୍ରମାଣ ମିଳିଲେ ଦୀପକକୁ ରିମାଣ୍ଡରେ ନେବ ଖୁଣ୍ଟୁଣି ଥାନା ପୁଲିସ। ଦୁଇଟି ହତ୍ୟା ମାମଲା ରୁଜୁ ହେବାପରେ କନେଷ୍ଟବଳ ଦୀପକ ପାଇଁ ଅଡୁଆ ବଢ଼ିଛି। ସେପଟେ ଶୁଭଶ୍ରୀ ହତ୍ୟା ଘଟଣାକୁ ରେଡ୍ ଫ୍ଲାଗ୍ ଅନ୍ତର୍ଭୁକ୍ତ କରି ତଦନ୍ତରେ କ୍ୟାପିଟାଲ ଥାନା ପୁଲିସକୁ ସହଯୋଗ କରୁଛି କ୍ରାଇମବ୍ରାଞ୍ଚ। ଏବେ ଅପର୍ଣ୍ଣା ମୃତ୍ୟୁ ଘଟଣାରେ ମଧ୍ୟ ହତ୍ୟା ମାମଲା ରୁଜୁ ହେବାପରେ ଦୁଇଟି ହତ୍ୟା ମାମଲାକୁ ନେଇ କ୍ରାଇମବ୍ରାଞ୍ଚ ପ୍ରତ୍ୟକ୍ଷ ଭାବେ ତଦନ୍ତ କରିବ ବୋଲି କୁହାଯାଉଛି।

ଦୀପକ ୨୦୨୨ ମସିହା ମାର୍ଚ୍ଚ ମାସ ୧୭ ତାରିଖ ଦିନ ତା'ର ପ୍ରଥମ ପତ୍ନୀ ଅପର୍ଣ୍ଣା (ରାଜସ୍ୱ ନିରୀକ୍ଷକ)ଙ୍କୁ ଧରି କାର ଯୋଗେ ଢେଙ୍କାନାଳରୁ ଭୁବନେଶ୍ୱର ଆସୁଥିଲେ। ଖୁଣ୍ଟୁଣି ଥାନା ଅଧିନସ୍ଥ ରାଧାକିଶୋରପୁର ଅପର୍ଣ୍ଣା ପରିସ୍ରା କରିବାକୁ କହିବାରୁ ଦୀପକ କାର ରଖିଥିଲେ। ଅପର୍ଣ୍ଣା ପରିସ୍ରା କରିବାକୁ ଯାଉଥିବା ବେଳେ ଟ୍ରକ୍ ଧକ୍କାରେ ଆହତ ହୋଇଥିଲେ। ଗୁରୁତର ଅପର୍ଣ୍ଣାଙ୍କୁ ଦୀପକ ନିଜ କାରରେ ନେଇ କଟକ ସ୍ଥିତ ଏକ ଭର୍ତ୍ତି କରିଥିଲା, ହେଲେ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ଓଡି-୦୨-ଏସ୍-୩୪୮୬ ନମ୍ବର ବିଶିଷ୍ଟ ଏକ ଟ୍ରକ ଅପର୍ଣ୍ଣାଙ୍କୁ ଧକ୍କା ଦେଇଥିବା ଦୀପକ ଖୁଣ୍ଟୁଣି ଥାନାରେ ଅଭିଯୋଗ କରିଥିଲା। ପୁଲିସ ଏକ ଦୁର୍ଘଟଣା ଜନିତ ମାମଲା ରୁଜୁ କରିଥିଲେ ମଧ୍ୟ ଦୀପକ ଦେଇଥିବା ଟ୍ରକର ସଂପୃକ୍ତି ପାଇ ନ ଥିଲା। ଟ୍ରକର ସଂପୃକ୍ତି ନେଇ ପ୍ରମାଣ ନ ମିଳିବାରୁ ପୁଲିସ ଏଫ୍‌ଆରଟି ନୋ କ୍ଲୁ କରି ମାମଲାକୁ ବନ୍ଦ କରି ଦେଇଥିଲା। ଅପର୍ଣ୍ଣାଙ୍କ ମୃତ୍ୟୁପରେ ବୀମା ବାବଦକୁ କୋଟିଏ ଟଙ୍କା ହାତେଇଥିଲା ଦୀପକ। ଶୁଭମିତ୍ରା ହତ୍ୟା ମାମଲାକୁ କ୍ରାଇମବ୍ରାଞ୍ଚ ରେଡ୍ ଫ୍ଲାଗ ଅନ୍ତର୍ଭୁକ୍ତ କରିଛି। କ୍ରାଇମବ୍ରାଞ୍ଚ ଡିଜିଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ କ୍ରାଇମବ୍ରାଞ୍ଚର ସ୍ୱତନ୍ତ୍ର ଟିମ୍ ଓ କମିସନରେଟ ପୁଲିସର କ୍ୟାପିଟାଲ ଥାନା ପୁଲିସ ମିଳିତ ଭାବେ ତଦନ୍ତ କରିବେ। ୬ ତାରିଖରେ କନଷ୍ଟେବଳ ଶୁଭମିତ୍ରା ନିଖୋଜ ହେବା ଓ ୧୭ ତାରିଖରେ କେନ୍ଦୁଝରରେ ଗଳିତ ମୃତଦେହ ମିଳିବା ଘଟଣାର ଉଚ୍ଚସ୍ତରୀୟ ତଦନ୍ତ ହେବ। ଖୁଣ୍ଟୁଣି ଥାନା ପୁଲିସ ଠାରୁ ଅପର୍ଣ୍ଣାଙ୍କ ଦୁର୍ଘଟଣା ଜନିତ ମାମଲା ଓ ହତ୍ୟା ମାମଲାର ବିଭିନ୍ନ ତଥ୍ୟ ସଂଗ୍ରହ କରି କ୍ରାଇମବ୍ରାଞ୍ଚର ମହିଳା ଓ ଶିଶୁ ଅପରାଧ ନିରାକରଣ ଶାଖା ଏହି ମାମଲାକୁ ତଦାରଖ କରିବ।

### ଚାଷୀଙ୍କୁ ବିଜେପିର...

ଦାବିକୁ ଅଗ୍ରାହ୍ୟ କରିଦେଇଥିଲେ। ଫଳରେ ବିଜେଡି ସଦସ୍ୟମାନେ ଗୃହରେ ପ୍ରବଳ ହଟ୍ଟଗୋଳ, ନାରାବାଜି କରିଥିଲେ। ବିଜେଡିର ପ୍ରବଳ ପ୍ରତିବାଦ କାରଣରୁ ଶୁକ୍ରବାର ଗୃହ ମାତ୍ର ୮ ମିନିଟ ଚାଲିଥିଲା। ବିଧାନସଭା ଅଚଳ ପ୍ରସଙ୍ଗରେ ବିଜେଡିକୁ ସମାଲୋଚନା କରିବାକୁ ଯାଇ ବିଜେପି ବିଧାୟକ ଅଗସ୍ତି ବେହେରା ଦେଇଥିବା ମନ୍ତବ୍ୟ ଏବେ ସାଧାରଣରେ ତୀବ୍ର ସମାଲୋଚିତ ହୋଇଛି। ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ ଗୃହ ବାହାରେ ପ୍ରତିକ୍ରିୟା ରଖି କହିଛନ୍ତି ଯେ ମୋ ଜୀବନରେ ଏପରି ଉତ୍କଟ ସାରର ଅଭାବ ମୁଁ ଦେଖିନାହିଁ। ସରକାର କହୁଛନ୍ତି ରାଜ୍ୟରେ ପର୍ଯ୍ୟାପ୍ତ ସାର ଅଛି। ଯଦି ପର୍ଯ୍ୟାପ୍ତ ସାର ଅଛି, ତାହେଲେ ଚାଷୀଙ୍କୁ କଣ ପାଇଁ ସାର ଦିଆଯାଉ ନାହିଁ। ମୁଠେ ମୁଠେ ସାର ପାଇଁ ଚାଷୀ ଅହୋରାତ୍ର ଧାଡ଼ିରେ ଛିଡ଼ାହେଉଛି। ମାତ୍ର ସାର ନପାଇବା କାରଣରୁ ବାଧହୋଇ ଚଢ଼ାଦରରେ ସାର କିଣୁଛି। ଜଣେ ଶାସକ ଦଳ ବିଧାୟକ ମଧ୍ୟ ବିଭାଗୀୟ ମନ୍ତ୍ରୀଙ୍କୁ ସାର ମିଳୁନଥିବା ନେଇ ଚିଠି ଲେଖିଛନ୍ତି। ଯୋଗାଣ ମନ୍ତ୍ରୀ ମଧ୍ୟ ସାରର କଳାବଜାରୀ ହେଉଥିବା ସ୍ୱୀକାର କରୁଛନ୍ତି। ତାହେଲେ ଚାଷୀ, ଶାସକ ବିଧାୟକ, ମନ୍ତ୍ରୀ କଣ ଅସତ୍ୟ କହୁଛନ୍ତି? ଏ ରାଜ୍ୟରେ ଶାସନ ବ୍ୟବସ୍ଥା ଅଛି କି ବୋଲି ସେ ପ୍ରଶ୍ନ କରିଛନ୍ତି। ଚାଷୀଙ୍କୁ ଲ୍ୟାମ୍ପସ, ପାକ୍ସରେ ସାର ମିଳୁନାହିଁ। ଚଢ଼ାଦରରେ କଳାବଜାରରେ ଚାଷୀ ବାଧ ହୋଇ ସାର କିଣୁଛନ୍ତି। ସରକାରଙ୍କ ଜାଣତରେ ଏସବୁ ହେଉଛି। ସରକାରଙ୍କ ଉଦାସୀନତାର ଏହା ଫଳ। ଆମେ ପ୍ରଶ୍ନକାଳ ବାତିଲ କରି ଦିନତମାମ୍ ଏ ବାବଦରେ ଆଲୋଚନା କରିବାକୁ ଚାହିଁଥିଲୁ। ମାତ୍ର ସରକାର ଏଥିରୁ ଖସିଯିବାକୁ ଚାହୁଁଛନ୍ତି ବୋଲି ଅଭିଯୋଗ କରିଛନ୍ତି ଶ୍ରୀ ଆଚାର୍ଯ୍ୟ। ସେହିପରି କଂଗ୍ରେସର ବରିଷ୍ଠ ବିଧାୟକ ତାରାପ୍ରସାଦ ବାହିନୀପତି କହିଛନ୍ତି ଯେ ଗରିବ ଲୋକଙ୍କ ଟିକସ ବିଧାନସଭା ଚାଲୁଛି। ମାତ୍ର ଆଲୋଚନା ବଦଳରେ ବିଧାନସଭା ବନ୍ଦ କରିବା ନିନ୍ଦନୀୟ। ଆଜି ରାଜ୍ୟରେ ହାହାକାର ସ୍ଥିତି ସୃଷ୍ଟି ହୋଇଛି। ଚାଷୀ ସାର ନପାଇ ହଇରାଣ ହେଉଛନ୍ତି। ବିଧାନସଭାରେ ଆଲୋଚନା ହୋଇଥିଲେ, ସରକାର ସଚେତନ ହୋଇଥାନ୍ତେ। ଆମେ ଏଥିପାଇଁ ନିଜ ଆସନରେ ଠିଆ ହୋଇ ଆଲୋଚନା ପାଇଁ ଦାବି କରୁଥିଲୁ ବୋଲି ଶ୍ରୀ ବାହିନୀପତି କହିଛନ୍ତି।

### ଦୁଇ ପୁଅଙ୍କୁ...

ଅନ୍ତର୍ଗତ ନୂଆକ୍ଷେତା ଜଙ୍ଗଲକୁ ଯାଇଥିଲେ। ସେଠାରେ ଦୁଇ ପୁଅଙ୍କୁ ବିଷ ପିଆଇ ଦେଇଥିଲେ। କିଛି ସମୟ ପରେ ଦୁଇ ନାବାଳକ ବାନ୍ତି କରିବାରୁ ଗ୍ରାମବାସୀଙ୍କ ସନ୍ଦେହ ହୋଇଥିଲା। ଗ୍ରାମବାସୀ ସେମାନଙ୍କୁ ଉଦ୍ଧାର କରି ପ୍ରଥମେ ବନ୍ତଲା ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ଅବସ୍ଥା ସଙ୍କଟାପନ୍ନ ହେବାରୁ ଗ୍ରାମବାସୀ ତୁରନ୍ତ ଉଭୟଙ୍କୁ ଏକ କାର୍ ଯୋଗେ ନେଇ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଛନ୍ତି।

### ୨୫ରେ ଲଘୁଚାପ...

ପୂର୍ବକେନ୍ଦ୍ରୀୟ ଏବଂ ସଂଲଗ୍ନ ଉତ୍ତର-ପୂର୍ବ ବଙ୍ଗୋପସାଗର ମଧ୍ୟ ସମୁଦ୍ର ନିକଟସ୍ଥ ମ୍ୟାଁମାର-ବାଂଲାଦେଶ ଉପକୂଳ ନିକଟରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବ। ପରବର୍ତ୍ତୀ ସମୟରେ ଏହା ବଙ୍ଗୋପସାଗରମୁହାଁ ହୋଇ ରାଜ୍ୟର ବିଭିନ୍ନ ଉପକୂଳବର୍ତ୍ତୀ ଜିଲ୍ଲାଗୁଡ଼ିକ ଉପରେ ପ୍ରଭାବ ପକାଇପାରେ। ବର୍ତ୍ତମାନ ଓଡ଼ିଶା ଉପରେ କୌଣସି ପ୍ରକାର ପାଣିପାଗ ନିୟାମକ ସକ୍ରିୟ ନାହିଁ। ହେଲେ ବର୍ତ୍ତମାନ ରାଜ୍ୟରେ ହେଉଥିବା ଖରା ଓ ଗୁଳୁଗୁଳି ଯୋଗୁଁ ଅପରାହ୍ନରେ କିଛି କିଛି ସ୍ଥାନରେ ବିଜୁଳି ଘଡ଼ଘଡ଼ି ଜନିତ ବର୍ଷା ଆଶଙ୍କା ଥିବା ପାଣିପାଗ କେନ୍ଦ୍ର କହିଛି। ଏଭଳି ସ୍ଥିତିରେ ଉତ୍ତର ଓ ଉପକୂଳ ଓଡ଼ିଶାରେ ବର୍ଷାର ପରିମାଣ ଅଧିକ ରହିବା ନେଇ ଆଶଙ୍କା କରାଯାଇଛି।

**AFFIDAVIT**

By virtue of an Affidavit No.571, dtd 19/09/2025 Sworn before The Executive Magistrate Bisoi, I, Sunita Goipai, aged about 38 years W/O Swarup Chandra Naik of village Badbalichua,PO - Kaduani, PS- Bisoi in the district of Mayurbhanj declared that my son, Sri Subham Naik in school admission register O.A.V, Jamirdiha my name has been written as SUNITA NAIK instead of SUNITA GOIPAI. That both name as SUNITA GOIPAI and SUNITA NAIK are same and one person.That the purpose of this Affidavit is to be produce before the concerned authority to correction of my name as Sunita Goipai for future Reference. Sd/- Sunita Goipai

**AFFIDAVIT**

I, RINA GANGULI, W/O SURYANARAYAN DASH, RESIDENT OF AT- RAJA BAGICHA, KUSANPUR, PO- TELENGA BAZAR, DIST- CUTTACK, PIN-753009, ODISHA, DECLARE BY THIS AFFDAVIT NO-2119, DT-12.02.2025,THAT NOW ONWORDS I SHALL BE KNOWN AS **REENA DASH** FOR ALL FUTURE PURPOSES.

**ହଜିଛି**

ଆମ୍ଭେ ରାଜା ଆଦିତ୍ୟ ପ୍ରସାଦ ମହାନ୍ତି, ଓକିଲ ଏତଦ୍ୱାରା ଘୋଷଣା କରୁଅଛୁ ଯେ ଆମ୍ଭର ମହକିଲ ରଞ୍ଜନ ରଣା ପିତା- ଂ ଧୁଶାସନ ରଣା ସା/ପୋ/ଥା- ତିଗିରିଆ, ଜିଲ୍ଲା-କଟକ ଙ୍କ ଅସଲ ବିକ୍ରୟ କବଲା ଯାହାର ନମ୍ବର-୬୮୭/୧୯୮୯/୧ତା.୨୯-୦୮-୧୯୮୯ ଟି ତିଗିରିଆ ରୁ ନୂଆପାଟଣା ଯିବା ବାଟରେ ଗତ ତା. ୧୫-୦୯-୨୦୨୫ ରିଖରେ ହଜିଯାଇଛି। ଯଦି କୌଣସି ସହୃଦୟ ବ୍ୟକ୍ତି ଏହି କାଗଜାତ ପାଇଛନ୍ତି ତେବେ ନିମ୍ନ ବର୍ଣ୍ଣିତ ମୋବାଇଲ ନମ୍ବର କିମ୍ବା ଠିକଣାରେ ଯୋଗାଯୋଗ କରନ୍ତୁ।
ରାଜା ଆଦିତ୍ୟ ପ୍ରସାଦ ମହାନ୍ତି, (ଓକିଲ)
ସା/ପୋ/ଥା-ତିଗିରିଆ, ଜିଲ୍ଲା-କଟକ,
ପିନ୍-୭୫୪୦୩୦
ମୋବାଇଲ ନଂ-୯୩୪୮୨୬୭୦୩୮

**AFFIDAVIT**

By virtue of an affidavit sworn before Notary Public, Bhubaneswar, on dated 19.09.2025, I Toofan Malik resident of At- Kentalo, Po - Kulasukarpada, Ps- Nischintakoili, Dist- Cuttack, Odisha, PIN - 754209 declare that I have changed the name of my Son from Omm Prakash Mallik to Sairam Mallik. Henceforth he shall be known as **SAIRAM MALLIK** for all future purposes.

**AFFIDAVIT**

I Bijaya Kumar Sahoo S/o Prahallad Chandra Sahoo, Resident of. Village- Kundibag, PO-Bhadrak By-Pass, PS-Sabarang, Dist - Bhadrak, Odisha, PIN- 756181, declare by this affidavit No 8374 dtd 09.09.2025 that now onwards I shall be known as **BIJAY KUMAR SAHOO** for all future purposes.

**AFFIDAVIT**

I, Kamini Dalai, W/o- Prasanna Kumar Dalai, resident of Radhakrishna Enclave, Flat No-206, 2nd Floor, Lane-7, Unit-6, Bhubaneswar, Dist- Khurda, Pin-751003, Odisha declared by this affidavit no. CF-57, dtd- 15/09/2025 that now onwards I shall be known as **SAKHI DALAI** for all future purposes.

**AFFIDAVIT**

I, RANJITA TRIPATHY, W/o- Durga Prasad Tripathy residing At- Plot No - B-38, Sidhi Vihar, Jagamara, Po/PS- Khandagiri, Bhubaneswar, Dist- Khordha, State- Odisha, Pin- 751030, declare by this affidavit No Vol-II, SL No - 683, dtd. 04.08.2025 that now onwards I shall be known as **RANJITA PANDA** for all future purposes.
Sd- RANJITA PANDA

**AFFIDAVIT**

By virtue of an affidavit sworn before the Notary Public, Sunabeda dated 19/09/2025 I Sri Gandhi Pangi, S/o.- Deba Pangi, Village- Parajabhimdol, PO. - Balda, PS.- Padwa, Dist.- Koraput declare that I have changed my son's name from **Magara Pangi** to **Makara Pangi**. Henceforth, my son shall be known as **Makara Pangi** for all purposes.
Sd/- **Gandhi Pangi**

**AFFIDAVIT**

I, Prasanta Mohanty, S/o- Radhashyam Mohanty, resident of Plot No- 2F/591, Sector-10, CDA, Cuttack, Dist- Cuttack, Pin- 753014, Odisha declared by this affidavit No. 12, dtd- 15/09/2025 that now onwards I shall be known as **PRASANTA KUMAR MOHANTY** for all future purposes.

**LOST**

I, **Sekh Jakir**, C/o: Sekh Sabir, resident of At: Musalim Sahi, Balugaon Chilika, Dist.: Khordha, Odisha. I was going Kuhuri to Balugaon way from lost my 3 land paper in somewhere, details given below: **1) ROR Khata No.: 321/566 and 2) Sell Deed No.: 2711, Doc No.: 11101102712, 3) Deed No.: 1243.**
If anyone finds it kindly contact to my number: 9853277994 or Balugaon Police Station. If anyone will misutilize it, we will not be resposible for it.
Sd/- Sekh Jakir

**AFFIDAVIT**

I, Sri Gopal Harijan, S/o- Late Madhu Harijan resdient of Bhatra, Po.- Ambaguda, Ps.- Jeypore sadar, Dist.- Koraput, Odisha, Pin- 764055 declare by this affidavit no.731 dtd.- 17/09/2025 that, my daughter's actual and correct name is **Sruti Harijan** but in her Aadhaar card no. 6537 8604 4981 her name wrongly mentioned as **Krutirani Harijan**. Hence **Sruti Harijan** and **Krutirani Harijan** is one and same person.
Sd/- **Gopal Harijan**

**AFFIDAVIT**

I, Baikunatha Nath Karan, S/o- Madan Mohan Karan, resident of Jemadeipur Patna, Mandhatapur, Dist- Nayagarh, Pin- 752079, Odisha declared by this affidavit No.753, dtd- 18/09/2025 that now onwards I shall be known as **BAIKUNTHA NATH KARAN** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, dated: 19/09/2025, I, Jyoti Nayak, resident of Plot No.511, Unit-3, Kharavela Nagar, PS- Kharavela Nagar, Bhubaneswar, Pin- 751001, Dist- Khordha, Odisha declare that I have changed my son name from Jyotirdeep Ghadei to JYOTIRDEEP NAYAK. Henceforth, he shall be known as **JYOTIRDEEP NAYAK** for all purposes.

**NOTICE (FOR MINOR)**

By virtue of an affidavit shown before Executive Magistrate, Bhubaneswar Date. 17.8.24 I Prangya Paramita Garabadu, Address: A/T- Ratha Road, P/O- Old town, P/S- Sree Lingaraj, Dist- Khordha, Odisha, Pin-751002, declare that I have changed the name of my SON from AHWAN ARYANSHU PATRO to AHWAN ARYANSHU. Henceforth, he shall be known as **AHWAN ARYANSHU** for all purpose.

**AFFIDAVIT**

I, Brajesh Kr Thakur, S/o- Rajendra Thakur, resident of Ward No-5, Ektali, Po- Ektali, Ps- Sadar, Dist- Jharsuguda, Pin-768202, Odisha declared by this affidavit No. CF-889 , dtd- 24/07/2025 that now onwards I shall be known as **BRAJESH KUMAR SINGH** for all future purposes.

**NOTICE**

I, Raja Aditya Prasad Mohanty Advocate do hereby declare that the original register sale deed bearing document No- 687/1989/1 Dt. 29.08.1989 of my client Ranjan Rana S/o Late. Dhusasan Rana of Vill/Po/Ps-Tigiria, Dist-Cuttack has been lost on the way from Tigiria to Nuapatna on Dt. 15.09.2025. If any person found the said document please contact on the following contact number or address.
Raja Aditya Prasad Mohanty
(Advocate)
At/Po-Tigiria, Dist-Cuttack, PIN-754030
Mob No-9348267038
Mail id-rajaaditya.mohanty@gmail.com

**AFFIDAVIT**

By virtue of an affidavit sworn before the Executive Magistrate, Tirtol, Vide No.6531 dated 16.09.2025, I Anisur Rahaman, S/o- Shaikh Jahiruddin Resident of , At- Krushnanandapur, Po - Krishnanandapur PS - Krushnanandapur, Dist - Jagatsinghpur, Odisha, PIN - 754135 declare that I have changed my name from Sk Anisur Rahman to Anisur Rahaman. Henceforth, I shall be known as **ANISUR RAHAMAN** for all future purposes.

# ସରକାରୀ ଜାଗା ଚିହ୍ନଟ ବେଳେ ଗ୍ରାମବାସୀ-ପ୍ରଶାସନ ମୁହାଁମୁହିଁ

ଭୋଗରାଇ,୧୯।୯ (ସମିସ)



ବାଲେଶ୍ୱର ଜିଲ୍ଲା ଭୋଗରାଇ ବ୍ଲକ୍ ଗୋପୀନାଥପୁର ଗ୍ରାମରେ ସରକାରୀ ଜାଗା ମାପଚୁପକୁ କେନ୍ଦ୍ରକରି ଆଜି ଗ୍ରାମବାସୀଙ୍କ ସହିତ ପ୍ରଶାସନ ମୁହାଁମୁହିଁ ହୋଇଥିବା ଜଣାପଡ଼ିଛି। ଫଳରେ ସେଠାରେ କିଛି ସମୟ ପାଇଁ ଉତ୍ତେଜନା ସୃଷ୍ଟି ହୋଇଥିଲା। ପ୍ରଶାସନ ଓ ଗ୍ରାମବାସୀଙ୍କ ଦୀର୍ଘ ସମୟ ଯୁକ୍ତିତର୍କ ମଧ୍ୟ ହୋଇଥିଲା। ପରେ ପ୍ରଶାସନିକ ଅଧିକାରୀଙ୍କ ପ୍ରତିଶ୍ରୁତି ପରେ ଉତ୍ତେଜିତ ଗ୍ରାମବାସୀ ନରମିଥିଲେ। ସୂଚନା ଯୋଗ୍ୟ ଯେ ଏହି ଗ୍ରାମର ପ୍ରାୟ ପରିବାର ଊଣା ଅଧିକ ନିଜ ଘରବାଡ଼ି ସହିତ କିଛି କିଛି ସରକାରୀ ଜାଗାକୁ ନିଜ ଦଖଲରେ ପୁରୁଷ ପୁରୁଷ ଧରି ରଖିଥିଲା ବେଳେ ଗାଁର କିଛି କୁଚକ୍ରି ଗୋଷ୍ଠୀ ରାଜନୈତିକ ଆକ୍ରୋଶ ରଖି ସେମାନଙ୍କ ମଧ୍ୟରୁ ୪ଟି ପରିବାର ରଖିଥିବା ସରକାରୀ ଜାଗାକୁ ଉଚ୍ଛେଦ କରିବା ପାଇଁ ପ୍ରଶାସନ ନିକଟରେ ଅଭିଯୋଗ କରିଥିଲେ। ମାତ୍ର ସେମାନଙ୍କ ପ୍ଲଟକୁ ଲାଗି ଅନ୍ୟ ୨ପରିବାର ମଧ୍ୟ ସରକାରୀ ଜାଗା ରଖିଥିବା ସେମାନଙ୍କୁ ଛାଡ଼ି ଅନ୍ୟମାନଙ୍କ ଜାଗାକୁ ଆଜି ତହସିଲ କାର୍ଯ୍ୟାଳୟ ପକ୍ଷରୁ ପୁଲିସ ଫୋର୍ସ ସହିତ ପ୍ରଶାସନିକ ଅଧିକାରୀମାନେ ପହଞ୍ଚି ଥିଲେ। ମାତ୍ର ସମୂହ ଗ୍ରାମବାସୀ ପ୍ରଶାସନର ଏଭଳି ପାତରଅନ୍ତର ନୀତିକୁ ନେଇ ବିରୋଧ କରିଥିଲେ। ସେମାନଙ୍କ କହିବା ମୁତାବକ ଯଦି ଗାଁର ସମସ୍ତ ବ୍ୟକ୍ତି, ଯେଉଁମାନେ କି ସରକାରୀ ଜାଗାକୁ ନିଜ ଦଖଲରେ ରଖିଛନ୍ତି ପ୍ରଶାସନ ସେହି ସବୁ ଜାଗାକୁ ଚିହ୍ନଟ କରି ଉଚ୍ଛେଦ କରୁ। କେବଳ ୪ଟି ପରିବାର ରଖିଥିବା ସରକାରୀ ଜାଗାକୁ କାହିଁକି ଚିହ୍ନଟ କରାଯିବ ବୋଲି ପ୍ରଶ୍ନ ଉଠାଇଥିଲେ। ଅନ୍ୟପକ୍ଷରେ ଏହି ସରକାରୀ ଜାଗା ଉଚ୍ଛେଦକୁ ନେଇ ୨୦୨୩ ମସିହାରୁ ଗ୍ରାମରେ ବିବାଦ ଲାଗି ରହିଥିଲା। ସରକାରୀ ସ୍ତରରେ ୩ ଥର ମାପଚୁପ ହୋଇଥିଲେ ମଧ୍ୟ ସମାଧାନର ରାସ୍ତା ଫିଟି ନପାରି ଗ୍ରାମରେ ଅସନ୍ତୋଷ କୁହୁଳି ଥିଲା। ଉକ୍ତ ଗ୍ରାମର ୪ଟି ପରିବାର ସରକାରୀ ଜାଗା ସହିତ ଅନ୍ୟ କେତେକ ପ୍ଲଟ ଅବରୋଧ କରାଯାଉଥିବାର ସମ୍ପୃକ୍ତ କୁଚକ୍ରି ଗୋଷ୍ଠୀ ପ୍ରଶାସନ ଓ କୋର୍ଟରେ ପିଟିସନ କରିଥିଲା। ସମୂହ ଗ୍ରାମବାସୀ ଗ୍ରାମରେ ଥିବା ୨୩ ଏକର ସରକାରୀ ଜାଗା ଅବରୋଧ କରିଥିବା ସମସ୍ତ ବ୍ୟକ୍ତିଙ୍କ ଠାରୁ ଜାଗା ଉଚ୍ଛେଦ କରାଯିବା ଦାବିରେ ମଧ୍ୟ ଜିଲ୍ଲା ପ୍ରଶାସନ ଓ କୋର୍ଟରେ ଅପିଲ କରାଯାଇଥିଲା। ଏଭଳି ସ୍ଥିତିରେ କୋର୍ଟ ନିର୍ଦ୍ଦେଶାନୁଯାୟୀ, ଭୋଗରାଇ ଅତିରିକ୍ତ ତହସିଲଦାର ପ୍ରତାପ କୁମାର ବେହେରା, ଥାନାଧିକାରୀ ରୋହିତ କୁମାର ବଳ, ସୁପରଭାଇଜର ପ୍ରଦୀପ ଭଞ୍ଜ, ଜୟରାମପୁର ରାଜସ୍ୱ ନିରୀକ୍ଷକ ଅଭିଷେକ ନାୟକ ସହ ୧ ପ୍ଲାଟୁନ ପୁଲିସ ଫୋର୍ସ ଗୋପୀନାଥପୁର ଗ୍ରାମରେ ପହଞ୍ଚି ସରକାରୀ ଜାଗା ମାପଜୁପ ଉଦ୍ୟମ କରୁଥିବା ବେଳେ ଶତାଧିକ ଗ୍ରାମବାସୀ ଗ୍ରାମରେ ଥିବା ସମସ୍ତ ସରକାରୀ ଜାଗା ଚିହ୍ନଟ କରାଯାଉ ବୋଲି ଅଡ଼ିବସି ପ୍ରତିବାଦ କରିଥିଲେ। ପ୍ରଶାସନର ଏକ ପାଖିଆ ମାପଚୁପକୁ ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ ଓ ପକ୍ଷପାତିତା ବୋଲି ଅଭିଯୋଗ କରି ଗ୍ରାମବାସୀ ନ୍ୟାୟ ପାଇଁ ଦାବି କରିଥିଲେ। ସ୍ଥିତି କ୍ରମଶଃ ବିଗିଡି ଯାଉଥିବା ବେଳେ ରାଜସ୍ୱ ବିଭାଗ ଓ ଥାନାଧିକାରୀଙ୍କ ଧୈର୍ଯ୍ୟପୂର୍ଣ୍ଣ ନରମ ମନଭାବ ଓ ପ୍ରତିଶ୍ରୁତି ଦେବାରୁ ଗ୍ରାମବାସୀ ଶାନ୍ତ ପଡିଥିଲେ। ପରେ କୌଣସି ବ୍ୟକ୍ତିଗତ ପ୍ଲଟରେ ଚେନ ପକା ନଯାଇ ସରକାରୀ ରାସ୍ତା ଏବଂ ନିକଟରେ ଥିବା ପଡ଼ିଆରେ ଜାଗା ଚିହ୍ନଟ ପାଇଁ ପ୍ରଶାସନ ଉପସ୍ଥିତିରେ ମାପଚୁପ ହୋଇଥିଲା।

## ● କଇଁଛ ଚୋରା ଚାଲାଣ ଘଟଣା
# ଅଟକ ଦୁଇ ବ୍ୟବସାୟୀ ଗିରଫ



ବାଲେଶ୍ୱର,୧୯।୯ (ସମିସ): କଇଁଛ ଚୋରା ଚାଲାଣ ଘଟଣାରେ ଅଟକ ଥିବା ୨ ବ୍ୟବସାୟୀଙ୍କୁ ବନବିଭାଗ ପକ୍ଷରୁ ଗିରଫ କରାଯାଇଛି। ଗୁରୁବାର ଖଡଗପୁର ଡିଭିଜନର ଆରପିଏଫ ସିଆଇବି ପକ୍ଷରୁ ଚଳନ୍ତା ଟ୍ରେନରେ ଚଢ଼ଉ କରାଯାଇଥିଲା। ଚଢ଼ଉ ବେଳେ ଚୋରାଚାଲାଣ ହେଉଥିବା ୧୭ଟି ଜୀବନ୍ତ କଇଁଛକୁ ଉଦ୍ଧାର କରିବାସହ ଏଥିରେ ସମ୍ପୃକ୍ତ ଥିବା ଦୁଇଜଣ ବ୍ୟବସାୟୀ ସଦର ଥାନା ଅନ୍ତର୍ଗତ ବସନ୍ତପୁର ଅଞ୍ଚଳର ଯଦୁଆ ସିଂ ଏବଂ ରେମୁଣା ବ୍ଲକ ଅନ୍ତର୍ଗତ ଟିଣା ଗ୍ରାମର ଶାମ ଦଳେଇକୁ ବାଲେଶ୍ୱର ଆରପିଏଫ ଥାନାରେ ଅଟକ ରଖିଥିଲା। ପରେ କଇଁଛ ସମେତ ସେମାନଙ୍କୁ ଚାନ୍ଦିପୁର ବନ ବିଭାଗକୁ ହସ୍ତାନ୍ତର କରାଯାଇଥିଲା। ଆଜି ଚାନ୍ଦିପୁର ବନବିଭାଗ ସେମାନଙ୍କୁ ଗିରଫ କରିଛି। ଏଠାରେ ସୂଚନା ଯୋଗ୍ୟ ଯେ, ବାଲେଶ୍ୱର ଜିଲ୍ଲାରୁ ଜୀବନ୍ତ କଇଁଛ ଚୋରା ଚାଲାଣ ହେଉଥିବା ନେଇ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ଖଡଗପୁର ଡିଭିଜନର ସିଆଇବି ଡିଆଇ ୱାଇ କୁମାରଙ୍କ ନିର୍ଦ୍ଦେଶ କ୍ରମେ ତିନି ଜଣିଆ ଟିମ ଭଦ୍ରକ ଖଡଗପୁର ଲୋକାଲ ଟ୍ରେନ ଉପରେ ଗୁରୁବାର ଅପରାହ୍ଣରେ ଚଢ଼ଉ କରିଥିଲେ। ବିଶେଷ କରି ଚଳନ୍ତା ଟ୍ରେନରେ ଖନ୍ତାପଡା-ନୀଳଗିରି ମଝିରେ ଆରପିଏଫ ସିଆଇବି ସେମାନଙ୍କୁ କାବୁ କରିଥିଲା। ସେମାନଙ୍କ ପାଖରୁ ୧୭ଟି ଜୀବନ୍ତ କଇଁଛ ସମେତ ସେମାନଙ୍କୁ ବାଲେଶ୍ୱର ଆରପିଏଫ ଥାନାକୁ ଆଣିଥିଲା। ତେବେ ଆରପିଏଫ ଚାନ୍ଦିପୁର ବନବିଭାଗକୁ ଖବର ଦେବାରୁ ବନ ବିଭାଗ ଜବତ ହୋଇଥିବା ୧୭ଟି କଇଁଛ ସମେତ ସେମାନଙ୍କୁ ନେଇଯାଇଥିବା ବେଳେ ଆଜି ସେମାନଙ୍କୁ ଗିରଫ କରିଛି।

# ଚାରାରୋପଣ ନାଁରେ ଟଙ୍କା ଆତ୍ମସାତ ଅଭିଯୋଗ

ସୋର,୧୯।୯ (ସମିସ): ବନାଞ୍ଚଳରେ ଏକ ଠିକା ସଂସ୍ଥା ପକ୍ଷରୁ ବୃକ୍ଷରୋପଣ କରାଯାଉଥିବା ବେଳେ ଚାରାରୋପଣ ନାଁରେ ଟଙ୍କା ଆତ୍ମସାତ ଅଭିଯୋଗ ଆଣିଛନ୍ତି ଗ୍ରାମବାସୀ। ବାଲେଶ୍ୱର ଜିଲ୍ଲା ସୋର ବ୍ଲକ ଶିଙ୍ଗାଖୁଣ୍ଟା ପଞ୍ଚାୟତ ସରଳିଆ ରାଜସ୍ୱ ଗ୍ରାମର ରାଧାକୃଷ୍ଣ ବାରିକ, ହରେକୃଷ୍ଣ ସେଠୀ, ଲକ୍ଷ୍ମୀଧର ମଣ୍ଡଳ, ପ୍ରଦୀପ ବାରିକ, ରାଜେନ୍ଦ୍ର ବେହେରା, ଯଶୋବନ୍ତ ସେଠୀ ପ୍ରମୁଖଙ୍କ ଅଭିଯୋଗମୂଳେ ଏହି ରାଜସ୍ୱ ଗ୍ରାମର ଫଟାଆମ୍ବ ପାଶ୍ୱବର୍ତ୍ତୀ ଜଙ୍ଗଲରେ ଏକ ଠିକାସଂସ୍ଥା ପକ୍ଷରୁ ଚାରାରୋପଣ କରାଯାଉଛି। ମାତ୍ର ଉକ୍ତ କାମ ବାବଦରେ କୌଣସି ସୂଚନାଫଳକ ନଥିବାରୁ ଠିକା ସଂସ୍ଥା ପକ୍ଷରୁ ଗ୍ରାମବାସୀଙ୍କୁ ଉଚିତ ଉତ୍ତର ଦିଆଯାଉନାହିଁ। ଗତବର୍ଷ ଏହି ଠିକାସଂସ୍ଥା ପକ୍ଷରୁ ଉକ୍ତ ସ୍ଥାନରେ ଚାରାରୋପଣ କରାଯାଇଥିବା ବେଳେ ସେଠାରେ ରକ୍ଷଣାବେକ୍ଷଣା ଅଭାବରୁ ବର୍ତ୍ତମାନ ଗୋଟିଏ ବି ଗଛ ନାହିଁ। ପୁନଶ୍ଚ ଉକ୍ତ ସମାନ ସ୍ଥାନରେ ଚାରାରୋପଣ କରାଯାଉଥିବାରୁ ଚଞ୍ଚକତା କରି ଠିକା ସଂସ୍ଥା ଟଙ୍କା ହଡ଼ପ କରୁଥିବା ଅନୁମାନ କରି ଗ୍ରାମବାସୀଙ୍କ ପକ୍ଷରୁ ବାଲେଶ୍ୱର ଜିଲ୍ଲା ବନଖଣ୍ଡ ଅଧିକାରୀଙ୍କ ନିକଟରେ ଅଭିଯୋଗ କରିଥିବା ଜଣାପଡିଛି।

# ଗାଡ଼ି ଧକ୍କାରେ ଅଜଣା ବ୍ୟକ୍ତିଙ୍କ ମୃତ୍ୟୁ

ସୋର,୧୯।୯ (ସମିସ): ସୋର ଥାନା ୧୬ ନମ୍ବର ଜାତୀୟ ରାଜପଥ ଛପୋଲିଆ ପୋଲ ନିକଟରେ ଗାଡି ଧକ୍କାରେ ଜଣେ ଅପରିଚିତ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ଗତକାଲି ବିଳମ୍ବିତ ରାତିରେ ବ୍ୟକ୍ତି ଜଣଙ୍କ ସାଇକଲରେ ସୋରରୁ ବାହାନଗା ଆଡକୁ ଯାଉଥିବା ବେଳେ ଛପୋଲିଆ ପୋଲ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କାଦେଇ ଫେରାର ହୋଇଯାଇଥିଲା। ରାସ୍ତାରେ ଯାଉଥିବା ଲୋକଙ୍କ ଠାରୁ ଖବର ପାଇ ସୋର ପୁଲିସ ଘଟଣାସ୍ଥଳରେ ପହଞ୍ଚି ତାଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ସୋର ମେଡିକାଲରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଶୁକ୍ରବାର ଅପରାହ୍ନରେ ସୋର ପୁଲିସ ଅପମୃତ୍ୟୁ ମାମଲା ରୁଜୁକରିଛି। ମରଶରୀର ଚିହ୍ନଟ ପାଇଁ ୯୬ ଘଣ୍ଟା ପର୍ଯ୍ୟନ୍ତ ଶବ ବ୍ୟବଚ୍ଛେଦ ଗୃହରେ ରଖି ଘଟଣାର ତଦନ୍ତ ଆରମ୍ଭ କରିଛି ପୁଲସ।

# ଧାରଣାସ୍ଥଳରେ ଯୋଗଦେଲେ ବିଧାୟକ




ସୋର,୧୯।୯ (ସମିସ): ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ କର୍ମଚାରୀ ସଂଘ, ଭୁବନେଶ୍ୱର ଓଡିଶା ଗତ ଅଗଷ୍ଟ ୧୬ ତାରିଖରୁ ଜାରି ରଖିଥିବା କାର୍ଯ୍ୟାବନ୍ଦ ଆନ୍ଦୋଳନର ୩୩ ତମ ଦିନରେ ସଂଘର ସଭାପତି ବିଶ୍ୱରଂଜନ ଦାସ ଭୁବନେଶ୍ୱରର ଗାନ୍ଧୀ ମାର୍ଗରେ ଆମରଣ ଅନଶନରେ ବସିଛନ୍ତି। ବେସରକାରୀ ଅଧ୍ୟାପକ ଅଧ୍ୟାପିକା ଓ କର୍ମଚାରୀଙ୍କର ୨୦୦୮ରୁ ୨୦୧୮ ରୁ ଅନୁଦାନ ନେଇ ଜାରିରହିଥିବା ଆନ୍ଦୋଳନକୁ ସମର୍ଥନ ଜଣାଇ ଆଜି ଗାନ୍ଧୀମାର୍ଗର ଅନଶନ ସ୍ଥଳରେ ଏକାଧିକ ବିରୋଧୀ ଦଳର ବିଧାୟକ ଓ ଯୁବନେତା ଉପସ୍ଥିତ ହୋଇଛନ୍ତି। ବିଧାନସଭା ଗୃହ ମଧ୍ୟରେ ଦାବିକୁ ଉପସ୍ଥାପନ କରିବାପାଇଁ ସୋର ବିଧାୟକ ମାଧବ ଧଡ଼ା, ନୟାଗଡ଼ ବିଧାୟକ ଅରୁଣ କୁମାର ସାହୁ, ବାଲିକୁଦା-ଏରସମା ବିଧାୟକ ସାରଦା ପ୍ରସାଦ ଜେନା ପ୍ରମୁଖ ବିଧାୟକମାନେ ଦୃଢ଼ ଆଶ୍ୱାସନା ଦେଇଛନ୍ତି। ଗତକାଲି ସଂଘର ଧାରଣାସ୍ଥଳରେ କେନ୍ଦ୍ରାପଡା ବିଧାୟକ ଗଣେଶ୍ୱର ବେହେରା ଓ ବାସୁଦେବପୁର ବିଧାୟକ ଅଶୋକ ଦାସ ଧାରଣାସ୍ଥଳରେ ପହଞ୍ଚି ଆନ୍ଦୋଳନକୁ ସମର୍ଥନ କରିଥିଲେ। ବିଜୁ ଯୁବ ଜନତାଦଳର ସଭାପତି ଚିନ୍ମୟ ସାହୁ ୨୩ ତାରିଖ ମଧ୍ୟରେ ଦାବି ପୂରଣ ନହେଲେ ଗୃହ ବାହାରେ ଆନ୍ଦୋଳନକୁ ତୀବ୍ରତର କରାଯିବ ବୋଲି ମତ ଦେଇଛନ୍ତି। ଏହି ଅନଶନ ଶେଷ ନିଶ୍ୱାସ ପର୍ଯ୍ୟନ୍ତ ଜାରି ରହିବ ବୋଲି ସଭାପତି ଶ୍ରୀ ଦାସ କହିଛନ୍ତି।

## ● ଜଳେଶ୍ୱର ସରକାରୀ ଉଚ୍ଚ ବିଦ୍ୟାଳୟ
# ରାଜ୍ୟସ୍ତରୀୟ ବ୍ୟାଡମିଣ୍ଟନ ଖେଳ ପାଇଁ ୪ ଛାତ୍ର ମନୋନୀତ

ଜଳେଶ୍ୱର,୧୯।୯ (ସମିସ): କ୍ରୀଡ଼ା ହେଉଛି ପିଲାଙ୍କର ସ୍ୱାସ୍ଥ୍ୟକୁ ଉତ୍ତମ ରଖିବାର ସର୍ବଶେଷ ମାଧ୍ୟମ। ସେଥିପାଇଁ ବିଦ୍ୟାଳୟରେ ପିଲାମାନଙ୍କ ପାଠପଢ଼ା ସହିତ ଖେଳ, ନାଚ ଓ କବିତା ଲେଖା ଆଦି ହୋଇଥାଏ। ଏହି ଅବସରରେ ଜଳେଶ୍ୱର ବ୍ଲକର ଜୋନସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ବ୍ୟାଡମିଣ୍ଟନ ଏକ ସୁନ୍ଦର ଏବଂ ଆକର୍ଷଣୀୟ ଖେଳ ହୋଇଥିବାରୁ ଏଥିରେ ଜଳେଶ୍ୱର ସରକାରୀ ଉଚ୍ଚ ବିଦ୍ୟାଳୟରୁ ୪ ଜଣ ପିଲା କ୍ଲଷ୍ଟରସ୍ତରରୁ ବ୍ଲକ୍‌ସ୍ତର ଏବଂ ସେଠାରୁ ଜିଲ୍ଲାସ୍ତରକୁ ଯାଇ ରାଜ୍ୟ ସ୍ତରକୁ ମନୋନୀତ ହୋଇ ଜଳେଶ୍ୱର ସରକାରୀ ଉଚ୍ଚ ବିଦ୍ୟାଳୟର ଗୌରବ ରକ୍ଷା କରିଛନ୍ତି। ସେମାନେ ହେଲେ ତପନ ତ୍ରିପାଠୀ, ଗୌତମ ପରିଡ଼ା, ଜଗନ୍ନାଥ ସାମଲ ଓ ଶୁଭଙ୍କର ଦତ୍ତ। ବିଦ୍ୟାଳୟର ଖେଳ ଶିକ୍ଷୟତ୍ରୀ ସଂଯୁକ୍ତା ମଣ୍ଡଳ ଓ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀଙ୍କ ପ୍ରେରଣାରେ ୪ ଜଣ ଛାତ୍ର ରାଜ୍ୟସ୍ତରୀୟ ଖେଳକୁ ଯାଇ ଗୌରବ ଆଣିଛନ୍ତି।



# ଭତ୍ତା ଜାଲିଆତି: ବିଧାନସଭାରେ ପ୍ରଶ୍ନ ଉଠାଇଲେ ବିଧାୟକ

ଜଳେଶ୍ୱର,୧୯।୯ (ସମିସ): ଜଳେଶ୍ୱର ବ୍ଲକରେ ଭତ୍ତା ହାତେଇବା ଲାଗି ବୟସ ଜାଲିଆତି ସମ୍ପର୍କରେ ଗତ ଜିଲ୍ଲାପାଳଙ୍କ ମିଳିତ ଜନଶୁଣାଣିରେ ଅଭିଯୋଗ ହୋଇଥିଲା। ଘଟଣା ବବଦରେ ଗଣମାଧ୍ୟମରେ ମଧ୍ୟ ଖବର ଶିରୋନାମା ପାଲଟିଥିଲା। ଫଳରେ ଚଳିତ ବିଧାନସଭା ଅଧିବେଶନରେ ଜଳେଶ୍ୱର ବିଧାୟକ ଅଶ୍ୱିନୀ କୁମାର ପାତ୍ର ଭତ୍ତା ଜାଲିଆତି ସମ୍ପର୍କରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ମନ୍ତ୍ରୀଙ୍କୁ ପ୍ରଶ୍ନ ପଚାରିଥିଲେ। ୨୦୨୪ ମସିହା ଭୋଟର ତାଲିକା ଭିତ୍ତିରେ ବାର୍ଦ୍ଧକ୍ୟ ଭତ୍ତା/ ବିଧବାଭତ୍ତା/ ବିକଳାଙ୍ଗ ଭତ୍ତା/ ଅନ୍ୟାନ୍ୟ ଭତ୍ତା ହିତାଧିକାରୀମାନଙ୍କୁ ସହାୟତା ଦେବା ପାଇଁ ନିର୍ଦ୍ଦେଶ ରହିଛି। କିନ୍ତୁ ଜଳେଶ୍ୱର ବ୍ଲକରେ ଏଥିରେ ଘୋର ବ୍ୟତିକ୍ରମ କରାଯାଇ ବିଭିନ୍ନ ପ୍ରକାର ଭତ୍ତା ମଞ୍ଜୁର ହୋଇଥିବା ବାଲେଶ୍ୱର ଜିଲ୍ଲାପାଳଙ୍କ ଶୁଣାଣିରେ ନିର୍ଦ୍ଦିଷ୍ଟ ଅଭିଯୋଗ ହୋଇଥିଲା। ବୟସ ଆଧାରରେ ପରିବର୍ତ୍ତନ କରାଯାଇ କମ ବୟସ ବ୍ୟକ୍ତିଙ୍କୁ ଭତ୍ତା ଦିଆଯାଇଥିବା ଘଟଣା ଦୃଷ୍ଟିକୁ ଆସିଛି କି ନାହିଁ ପ୍ରଶ୍ନ କରିଥିଲେ। ଉଚ୍ଚସ୍ତରୀୟ ତଦନ୍ତ ପୂର୍ବକ ଭୋଟର ତାଲିକାର ବୟସ ଯାଞ୍ଚ କରାଯିବା ସହିତ ବିଦ୍ୟାଳୟ ସାର୍ଟିଫିକେଟ, ଆଡମିଶନ ରେଜିଷ୍ଟାର ତଦନ୍ତ ପରିସରକୁ ନେବା ପାଇଁ ନିର୍ଦ୍ଦେଶ ଦେବେ ସମ୍ପର୍କରେ ଉତ୍ତର ଚାହିଁଥିଲେ। ସାମାଜିକ ସୁରକ୍ଷା ଭିନ୍ନକ୍ଷମ ସଶକ୍ତିକରଣ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଉତ୍ତରରେ କହିଥିଲେ, ବାଲେଶ୍ୱର ଜିଲ୍ଲାର ଜଳେଶ୍ୱର ବ୍ଲକରେ ବୟସ ପରିବର୍ତ୍ତନ କରାଯାଇ କମ ବୟସ୍କ ବ୍ୟକ୍ତିଙ୍କୁ ଭତ୍ତା ଦିଆଯାଇଥିବା ବିଷୟ ଜିଲ୍ଲାପାଳଙ୍କ ଜନଶୁଣାଣିରେ ଅଭିଯୋଗରେ ଆସିଥିବା କଥା ସତ୍ୟ ଅଟେ। ସେ ସବୁ ଦସ୍ତାବିଜଗୁଡିକୁ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ଜଳେଶ୍ୱରଙ୍କୁ ତଦନ୍ତ ପାଇଁ ପ୍ରେରଣ କରାଯାଇଛି। ଆବଶ୍ୟକ ଅନୁଯାୟୀ ଉଚ୍ଚସ୍ତରୀୟ ତଦନ୍ତ ପୂର୍ବକ ସେହି ଭତ୍ତା ଲାଭାର୍ଥୀମାନଙ୍କ ବୟସକୁ ଭୋଟର ତାଲିକା ସହ ଯାଞ୍ଚ କରାଯିବ। ଏହାସହିତ ବିଦ୍ୟାଳୟ ସାର୍ଟିଫିକେଟ, ଆର୍ଡମିଶନ ରେଜିଷ୍ଟାରର ତଦନ୍ତ ପରିସର ଭୁକ୍ତହେବ ବୋଲି ବିଭାଗୀୟ ମନ୍ତ୍ରୀ ଉତ୍ତର ରଖିଛନ୍ତି।

## ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରିଣୀଙ୍କୁ ଘେରିଲେ ଅଞ୍ଚଳବାସୀ

**ଜଳେଶ୍ୱର ବ୍ଲକ୍/ଜଳେଶ୍ୱର:** ବାଲେଶ୍ୱର ଜିଲ୍ଲା ଜଳେଶ୍ୱର ବ୍ଲକ୍‌ର ସାମାଜିକ ସୁରକ୍ଷା ଅଧିକାରିଣୀଙ୍କୁ ବିଭିନ୍ନ ଅଭିଯୋଗରେ ଘେରିଲେ ଅଞ୍ଚଳବାସୀ। ଶୁକ୍ରବାର ମଧ୍ୟାହ୍ନ ୧୨ଟାରେ ବିଳମ୍ବରେ ବ୍ଲକ୍ କାର୍ଯ୍ୟାଳୟ ଆସିବା, ଦୁଇ ବର୍ଷ ଆଗରୁ ଆବେଦନ ହୋଇଥବା ଦିବ୍ୟାଙ୍ଗ ଭତ୍ତା, ବିଧବା ଭତ୍ତା ଏବଂ ବୟସ୍କ ଭତ୍ତାକୁ ପାସ୍ ନ କରି ଟଙ୍କା ନେଇ ଦୁଇ ମାସ ଆଗରୁ ଆବେଦନ ହୋଇଥିବା ଭତ୍ତାକୁ ପାସ୍ କରିବା, ଇଣ୍ଟରକାଷ୍ଟ ବିବାହ ପ୍ରମାଣପତ୍ର ବାହାର ପାଇଁ ହିତାଧିକାରୀଙ୍କ ଠାରୁ ଟଙ୍କା ଦାବି କରିବା ଏବଂ କାର୍ଯ୍ୟାଳୟକୁ ଆସିଥିବା ହିତାଧିକାରୀଙ୍କୁ ଦୁର୍ବବ୍ୟବହାର କରିବା, ଅଫିସ୍ ବାହାନାରେ ବିଡିଓଙ୍କ ବିନା ଅବଗତିରେ ବାହାରେ ଆୟୋଜନ ହେଉଥିବା ବିଭିନ୍ନ କାର୍ଯ୍ୟକ୍ରମରେ ଅତିଥି ହେବା, ହିତାଧିକାରୀଙ୍କୁ ବାରମ୍ବାର କାର୍ଯ୍ୟବାହାନାରେ ହଇରାଣ କରିବା ଇତ୍ୟାଦି ବିଡିଓଙ୍କ ପାଖରେ ଅଭିଯୋଗ କରିବା ସହିତ ତୁରନ୍ତ ବଦଳି ପାଇଁ ଦାବି କରିଛନ୍ତି ଅଞ୍ଚଳବାସୀ। ସୂଚନାନୁଯାୟୀ, ଖୁଆଡ ପଞ୍ଚାୟତର ଖାନ୍ଦୀ ମୁର୍ମୁ (୬୮) ବିଧବା ଭତ୍ତା ପାଇଁ ୨୦୨୪ ମସିହା ଏପ୍ରିଲରେ ଆବେଦନ, ସୀତା ଟୁଡୁ (୫୫) ସ୍ୱାମୀ ପରିତ୍ୟକ୍ତା ଭତ୍ତା ପାଇଁ ୨୦୨୪ ଏପ୍ରିଲରୁ ଆବେଦନ ଓ ପଦ୍ମିନୀ ସୋରେନ୍ (୧୦) ଦିବ୍ୟାଙ୍ଗ ଭତ୍ତା ପାଇଁ ଦୁଇ ବର୍ଷ ହେଲା ଆବେଦନ କରିଥିଲେ। କିନ୍ତୁ ଆଜି ପର୍ଯ୍ୟନ୍ତ ସେମାନଙ୍କୁ ଭତ୍ତା ମିଳିପାରିଲା ନାହିଁ। ଫଳରେ ଆଜି ଅଞ୍ଚଳବାସୀ କାଳୀଚରଣ ଦାସ୍, ସୁଜିତ ଦାସ୍, ରବୀନ୍ଦ୍ର ପ୍ରଧାନ, ସନତ ସାହୁ, ଅଜିତ୍ ବେହେରା ବହୁ ବ୍ୟକ୍ତି ବିଡିଓଙ୍କ ପାଖରେ ଅଭିଯୋଗ କରିଥିଲେ।

## ● ଦିବ୍ୟାଙ୍ଗ ପ୍ରମାଣପତ୍ର ଯାଞ୍ଚ୍ କରିବା ପାଲଟିଲା ଅଭିଶାପ
# ଛଅ ମାସ ହେଲା ଭତ୍ତାରୁ ବଞ୍ଚିତ ଶିବମ



ବାଲିଆପାଳ,୧୯।୯ (ସମିସ): ବାଲିଆପାଳ ବ୍ଲକ ଜମ୍ବିରାଇ ପଞ୍ଚାୟତ ଅଧୀନ କାଞ୍ଚନଖୁଲିଆ ଗ୍ରାମର ସାବିତ୍ରୀ ଦଣ୍ଡପାଟ ଜଣେ ଗରିବ, ଦିବ୍ୟାଙ୍ଗ ଓ ଅସହାୟ ବୃଦ୍ଧା ମହିଳା। ତାଙ୍କର ଏକ ମାତ୍ର ଝିଅକୁ ରତି ପଞ୍ଚାୟତର ଭାନୁପୁର ଗ୍ରାମର କାଳିଚରଣ ଦଳାଇଙ୍କୁ ବିବାହ ଦେଇଥିଲେ। ଦୁଇ ସନ୍ତାନ ପରେ ସ୍ୱାମୀ ଅନ୍ୟ ଏକ ବିବାହ କରିବାରୁ ଦୁଇପିଲାଙ୍କୁ ଧରି ସାବିତ୍ରୀଙ୍କ ପାଖରେ ଝିଅ ରହି ଆସୁଛନ୍ତି। ବଡ଼ନାତି ଶିବମକୁ ଆଈ ପାଖରେ ଓ ସାନପୁଅକୁ ପାଠ ପଢ଼ାଇବା ପାଇଁ ହଷ୍ଟେଲରେ ଛାଡି ମାଆ ବାହାର ରାଜ୍ୟରେ ଦାଦନ ଶ୍ରମିକ ଭାବେ କାମ କରୁଛନ୍ତି। ବଡ଼ନାତି ଶିବମ ପିଲାଟି ଦିନରୁ ମାନସିକ ଅକ୍ଷମ ହେବା ସହିତ କଥା କହିବା ଓ ଶୁଣିବା ମଧ୍ୟ ଠିକ୍‌ଠାକ୍ କରିପାରନ୍ତି ନାହିଁ। ଯେତେବେଳେ ଶିବମକୁ ୫ ବର୍ଷର ହୋଇଥିଲା ଆଈ ତାଙ୍କୁ ଡାକ୍ତରଙ୍କ ପାଖକୁ ନେଇଥିଲେ। ଡାକ୍ତର ପରୀକ୍ଷା କରି ୮୦ ପ୍ରତିଶତ ଦିବ୍ୟାଙ୍ଗ ଦର୍ଶାଇଥିଲେ। ବାଲିଆପାଳ ସାମାଜିକ ସୁରକ୍ଷା ପକ୍ଷରୁ ସାର୍ଟିଫିକେଟ ପ୍ରଦାନ କରାଯାଇ ଭତ୍ତା ଦିଆଯାଉଥିଲା। ପରେ ଦିବ୍ୟାଙ୍ଗ ସାର୍ଟିଫିକେଟର ସ୍ୱଚ୍ଛତା ପାଇଁ ସରକାରଙ୍କ ଦ୍ୱାରା ହୋଇଥିବା ଯାଞ୍ଚ ଶିବମଙ୍କ ପାଇଁ ଅଭିଶାପ ପାଲଟିଛି। ଏପ୍ରିଲ ମାସରୁ ଶିବମଙ୍କ ଭତ୍ତା ବନ୍ଦ କରିଦିଆଯାଇଛି ବୋଲି ଅଭିଯୋଗ ହେଉଛି। ଏବିଷୟରେ ବାଲିଆପାଳ ବ୍ଲକର ସାମାଜିକ ସୁରକ୍ଷା ଅଧିକାରଙ୍କୁ ପଚାରିବାରୁ ଡାକ୍ତର ଶିବମକୁ ଦିବ୍ୟାଙ୍ଗ ବୋଲି ଦର୍ଶାଇନାହାନ୍ତି ବୋଲି ସେ କହିଥିଲେ। ହେଲେ ସାତ ବର୍ଷ ତଳେ ୮୦ ପ୍ରତିଶତ ଦିବ୍ୟାଙ୍ଗ ଥିବା ବେଳେ ଏବେ ସେ କେମିତି ଏଥିରୁ ବଞ୍ଚିତ ହେଲେ। ସ୍ଥାନୀୟ ସମାଜସେବୀ ସ୍ନେହଲତା ବେହେରାଙ୍କ ଚେଷ୍ଟା ଫଳରେ ସାବିତ୍ରୀ ବାଲେଶ୍ୱର ସାମାଜିକ ସୁରକ୍ଷା ଓ ଜିଲ୍ଲାପାଳଙ୍କ ଠାରେ ନାତିର ଭତ୍ତା ପାଇଁ ଅଭିଯୋଗ କରିଥିଲେ। ମାତ୍ର ମାସେ ବିତିଯାଇଥିଲେ ମଧ୍ୟ ଏପର୍ଯ୍ୟନ୍ତ ଶିବମକୁ କୌଣସି ନ୍ୟାୟ ମିଳିପାରିଲା ନାହଁ। ତେଣୁ ସାବିତ୍ରୀ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ତାଙ୍କ ନାତି ଶିବମର ଭତ୍ତାକରି ଦିଆଯାଉ ବୋଲି ନିବେଦନ କରିଛନ୍ତି।

# ଟ୍ରକ୍ ସହ ବାଇକ୍ ଧକ୍କା: ଦୁଇ ଗୁରୁତର





ବସ୍ତା ବ୍ଲକ,୧୯।୯ (ସମିସ): ବାଲେଶ୍ୱର ଜିଲ୍ଲା ରୂପସା ଥାନା ଅଧୀନ ୬୦ ନମ୍ବର ଜାତୀୟ ରାଜପଥର ରୂପସା ଥାନାଠାରୁ ଅନତି ଦୂରରେ ଏକ ଟ୍ରକ୍ ସହ ବାଇକ ଧକ୍କାହେବା ଫଳରେ ଦୁଇଜଣ ଗୁରୁତର ହୋଇଥିବା ଜଣାପଡ଼ିଛି। ଦୁରୁତର ଦ୍ୱୟ ହେଲେ ବାଲିଆପାଳ ଅଞ୍ଚଳର ଶେଖ ଅବଦୁଲ ଜାହିର ଓ ସାବିର ଖାନ। ପ୍ରକାଶ ଯେ ଶୁକ୍ରବାର ବାଲେଶ୍ୱର ଅଭିମୁଖେ ନୌସେନା ବାହିନୀର କିଛି ସାମଗ୍ରୀ ସେନା କର୍ମଚାରୀଙ୍କ ପାଇଲଟିଂରେ ଟ୍ରକ୍‌ରେ ଭର୍ତ୍ତି ହୋଇ ଯାଉଥିବା ବେଳେ ବାଇକରେ ଯାଉଥିବା ଦୁଇଜଣ ଯୁବକ ଟ୍ରକକୁ ଧକ୍କା ଦେଇ ରାସ୍ତା ଉପରେ ପଡ଼ି ଗୁରୁତର ହୋଇଥିଲେ। ତାଙ୍କୁ ଉଦ୍ଧାର କରି ପ୍ରଥମେ ରୂପସା ଓ ପରେ ବାଲେଶ୍ୱର ହସ୍ପିଟାଲକୁ ସ୍ଥାନାନ୍ତରିତ କରାଯାଇଥିଲା। ପୁଲିସ ଦୁର୍ଘଟଣା ଗ୍ରସ୍ତ ବାଇକ୍‌କୁ ଜବତ କରି ତଦନ୍ତ ଜାରି ରଖିଛି।

# ଛୋଟ ପିଲାଙ୍କ ପାଇଁ ପ୍ରେରଣାର ଉତ୍ସ ସାଜିଛନ୍ତି ଶେଖର

ବାଲେଶ୍ୱର,୧୯।୯ (ସମିସ)




ଇଣ୍ଡିଆନ ବୁକ୍ ଅଫ୍ ରେକର୍ଡରେ ପାଇଲେ ସ୍ଥାନ
ବାଲେଶ୍ୱର ପାଇଁ ଆଣିଲେ ଗୌରବ

କଥାରେ ଅଛି ତୁଳସୀ ଦୁଇପତ୍ରରୁ ବାସେ। ବାଲ୍ୟାବସ୍ଥାରୁ ଜଣେ ଛୋଟ ପିଲାମଧ୍ୟରେ ଥିବା ପ୍ରତିଭା ବଳରେ ସେ ଏବେ ଇଣ୍ଡିଆନ ବୁକ ଅଫ ରେକର୍ଡରେ ସ୍ଥାନ ପାଇଛନ୍ତି। ଯାହାଦ୍ୱାରା ସେ କେବଳ ବାଲେଶ୍ୱର ନୁହଁ ବରଂ ନିଜସ୍ୱ ମୟୂରଭଞ୍ଜ ଜିଲ୍ଲା ପାଇଁ ମଧ୍ୟ ଗୌରବ ଆଣିଛନ୍ତି। ସେ ହେଉଛନ୍ତି ସହଦେବଖୁଂଟା ଅଞ୍ଚଳରେ ଭଡ଼ାଘରେ ରହୁଥିବା ଶେଖର କୁମାର ସାହୁ। ସୂଚନା ଅନୁସାରେ, ବୟସ ମାତ୍ର ଦୁଇ ବର୍ଷ ୧୦ମାସ। ହେଲେ ପ୍ରତିଭା କହିଲେ ନସରେ। ନାଁ ହେଉଛି ଶେଖର କୁମାରୀ ସାହୁ। ବାପା ମଦନ ମୋହନ ସାହୁ ଏବଂ ମାଆ ହେଉଛନ୍ତି ସୁକାନ୍ତୀ ସାହୁ। ତାଙ୍କର ମୂଳ ଘର ମୟୂରଭଞ୍ଜ ଜିଲ୍ଲା ବେତନଟୀ ଅଞ୍ଚଳରେ ହୋଇଥିବା ବେଳେ ସେ ବାଲେଶ୍ୱରସ୍ଥିତ ସହଦେବଖୁଣ୍ଟାଠାରେ ଏକ ଭଡାଘରେ ରୁହନ୍ତି। ବସଷ୍ଟାଣ୍ଡ ନିକଟରେ ସେମାନଙ୍କର ଏକ ଜେରେକ୍ସ ଦୋକାନ ରହିଥିବା ବେଳେ ସେଥିରୁ ଯାହା ରୋଜଗାର ହୁଏ ସେଥିରେ ତାଙ୍କର ପରିବାର ପ୍ରତିପୋଷଣ ହୋଇଥାଏ। ହେଲେ ସେମାନଙ୍କ ଦୁଃଖ କଷ୍ଟର ଲାଘବ କରିଛନ୍ତି ତାଙ୍କର ଛୋଟ ପୁଅ ଶେଖର। ଜନ୍ମରୁ ତାଙ୍କ ଠାରେ ରହିଛି ଅନେକ ପ୍ରତିଭା। ସେ ଅତିଛୋଟ ହେଲେ ବି ତାଙ୍କର ସ୍ମରଣ ଶକ୍ତି ଅଧିକ ହୋଇଥିବାରୁ ସବୁ କଥାକୁ ମନେରଖିପାରୁଛନ୍ତି। ଯାହାର ଫଳସ୍ୱରପ ସେ ଏବେ ଇଣ୍ଡିଆନ ବୁକ ଅଫ ରେକର୍ଡରେ ସ୍ଥାନ ପାଇଛନ୍ତି। ୧୭ଟି ବିଷୟ ଉପରେ ସେ ନିଜର ପ୍ରତିଭା ଦେଖାଇ ଏହି ସଫଳତା ପାଇଛନ୍ତି। ଏନେଇ ତାଙ୍କ ମାଆ ସୁକାନ୍ତୀଙ୍କ କହିବା ଅନୁସାରେ, ତାଙ୍କ ପୁଅଙ୍କ ନିକଟରେ ଅଧିକ ସ୍ମରଣ ଶକ୍ତି ଥିବା ଲକ୍ଷକରି ସେ ବିଭିନ୍ନ ବିଭାଗରେ ତାଙ୍କୁ ଶିକ୍ଷା ପ୍ରଦାନ କରୁଥିଲେ। ଏପରିକି ସେ ରାଜ୍ୟର ଜିଲ୍ଲାଠାରୁ ଆରମ୍ଭ କରି ଜାତୀୟ ପଶୁ, ପକ୍ଷୀ, 'ଏ' ଟୁ 'ଜେଡ' ଆଲଫାବେଟ ଆଦି ବିଭିନ୍ନ ବିଷୟରେ ଶିକ୍ଷାଦାନ କରିଥିଲେ। ସେ ସବୁକୁ ମନେରଖି ଦେଉଥିଲେ। ଏତେ ଛୋଟ ଅବସ୍ଥାରେ ଏସବୁ ମନେ ରଖିବା ଖୁବ ପିଲାଙ୍କ ଠାରେ ଦେଖିବାକୁ ମିଳିଥାଏ। ଏହାକୁ ଲକ୍ଷ୍ୟକରି ସେ ଗତ ଜୁଲାଇରେ ଅନଲାଇନ ମାଧ୍ୟମରେ ଇଣ୍ଡିଆନ ବୁକ ଅଫ ରେକର୍ଡରେ ପରୀକ୍ଷା ଦେବା ପାଇଁ ଆବେଦନ କରିଥିଲେ। ସମସ୍ତ କାଗଜପତ୍ର ଯାଞ୍ଚ ପରେ ସେମାନେ ତାଙ୍କୁ ଅନଲାଇନ ମାଧ୍ୟମରେ ୭ଦିନ ମଧ୍ୟରେ ପରୀକ୍ଷା ଦେବାପାଇଁ ଅନୁମତି ପ୍ରଦାନ କରିଥିଲେ। ତେବେ ପରୀକ୍ଷାରେ ତାଙ୍କୁ ୧୭ଟି ବିଷୟବସ୍ତୁ ଯାହାକି ଇଂରାଜୀ ଆଲଫାବେଟ, ଗଣତି, ସାଧାରଣ ଜ୍ଞାନ, ବିଭିନ୍ନ ଖାଦ୍ୟ, ଫୁଲ, ପକ୍ଷୀ, ଅପୋଜିଟ ୱାର୍ଡ, ଜାତୀୟ ସିମ୍ବଲ ଆଦି ଉପରେ ତାଙ୍କ ପ୍ରଶ୍ନ ପଚରା ଯାଇଥିଲା। ସେ ସବୁ ଠିକ ଭାବେ ଏହାର ଉତ୍ତର ଦେଇଥିବାରୁ ତାଙ୍କୁ ଚୟନ କରାଯାଇଥିଲା। ଯାହାର ଫଳ ସ୍ୱରୂପ ସେ ଏହି ଇଣ୍ଡିଆନ ବୁକ ରେକର୍ଡରେ ନିଜର ନାମ ହାସଲ କରିଛନ୍ତି। ତାଙ୍କର ଏହି ସଫଳତା ପାଇଁ ସେ ବହୁତ ଖୁସିଥିବା ବେଳେ ଏତେ ଛୋଟ ପିଲା ଏତେ ସବୁ ମନେରଖି କହିବା ଆଦୌ ସମ୍ଭବ ନୁହେଁ। ତାଙ୍କୁ ତିନି ବର୍ଷ ହୋଇନଥିବା ବେଳେ ସ୍କୁଲ ମଧ୍ୟ ଯାଇନାହାନ୍ତି। ଘରେ ରହି ସେ ସବୁ ଶିଖିଛନ୍ତି ବୋଲି କହିଛନ୍ତି। ଏଣୁ ସେ ସମସ୍ତ ଛୋଟ ପିଲାଙ୍କ ପାଇଁ ପ୍ରେରଣାର ଉତ୍ସ ପାଲଟିଛନ୍ତି ବୋଲି କହିଛନ୍ତି।

# ଚୋରା ବିଅର ଜବତ; ଜଣେ ଗିରଫ

ବୈଶିଙ୍ଗା, ୧୯।୯ (ସମିସ): ବୈଶିଙ୍ଗା ଥାନା ଅଧୀନ କଳମା ଉପକଣ୍ଠ ଗାଙ୍ଗପୁରା ଗାଙ୍ଗପୁ ଗ୍ରାମରେ ଶୁକ୍ରବାର ଚଢଉକରି ଚୋରାମଦ ଜବତ କରିବା ସହିତ ଏଥିରେ ଜଡିତ ଜଣକୁ ଗରିଫ କରାଯାଇ କୋର୍ଟଚାଲାଣ କରିଛି ଅବକାରୀ ବିଭାଗ। ଗିରଫ ଅଭିଯୁକ୍ତ ଜଣକ ହେଉଛି ଗାଙ୍ଗପୁରା ଗ୍ରାମର ବାଞ୍ଛାନିଧି ବେହେରାଙ୍କ ପୁଅ କୃପାସୀନ୍ଧୁ ବେହେରା(୩୯)। ଗାଙ୍ଗପୁରାଗ୍ରାମରେଚୋରାମଦକାରବାରଚାଲିଥିବାରଖବରପାଇବେତନଟୀଅବକାରୀ ଥାନା ଅଧିକାରୀ ପ୍ରଦୀପ କୁମାର ବେହେରା ସଦଳବଳ ଚଢଉ କରିଥିଲେ। ଚଢାଉ ସମୟରେ ଅଭିଯୁକ୍ତ କୃପାସିନ୍ଧୁ ନିକଟରୁ ସାଢେ ୬ଲିଟର ବିଅର ଜବତ କରାଯାଇଥିଲା।

# ଆତଙ୍କ ଖେଳାଇଲେ ଦୁଇ ଦନ୍ତା; ବ୍ୟାପକ କ୍ଷତି

କୁଆମରା, ୧୯।୯ (ସମିସ): ନୀଳଗିରି ସ୍ଥିତ କୁଲଡ଼ିହା ଅଭୟାରଣ୍ୟରୁ ଆସିଥିବା ୨ ଦନ୍ତା ଆଜି ଗୋପବନ୍ଧୁ ନଗର ବ୍ଲକ ସାଇଁକୁଳା ଅଞ୍ଚଳରେ ୩ ଘଣ୍ଟା ଧରି ଆତଙ୍କ ଖେଳାଇଥିଲେ। ଦୁଇଟି ଦନ୍ତା ହଠାତ୍ ହାଇସ୍କୁଲ ପଛ ପଟେ ବାହାରି ଚାଷ ଜମିରେ ପଶିଥିଲେ। କିଛି ସମୟପରେ ଗ୍ରାମ ମୁହାଁ ହେବା ବେଳକୁ ସ୍ଥାନୀୟ ଲୋକେ ତାଙ୍କୁ ଘଉଡାଇବାକୁ ଚେଷ୍ଟା କରିଥିଲେ ମଧ୍ୟ ସେହି ସ୍ଥାନ ଛାଡି ଯାଇ ନ ଥିଲେ। ବରଂ ଗର୍ଜନ କରିଥିଲେ। ଫଳରେ କିଛି ସମୟ ପାଇଁ ରାସ୍ତା ଘାଟରେ ଯାତାୟତ ବନ୍ଦ ହୋଇ ଯାଇଥିଲା। ଘଣ୍ଟାଏ ପରେ ପୁଣି ଚାଷ ଜମି ଆଡକୁ ମୁହାଁଇ ଥିଲେ। ବିଲ ଭିତରେ ପଶି ଅନେକ ଜମିରେ ଦଳାଚକଟା କରି କ୍ଷତି ଘଟାଇଥିଲେ। ଖବର ପାଇ କୁଆମରା ଓ ଉଦଳା ବନ କର୍ମଚାରୀ ପହଞ୍ଚି ସ୍ଥାନୀୟ ଲୋକଙ୍କ ସାହାଯ୍ୟରେ ଘଉଡାଇବା ପରେ ଦୁଇ ଦନ୍ତା ବାଲେଶ୍ୱର ଓ ମୟୂରଭଞ୍ଜ ସୀମାନ୍ତ କଣ୍ଟିସାହି ନିକଟରେ ଉଠିଥିଲେ। ପରେ ରାସ୍ତାରେ ଯାଇ ଦିଗ ପରିବର୍ତ୍ତନ କରିବା ସହ ପ୍ରବାହିତ ସୋନ ନଦୀରେ ପଶି ବାଲିସାହିଠାରେ ଉଠିଥିଲେ। ପରେ କୁଲଡ଼ିହା ଜଙ୍ଗଲ ମୁହାଁ ହୋଇଥିବାର ବନ ବିଭାଗ ପକ୍ଷରୁ ସୂଚନା ମିଳିଛି।

# ଦୁଇ ବାଲି ବୋଝେଇ ଟ୍ରାକ୍ଟର ଜବତ

ମହୁଲଡିହା,୧୯।୯ (ସମିସ): ମହୁଲଡିହା-ଭାଲିଆଡାଳ ରାସ୍ତାର ଗୌଡିଆବାହାଳି ଗାଁ ମୁଣ୍ଡରୁ ଦୁଇଟି ବାଲି ବୋଝେଇ ଟ୍ରାକ୍ଟରକୁ ଜବତ କରିଛି ପୁଲିସ। ମହୁଲଡିହା ଭାଲିଆଡାଳ ରାସ୍ତାର ସାଳନ୍ଦୀ ନଦୀରୁ ବାଲି ଚାଲାଣ ହେଉଥିବା ସମୟରେ ମହୁଲଡିହା ଥାନା ଏଏସଆଇ ସଞ୍ଜୟ କୁମାର ନାଏକ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ପୁଲିସ ଓ ଗୃହରକ୍ଷୀଙ୍କ ସହାୟତାରେ ଉଭୟ ଗାଡ଼ି ଓ ଡ୍ରାଇଭରଙ୍କୁ ଗୌଡ଼ିଆବାହାଳି ଗ୍ରାମରୁ ଅଟକାଇ ଥାନାକୁ ଆଣିଥିଲେ। ପରେ ଦୁଇ ଅଭିଯୁକ୍ତ ଡ୍ରାଇଭର ରଥ ମାହାଲି (୪୦) ଓ ନାରନ ମାର୍ଣ୍ଡି (୨୬)ଙ୍କୁ ଅଟକ ରଖି ତଦନ୍ତ କରୁଛନ୍ତି।

# ବିପୁଳ ଦେଶୀ ମଦ ଜବତ ଓ ମହୁଲ ପୋଚ ନଷ୍ଟ



ମୋରଡ଼ା,୧୯।୯ (ସମିସ): ଗୁରୁବାର ମୋରଡ଼ା ଏବଂ ବାରିପଦା ଅବକାରୀ ବିଭାଗ ଦୁର୍ଗାପୁର ସଂରକ୍ଷିତ ଜଙ୍ଗଲ ମଧ୍ୟରେ ଥିବା ଭାଲୁକବୁଆ ଗାଁରେ ଚଢଉ କରି ତଳସାହିର ୨ଟି ଏବଂ ଉପର ସାହିର ଗୋଟିଏ ସ୍ଥାନରୁ ସମୁଦାୟ ୯୦୦ଲିଟର ଦେଶୀ ମଦ ଜବତ ସହ ୧୦ହଜାର ୩ଶହ ଲିଟର ମହୁଲ ପୋଚକୁ ନଷ୍ଟ କରାଯାଇଛି। ତେବେ ଚଢ଼ଉ ସମୟରେ ଅବକାରୀ ବିଭାଗ କାହାରିକୁ ଗିରଫ କରିପାରିନାହିଁ।

# ନାଳରେ ପଡି ଯୁବକ ମୃତ

ଠାକୁରମୁଣ୍ଡା,୧୯।୯ (ସମିସ); ମୟୂରଭଞ୍ଜ ଜିଲ୍ଲା ମହୁଲଡିହା ଥାନା ଅନ୍ତର୍ଗତ ଚମ୍ପାଝର ପଞ୍ଚାୟତ କିରିକିଚିପାଳ ଗାଁରେ ଗୁରୁବାର ଅପରାହ୍ନରେ ଗାଁ ପାଖ କଣ୍ଟିଆଳି ନଦୀକୁ ଗାଧୋଇବାକୁ ଯାଇ ପାଣିରେ ବୁଡି ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକ ଜଣକ ହେଲେ ସେହି ଗାଁର ଗୌତମ ଦାସ (୨୭)। ତାଙ୍କର ଦୁଇଟି ଛୋଟ ଛୋଟ ସନ୍ତାନ ଅଛନ୍ତି। ପୁଲିସ ଏକ ମାମଲା ରୁଜୁକରି ବ୍ୟବଚ୍ଛେଦ ପାଇଁ ପଠାଇଛି।

# ପିକ୍ଅପ୍ ଧକ୍କାରେ ବାଇକ ଚାଳକ ମୃତ

ରାଇରଙ୍ଗପୁର,୧୯।୯ (ସମିସ): ପିକ୍ଅପ-ବାଇକ୍ ଦୁର୍ଘଟଣାରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ଜଣକ ହେଲେ ମୟୂରଭଞ୍ଜ ରାଇରଙ୍ଗପୁର ଗ୍ରାମାଞ୍ଚଳ ଥାନା ଅନ୍ତର୍ଗତ ପୋଡ଼ାଡିହା ଗ୍ରାମର ବାବୁରାମ ସିଂ (୩୫)। ପୁଲିସ ପିକ୍ଅପକୁ ଜବତ କରିବା ସହିତ ରାଇରଙ୍ଗପୁର ଡାକ୍ତରଖାନାରେ ଶବ ବ୍ୟବଚ୍ଛେଦ କରି ପରିବାରକୁ ହସ୍ତାନ୍ତର କରିଛି। ପୁଲିସ ଅଧିକ ତଦନ୍ତ ଜାରି ରଖିଛି।

# କେଶନାରେ ମହିଳା ବାଦୀପାଲା; ଶ୍ରୋତା ବିମୋହିତ

ଖୁଣ୍ଟିଂ, ୧୯।୯ (ସମିସ): ମାନବ ହୃଦୟରେ ଧର୍ମ ପ୍ରତି ଅନୁରକ୍ତି ଓ ଈଶ୍ୱରଙ୍କ ପ୍ରତି ଭକ୍ତି ସଂଜାତ କରିବାର ବଳିଷ୍ଠ ମାଧ୍ୟମ ହେଉଛି ଉତ୍କଳୀୟ ପାଲା। ସୁଦୂର ଅତୀତରୁ ସମାଜରେ ଧର୍ମ ଓ ସମ୍ପ୍ରଦାୟ ସମ୍ପ୍ରଦାୟ ଭିତରେ ସମନ୍ୱୟ ଓ ସଦଭାବନା ପ୍ରତିଷ୍ଠା କରିବାରେ ଏହାର ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଏହି ମହତ ଆଭିମୁଖ୍ୟ ନେଇ ପୂର୍ବ ବର୍ଷ ଭଳି ଚଳିତ ବର୍ଷ ମଧ ପବିତ୍ର ବିଶ୍ୱକର୍ମା ପୂଜା ଉପଲକ୍ଷେ ମୟୁରଭଞ୍ଜ ଜିଲ୍ଲା ଶୁକ୍ଳି ବ୍ଲକ ଅନ୍ତର୍ଗତ ପ୍ରସିଦ୍ଧ ଶିଳ୍ପୀଗ୍ରାମ କେଶନା 'ନବାବ ଗ୍ରୁପ'ର ଉଦ୍ୟମରେ ଗତକାଲିଠାରୁ ଆରମ୍ଭ ହୋଇଛି ମହିଳା ବାଦୀପାଲା। ଏହି ଅବସରରେ ଓଡିଶାର ପାଲା ଜଗତର ସମୁଜ୍ଜ୍ୱଳ ପ୍ରତିଭା ଗାୟିକା ବାଣୀ ଭାରତୀ ଟିକିନା ତ୍ରିପାଠୀ (ନୟାଗଡ) ବନାମ ଗାୟିକା ଜ୍ଞାନଶ୍ରୀ ଶ୍ରଦ୍ଧାଞ୍ଜଳି ବଳବନ୍ତରାୟ (ଖୋର୍ଦ୍ଧା) ଖୋଲା ମଞ୍ଚରେ ଉଚ୍ଚକୋଟୀର ପାଲା ପରିବେଷଣ କରି ଅଗଣିତ ଶ୍ରୋତାମଣ୍ଡଳୀଙ୍କୁ ବିମୋହିତ କରିଛନ୍ତି।

## ଦାଣ୍ଡବୋଷରେ ଇଡ୍କୋ ଦ୍ୱାରା କାରଖାନା ପାଇଁ ଜମି ଅଧିଗ୍ରହଣକୁ ବିରୋଧ

# ପାରମ୍ପରିକ ଗ୍ରାମସଭା ଦ୍ୱାରା ଅସିଦ୍ଧ ଓ ଅବୈଧ ଘୋଷଣା

ବାରିପଦା, ୧୯।୯ (ସମିସ)



**ଜିଲ୍ଲାପାଳଙ୍କୁ ନିଷ୍ପତ୍ତିପତ୍ର ପ୍ରଦାନ**

ରାଇରଙ୍ଗପୁର ନିକଟ ଦାଣ୍ଡବୋଷ ଗ୍ରାମରେ ରାଜ୍ୟ ସରକାରଙ୍କ ଇଡକୋ ଦ୍ୱାରା ଏମଏସ୍ ରୁଙ୍ଗଟା ମେଟାଲ ପ୍ରା ଲିମିଟେଡ କାରଖାନା ସ୍ଥାପନ ପାଇଁ ଜମି ଅଧିଗ୍ରହଣକୁ ବିରୋଧ କରିଛି ଗ୍ରାମସଭା। ଶୁକ୍ରବାର ସନ୍ଧ୍ୟାରେ ଏନେଇ ମାଝୀ ବାବା ଘାସିରାମ ମୁର୍ମୁଙ୍କ ନେତୃତ୍ୱରେ ଗ୍ରାମସଭାର ନେତୃମଣ୍ଡଳୀ ଜିଲ୍ଲାପାଳ ହେମକାନ୍ତ ସଏଙ୍କୁ ଭେଟି ସେମାନଙ୍କ ନିଷ୍ପତ୍ତି ପତ୍ର ପ୍ରଦାନ କରିଛନ୍ତି। ପ୍ରସ୍ତାବିତ ସ୍ଥାନରେ କାରଖାନା ହେଲେ ଆଦିବାସୀ ସାନ୍ତାଳ ସମ୍ପ୍ରଦାୟର ଐତିହ୍ୟ ସ୍ଥାନ ଆଦିବାସୀଙ୍କ ଅଲଚିକି ସ୍ରଷ୍ଟା ଗୁରୁ ଗୋମକେ ପଣ୍ଡିତ ରଘୁନାଥ ମୁର୍ମୁଙ୍କର ଜନ୍ମମାଟି, ସାଧନାପୀଠ କାପିବୁରୁ, ଜାହେରଗାଳ ଏବଂ ପୂର୍ବ ପଟରେ ଅବସ୍ଥିତ ଆଦିବାସୀ ବୀର ପୁରୁଷଙ୍କ ସହିଦ ସ୍ଥଳ ଗୁଣ୍ଡୁରିଆ ସମ୍ପୂର୍ଣ୍ଣ ବିନାଶ ତଥା ବିଲୁପ୍ତ ହୋଇଯିବ; ଯାହାକି ଆଦିବାସୀ ସାନ୍ତାଳୀ ସମାଜର ଆସ୍ଥା, ବିଶ୍ୱାସ ଏବଂ ଭାବପ୍ରାଣର ପ୍ରାଣବିନ୍ଦୁ ଅଟେ ଓ ଯେଉଁଥିରେ ଦେଶର ଲକ୍ଷ ଲକ୍ଷ ସଂଖ୍ୟାରେ ଆଦିବାସୀ ବିଭିନ୍ନ ରାଜ୍ୟ ଏବଂ ନେପାଳ, ବାଂଲାଦେଶରୁ ଆସି ପୂଜା ଏବଂ ମଥାଟେକି ମନ୍ନିତ ମାଗି ଆଶିର୍ବାଦ ପାଇଥାନ୍ତି। ବିରୋଧ କରୁଥିବା ଲୋକେ ପେଶାରେ ଚାଷୀ। କାରଖାନା ସ୍ଥାପନ ହେଲେ ଚାଷୀଙ୍କ ମୂଲ୍ୟବୋଧ ଓ ମର୍ଯ୍ୟାଦାପୂର୍ଣ୍ଣ ଜୀବନ, ଜୀବିକା ଶୈଳୀରେ ଅଶେଷ କ୍ଷୟକ୍ଷତି ସହିତ ଭାଷା, ସଂସ୍କୃତି ଓ ପରମ୍ପରା ସମ୍ପୂର୍ଣ୍ଣ ରୂପେ ବିନାଶ ତଥା ବିଲୁପ୍ତ ହୋଇଯିବ ବୋଲି ଅଭିଯୋଗ ପତ୍ରରେ ଦର୍ଶାଇଛନ୍ତି। ଆଦିବାସୀଙ୍କ ଭାଷା ସଂସ୍କୃତି ଏବଂ ପରମ୍ପରାକୁ ବଞ୍ଚାଇ ରଖିବା ପାଇଁ ସମ୍ବିଧାନର ପ୍ରାବଧାନ ଅନୁଚ୍ଛେଦ ୧୯ (୫)ରେ ଉଲ୍ଲେଖ ଅନୁସାରେ ପଞ୍ଚମ ଅନୁସୂଚୀ ଅଞ୍ଚଳରେ ବାହାର ଅଣ ଆଦିବାସୀ ବ୍ୟକ୍ତି ବିନା ଅନୁମତିରେ ଭ୍ରମଣ ଏବଂ ସ୍ଥାୟୀ ଭାବେ ବସତି ସ୍ଥାପନ କରି ବ୍ୟାପାର ବାଣିଜ୍ୟ ପ୍ରତିବନ୍ଧ ରହିଛି। ଏଣୁ ଗ୍ରାମସଭା ଦ୍ୱାରା ନିର୍ଦ୍ଧାରିତ ନିର୍ଦ୍ଦେଶିତ ପାରମ୍ପରିକ ପୂର୍ବଜମାନଙ୍କ ପ୍ରଦତ୍ତ ସଂରକ୍ଷିତ, ପତିତ ଓ ସାମାନ୍ୟ ଜମିମାନ ଅବୈଧ, ଅସିଦ୍ଧ ଓ ଅନଧିକାର ରୂପେ ବର୍ତ୍ତମାନ କାର୍ଯ୍ୟାନ୍ୱୟନ ହେଉଛି। ଏପରି କାର୍ଯ୍ୟାନ୍ୱୟନଗୁଡିକ ନିଷିଦ୍ଧ, ଅସିଦ୍ଧ ତଥା ବାଜ୍ୟାପ୍ତି ଘୋଷଣା କରାଯାଇଛି। ଏହି ଆଦେଶ ଗ୍ରାମସଭା ନିଷ୍ପତ୍ତି ଅନୁସାରେ ମାଝିବାବା ଘାସିରାମ ମୁର୍ମୁ ଦର୍ଶାଇଛନ୍ତି। ନିଷ୍ପତ୍ତି ପତ୍ରର ଏକକିତା ନକଲ ସେମାନେ ରାଷ୍ଟ୍ରପତି, ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ବିଭାଗୀୟ ନିର୍ଦ୍ଦେଶକଙ୍କ ଠାରୁ ଆରମ୍ଭ କରି ସମସ୍ତ ଜଡିତ ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି। ସୂଚନାଯୋଗ୍ୟ ଯେ, ପ୍ରଶାସନ ପକ୍ଷରୁ ପଲ୍ଲୀସଭା ମାଧ୍ୟମରେ କାରଖାନା ପାଇଁ ଜମି ଅଧିଗ୍ରହଣ ସମୟରେ ତୁମୁଳକାଣ୍ଡ ସୃଷ୍ଟି ହୋଇଥିଲା। ଅଞ୍ଚଳର ୩ଟି ଗ୍ରାମର ଆଦିବାସୀ ଜନସାଧାରଣ ଏହାକୁ ତୀବ୍ର ବିରୋଧ କରିଥିଲେ।

# ଏମ୍‌ପିସି କଲେଜରେ ରାଜ୍ୟସ୍ତରୀୟ ଆଲୋଚନାଚକ୍ର




ବାରିପଦା, ୧୯।୯ (ସମିସ): ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟର ଓଡ଼ିଆ ଭାଷା ପ୍ରତିଷ୍ଠାନ ଓ ସ୍ନାତକୋତ୍ତର ଓଡ଼ିଆ ଭାଷା ଓ ସାହିତ୍ୟ ବିଭାଗର ମିଳିତ ସହଭାଗିତାରେ ଭାଷା ସଂକ୍ରାନ୍ତୀୟ ରାଜ୍ୟ ସ୍ତରୀୟ ସମ୍ମାନ ବା ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। 'ଓଡ଼ିଆ ଭାଷା: ଉନ୍ମେଷ, ବିକାଶ, ଆଞ୍ଚଳିକ ରୂପ ଓ ଉପଯୋଗିତା' ବିଷୟବସ୍ତୁକୁ ନେଇ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ରୂପେ କଲେଜର ଅଧ୍ୟକ୍ଷ ଡ. ଆଲବର୍ଟିନା ତିର୍କୀ ଯୋଗଦେଇ ଉଦଘାଟନ କରିଥିଲେ। ଅବସରପ୍ରାପ୍ତ ପ୍ରାଧ୍ୟାପକ ଡ. ସୁଶାନ୍ତ କୁମାର ବସାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଆଲୋଚନାଚକ୍ରରେ ଆଲୋଚକ ଭାବେ ପଦ୍ମଶ୍ରୀ ଡ ଦମୟନ୍ତୀ ବେଶ୍ରା, ପ୍ର ବବୃବାହନ ମହାପାତ୍ର, ଡ ଶିଶିର ବେହେରା ଯୋଗଦେଇ ଯଥାକ୍ରମେ ଓଡ଼ିଆ ଭାଷାର ଉଦ୍ଭବ ଓ ବିକାଶ, ଓଡ଼ିଆ ଭାଷାର ବହୁମୁଖୀ ଉପଯୋଗିତା, ଓଡ଼ିଆ ଭାଷାର ଆଞ୍ଚଳିକ ରୂପ ପ୍ରସଙ୍ଗରେ ସବିଶେଷ ବକ୍ତବ୍ୟ ଉପସ୍ଥାପନ କରିଥିଲେ। ଭାଷା ପ୍ରତିଷ୍ଠାନର ଅର୍ଥ ଓ ପ୍ରସାଶନିକ ଅଧିକାରୀ ଡକ୍ଟର ଅନନ୍ୟା ତ୍ରିପାଠୀ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଓଡ଼ିଆ ଭାଷାର ପ୍ରଚାର ପ୍ରସାରରେ ଭାଷା ପ୍ରତିଷ୍ଠାନ ନେଇଥିବା ବିଭିନ୍ନ ପଦକ୍ଷେପ ଓ କାର୍ଯ୍ୟଧାରା ସମ୍ପର୍କରେ ଅବଗତ କରିଥିଲେ। ଆବାହକ ତଥା ବିଭାଗ ମୁଖ୍ୟ ଡ. ରୀନା ମୁର୍ମୁ କାର୍ଯ୍ୟକ୍ରମର ଆଭିମୁଖ୍ୟ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ପ୍ରାରମ୍ଭରେ ଅଧ୍ୟାପକ ଡ ଦେବପ୍ରିୟ ପ୍ରିୟଦର୍ଶୀ ଚକ୍ର ସ୍ୱାଗତ ଅଭିଭାଷଣ ଓ ଅତିଥି ପରିଚୟଦେଇଥିଲେ। ଦ୍ୱିତୀୟଅଧିବେଶନରେ ବିଭିନ୍ନ ବିଶ୍ୱବିଦ୍ୟାଳୟରୁ ଆସିଥିବା ଗବେଷକଙ୍କ ଦ୍ୱରା ୨୦ରୁ ଊର୍ଦ୍ଧ୍ୱ ପ୍ରବନ୍ଧ ଉପସ୍ଥାପିତ ହୋଇଥିଲା। ପରେ ସାଂସ୍କୃତିକ କାର୍ଯ୍ୟକ୍ରମ ସମେତ ଛାତ୍ରଛାତ୍ରୀଙ୍କ ଦ୍ୱାରା ନାଟକ 'ନବ୍ୟ ରେବତୀ' ପରିବେଷଣ ହୋଇଥିଲା। ଅଧ୍ୟାପିକା ଛନ୍ଦିତା ବିଶ୍ୱାଳ, ଡ ନିରୁପମା ନାୟକ, ଭାଷା ପ୍ରତିଷ୍ଠାନର କର୍ମକର୍ତ୍ତା ପ୍ରଶାନ୍ତ କୁମାର ନାୟକ ଓ ପ୍ରକାଶ ବେହେରା ସହଯୋଗ କରିଥିଲେ। ଅଧ୍ୟାପକ ଡ ଧନଞ୍ଜୟ ସିଂ ଧନ୍ୟବାଦ ଅର୍ପଣ କରିଥିଲେ।

# ଗଞ୍ଜେଇ ବୋଝେଇ କାର ଜବତ; ୬ ଗିରଫ



ବାରିପଦା,୧୯।୯ (ସମିସ): ଗଞ୍ଜେଇ ବେପାରୀଙ୍କ ପେଣ୍ଠ ସ୍ଥଳ ପାଲଟିଛି ବାଙ୍ଗିରିପୋଷି ଥାନା ଅଞ୍ଚଳ। ଏକ କୁଇଣ୍ଟାଲରୁ ଊର୍ଦ୍ଧ୍ୱ ଗଞ୍ଜେଇ ଚୋରା ଚାଲାଣ ବେଳେ ପୁଲିସ ହାତରେ ଧରା ପଡିଛନ୍ତି ୬ଜଣ ଅଭିଯୁକ୍ତ। ବାଙ୍ଗିରିପୋଷି ଥାନା ପୁଲିସ ଦ୍ୱାରା ପେଟ୍ରୋଲିଂ ବେଳେ ଏହି ସଫଳତା ମିଳିଛି। ବାଙ୍ଗିରିପୋଷି ଥାନା ଅଧିକାରୀ ବିରେନ୍ଦ୍ର କୁମାର ସେନାପତିଙ୍କ ସୂଚନା ମୁତାବକ କିଛି ଦିନ ହେଲା ଜାତୀୟ ରାଜପଥରେ କଡାକଡି ଯାଞ୍ଚ ପ୍ରକ୍ରିୟା ଜାରି ରହିଥିଲା। ବାଙ୍ଗିରିପୋଷି ଥାନା ପୁଲିସ କୌଣସି ବିଶେଷ ସୂତ୍ରରୁ ଖବର ପାଇ ଶୁକ୍ରବାର ଅପରାହ୍ନରେ ପେଟ୍ରୋଲିଂ ସମୟରେ ସନ୍ଦେହ ହେବାରୁ ଏକ କାରକୁ ଦ୍ୱାରଶୁଣୀ ଘାଟି ମଧ୍ୟରେ ଅଟକାଇ ଥିଲେ। କିନ୍ତୁ ତାହା ନ ଅଟକି ଖସି ଯାଇଥିଲା ପୁଲିସ କାରକୁ ପିଛା କରିବାରୁ ଗାଡ଼ି ଚାଳକ ଦ୍ରୁତଗତିରେ ଆସି ଘାଟି ତଳେ ଥିବା ଦଳଗୋବିନ୍ଦ ମନ୍ଦିର ନିକଟରେ ଛିଡାହୋଇଥିବା ଏକ ଟ୍ରକରେ ଧକାଦେଇଥିଲା। ସଙ୍ଗେ ସଙ୍ଗେ ପିଛା କରୁଥିବା ପୁଲିସ ଟିମ କାରକୁ ଅଟକାଇ ଯାଞ୍ଚ କରିବାରୁ ଗାଡ଼ିରୁ ମୋଟ ୧କୁଇଣ୍ଟାଲ ଊର୍ଦ୍ଧ୍ୱ ଗଞ୍ଜେଇ ଜବତ କରାଯାଇଛି। ଗଞ୍ଜେଇ ଗାଡିକୁ ସହଯୋଗ କରୁଥିବା ଅନ୍ୟ ଏକ କାର ଚାଳକ ଓ ସହଯୋଗୀ ଫେରାର ହେବାକୁ ଚେଷ୍ଟା କରୁଥିବା ବେଳେ ପୁଲିସ ଟିମ ମାଡ଼ି ବସିଥିଲେ। ଉକ୍ତ କାର ଦୁଇଟିକୁ ଘଟଣାସ୍ଥଳରୁ ବାଙ୍ଗିରିପୋଷି ଥାନାକୁ ଅଣା ଯାଇଥିଲା। ଗିରଫ ଅଭିଯୁକ୍ତ ମାନେ ଫୁଲବାଣୀ ଜିଲ୍ଲାର ବୋଲି ସୂଚନା ମିଳିଛି।

# ଆନ୍ତଃ ରାଜ୍ୟ ଫୁଟବଲ୍ ଟୁର୍ଣ୍ଣାମେଣ୍ଟ; ନାଗ ବ୍ରଦର୍ସ ଚାମ୍ପିଅନ୍



ବିଶୋଇ,୧୯।୯ (ସମିସ): ବାବା ଜଳେଶ୍ୱର କ୍ଲବ ଆନୁକୂଲ୍ୟରେ ବିଶୋଇ ମିନି ଷ୍ଟାଡିୟମରେ ଚାଲିଥିବା ଦୁଇ ଦିବସୀୟ ଆନ୍ତଃରାଜ୍ୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ଶୁକ୍ରବାର ଉଦଯାପିତ ହୋଇଯାଇଛି। ଏହି ଟୁର୍ଣ୍ଣାମେଣ୍ଟରେ ଓଡିଶା, ବିହାର ଓ ପଶ୍ଚିମବଙ୍ଗରୁ ୧୬ଟି ଦଳ ଦଳ ଅଂଶଗ୍ରହଣ କରିଥିଲେ। ଉଦଯାପନୀ ଦିବସରେ ନାଗ ବ୍ରଦର୍ସ (ଜାମସେଦପୁର) ଫୁଟବଲ ଦଳ ଚାମ୍ପିଅନ ହୋଇଥିବାବେଳେ ପରମେଶ୍ୱର ଆଇଟିଆଇ (ଯଶିପୁର) ଦଳ ରନର୍ସଅପ୍ ହୋଇଛି। ତୃତୀୟ ସ୍ଥାନରେ ୯-ମିସାଇଲ ଓ ଚତୁର୍ଥ ସ୍ଥାନରେ ଜାନେସ ସ୍ପୋର୍ଟସ (ମୟୂରଭଞ୍ଜ) ରହି ପୁରସ୍କୃତ ହୋଇଛନ୍ତି। ପୁରସ୍କାର ବିତରଣୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଜିଲ୍ଲା ପୂର୍ବତନ ଏସଡିସି ଅଧ୍ୟକ୍ଷ ତଥା ଜିଲ୍ଲାର ଟାଣୁଆ ଯୁବ ସଂଗଠକ ଡାକ୍ତର ଦେବାଶିଷ ମାର୍ଣ୍ଡି ଯୋଗଦେଇ ଆନ୍ତଃରାଜ୍ୟ ଫୁଟବଲ ପ୍ରତିଯୋଗିତା ଆୟୋଜନ ପାଇଁ ଜାତୀୟ ତଥା ଅନ୍ତର୍ଜାତୀୟ ପ୍ଲାଟଫର୍ମରେ ନୂତନ ପ୍ରତିଭାବାନ ଖେଳାଳିକୁ ତିଆରି କରିବାରେ ସୁଯୋଗ ଦେବ ବୋଲି ବକ୍ତବ୍ୟ ରଖିଥିଲେ। ସମ୍ମାନିତ ଅତିଥି ଭାବରେ ପୂର୍ବତନ ସାଂସଦ ଙ୍ଗ ରାମଚନ୍ଦ୍ର ହାଁସଦା, ଜେଏମଏମ କେନ୍ଦ୍ରୀୟ ସଦସ୍ୟ ଦେବରାଜ ନାଗ, ସାମାଜିକ କର୍ମୀ ଲିବାଚରଣ ମୁର୍ମୁ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ମାଝିଆରାମ ଟୁଡୁ, ଆଇନଜୀବୀ ବିରଞ୍ଚି ନାରାୟଣ ନନ୍ଦ, ସମାଜିକ କର୍ମୀ ସୁବାଷ ପାତ୍ର, ବିଶୋଇ ସରପଞ୍ଚ ଙ୍ଗ କରୁଣା ସାଗର ମାର୍ଣ୍ଡି, ସମିତି ସଭ୍ୟ କାଶୁ ମାଝୀ, ନେତାଜୀ କ୍ଲବ ବରିଷ୍ଠ ସଦସ୍ୟ ସୁରଜିତ ଧଳ, ସାମାଜିକ କର୍ମୀ ରଞ୍ଜନ କୁମାର ନନ୍ଦ, ଗୋପବନ୍ଧୁ ଗିରି ସମିତି ସଭ୍ୟା ବିଦ୍ୟୁତ୍ସ୍ମିତା ଦେଓ ପ୍ରମୁଖ ଯୋଗଦେଇ ଖେଳାଳିଙ୍କୁ ଉତ୍ସାହିତ କରିବା ସହିତ ବିଜେତା ଦଳକୁ ପୁରସ୍କୃତ କରିଥିଲେ। ଚାମ୍ପିୟନ ଦଳକୁ ୧ଲକ୍ଷ ୧ଟଙ୍କା, ରନର୍ସଅପ୍ ଦଳକୁ ୭୦ ହଜାର୧ ଟଙ୍କା ଏବଂ ତୃତୀୟ ଓ ଚତୁର୍ଥ ସ୍ଥାନରେ ଥିବା ଦଳକୁ ୨୫ ହଜାର୧ ଟଙ୍କା ଲେଖାଏଁ ପ୍ରଦାନ କରାଯାଇଥିଲା। ଅନ୍ୟ ସମସ୍ତ ଦଳକୁ ସାନ୍ତ୍ୱନା ମୂଳକ ପୁରସ୍କାର ପ୍ରଦାନ କରାଯାଇଛି।

# ମଇଁଷି ବୋଝେଇ ପିକଅପ୍ ଜବତ; ୩ ଅଟକ



ମହୁଲଡିହା,୧୯।୯ (ସମିସ): ଠାକୁରମୁଣ୍ଡା ଥାନା ପୁଲିସ୍ ଗୁରୁବାର ବିଳମ୍ବିତ ରାତିରେ ଗୋଟିଏ ମଇଁଷି ବୋଝେଇ ପିକଅପ୍ ଭ୍ୟାନ୍ ଜବତ କରିବା ସହ ୩ ଜଣ ଅଭିଯୁକ୍ତଙ୍କୁ ଅଟକ ରଖିଛି। ଜବତ ପିକଅପ୍ ଭ୍ୟାନ୍‌ରୁ ୬ଟି ମଇଁଷିକୁ ଉଦ୍ଧାର କରି ଗୋଶାଳାକୁ ପଠାଇଛି ପୁଲିସ। ଘଟଣାରୁ ପ୍ରକାଶ ଯେ, ଗୁରୁବାର ରାତିରେ ଚଢ଼େଇଧରାରୁ ଚାଇଁବସାକୁ ଏକ ପିକଅପ୍ ଭ୍ୟାନ୍ ରେ ଗୋରୁ ଚୋରା ଚାଲାଣ ହେଉଥିବା ବିଶେଷ ସୂତ୍ରରୁ ଖବର ପାଇ ଠାକୁରମୁଣ୍ଡା ଥାନା ଅଧିକାରିଣୀ ସାବିତ୍ରୀ ଦଲେଇଙ୍କ ନେତୃତ୍ୱରେ ଏସଆଇ ଅନିତା ସ୍ୱାଇଁ ଓ ଥାନାର ପୁଲିସ୍ କର୍ମଚାରୀ କେନ୍ଦୁଜିଆଣି ଶିଶୁ ମନ୍ଦିର ନିକଟରେ ଛକି ରହିଥିଲେ। ରାତି ପ୍ରାୟ ୩ଟାରେ ପିକଅପ ଭ୍ୟାନ୍‌ଟି ସେଠାରେ ପହଞ୍ଚିବା କ୍ଷଣି ଛକି ରହିଥିବା ଏହି ପୁଲିସ ଟିମ୍ ପିକଅପ୍ ଭ୍ୟାନ୍ ଉପରେ ମାଡି ବସିଥିଲେ। ଭ୍ୟାନ୍‌ରେ ଥିବା ୩ ଜଣ ଅଭିଯୁକ୍ତଙ୍କୁ କାବୁ କରିନେଇଥିଲେ ପୁଲିସ। ପିକଅପ୍ ଭ୍ୟାନ୍‌ରେ ୬ ଟି ମଇଁଷି ଚୋରା ଚାଲାଣ ହେଉଥିବା ଦେଖିବାକୁ ମିଳିଥିଲା। ଠାକୁରମୁଣ୍ଡା ଥାନା ଅଧିକାରିଣୀ ଦଲେଇ କେଶ ନଂ ୧୧୧/୨୫ ଦଫା ୩୦୩(୨) ବିଏନଏସ ରେ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛନ୍ତି। ଉଦ୍ଧାର ହୋଇଥିବା ମଇଁଷିକୁ କେନ୍ଦୁଝର ଜିଲ୍ଲା ରାଜନଗର ସ୍ଥିତ ନନ୍ଦିନୀ ଗୋଶାଳାକୁ ପଠାଇ ଦିଆଯାଇଛି। ଅଟକ ଅଭିଯୁକ୍ତ ୩ ଜଣ ହେଲେ ଉଦୟ ବେହେରା (୨୯), ମୋହନ ବେହେରା (୨୯) ଓ ଯୁଧିଷ୍ଠିର ବେହେରା (୨୫)।

## ପ୍ରଧାନ ଶିକ୍ଷକ ଓ ସହକାରୀ ଶିକ୍ଷକଙ୍କ ନାଁରେ ଅଭିଯୋଗ କରିବା ମହଙ୍ଗା ପଡିଲା

# ସହକାରୀ ଶିକ୍ଷକଙ୍କୁ ମାଡ ପରେ ଆଶ୍ରମ ସ୍କୁଲକୁ ବଦଳି

ରାସଗୋବିନ୍ଦପୁର,୧୯।୯ (ସମିସ):



ଦୀର୍ଘବର୍ଷ ଧରି ଭଦ୍ରକ ଜିଲ୍ଲାର ଏକ ବିଦ୍ୟାଳୟରେ ଶିକ୍ଷକତା କରି ବଦଳି ହୋଇ ଠାକୁରମୁଣ୍ଡା ସ୍ଥିତ ଏକ ବିଦ୍ୟାଳୟକୁ ଯାଇଥିଲେ। ସେଠାରେ କୌଣସି କାରଣରୁ ନିଲମ୍ବନ ହୋଇ ପୁଣି ଦେବଶୋଳ ଆଶ୍ରମ ସ୍କୁଲରେ ସହକାରୀ ଶିକ୍ଷକ ଭାବେ ଗତ ଅଗଷ୍ଟ ମାସରେ ପୁନଃ ନିଯୁକ୍ତି ପାଇଥିଲେ। ସେଠାରେ ପୂର୍ବରୁ ଥିବା ପ୍ରଧାନ ଶିକ୍ଷକ ରମେଶଚନ୍ଦ୍ର ରଣା ଓ ଗଣଶିକ୍ଷକ ଅନାଦି ଧିର ନୂତନ ଭାବେ ନିଯୁକ୍ତି ହୋଇଥିବା ସହକାରୀ ଶିକ୍ଷକ ରତ୍ନାକର ହେମ୍ବ୍ରମଙ୍କ ପୂର୍ବ ନିଲମ୍ବନ ଘଟଣାକୁ ନେଇ ବାରମ୍ବାର ମାନସିକ ନିର୍ଯାତନା ଦେଇଆସୁଥିଲେ। ଏ ନେଇ ସହକାରୀ ଶିକ୍ଷକ ରତ୍ନାକର ଜିଲ୍ଲାପାଳ ଏବଂ ଜିଲ୍ଲା ମଙ୍ଗଳ ଅଧିକାରୀଙ୍କୁ ଉଭୟଙ୍କ ନାମରେ ନ୍ୟାୟ ପାଇଁ ଅଭିଯୋଗ କରିଥିଲେ। ଉକ୍ତ ଘଟଣାକୁ କେନ୍ଦ୍ର କରି ପ୍ରଧାନ ଶିକ୍ଷକ ଏବଂ ଗଣଶିକ୍ଷକ ଅଭିଯୋଗ କରିଥିବା ସହକାରୀ ଶିକ୍ଷକଙ୍କୁ ମିଛ ମାମଲାରେ ଫସାଇ ନିଲମ୍ବନ କରିଦେବେ ବୋଲି ଧମକ ଦେଇ ଆସୁଥିଲେ। ଏଣୁ ଗତ ଗୁରୁବାର ଛାତ୍ରୀମାନଙ୍କୁ ଅଶାଳୀନ ମନ୍ତବ୍ୟ ଦେଉଥିବା କହି ସହକାରୀ ଶିକ୍ଷକ ରତ୍ନାକର ହେମ୍ବ୍ରମଙ୍କ ନାମରେ ଛାତ୍ରୀଙ୍କ ଦ୍ୱାରା ଅଭିଯୋଗ କରିଥିଲେ। ଏପରିକି ଅଭିଭାବକଙ୍କୁ ବି ଏହି ମିଥ୍ୟା କଥା କହି ଉତ୍ତ୍ୟକ୍ତ କରାଇଥିଲେ। ଫଳରେ ଗୁରୁବାର ଅଭିଭାବକମାନେ ଆଶ୍ରମ ସ୍କୁଲକୁ ଆସି ସହକାରୀ ଶିକ୍ଷକ ରତ୍ନାକର ହେମ୍ବ୍ରମଙ୍କୁ ମାଡମାରିବା ସହିତ ଟଣାଓଟରା କରିଥିଲେ। ପରେ ରାସଗୋବିନ୍ଦପୁର ପୁଲିସ ପହଞ୍ଚି ଘଟଣାର ତଦନ୍ତ କରିବା ସହ ଉଭୟ ପକ୍ଷଙ୍କ ଅଭିଯୋଗକୁ ଭିତ୍ତିକରି ଶୁକ୍ରବାର ପୁନର୍ବାର ସାଇଣ୍ଟିଫିକ ଟିମ ଦ୍ୱାରା ତଦନ୍ତ କରିଥିଲେ। ପରେ ସହକାରୀ ଶିକ୍ଷକ ରତ୍ନାକର ହେମ୍ବ୍ରମଙ୍କୁ ଥାନାକୁ ଆଣି ଜିମାରେ ଛାଡିଥିଲେ। ପୁଲିସର ହସ୍ତକ୍ଷେପ ପରେ ବିଦ୍ୟାଳୟରେ ପରିସ୍ଥିତି ଏବେ ଶାନ୍ତ ପଡ଼ିଥିବା ବେଳେ ସହକାରୀ ଶିକ୍ଷକଙ୍କୁ ମୋରଡା ସ୍ଥିତ ଚିକିଟାମାଟିଆ ପିଭିଟିଜି ଆଶ୍ରମ ବିଦ୍ୟାଳୟକୁ ଜିଲ୍ଲା ମଙ୍ଗଳ ଅଧିକାରୀ ବଦଳି କରିଛନ୍ତି।

# ଜିଲ୍ଲାସ୍ତରୀୟ ବିଦ୍ୟାଳୟ ସମୂହ ତୀରନ୍ଦାଜ ପ୍ରତିଯୋଗିତା

ବହଳଦା, ୧୯।୯ (ସମିସ): ବହଳଦା ବ୍ଲକ ଅନ୍ତର୍ଗତ ବିଞ୍ଝୁଆ ଉଚ୍ଚ ବିଦ୍ୟାଳୟ ପରିସରରେ ଜିଲ୍ଲା ସ୍ତରୀୟ ତୀରନ୍ଦାଜୀ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀଙ୍କ ମାର୍ଗଦର୍ଶନ ଏବଂ ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ଭାଗିରଥି ମଲ୍ଲିକଙ୍କ ପ୍ରତକ୍ଷ୍ୟ ତତ୍ତ୍ୱାବଧାନରେ ଏହି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ ମୟୂରଭଞ୍ଜ ଲୋକସଭା ସାଂସଦ ନବଚରଣ ମାଝୀ ଯୋଗ ଦେଇ ପାଠ ପଢିବା ସହିତ ଖେଳକୁଦ କରିବା ନିହାତି ଆବଶ୍ୟକ ବୋଲି କହିଥିଲେ। ଏହା ସହିତ ଖେଳରେ ଧର୍ମ, ବର୍ଣ୍ଣକୁ ଏଡାଇ ଏକାଠି ହେବାକୁ ଆହ୍ୱାନ ଦେଇଥିଲେ। ଖେଳକୁଦ ଜାତୀୟ ତଥା ଅନ୍ତର୍ଜାତୀୟ ସ୍ତରରେ ଭାଇଚାରା ସୃଷ୍ଟି ହୋଇ ପାରିଥାଏ ବୋଲି ସେ କହିଥିଲେ। ମୁଖ୍ୟ ବକ୍ତା ଭାବେ ବହଳଦା ଗୋଷ୍ଠୀ ଶିକ୍ଷା ଅଧିକାରୀ ଶୁଭଶ୍ରୀ ସିଂ, ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଭୁତନାଥ ସିଠ, ସମାଜସେବୀ ସୁନୀଲ କୁମାର ମହାନ୍ତ ଏବଂ ବିଦ୍ୟାଳୟ ପରିଚାଳନା କମିଟି ସଭାପତି ପୂର୍ବତନ ପ୍ରଧାନ ଶିକ୍ଷକ ଚମ୍ପେଶ୍ୱର ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ଜୁନିୟର ରେଡକ୍ରସ ଅଧିକାରୀ ସ୍ମୃତିରଞ୍ଜନ ପାଣି କାର୍ଯ୍ୟକ୍ରମ ସଂଯୋଜନା କରିଥିଲା। ପ୍ରଧାନ ଶିକ୍ଷକ ପୂର୍ଣ୍ଣଚନ୍ଦ୍ର ସାହୁ ଧନ୍ୟବାଦ ଦେଇଥିଲେ। ପ୍ରତିଯୋଗିତାରେ ବାରିପଦା ବ୍ଲକ ରନର୍ସ ଅପ ହୋଇଥିବାବେଳେ ବହଳଦା ବ୍ଲକର ଖେଳାଳି ଚାମ୍ପିଅନ ହୋଇଛନ୍ତି। ସାଂସଦ ଖେଳ ମହୋତ୍ସବର ସଂଯୋଜକ ପ୍ରଦୀପ କୁମାର ଚୌଧୁରୀ, ବହଳଦା ବ୍ଲକ କ୍ରୀଡା ସମ୍ପାଦକ କେଶବ ଚନ୍ଦ୍ର ବେହେରା, କ୍ରୀଡା ଶିକ୍ଷକ ହୃଷିକେଶ ମହା ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ ମୁଖ୍ୟ ଅତିଥି ସାଂସଦ ଶ୍ରୀ ମାଝୀ ସାଂସଦ ଖେଳ ମହୋତ୍ସବର ସମସ୍ତ ବିଜେତାଙ୍କୁ ଆର୍ଥିକ ରାଶି ସହିତ ଉପଢୌକନ ପ୍ରଦାନ କରି ପୁରସ୍କୃତ କରିଥିଲେ।



# ଦୋକାନ ଉପରକୁ ମାଡ଼ିଗଲା ହାଇୱା, ବର୍ତ୍ତିଗଲେ ଛାତ୍ରଛାତ୍ରୀ



ବେଲବାହାଲି,୧୯।୯(ସମିସ): ଘସିପୁରା ଥାନା ଅନ୍ତର୍ଗତ ଟୋଲଙ୍କପଡା ଗ୍ରାମର ନିକଟସ୍ଥ ବିଦ୍ୟାଳୟ ପାଖ ବିପଦସଂକୁଳ ରାସ୍ତା ଉପରେ ଠିଆ ହୋଇଥିବା ଗୋଟିଏ ହାଇୱା ହଠାତ ପାଖରେ ଥିବା ପାର୍ବତୀ ସାହୁଙ୍କ ଦୋକାନ ଘର ଉପରେ ମାଡିଯାଇଥିବା ବେଳେ ସେତେବେଳେ ଦୋକାନ ଘର ଭିତରେ ଥିବା ପାର୍ବତୀ ସାହୁ ଓ ନିକଟସ୍ଥ ବିଦ୍ୟାଳୟକୁ ଯାଉଥିବା ଛାତ୍ରଛାତ୍ରୀମାନେ ବଡଧରଣର ଦୁର୍ଘଟଣାରୁ ରକ୍ଷା ପାଇଯାଇଥିବା ଜଣାପଡିଛି। ବିଦ୍ୟାଳୟର ପାଖରେ ବିପଦସଂକୁଳ ଅବସ୍ଥାରେ ହାଇୱାଟିକୁ ନରଖିବା ପାଇଁ ସ୍ଥାନୀୟ ଲୋକ ଚାଳକକୁ ବାରମ୍ବାର ତାଗିଦ କରିଥିଲେ ମଧ୍ୟ ହାଇୱା ଚାଳକ ଏଥିପ୍ରତି ଖାତିର ନକରି ହାଇୱାଟିକୁ ଦୈନିକ ସେଠାରେ ରଖି ଆସୁଥିଲା। ଆଜି କିନ୍ତୁ ଛାତ୍ରଛାତ୍ରୀମାନେ ସେହି ରାସ୍ତା ଦେଇ ବିଦ୍ୟାଳୟକୁ ଯାଉଥିବା ବେଳେ ରାସ୍ତାକଡରେ ଠିଆ ହୋଇଥିବା ହାଇୱାଟି ହଠାତ ଗଡିଯାଇ ପାର୍ବତୀ ସାହୁଙ୍କ ଦୋକାନ ଘରେ ପଶିଯାଇଥିଲା। ଏହି ସମୟରେ ଦୋକାନ ଘରେ ଥିବା ପାର୍ବତୀ ସାହୁ କୌଶଳରେ ଦୋକାନ ଘରୁ ବାହାରି ଆସି ବିଦ୍ୟାଳୟକୁ ଯାଉଥିବା ଛାତ୍ରଛାତ୍ରୀଙ୍କୁ ଅଟକାଇ ସୁରକ୍ଷା ଦେଇଥିଲା। ଫଳରେ ଛାତ୍ରଛାତ୍ରୀମାନେ ନିଶ୍ଚିତ ଦୁର୍ଘଟଣାରୁ ବର୍ତ୍ତିଯାଇଥିଲେ। ହାଇୱା ମାଡିଯିବା ଫଳରେ ଦୋକାନ ଘରର ଆଜବେଷ୍ଟସ ଓ କାନ୍ଥ ଭାଙ୍ଗିଥିବା ଜଣାପଡିଛି।

# ଶିକ୍ଷକ ଅଭାବ ନେଇ ବିଇଓଙ୍କୁ ଦାବିପତ୍ର

ହାଟଡ଼ିହୀ,୧୯।୯(ସମିସ): ହାଟଡ଼ିହୀ ବ୍ଲକ ଶିକ୍ଷାମଣ୍ଡଳ ଅଧୀନସ୍ଥ ଦନେଇପୁର ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକ ଅଭାବ ନେଇ ବାରମ୍ବାର ଅଭିଯୋଗ ହୋଇଛି। ଏନେଇ ଗ୍ରାମବାସୀ ଗୁରୁବାର ବ୍ଲକ୍ ଶିକ୍ଷାଧିକାରୀଙ୍କୁ ଏକ ଦାବିପତ୍ର ଦେଇଛନ୍ତି। ସୂଚନା ଅନୁସାରେ, ଉକ୍ତ ବିଦ୍ୟାଳୟରେ ଶିଶୁବାଟିକାଠାରୁ ଅଷ୍ଟମ ଶ୍ରେଣୀ ଯାଏଁ ୯ଟି ଶ୍ରେଣୀକୁ ମାତ୍ର ୩ ଜଣ ଶିକ୍ଷୟିତ୍ରୀ ଅଛନ୍ତି। ବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟଙ୍କ ଅଭିଯୋଗ ଅନୁସାରେ ତିନୋଟି ଶ୍ରେଣୀରେ ୩ ଜଣ ଶିକ୍ଷୟିତ୍ରୀ ପାଠ ପଢ଼ାଇବା ସମୟରେ ଅନ୍ୟ ଶ୍ରେଣୀଗୁଡ଼ିକ ଫାଙ୍କା ପଡୁଛି। ତା'ସହ ବିଦ୍ୟାଳୟର ମଧ୍ୟାହ୍ନ ଭୋଜନ ଦାୟିତ୍ୱ ସାଙ୍ଗକୁ ବିଭିନ୍ନ ସମୟରେ ମିଟିଂ କିମ୍ବା ପରିଦର୍ଶନ ସମୟରେ ପ୍ରଧାନଶିକ୍ଷୟିତ୍ରୀଙ୍କୁ ବ୍ୟସ୍ତ ରହିବାକୁ ପଡ଼ିଥାଏ। ଏଥିଯୋଗୁଁ ବିଦ୍ୟାଳୟରେ ପିଲାଙ୍କ ପାଠପଢ଼ାରେ ବିଶୃଙ୍ଖଳା ଘଟୁଛି। ତୁରନ୍ତ ବିଦ୍ୟାଳୟରେ ଶିକ୍ଷକ ନିଯୁକ୍ତି ଦାବି ନେଇ ଆଜି ପୂର୍ବାହ୍ନରେ ବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟ ଓ କିଛି ଗ୍ରାମବାସୀ ମଧ୍ୟରେ ସସ୍ମିତା ଦେହୁରୀ, ଅଞ୍ଜଳି ପାତ୍ର, ଫୁଲ ଦେହୁରୀ, ସନ୍ଧ୍ୟାରାଣୀ ଭୂୟାଁ, ପ୍ରତିମା ବିଶ୍ୱାଳ, ଦୁଃଖୀରାମ ସୋରେନ, ଅଞ୍ଜନ ନାୟକ, ଭାମା ଦେହୁରୀ, ଗୀତା ବିଶ୍ୱାଳ, ପ୍ରଭାତ ପୃଷ୍ଟି, ଅଭିମନ୍ୟୁ ଭୂୟାଁ, ସୁଲୋଚନା ପଲେଇ, ଅଖଜି ପାତ୍ର, ପୁଷ୍ପାଞ୍ଜଳି ଭୂୟାଁ, ପ୍ରତିମା ପାଣିଗ୍ରାହୀ, ସାବିତ୍ରୀ ପାଣିଗ୍ରାହୀ, ରମେଶ ପଲେଇ ପ୍ରମୁଖ ବିଇଓଙ୍କ ଅନୁପସ୍ଥିତ ଯୋଗୁଁ କାର୍ଯ୍ୟାଳୟର ମୁଖ୍ୟ ସହାୟକଙ୍କୁ ଭେଟି ସମସ୍ୟା ସମ୍ପର୍କରେ ଆଲୋଚନା କରି ଦାବିପତ୍ର ପ୍ରଦାନ କରିଛନ୍ତି।

# ଯୋଡ଼ାରେ ନୂଆ ଇଓ ପବନ ରଣା



ଯୋଡ଼ା, ୧୯।୯(ସମିସ): କେନ୍ଦୁଝର ଜିଲ୍ଲା ଯୋଡ଼ା ପୌରପାଳିକାରେ ଗୁରୁବାର ନୂତନ କାର୍ଯ୍ୟନିର୍ବାହୀ ଅଧିକାରୀ ଭାବେ ଆଇଏସ ପବନ ସିଂ ରଣା ଦାୟିତ୍ୱ ଭାର ନେଇଛନ୍ତି। ଯୋଡ଼ା ପୌରପାଳିକା ତରଫରୁ ଯୋଡ଼ା ପୌରାଧ୍ୟକ୍ଷ ଜଗଦୀଶ ସାହୁ, ଯୋଡ଼ା ବିଡଓ ଡାନିଷ ବେହେରା, ଉପନଗରପାଳ ସମେତ ୧୪ଟି ୱାର୍ଡର ସମସ୍ତ କାଉନସିଲର ତାଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇ ଏକ ସ୍ୱଚ୍ଛତା ରଥର ଶୁଭାରମ୍ଭ କରିଥିଲେ। ମାତ୍ର ୨୧ ଦିନ ପାଇଁ ନିଯୁକ୍ତ ହୋଇଥିବା ଆଇଏସ ପବନ ରଣା କହିଛନ୍ତି ଯେ କମ ଦିନ ପାଇଁ ଦାୟିତ୍ୱ ମିଳିଥିଲେ ସୁଦ୍ଧା ଯୋଡ଼ାର ବିକାଶ ଏବଂ ଲୋକଙ୍କ ବିକାଶ ପାଇଁ ଦୃଢ଼ ସଂକଳ୍ପ ସହ କାମ କରିବେ ବୋଲି କହିଛନ୍ତି।

**ପାନୀୟଜଳ ଦୂଷିତ**

# ପାଇପ୍‌ରେ ଆସୁଛି ଲୁହାମିଶ୍ରିତ ଗୋଳିଆ ପାଣି

ଆନନ୍ଦପୁର, ୧୯।୯ (ସମିସ)

ଆନନ୍ଦପୁର ସହରରେ ୱାଟକୋ ପକ୍ଷରୁ ଯୋଗାଇ ଦିଆଯାଉଥିବା ପାନୀୟ ଜଳ ଦୂଷିତ ହେଉଥିବାରୁ ଏହା ସହରବାସୀଙ୍କ ପାଇଁ ମୁଣ୍ଡବ୍ୟଥାର କାରଣ ହୋଇଛି। ପାଇପ୍ ଯୋଗେ ଆସୁଥିବା ପାଣି ଅନେକ ସମୟରେ ଗୋଳିଆ ରହୁଥିବା ବେଳେ ବେଳେ ପାଣିରେ ବାଲିଗୁଣ୍ଡ ଆସୁଥିବା ଅଭିଯୋଗ ହୋଇଛି। ସହରାଞ୍ଚଳରେ ବର୍ତ୍ତମାନ ୱାଟକୋ ନାମରେ ଏହି ସଂସ୍ଥାର ଦାୟିତ୍ୱହୀନତାକୁ ନେଇ ଅନେକ ଲୋକ ଅଭିଯୋଗ କରୁଥିବା ବେଳେ ଜଳଯୋଗାଣରେ ଗୁଣବତ୍ତା ହ୍ରାସ ଅନେକାଂଶରେ ପରିଲକ୍ଷିତ ହୋଇଛି। ସାଧାରଣ ଲୋକ ଓ କେତେକ ଗ୍ରାହକ ଅଭିଯୋଗ କଲେ ବି ବିଭାଗୀୟ କର୍ମଚାରୀ ଅଭିଯୋଗ ଶୁଣୁ ନଥିବା ଅଭିଯୋଗ ହୋଇଛି। ଏପରି ସମସ୍ୟା ଆଜକୁ କିଛି ହେଲା ଲାଗି ରହିଥିଲେ ମଧ୍ୟ ବିଭାଗୀୟ କର୍ତ୍ତୃପକ୍ଷ ସମାଧାନ ଦିଗରେ ଉଚିତ ପଦକ୍ଷେପ ଗ୍ରହଣ କରୁନଥିବା ନେଇ ଲୋକେ ଚିନ୍ତା ପ୍ରକଟ କରିଛନ୍ତି।





ଆନନ୍ଦପୁର ପୌରପାଳିକାର ୧୩ନଂ ୱାର୍ଡ ଖପରାଖାଇ, ଜନାର୍ଦ୍ଦନପୁର ଶାସନ, ମହାନ୍ତିସାହି ଓ ସାଉଁଟିସାହିରେ ଆଜକୁ କିଛି ଦିନ ହେବ ପାଇପରୁ ଏପରି ଗୋଳିଆ ପାଣି ବାହାରୁଥିବା ବେଳେ ଲକ୍ଷ୍ମୀନାରାୟଣପୁର ଶାସନରେ କେତେକ ଉପଭୋକ୍ତା ଏହି ଅଭିଯୋଗ କରିଛନ୍ତି। ସେହିପରି ଶ୍ରୀଦଧିବାମନଜୀଉ ମନ୍ଦିରରେ ଥିବା ପାଇପରେ ଗୋଳିଆ ପାଣି ଆସୁଥିବାରୁ ରୋଷଘର ନୀତିରେ ବାଧା ସୃଷ୍ଟି ହୋଇଛି। ଏନେଇ କେତେକ ସଚେତନ ନାଗରିକ ଆନନ୍ଦପୁର ଉପଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିବା ଜଣାଯାଇଛି। ବିଭାଗୀୟ କର୍ତ୍ତୃପକ୍ଷ ଦୃଷ୍ଟି ଦେଉ ନଥିବାରୁ ପାଣି ବ୍ୟବହାର କରୁଥିବା ଲୋକେ ବିଭିନ୍ନ ପ୍ରକାର ସଂକ୍ରାମକ ରୋଗରେ ଆକ୍ରାନ୍ତ ହେବାର ଆଶଙ୍କା ପ୍ରକାଶ ପାଇଛି। ଏଣୁ ୱାଟକୋ ଉଚ୍ଚ କର୍ତ୍ତୃପକ୍ଷ ଏ ଦିଗରେ ତ୍ୱରିତ ପଦକ୍ଷେପ ନେବାକୁ ବିଜେପି ନେତା ସନ୍ତୋଷ କୁମାର ଜେନା ଦାବି ଜଣାଇଛନ୍ତି।

# ନୂତନ ବାର୍ ଆସୋସିଏସନ ଗୃହର ଭିତ୍ତିପ୍ରସ୍ତର




ଆନନ୍ଦପୁର, ୧୯।୯(ସମିସ): ଆନନ୍ଦପୁର ବିଚାରବିଭାଗ କୋର୍ଟ ପରିସରରେ ନୂତନ ବାର ଆସୋସିଏସନ ଗୃହର ଭିତ୍ତିପ୍ରସ୍ତର ସ୍ଥାପନ ହୋଇଯାଇଛି। ଓଡ଼ିଶା ହାଇକୋର୍ଟ ମୁଖ୍ୟବିଚାରପତି ହରିଶ ଟଣ୍ଡନ ଓ ବିଚାରପତି ମାନସ ରଞ୍ଜନ ପାଠକଙ୍କ ତତ୍ତ୍ୱାବଧାନରେ ହାଇକୋର୍ଟ ବିଚାରପତି ସାବିତ୍ରୀ ରଥ ଆନନ୍ଦପୁରଠାରେ ଆନୁଷ୍ଠାନିକ ଭାବେ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ। ଏହି ଉତ୍ସବରେ ଜିଲ୍ଲା ଦୌରାଜଜ ଗୋପାଳଚନ୍ଦ୍ର ବେହେରା ରେଜିଷ୍ଟ୍ରାର ସୁଚେତା କୃପାଳିନୀ ଆନନ୍ଦପୁର ଅତିରିକ୍ତ ଜିଲ୍ଲା ଦୌରାଜାଜ ଦେବଦତ୍ତ ଦାଶମହାପାତ୍ର ଏସଡିଜେଏମ ଗୌରୀଶଙ୍କର ପଣ୍ଡା ଜେଏମଏଫସି ଯଶସ୍ୱିନୀ ମହାପାତ୍ର କଟକ ବାର ଆସୋସିଏସନ ପୂର୍ବତନ ସଭାପତି ବିଜୟ କୁମାର ଦାଶ ଆନନ୍ଦପୁର ବାର ଆସୋସିଏସନ ସଭାପତି ଦୟାନିଧି ଦାଶ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ଆନନ୍ଦପୁର ଓକିଲ ସଙ୍ଘର ସମସ୍ତ ସଦସ୍ୟ ଓ ବିଚାରବିଭାଗର କର୍ମଚାରୀ ସହଯୋଗ କରିଥିଲେ। ପ୍ରାୟ ଏକ କୋଟି ତିରିଶ ଲକ୍ଷ ଟଙ୍କା ବ୍ୟୟରେ ନିର୍ମାଣ ହେବାକୁ ଥିବା ଏହି ଗୃହ କାର୍ଯ୍ୟ ୭ ମାସ ମଧ୍ୟରେ ସମ୍ପୂର୍ଣ୍ଣ ହେବ ବୋଲି ସୂଚନା ମିଳିଛି।

# କଣ୍ଟିପାଳର ୩ଟି ଘରେ କଳାକନା ବୁଲାଇଲେ ଦୁର୍ବୃତ୍ତ



**ଜଣେ ଅଟକ, ବାଇକ୍ ଜବତ**

ଆନନ୍ଦପୁର, ୧୯।୯ (ସମିସ): ଆନନ୍ଦପୁର ଥାନା ଅନ୍ତର୍ଗତ କଣ୍ଟିପାଳ ଗାଁରେ ସିରିଜ୍ ଚୋରି ସଂଘଟିତ ହୋଇଛି। ଗୋଟିଏ ରାତିରେ ତିନୋଟି ଘରୁ ଗ୍ରିଲ ଭାଙ୍ଗି ନଗଦ ଲକ୍ଷାଧିକ ଟଙ୍କା ସହ ୧୦ ଭରିରୁ ଅଧିକ ସୁନା ଏବଂ ପାଖାପାଖି ୨୦ ଭରି ରୁପା ଅଳଙ୍କାର ଚୋରି କରିନେଇଛନ୍ତି ଦୁର୍ବୃତ୍ତ। ଗତ ଗୁରୁବାର ବିଳମ୍ବିତ ରାତିରେ ଏହି ଘଟଣା ଘଟିଥିବାବେଳେ ଚୋରଙ୍କୁ ଗୋଡ଼ାଇଥିଲେ ଗାଁ ଲୋକେ ଓ ପୁଲିସ୍ ଦଳ। ସ୍ଥାନୀୟ ଶାଳଚୁଆ ଘାଟି ନିକଟରେ ବାଇକରେ ଯାଉଥିବା ଜଣେ ଦୁର୍ବୃତ୍ତକୁ କାବୁ କରିବା ସହ ବାଇକ୍ ଓ ଏକ ବ୍ୟାଗ୍ ଜବତ କରିଛି ପୁଲିସ। ଗତ ରାତିରେ ଗାଁରେ ସମସ୍ତେ ଶୋଇଥିବା ସମୟରେ ଗାଁର ନରେନ୍ଦ୍ର କୁମାର ବାରିକଙ୍କ ଘରେ ପ୍ରଥମେ ପଶି ଘରୁ ୬ ଭରିରୁ ଅଧିକ ସୁନା ସହ ୫୦ ହଜାର ଟଙ୍କା ଚୋରି କରି ନେଇଥିଲେ। ପରେପରେ ଗୟାଧର ବାରିକଙ୍କ ଘରୁ ୨ ଭରି ସୁନା ସହ ୨୦ ଭରି ରୁପା ଓ ନଗଦ ୨୦ ହଜାର ଟଙ୍କା ଚୋରି ହୋଇଥିଲା। ସେହିଭଳି ଗାଁର ବାପୁନ ପାତ୍ରଙ୍କ ଘରୁ ଏକ କାନଫୁଲ ସହ ୪୦ ହଜାର ଟଙ୍କା ଚୋରି ହୋଇଥିବା ବେଳେ ପୁଲିସ ବିଭିନ୍ନ ସ୍ଥାନରେ ଛାନଭିନ କରୁଛି। ଏନେଇ ତିନି ପରିବର ପକ୍ଷରୁ ଥାନାର ଲିଖିତ ଅଭିଯୋଗ ହେଇଛି। ଅଟକ ଯୁବକଠାରୁ ସୂଚନା ଆଧାରରେ ପୁଲିସ ଅନ୍ୟ ଅଭିଯୁକ୍ତଙ୍କୁ ଧରିବା ପାଇଁ ଜୋରଦାର ତନାଘନା ଜାରି ରଖିଥିବା ଜଣାପଡ଼ିଛି।

# ବାତ୍ୟାରେ ଉଦ୍ଧାରଶୈଳୀ ପ୍ରଶିକ୍ଷଣ କାର୍ଯ୍ୟକ୍ରମ



ହାଟଡ଼ିହୀ,୧୯।୯(ସମିସ): ହାଟଡ଼ିହୀ ବ୍ଲକ ଆମ୍ବୋ ପଞ୍ଚାୟତ କରଗୋଳାଠାରେ ଥିବା ବାତ୍ୟା ଆଶ୍ରୟସ୍ଥଳୀରେ ବାତ୍ୟା ସମୟରେ ଲିଙ୍ଗଗତ ଭେଦଭାବ ନରଖି ମହିଳା, ଦିବ୍ୟାଙ୍ଗ ମହିଳା ଏବଂ ବୃଦ୍ଧାଙ୍କୁ କିଭଳି ଉଦ୍ଧାର କରାଯାଇ ସେମାନଙ୍କ ଅମୂଲ୍ୟ ଜୀବନ ରକ୍ଷା କରାଯାଇ ପାରିବ ଏବଂ ଉଦ୍ଧାର କାର୍ଯ୍ୟରେ ମହିଳାମାନେ କିଭଳି ନିଜେ ସଶକ୍ତ ହେବେ ସେନେଇ ଆଲୋଚନା ହୋଇଥିଲା। କାର୍ଯ୍ୟକ୍ରମଟି ଆମ୍ବୋ ସରପଞ୍ଚ ଅନୁରାଧା ମହାପାତ୍ରଙ୍କ ସଂଯୋଜନାରେ ଅନୁଷ୍ଠିତ ହୋଇଥିବା ବେଳେ ଏଥିରେ ଜିଲ୍ଲା ପ୍ରକଳ୍ପ ଅଧିକାରୀ ସେଖ୍ ଇଜାଜ୍ ଇକବାଲ୍, ଏବିଡିଓ ରଶ୍ମିରେଖା ନାଏକ, ପିଇଓ ତୁଳାରାମ ମୁର୍ମୁ, ଜିପିଡିଓ ଦେବଜ୍ୟୋତି ଦାସ ପ୍ରମୁଖ ଯୋଗ ଦେଇଥିଲେ। ପ୍ରଶାସନିକ ଅଧିକାରୀମାନେ ଉଦ୍ଧାର କୌଶଳ ସମ୍ବନ୍ଧରେ ପ୍ରଶିକ୍ଷଣ ଦେଇଥିଲା ବେଳେ ମାଷ୍ଟର ଟ୍ରେନର ସନ୍ତୋଷ କୁମାର ପଣ୍ଡା ଏହାର ସବିଶେଷ ତଥ୍ୟ ଉପସ୍ଥାପନା କରିଥିଲେ। ପୂର୍ବତନ ସରପଞ୍ଚ ସୁବ୍ରତ ମହାପାତ୍ରଙ୍କ ସହ ବାତ୍ୟା ଆଶ୍ରୟସ୍ଥଳୀର ସମ୍ପାଦକ ଜଗବନ୍ଧୁ ଜେନା, ସମସ୍ତ ୱାର୍ଡମେମ୍ବର, ସମସ୍ତ ଅଙ୍ଗନବାଡ଼ି ଓ ଆଶାକର୍ମୀ, ଏସଏଚଜି ସଂଘର ମାଆମାନେ ଉପସ୍ଥିତ ଥିଲେ। ଗ୍ରାମବାସୀଙ୍କ ମଧ୍ୟରେ ଲକ୍ଷ୍ମୀଧର ବେହେରା, ପ୍ରିୟବ୍ରତ ଦାସ, ଅନ୍ତର୍ଯ୍ୟାମୀ ସାହୁ, ବନମାଳି ଜେନା, ବେଣୁଧର ଜେନା, ଅର୍ଜୁନ ମଣ୍ଡଳ, ପଦ୍ମଲୋଚନ ଶଙ୍ଖୁଆ, ଗୋବର୍ଦ୍ଧନ ଜେନା, ଗୌରକାନ୍ତ ମହାପାତ୍ର ଯୋଗ ଦେଇଥିଲେ।

# ଦଧିବାମନ ଉଚ୍ଚମାଧ୍ୟମିକ ବିଦ୍ୟାଳୟରେ 'ସୁରଭି'

ତୁରୁମୁଙ୍ଗା,୧୯।୯(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ତୁରୁମୁଙ୍ଗା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ଅଶ୍ୱତ୍ଥମା ଗିରି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଇଂରାଜୀ ବିଭାଗର ଅଧ୍ୟାପିକା ଅନ୍ନପୂର୍ଣ୍ଣା ମିଶ୍ରଙ୍କ ସଂଯୋଜନାରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ସାଧାରଣ ଜ୍ଞାନ, ପ୍ରବନ୍ଧ ଲିଖନ, ଚିତ୍ରାଙ୍କନ, ବିତର୍କ, ସଙ୍ଗୀତ ଆଦି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏଥିରେ ଅନେକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ସୁରଭି କାର୍ଯ୍ୟକ୍ରମ ମାଧ୍ୟମରେ ଛାତ୍ରଛାତ୍ରୀମାନେ ନିଜ ନିଜର ପ୍ରତିଭା ପ୍ରଦର୍ଶନ କରିଥିଲେ। ପଦାର୍ଥ ବିଜ୍ଞାନର ପ୍ରାଧ୍ୟାପକ ଯତୀନ୍ଦ୍ର କୁମାର ମିଶ୍ର, ସ୍ନାତକୋତ୍ତର ଶିକ୍ଷକ ଓ ଶିକ୍ଷୟିତ୍ରୀ ପ୍ରଭଞ୍ଜନ ନାଏକ, ଦିବ୍ୟାରାଣୀ ପ୍ରସାଦ, ସୁଜାତା ସାମନ୍ତରାୟ, କୁମୁଦିନୀ ମହାନ୍ତ, ମନି ରାଉତ, ରବିଶଙ୍କର ପ୍ରଧାନ, ଅତିଥି ଅଧ୍ୟାପକ ସତ୍ୟପ୍ରକାଶ ମହାନ୍ତ ତଥା ଅନୁଷ୍ଠାନର ଅନ୍ୟ କର୍ମଚାରୀ ସହଯୋଗ କରିଥିଲେ।

# ରାମସିଆ ପେଣ୍ଟ୍‌ସର ରାଜ୍ୟସ୍ତରୀୟ ପାର୍ଟ୍‌ନର୍ସ ମିଟ୍



ଚମ୍ପୁଆ, ୧୯।୯(ସମିସ): ଓଡ଼ିଶାରେ ନିର୍ମିତ ରାମସିଆ ପେଣ୍ଟସ ତଥା କେନ୍ଦୁଝର ଜିଲ୍ଲାର ଉଦ୍ୟୋଗପତିଙ୍କ ପ୍ରାୟୋଜନରେ ଏକ ରାଜ୍ୟସ୍ତରୀୟ ପାଟନର୍ସ ସମ୍ମିଳନୀ ଶୁକ୍ରବାର ପୁରୀର ପିପୁଲ ହୋଟେଲଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ସମ୍ମିଳନୀକୁ ପ୍ରଥମେ ଜଗତର ନାଥ ଜଗନ୍ନାଥଙ୍କ ଫଟୋଚିତ୍ରରେ ଧୂପଦୀପ ପ୍ରଜ୍ୱଳନ ସହ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ କମ୍ପାନୀର ନିର୍ଦ୍ଦେଶକ କେନ୍ଦୁଝରର ଯୁବ ଉଦ୍ୟେଶଗପତି ବିକାଶ ମିଶ୍ର ଓ କିଛି ବରିଷ୍ଠ ବ୍ୟବସାୟୀ। ଆଜି ବଜାରରେ ଉପଲବ୍ଧ ଅନ୍ୟ ପେଣ୍ଟସ ତୁଳନାରେ ରାମସିଆ କମ୍ପାନୀର ଉତ୍ପାଦଗୁଡିକ ଦୁଇ ବର୍ଷ ହେଲେ ମଧ୍ୟ ଆଜି ଦିନରେ ଡିଲର ଓ ଉପଭୋକ୍ତାଙ୍କ ମଧ୍ୟରେ ସୁସମ୍ପର୍କ ଓ ବିଶ୍ୱାସ ତାଙ୍କୁ ଆଜି ସଶକ୍ତ କରାଇ ପାରିଛି। ଓଡ଼ିଶାର ବହୁ ଡିଲର ରାମସିୟା କୋଲରର ଗୁଣବାର୍ତ୍ତା ବିଷୟରେ ଉଚ୍ଚ ମାନର ଓ ଆଗକୁ ଆମେ ଅନ୍ୟ କମ୍ପାନୀଠାରୁ ବହୁ ଆଗକୁ ଯାଇପାରିବୁ ବୋଲି ମତ ରଖିଥିଲେ। ଅନ୍ୟାନ୍ୟ ନାମୀଦାମୀ ପେଣ୍ଟସ ତୁଳନାରେ ରାମସିଆ ପେଣ୍ଟସର ଉଚ୍ଚ ମାନର ସମସ୍ତ ଉତ୍ପାଦଗୁଡିକର ମାନ ଉତ୍କୃଷ୍ଟ ଥିବା ସହ ଦାମ ଅପେକ୍ଷାକୃତ କମ ରହିଥିବା ମିଟ ସମ୍ମିଳନୀରେ ଆଲୋଚନା ହୋଇଥିଲା। କମ୍ପାନୀର ଉତ୍ପାଦଗୁଡିକ ମଧ୍ୟରେ ଏନାମେଲ ପେଣ୍ଟସ, ପ୍ରାଇମର, ଏମୁଲେସନ, ଡ୍ୟାମଗାର୍ଡ, ଡିଷ୍ଟେମ୍ପର ଉଚ୍ଚମାନର ବୋଲି କମ୍ପାନୀର ନିର୍ଦ୍ଦେଶକ ଶ୍ରୀ ମିଶ୍ର ପ୍ରକାଶ କରିଛନ୍ତି। ଏହି କମ୍ପାନୀର ଉତ୍ପାଦଗୁଡିକର ଉତ୍ପାଦନ ପଦ୍ଧତି, ବିତରଣ ଏବଂ ଏହାର ଗୁଣବତ୍ତା ଉପରେ ଡିଲର ବନ୍ଧୁମାନଙ୍କୁ ବୁଝାଇଥିଲେ। ଏହି ସମ୍ମିଳନୀରେ ଓଡ଼ିଶାର ସମସ୍ତ ଜିଲ୍ଲାର ହୋଲସେଲର, ଡିଲର ବନ୍ଧୁମାନେ ଯୋଗ ଦେଇଥିଲେ। ଏହି କାର୍ଯ୍ୟକ୍ରମକୁ ରାମ ମହାନ୍ତ ପରିଚାଳନା କରୁଥିଲେ।

# ଓଏଭି ପ୍ରତିଷ୍ଠା ଦିବସରେ ଉତ୍ସବ 'ସ୍ୱାର୍କ'





ତେଲକୋଇ, ୧୯।୯(ସମିସ)

କେନ୍ଦୁଝର ଜିଲ୍ଲା ଅନ୍ତର୍ଗତ ତେଲକୋଇ ବ୍ଲକସ୍ଥିତ ଓରିୟାଠାରେ ଥିବା ଆଦର୍ଶ ବିଦ୍ୟାଳୟରେ ଅଧ୍ୟକ୍ଷ ରଘୁନାଥ ପରିଡାଙ୍କ ସଭାପତିତ୍ୱରେ ଓଏଭି ଫାଉଣ୍ଡେସନ ଡେ 'ସ୍ୱାର୍କ' ବହୁ ଆଡ଼ମ୍ବର ସହ ଆୟୋଜିତ ହୋଇଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷ ଓଡିଶାର ସମସ୍ତ ଆଦର୍ଶ ବିଦ୍ୟାଳୟର ସଦସ୍ୟଙ୍କୁ ଶୁଭେଚ୍ଛା ଜଣେଇବା ସହ ଓଡିଶା ଆଦର୍ଶ ବିଦ୍ୟାଳୟର ଦ୍ୱାରା ଗ୍ରାମାଞ୍ଚଳଠାରୁ ଆରମ୍ଭ କରି ସହର ପର୍ଯ୍ୟନ୍ତ କିପରି ଛାତ୍ରଛାତ୍ରୀ ଉପକୃତ ହେବା ସହିତ ନିଜ ବିଦ୍ୟାଳୟ ତଥା ଅଞ୍ଚଳର ସୁନାମ ଅର୍ଜନ କରିବେ ତାହା ପିଲାମାନଙ୍କୁ ବ୍ୟକ୍ତବ୍ୟରେ ଆହ୍ୱାନ କରିଥିଲେ। ଏହାସହ 'ସ୍ୱାର୍କ' କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀଙ୍କୁ ଉଭୟ ଜୁନିୟର ଓ ସିନିୟର ଭାବରେ କୁଇଜ, କବିତା ଆବୃତ୍ତି, ଗୀତ, ଡିବେଟ, ଚିତ୍ରାଙ୍କନ, ଏଲକେଶୋନ ସହ ବିଭିନ୍ନ ନୃତ୍ୟର ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଏଥିରେ ବିଦ୍ୟାଳୟର ସମସ୍ତ ଶିକ୍ଷକଶିକ୍ଷୟିତ୍ରୀଙ୍କ ପରସ୍ପର ସହଯୋଗରେ ଏହି କାର୍ଯ୍ୟକ୍ରମକୁ ସଫଳତାର ସହିତ ପରିସମାପ୍ତି କରିଥିଲେ।

# ପୁରୁଣାବାନ୍ଧଗୋଡ଼ା ପଞ୍ଚାୟତରେ ପୋଷଣ ମାସ ପାଳନ

ରାମଚନ୍ଦ୍ରପୁର,୧୯।୯(ସମିସ): କେନ୍ଦ୍ର ସରକାରଙ୍କ ତରଫରୁ ସେପ୍ଟେମ୍ବର ମାସକୁ ପୋଷଣ ମାସ ଭାବେ ପାଳନ କରାଯାଉଛି। ଆଜି ପୋଷଣ ମାସ ପାଳନ ହୋଇଯାଇଛି। ମୁଖ୍ୟତଃ କେଉଁ ଖାଦ୍ୟ ଶିଶୁଙ୍କୁ ବା ଗର୍ଭବତୀ ମହିଳାଙ୍କୁ ଦିଆଯିବା ଉଚିତ୍ ବେହେରା, ଦମୟନ୍ତୀ ଜେନା, ଜେମାମଣି ମୁଣ୍ଡା, ଜୟନ୍ତୀ ଜେନା, ଆସ୍ୱାୟାର ସଦସ୍ୟ ତପନ ନାୟକ, ପଦ୍ମଲୋଚନ



ଗର୍ଭବତୀ ମହିଳା, ସ୍ତନ୍ୟପାନ କରାଉଥିବା ମାଆ, କିଶୋରୀ ଏବଂ ଶିଶୁମାନଙ୍କ ଉତ୍ତମ ପୋଷଣ ଏହାର ମୁଖ୍ୟ ଲକ୍ଷ୍ୟ। ସେହିକ୍ରମରେ ପୁରୁଣାବାନ୍ଧଗୋଡା ଅଙ୍ଗନବାଡ଼ି କେନ୍ଦ୍ରରେ ସେ ବିଷୟରେ ଆଲୋଚନା ହୋଇଥିଲା। ଗ୍ରାମର ଅନେକ ବ୍ୟକ୍ତିବିଶେଷ, ମା' ମହିଳା ସାମିଲ ହୋଇଥିଲେ। ଅଙ୍ଗନବାଡି କର୍ମୀ ସ୍ନେହଲତା ପଟ୍ଟନାୟକ, ପଙ୍କଜିନୀ ଜେନା, ବାଦଲ ପଟ୍ଟନାୟକ, ପ୍ରଦିପ ନାୟକ, ଦେବବ୍ରତ ପଟ୍ଟନାୟକ, ଅର୍ଜୁନ ମଲ୍ଲିକ ସମେତ ୬ଟି ଗାଁର ଅଙ୍ଗନବାଡି ସହାୟକ ସହଯୋଗ କରିଥିଲେ।

ସକାଳ
THE SAKALA
www.sakalaepaper.com

# ସମ୍ପୂର୍ଣ୍ଣା

ଶନିବାର, ୨୦ ସେପ୍ଟେମ୍ବର, ୨୦୨୫



## ଆଜିର ରାଶିଫଳ

**ମେଷ:** କର୍ମଚଞ୍ଚଳ ରହିବେ। ମନ ଖୁସି ରହିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେଇପାରେ। ପ୍ରେମିକ ପ୍ରେମିକାଙ୍କ ଲାଗି ଦିନଟି ଉତ୍ତମ। ବ୍ୟବସାୟରୁ ଲାଭ ମିଳିବ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ବୃଷ:** କଳା, ମନୋରଞ୍ଜନ ପ୍ରତି ଆଗ୍ରହ ବଢ଼ିବ। ପରିବାର ସହ କୌଣସି ଦୂର ସ୍ଥାନକୁ ଯାତ୍ରା କରିବେ। ପ୍ରେମ ମାମଲାରେ କିଛି ନୂଆ ନିଷ୍ପତ୍ତି ନେବେ। ପ୍ରିୟଜନଙ୍କଠାରୁ ଉପହାର ପାଇବେ।

**ମିଥୁନ:** ବ୍ୟବସାୟ ଓ ଧାର୍ମିକ କାର୍ଯ୍ୟ ପାଇଁ ଅନୁକୂଳ ସମୟ। ବ୍ୟାୟାମ, ଯୋଗ, ଉଚ୍ଚଶିକ୍ଷା, ଧ୍ୟାନ ଆଦି ପ୍ରତି ରୁଚି ବଢ଼ିବ। ଜମି ବିବାଦ ମାମଲା ସମାଧାନ ହେବ। ସାମାଜିକ କାର୍ଯ୍ୟରେ ସାମିଲ ହେବେ।

**କର୍କଟ:** କାର୍ଯ୍ୟ ସ୍ଥିତିରେ ସୁଧାର ଆସିଲେ ମଧ୍ୟ ସ୍ୱାସ୍ଥ୍ୟ ଭଲ ରହିବ ନାହିଁ। ଦାମ୍ପତ୍ୟ ଜୀବନ ଚିନ୍ତାଜନକ ହେବ। କୌଣସି ସ୍ଥାନକୁ ବୁଲିବାକୁ ଯାଆନ୍ତୁ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**ସିଂହ:** ଦାମ୍ପତ୍ୟ ଜୀବନ ସୁଖମୟ ହେବ। କିଛି କ୍ଷେତ୍ରରେ ଅସଫଳ ରହିବେ। କାଳୀ ମା'ଙ୍କ ପୂଜା କରନ୍ତୁ। ନୂଆ ଯୋଜନା ପାଇଁ ଉପଯୁକ୍ତ ସମୟ। ଯୋଗ, ଏକ୍ସରସାଇଜ୍ ପ୍ରତି ଆଗ୍ରହ ପ୍ରକାଶ କରିବେ।

**କନ୍ୟା:** ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ପ୍ରେମିକ ପ୍ରେମିକାଙ୍କ ମଧ୍ୟରେ ଥିବା ଭୁଲ ବୁଝାମଣା ଦୂର ହେବ। ଛାତ୍ରଛାତ୍ରୀ ପ୍ରବେଶିକା ପରୀକ୍ଷାରେ ସଫଳ ହେବେ।

**ତୁଳା:** ବ୍ୟବସାୟରୁ ଲାଭ ମିଳିବ। ପରିବାର ସଦସ୍ୟଙ୍କ ସହ ମତାନ୍ତର ଦୂର ହେବ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ସନ୍ତାନଙ୍କ ସହଯୋଗ ପ୍ରାପ୍ତ ହେବ। ଧାର୍ମିକ ଯାତ୍ରା କରିପାରନ୍ତି।

**ବିଛା:** ପୈତୃକ ସମ୍ପତ୍ତିକୁ ନେଇ ବିବାଦ ଦେଖା ଦେବ। କୋର୍ଟକଚେରୀ ମାମଲା ବିଜୟ ଲାଭ କରିବେ। ପ୍ରତିଯୋଗୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ। ସନ୍ତାନଙ୍କ ସ୍ୱାସ୍ଥ୍ୟରେ ଉନ୍ନତି ଆସିବ।

**ଧନୁ:** ପିଲାଙ୍କ ଶିକ୍ଷା ଓ ସ୍ୱାସ୍ଥ୍ୟ ଉପରେ ଅଧିକ ଖର୍ଚ୍ଚ କରିବାକୁ ପଡ଼ିପାରେ। ଭଲ କାର୍ଯ୍ୟ ଯୋଗୁଁ ସମାଜରେ ପ୍ରତିଷ୍ଠା ବଢ଼ିବ। ମନୋରଞ୍ଜନ କାର୍ଯ୍ୟରେ ନିଜକୁ ସାମିଲ କରିବେ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ଧନ ବୃଦ୍ଧି ସହ ଅର୍ଥ ସଞ୍ଚୟ କରିବେ। ବ୍ୟବହାରରେ ପରିବର୍ତ୍ତନ ଆଣିବାକୁ ଚେଷ୍ଟା କରିବେ। ଦାମ୍ପତ୍ୟ ଜୀବନ ହସଖୁସିରେ କଟିବ। ନିବେଶ ପାଇଁ ଅନୁକୂଳ ସମୟ।

**କୁମ୍ଭ:** ବ୍ୟବସାୟକୁ ମଜଭୁତ କରିବା ପାଇଁ ଅଧିକ ପ୍ରୟାସ କରିବାକୁ ହେବ। ଆତ୍ମବିଶ୍ୱାସ ବୃଦ୍ଧି ପାଇବ। ଛାତ୍ରଛାତ୍ର ଦିନଚର୍ଯ୍ୟାରେ ପରିବର୍ତ୍ତନ ଆଣିବେ। ଅଫିସ୍ କାମରେ ବିଦେଶ ଯାତ୍ରା ଯୋଗ ରହିବ।

**ମୀନ:** କାର୍ଯ୍ୟ ଆରମ୍ଭ ପାଇଁ ଅନୁକୂଳ ସମୟ। ମାନସିକ ସ୍ୱାସ୍ଥ୍ୟରେ ସୁଧାର ଆସିବ। ପରୀକ୍ଷାର୍ଥୀ ପରୀକ୍ଷାରେ ଭଲ ପ୍ରଦର୍ଶନ କରିବେ। ଅଫିସ୍‌ରେ ନୂଆ କାମ ଆରମ୍ଭ କରିବେ। ବିବାହ ପ୍ରସ୍ତାବ ଆସିବ।

## ଆଜିର ଇତିହାସ

- ୧୮୭୮ - ସାପ୍ତାହିକ ଖବରକାଗଜ ଭାବେ 'ଦ ହିନ୍ଦୁ'ର ପ୍ରଥମ ପ୍ରକାଶନ।
- ୧୯୪୬- ପ୍ରଥମ କାନ୍‌ସ ଚଳଚ୍ଚିତ୍ର ମହୋତ୍ସବ ଆରମ୍ଭ।
- ୧୯୮୩- ଆପଲ୍ ଉପଗ୍ରହ କାର୍ଯ୍ୟକରିବା ବନ୍ଦ କରିଦେଲା।
- ୨୦୦୦- କ୍ଲିଣ୍ଟନ୍ ଦମ୍ପତିଙ୍କୁ 'ହ୍ୱାଇଟ୍ ୱାଟର୍ କାଣ୍ଡ'ରୁ ମୁକ୍ତ କରାଗଲା।
- ୨୦୧୧- ପାକିସ୍ତାନର ଲାହୋର ଉଚ୍ଚ ଅଦାଲତ ଫେସ୍‌ବୁକ୍ ଉପରେ ରୋକ୍ ଲଗାଇଲେ।



## ଭିନ୍ନ ଜଣେ ବ୍ୟକ୍ତି

# ଛଅ ଥର ମରି ବି ଜୀବିତ

ଜୀବନ ଓ ମୃତ୍ୟୁ ଚିରନ୍ତନ ସତ୍ୟ । ପୃଥିବୀରେ ଯିଏ ଜନ୍ମ ନିଏ ତା'ର ମୃତ୍ୟୁ ନିଶ୍ଚିତ । ଅବଶ୍ୟ ମୃତ୍ୟୁ ପରେ କ'ଣ ହୁଏ ତାହା କେହି ଜାଣନ୍ତି ନାହିଁ। ଏପରି ଅନେକ ଘଟଣା ସାମ୍ନାକୁ ଆସିଛି ଯେଉଁଥିରେ କିଛି ଜଣ ମୃତ୍ୟୁର ଅଳ୍ପ ସମୟ ମଧ୍ୟରେ ଜୀବନ୍ତ ଫେରି ଆସି ସେମାନେ ମୃତ୍ୟୁ ପରର ଦୁନିଆକୁ ଦେଖିଥିବା କୁହନ୍ତି। ଏହି କ୍ରମରେ ତାଞ୍ଜାନିଆର ୪୦ ବର୍ଷୀୟ ଇସ୍ମାଇଲ ଅଜିଜିଙ୍କ ଘଟଣା ପୂରାପୂରି ଅଲଗା। ଛଅ ଛଅ ଥର ତାଙ୍କୁ ମୃତ ଘୋଷଣା କରାଯିବା ପରେ ସେ ବେଶ୍ ଆଶ୍ଚର୍ଯ୍ୟଜନକ ଭାବେ ଜୀବିତ ହୋଇଯାଇଛନ୍ତି। ପ୍ରଥମ ଥର ସେ ତାଙ୍କ ଅଫିସ୍‌ରେ କାମ କରୁଥିବା ସମୟରେ ଏକ ଭୟଙ୍କର ଦୁର୍ଘଟଣାର ଶିକାର ହୋଇଥିଲେ। ତାଙ୍କୁ ହସ୍‌ପିଟାଲ ନିଆଯିବା ପରେ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ଏହାପରେ ଇସ୍ମାଇଲଙ୍କ ମୃତ ଶରୀର ନେଇ ତାଙ୍କ ପରିବାର ଲୋକେ ଅନ୍ତିମ ସଂସ୍କାର ପାଇଁ ପହଞ୍ଚିଥିଲେ। ଏହି ସମୟରେ ସେ କଫିନ୍‌ରୁ ଉଠି ପଡ଼ିଥିଲେ। ଇସ୍ମାଇଲ୍‌ଙ୍କ ସହ ଜୀବନ ମୃତ୍ୟୁର ଖେଳ ପାଖାପାଖି ଛଅ ଥର ଘଟିଛି। ଏକଦା ସେ ଦୁର୍ଘଟଣାରେ କୋମାକୁ ଚାଲି ଯାଇଥିଲେ। ଡାକ୍ତର ତାଙ୍କୁ ମୃତ ଘୋଷଣା କରିବା ପରେ ପୁଣି ଥରେ ସେ ଜୀବିତ ହୋଇ ଯାଇଥିଲେ। ସବୁଠୁ ଆଶ୍ଚର୍ଯ୍ୟକର ଘଟଣା ଥିଲା , ଇସ୍ମାଇଲଙ୍କୁ ଏକ ବିଷାକ୍ତ ସାପ କାମୁଡ଼ିବା ପରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସେ ବାରମ୍ବାର ଜୀବିତ ହୋଇ ଯାଉଥିବାରୁ ତାଙ୍କ ପରିବାର ଲୋକେ ତାଙ୍କୁ କଫିନ୍‌ରେ ତିନିଦିନ ରଖିଥିଲେ। ସମସ୍ତଙ୍କୁ ଚକିତ କରି ପୁଣି ଥରେ ସେ ଜୀବିତ ହୋଇ ଯାଇଥିଲେ। ତେବେ ମୃତ୍ୟୁ ପରେ ବାରମ୍ବାର ସେ ଜୀବିତ ହୋଇ ଯାଉଥିବାରୁ ଇସ୍ମାଇଲଙ୍କ ପଡ଼ୋଶୀ ତାଙ୍କୁ ଭୂତପ୍ରେତ ମନେକଲେ। ଏପରିକି ରାଗିଯାଇ ଦିନେ ଇସ୍ମାଇଲଙ୍କ ଘର ଜାଳିଦେଲେ। ଆଶ୍ଚର୍ଯ୍ୟର କଥା ଏଥର ବି ଇସ୍ମାଇଲ ଜୀବିତ ରହିଗଲେ। ଏସବୁ ଘଟଣା ପରେ ଇସ୍ମାଇଲ ଏବେ ଏକୁଟିଆ ହୋଇ ଯାଇଛନ୍ତି। କାରଣ ସେ ଗୁଣି ଗାରେଡ଼ି କରୁଛନ୍ତି ନଚେତ୍ ତାଙ୍କ ଶରୀରରେ ଭୂତପ୍ରେତ ଥିବା ତାଙ୍କ ପରିବାର ଲୋକେ ଓ ପଡ଼ୋଶୀମାନେ ଭାବୁଛନ୍ତି। ତେଣୁ ଏବେ ଇସ୍ମାଇଲ ଘର ଛାଡ଼ି ଏକ ଶୂନଶାନ୍ ସ୍ଥାନରେ ଜୀବନ ବିତାଉଛନ୍ତି।



# 'ଦାଦା ସାହେବ ଫାଲ୍‌କେ' କାହାଣୀରେ ପରିବର୍ତ୍ତନ ଚାହୁଁଛନ୍ତି ଅମିର୍

ବଲିଉଡ୍‌ର ଲୋକପ୍ରିୟ ଅଭିନେତା ଅମିର୍ ଖାନ୍ 'ଦାଦା ସାହେବ ଫାଲ୍‌କେ' ଫିଲ୍ମ ପାଇଁ ଜୋରସୋରରେ ପ୍ରସ୍ତୁତି ଆରମ୍ଭ କରି ଦେଇଥିବା ନିକଟରେ କିଛି ରିପୋର୍ଟରେ ପ୍ରକାଶ ପାଇଥିଲା। ଏବେ ଏହାର କାହାଣୀ ତାଙ୍କୁ ପସନ୍ଦ ଆସି ନ ଥିବା ଚର୍ଚ୍ଚା ହେଉଛି। ନିକଟରେ ଅମିର୍ ରାଜକୁମାର ହିରାନୀ ଓ ଅଭିଜିତ୍ ଯୋଶୀଙ୍କ ଠାରୁ ଏହାର କାହାଣୀ ଶୁଣିଥିଲେ। ତେବେ ଥିଏଟର୍‌କୁ ଦର୍ଶକଙ୍କୁ ଟାଣିବା ଭଳି ଏହାର କାହାଣୀ ନୁହେଁ ବୋଲି ସେ ଅନୁଭବ କରିଥିଲେ। ରାଜକୁମାରଙ୍କ ଅନ୍ୟ ଫିଲ୍ମ ଭଳି ଏଥିରେ କମେଡି ଓ ଇମୋସନ୍‌ର ମିଶ୍ରଣ ଦେଖିବାକୁ ମିଳିବ ବୋଲି ଅମିର୍ ପୂର୍ବରୁ ଭାବୁଥିଲେ। ହେଲେ ଏଥିରେ ସେମିତି କିଛି ନ ଦେଖି ସେ ରାଜକୁମାରଙ୍କୁ ପୁଣିଥରେ ଏହାର କାହାଣୀ ଲେଖିବା ପାଇଁ କହିଛନ୍ତି। ଏହାର ସୁଟିଂ ଅକ୍ଟୋବରରୁ ଆରମ୍ଭ ହେବାର ଥିଲା। ଯଦି ଏହାର କାହାଣୀର ପରିବର୍ତ୍ତନ କରାଯାଏ ଏହାର ସୁଟିଂ ଆହୁରି ଘୁଞ୍ଚିଯିବ। ଅମିରଙ୍କ ଏହି ନିଷ୍ପତ୍ତିରେ ଏବେ ରାଜ୍‌କୁମାର ଓ ଅଭିଜିତ୍ ଦ୍ୱନ୍ଦ୍ୱରେ ପଡ଼ି ଯାଇଛନ୍ତି। ଏଠାରେ ପ୍ରକାଶ ଥାଉ କି, ଅମିର୍ ଏହାପୂର୍ବରୁ ରାଜକୁମାରଙ୍କ ସହ 'ଥ୍ରି ଇଡିଅଟସ୍' ଓ 'ପିକେ' ଫିଲ୍ମରେ କାମ କରିଥିଲେ।

# ଘୋଡ଼ାରେ ଯାଆନ୍ତି ସ୍କୁଲ

ସ୍କୁଲ ବସ୍, ରିକ୍ସା, ସାଇକଲ ଆଦିରେ ପିଲାମାନେ ସ୍କୁଲ ଯିବା କଥା ସମସ୍ତେ ଜାଣନ୍ତି। ହେଲେ ଆସାମର ଜଣେ ତୃତୀୟ ଶ୍ରେଣୀର ଛାତ୍ର ନିତିଦିନ ଘୋଡ଼ା ଚଢ଼ି ସ୍କୁଲ ଯାଆନ୍ତି। ଏହାର ଏକ ଭିଡିଓ ସାମାଜିକ ଗଣମାଧ୍ୟମରେ ସେୟାର୍ ହେବା ପରେ ସମସ୍ତଙ୍କ ନଜରକୁ ଆସିଛି। ବାରବାକରା ଗାଁର ଯୁବରାଜ ରାଭା ସାଉଥ୍ ପନଟନ୍ ଟ୍ରାଇବାଲ ମିଡିଲ ଇଂଲିଶ ସ୍କୁଲରେ ପାଠ ପଢ଼ନ୍ତି। ସ୍କୁଲଟି ଆସାମ-ମେଘାଳୟ ସୀମାରେ ଅବସ୍ଥିତ। ଏଥିପାଇଁ ଯୁବରାଜଙ୍କୁ ପାହାଡ଼ିଆ ଅଞ୍ଚଳ ଦେଇ ପାଖାପାଖି ଚାରି କିଲୋମିଟର ଯିବାକୁ ହୋଇଥାଏ। ସ୍କୁଲ ଯିବା ପାଇଁ ଯାନବାହନ ବ୍ୟବସ୍ଥା ନ ଥିବାରୁ ସେ ସ୍କୁଲକୁ ନିତିଦିନ ଘୋଡ଼ା ଚଢ଼ି ଯାଇଥାନ୍ତି। ତାଙ୍କ ଘୋଡ଼ାର ନାମ 'ପକ୍ଷୀରାଜ'। ଯୁବରାଜ ଘୋଡ଼ାରେ ନିତିଦିନ ପାହାଡ଼ ପର୍ବତ ଦେଇ ସ୍କୁଲ ଯାଉଥିଲେ ବି କୌଣସି ଦିନ ସେ ପାଠପଢ଼ାରୁ ବିରତ ହୁଅନ୍ତନି। ଗତବର୍ଷ ଯୁବରାଜ ସ୍କୁଲ ଯିବା ପାଇଁ ତାଙ୍କ ବାପା ଏହି ଘୋଡ଼ାଟିକୁ ଆଣିଥିଲେ। ସେ ସ୍କୁଲରୁ ଫେରିବା ପରେ ନିଜେ ଘୋଡ଼ାଟିକୁ ଚାରା ଦିଅନ୍ତି। ପ୍ରଥମେ ପ୍ରଥମେ ଯୁବରାଜ ଘୋଡ଼ାରେ ଆସୁଥିବାରୁ କୁନି ପିଲାଟିର ସୁରକ୍ଷାକୁ ନେଇ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀମାନେ ଚିନ୍ତିତ ଥିଲେ। ପରବର୍ତ୍ତୀ ଅବସ୍ଥାରେ ସେ ଏଭଳି କରି ଗ୍ରାମାଞ୍ଚଳ ପିଲାମାନଙ୍କ ସଂଘର୍ଷ ଏବଂ ଉନ୍ନତ ଭିତ୍ତିଭୂମିର ଆବଶ୍ୟକତାକୁ ଲୋକଲୋଚନକୁ ଆଣିପାରିଛନ୍ତି ବୋଲି ଶିକ୍ଷକଶିକ୍ଷୟିତ୍ରୀମାନେ କହିଛନ୍ତି। ଏହି ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବା ପରେ ଲୋକେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।



# ମୁନା ପରି ସବୁ ହୁଅ



ନିରାକାର ଚଇନି

ସକାଳୁ ସକାଳୁ ମୁହଁ ହାତ ଧୋଇ
ସାରି ପାଇଖାନା କାମ
ପାଣି ମୁନ୍ଦେ ପିଇ ଖୋଲା ପଡ଼ିଆକୁ
ଧାଇଁଯାଏ ମୁନା ଆମ।
ନାନା ପରକାର ବ୍ୟାୟାମ କରେ ସେ
ଶୋଇ ବସି ହୋଇ ଠିଆ
ଦଉଡ଼ା ଦଉଡ଼ି କରେ ବେଳେବେଳେ
ବେଳେବେଳେ ମାରେ ଡିଆଁ।
ଘରକୁ ଫେରିଲେ ଦାନ୍ତ ଘଷିସାରି
ଜଳଖିଆ ଦି'ଟା ଖାଇ
ବହି ଖାତା ଧରି ପାଠ ବଢ଼ି ବସେ
ପଢ଼ା ଘରକୁ ତା' ଯାଇ।
ଖାଲି ପଢ଼ା ନୁହେଁ ଖେଳା ଖେଳିରେ ବି
ଅଟେ ବୋଲି ଧୂରନ୍ଧର
ଗୁରୁଜୀ ଗୁରୁମା' ସାଥି ପିଲାମାନେ
କରନ୍ତି ଭାରି ଆଦର।
ଆଇଁଷ ଠୁ ବେଶୀ ସବୁଜ ପରିବା
ଖାଇବାକୁ ପାଏ ଭଲ
ଦିନଟିଏ କେବେ ରୋଗ ମୁଖେ ପଡ଼ି
ହୋଇନାହିଁ କଲବଲ।
ସଭିଏଁ କହନ୍ତି ପିଲାମାନେ ତୁମେ
ମୁନା ପରି ସବୁ ହୁଅ
ଦେଖିବ, ତୁମରି ବାପା ମା' ଓଠରୁ
ଛୁଟିବ ହସର ସୁଅ।■

ସୁବୁଦ୍ଧିସାହି, ତେଲକୋଇ, କେନ୍ଦୁଝର
ମୋ-୮୨୪୯୩୮୭୯୭୩

# ସୁମନ



# ଭୁଲ୍‌କୁ ଲୁଚାଅ ନାହିଁ




ଦେବେନ୍ଦ୍ର କର

ଅନିତ୍ ପାଠରେ ଯେମିତି ସାଠରେ ବି ସେମିତି। ପାଖ ସ୍କୁଲରେ ସେ ପଞ୍ଚମ ଶ୍ରେଣୀରେ ପଢ଼େ। ସ୍କୁଲରେ ବିଭିନ୍ନ ପ୍ରତିଯୋଗିତାରେ ଭାଗ ନେଇ ପୁରସ୍କୃତ ମଧ୍ୟ ହୁଏ। ସବୁ ଭଲ ଗୁଣ ଭିତରେ ତା'ର ଗୋଟିଏ ଖରାପ ଗୁଣ ଥିଲା, ଭୁଲ୍ କଲେ ଘରେ କାହାରିକି କିଛି କୁହେନି। ବାପା ତାକୁ ସବୁବେଳେ ବୁଝାନ୍ତି ଆରେ ମଣିଷ ମାତ୍ରେକେ ଭୁଲ୍। ଭୁଲ୍‌କୁ ସଂଶୋଧନ କରି ଆଗକୁ ବଢ଼ିବା ହିଁ ଜୀବନ। ଭୁଲ୍‌କୁ ଲୁଚାଇଲେ ଆଉ ଗୋଟେ ଭୁଲ ନିଶ୍ଚିତ ହେବ। ସେଦିନ ସଂଧ୍ୟାରେ ଅନିତ୍ ଟେବୁଲ୍ ଉପରୁ ପାଣି ବୋତଲ ନେଲାବେଳେ ହଠାତ୍ ତା' ହାତ ବାଜି ପାଣି ଢାଳି ହୋଇଗଲା। ଗୋଟେ କଡ଼କୁ ବାପାଙ୍କ ମୋବାଇଲ୍ ଥୁଆ ହୋଇଥିଲା। ସେ ଚଟାପଟ୍ ଟେବୁଲ ଉପର ଆଉ ମୋବାଇଲକୁ ପୋଛାପୋଛି କରି ରଖିଦେଲା। ଆଉ କାହାକୁ କିଛି ନ କହି ତା' ପଢ଼ା ଟେବୁଲ୍ ପାଖରେ ଆସି ଚୁପକି ବସି ପଡ଼ିଲା। ଟିକେ ସମୟ ପରେ ବାପା ତାଙ୍କ ମୋବାଇଲ ଦେଖିଲେ। ପାଣି କିଏ ଢାଳିଥିଲ କି? ମୋ ମୋବାଇଲ ପଛପଟ କେମିତି ଓଦା ହେଲା? ଘରେ ସମସ୍ତଙ୍କୁ ପଚାରିଲେ ହେଲେ ସମସ୍ତେ ମନା କଲେ। ଶେଷରେ ଅନିତ୍ ମାନିଲା ଯେ, ତା' ହାତ ବାଜି ପାଣି ଢାଳି ହୋଇଛି । ବାପା ମୋବାଇଲ କଭର କାଢ଼ି ଦେଖିଲେ ସବୁ ଠିକ୍ ଥାଏ। ବାପା କହିଲେ, ଆରେ ଅନିତ୍ ପାଣି ଲାଗିଲେ ମୋବାଇଲ୍ ଖରାପ ହେଇଯିବ। ତୁ ମତେ ସଙ୍ଗେସଙ୍ଗେ କହିଥାନ୍ତୁ ନା। ଅନିତ୍ କହିଲା, ଅଜାଣତରେ ମୋ' ହାତ ବାଜି ପାଣି ଢାଳି ହୋଇଗଲା। ମୁଁ ଶୁଖିଲା କପଡ଼ାରେ ପୋଛି ଦେଇଥିଲି। ବାପା କହିଲେ ହେଲା ଯେ, ତୁ ଭୁଲ୍‌କୁ ନ ଲୁଚେଇ କହିଦବୁ। ନ ହେଲେ ବଡ଼ ଅସୁବିଧା ହେଇଯିବ। ଅନିତ୍ ଆଜ୍ଞା ବାପା କହି କଥା ଦେଲା ହେଲେ ଭୁଲକୁ ଲୁଚେଇବା ତା'ର ପୁରୁଣା ଅଭ୍ୟାସ। ପୂର୍ବପରି ଯେବେ କିଛି ଭୁଲ୍ କରି ବସେ କାହାକୁ କିଛି ଜଣାଏ ନାହିଁ। ଅନିତ୍ ସ୍କୁଲ ଜୋତା ପୁରୁଣା ହେଇ ଛିଣ୍ଡିଗଲା। ବାପାଙ୍କ ସହିତ ବଜାର ଯାଇ ସେଦିନ ସନ୍ଧ୍ୟାରେ ନୂଆ ଜୋତା କିଣିଆଣିଲା। ତହିଁଆର ଦିନ ସେ ଖୁସି ମନରେ ନୂଆ ଜୋତା ପିନ୍ଧି ସ୍କୁଲ୍ ଗଲା। ହେଲେ ସେ ଜୋତାଟା ଟିକେ ଟାଇଟ୍ ହେଉଥିଲା। ସେ ଲାଗି ତା' ପାଦରେ ଫୋଟକା ହେଇଗଲା। ଘରେ କାଳେ ରାଗିବେ ସେ ଡରିକି ଆଉ କାହାରିକି କିଛି କହିଲା ନାହିଁ। ସେଇ ଫୋଟକାରେ ଟାଇଟ୍ ଜୋତାକୁ ତାପର ଦିନ ବି ପିନ୍ଧି ସ୍କୁଲ ବାହାରି ପଡ଼ିଲା । ଦ୍ୱିତୀୟ ଦିନ ଗୋଡ଼ ଅବସ୍ଥା ସାଙ୍ଘାତିକ ହେଇଗଲା। ଘରେ ଆସି ଛୋଟେଇ ଛୋଟେଇ ଚାଲିବାରୁ ସମସ୍ତେ ଜାଣିଗଲେ । ବାପା କହିଲେ, ନୂଆ ଜୋତା ଜଦି ଟାଇଟ୍ ହେଉଚି ନୂଆ ବେଳେ ହିଁ ଦୋକାନୀ ଫେରାଇବ ପୁରୁଣା ହେଇଗଲେ ଆଉ କ'ଣ ସେ ନେବ। ଆଉ ଗୋଡ଼ରେ ଯୋଉ କଷ୍ଟ ପାଉଛୁ ତୋ ଭୁଲ୍ ଲାଗି। ସବୁ କଥା ଲୁଚାଉଛୁ କାହିଁକି। ଆଜି ଭଲ ଅଛି ମନ୍ଦ ଅଛି। ବାପା ସଙ୍ଗେ ସଙ୍ଗେ ଔଷଧ ଆଣି ପାଦରେ ମାରିଦେଲେ ଆଉ ଟାଇଟ୍ ଜୋତାକୁ ବଦଳାଇ ତା ପାଇଁ ନୂଆ ଜୋତା ନେଇଆସିଲେ। ଅନିତ୍ ନିଜ ଭୁଲ୍ ବୁଝିଲା ଆଉ କେବେ କିଛି ଲୁଚେଇବ ନାହିଁ ବୋଲି ଜବାବ ଦେଲା। ■

ମଙ୍ଗଳାବାଗ, କଟକ
ମୋ-୯୯୩୭୯୬୩୯୧୦



# ପ୍ରହେଳିକା



- ଅନ୍ନଦାତା ସିଏ ଆମରି ପାଇଁ
ତାଙ୍କ ପାଇଁ ଖୁସିରେ ପାରୁଛେ ଜିଇଁ
ଡରନ୍ତିନି ସିଏ ବରଷା ଖରା
ବିଲରେ ନିଇତି ପକାନ୍ତି ଡେରା
କାଦୁଅ ପାଣିରେ ହୋଇ ସେ ଘାଣ୍ଟି
ଖରାରେ ଖଟନ୍ତି ସୁଖେଇ ତଣ୍ଟି
ସଭିଙ୍କ ପେଟକୁ ଦାନା ଦିଅନ୍ତି ସିଏ
କହିଲ ଦେଖି ସେ ମହାନ ବ୍ୟକ୍ତିଟି କିଏ।

ଉ-କୃଷକ

- ନଈ ପଠାରେ ଖେଳୁଛି ଦୋଳି
ଧବଳ ରଙ୍ଗକୁ ଦେହରେ ବୋଳି
ଶରତ ଆସିଲେ ତା'ର ସମ୍ଭାର
ଦିଶୁଥାଏ ସିଏ କି ମନୋହର
ଅତି ସୁନ୍ଦର ଏକ ଫୁଲଟି ସିଏ
ନାମଟି ତାହାର କହିବ କିଏ ।

ଉ-କାଶତଣ୍ଡି

- କାଠର ଚକକୁ କାଠ ଶରୀର
ବଳଦ ଦୁଇଟି ଚାଳକ ତା'ର
କେତେ ଦରବ ନିଅଇ ବୋହି
କିଏ ସେ ପାରିବ ନାମ ତା କହି ।

ଉ-ଶଗଡ଼

- ଏମିତି ଗଛଟେ ଦେଖିଛି କିଏ
ଲାଗିଗଲେ ଦେହେ କୁଣ୍ଡେଇ ହୁଏ ।

ଉ-ବିଛୁଆତି

- ପ୍ରଶାନ୍ତ କୁମାର ନାଥ
ସୁନ୍ଦରପୁର, ଯାଜପୁର

# ପାର୍ବଣର ଋତୁ



ଡ. ଶୁଭେନ୍ଦୁ ମହାପାତ୍ର

ଆସିଗଲା ଏବେ ପାର୍ବଣର ଋତୁ
ସଜେଇ ହେଲାଣି ଧରା
ବୃକ୍ଷଲତା ଏବେ ହସି ଉଠିଲାଣି
ଫୁଲ ଫଳେ ହୋଇ ଭରା ।।
ଶରତ ସକାଳ କେଡ଼େ ମନୋହର
ମନ ମୋହି ନେଉଥାଏ
ନିର୍ମଳ ଆକାଶେ ମେଘ ଖଣ୍ଡମାନ
ଧାଡ଼ିବାନ୍ଧି ଭାସୁଥାଏ ।।
ନଈପଠା ଧାରେ ଧବଳ କୁସୁମ
କାଶତଣ୍ଡି ଝୁଲୁଥାଏ
ଯୁଇ ଜାଇ ହେନା ଗୋଲାପ କୁମୁଦ
ହୃଦୟକୁ ଛୁଇଁଯାଏ ।।
ନିର୍ମଳ ସଞ୍ଜରେ ବାଡ଼ି ବଗିଚାରେ
ଜହ୍ନିଫୁଲ ହସୁଥାଏ
ଗଙ୍ଗଶିଉଳିର ମଧୁର ବାସନା
ପବିତ୍ରତା ଭରିଦିଏ ।।
ପ୍ରତ୍ୟୁଷ ପ୍ରଦୋଷେ ଶିଶିର ପ୍ରକାଶେ
ସାରୁପତ୍ରେ ଢଳ ଢଳ
ଶୋଭାରେ ମଣ୍ଡିତ ଶାଗୁଆ କ୍ଷେତରେ
ଚାଷୀ ହୁଅଇ ଚଞ୍ଚଳ ।।
ଶରତେ ଶାରଦା ଧରାକୁ ଆସିବେ
ବିଶ୍ୱର କଲ୍ୟାଣ ପାଇଁ
ଆନନ୍ଦେ ବିଭୋର ହୋଇ ଯଜମାନ
ନୈବେଦ୍ୟ ଅର୍ପିବେ ନେଇ ।।■


ସତ୍ୟବିହାର, ପଳାଶୁଣି
ଭୁବନେଶ୍ୱର
ମୋ - ୯୪୩୮୦୬୪୯୦୮

## କୁନି ତୁଳୀରେ





ଦେବହୂତି ବରଦାଲକ୍ଷ୍ମୀ ରାଉତ
ଦ୍ୱିତୀୟ ଶ୍ରେଣୀ
ଦୀପ୍ତି କନଭେଣ୍ଟ ସ୍କୁଲ
ରାୟଗଡ଼ା





ଅମୃତ ସାହୁ
ପଞ୍ଚମ ଶ୍ରେଣୀ
ଚନ୍ଦନ ମଣ୍ଡପ ସାହି ସରକାରୀ ପ୍ରାଥମିକ ବିଦ୍ୟାଳୟ
ଇନ୍ଦିପୁର, ଢେଙ୍କାନାଳ





ପ୍ରଜ୍ଞା ରାଣୀ ଦଳାଇ
ଚତୁର୍ଥ ଶ୍ରେଣୀ
ସେଣ୍ଟ ଜାଭିୟର୍ସ ହାଇସ୍କୁଲ
ଜୋବ୍ରା , କଟକ






ସାଦ୍ୟାନ୍ତ ଶତପଥୀ
ସପ୍ତମ ଶ୍ରେଣୀ
ମଦର୍ସ ପବ୍ଲିକ ସ୍କୁଲ
ପୁରୀ

### ରେସଲିଂ ୱାର୍ଲ୍ଡ ଚାମ୍ପିଅନସିପ୍

## ଦ୍ୱିତୀୟ ପଦକ ଜିତି ଅନ୍ତିମଙ୍କ ଇତିହାସ

ନୂଆଦିଲ୍ଲୀ,୧୯।୯ (ଏଜେନ୍ସି): ଭାରତୀୟ କୁସ୍ତିଯୋଦ୍ଧା ଅନ୍ତିମ ପାଙ୍ଘଲ ରେସଲିଂ ୱାର୍ଲ୍ଡ ଚାମ୍ପିଅନସିପ୍‌ରେ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି। ଆଜି ଅନୁଷ୍ଠିତ



କାଂସ୍ୟପଦକ ମୁକାବିଲାରେ ସ୍ୱିଡେନର ମାଲମଗ୍ରେନଙ୍କୁ ୯-୧ ସ୍କୋରରେ ହରାଇ ଅନ୍ତିମ ବିଶ୍ୱର ଏହି ଶ୍ରେଷ୍ଠ ରେସଲିଂ ପ୍ରତିଯୋଗିତାରେ ଦ୍ୱିତୀୟ ପଦକ ଜିତି ଇତିହାସ ରଚିଛନ୍ତି। ତାଙ୍କ ବ୍ୟତୀତ କେବଳ ଆଉ ଜଣେ ଭାରତୀୟ ବିନେଶ ଫୋଗତ ରେସଲିଂ ୱାର୍ଲ୍ଡ ଚାମ୍ପିଅନସିପ୍‌ରେ ୨ଟି ପଦକ ଜିତିବାର ରେକର୍ଡ କରିଥିଲେ। କ୍ରୋଏସିଆର ଜାଗ୍ରେବ୍‌ଠାରେ ଚାଲିଥିବା ଏହି ପ୍ରତିଯୋଗିତାର ଗୁରୁବାର ୫୩ କିଲୋଗ୍ରାମ୍ ଶ୍ରେଣର କାଂସ୍ୟ ପଦକ ଲାଗି ମୁକାବିଲା ହୋଇଥିଲେ। ଏଥିରେ ଅନ୍ତିମ ୯-୧ ସ୍କୋରରେ ସ୍ୱିଡେନର ଜୋନ୍ନା ଏମ୍ମା ମାଲମଗ୍ରେନ୍‌ଙ୍କୁ ହରାଇଥିଲେ। ପୂର୍ବରୁ ସେ ୨୦୨୩ରେ ମଧ୍ୟ ମାଲମଗ୍ରେନ୍‌ଙ୍କୁ ହରାଇ ଏହି ପ୍ରତିଯୋଗିତାରେ ପ୍ରଥମ ପଦକ ବିଜୟୀ ହୋଇଥିଲେ। ବିନେଶ ଦ୍ୱିତୀୟ ପଦକ ଜିତିବା ବେଳକୁ ୨୮ ବର୍ଷର ହୋଇଥିଲେ। କିନ୍ତୁ ୨୧ ବର୍ଷରେ ଅନ୍ତିମ ଏହି ସଫଳତା ହାସଲ କରିଛନ୍ତି। ରେକର୍ଡ ସମ୍ପର୍କରେ ମୁଁ ଅବଗତ ନାହିଁ। ତଥାପି ଏକାଧିକ ପଦକ ଜିତିବାରେ କେବଳ ବିନେଶ ସହ ଯଦି ସମକକ୍ଷ ହୋଇଥାଏ ତାହା ଗର୍ବର ବିଷୟ ବୋଲି କହନ୍ତି ଅନ୍ତିମ। ଏହି ସଫଳତା ଯୋଗୁଁ ଅନ୍ତିମ ପ୍ୟାରିସ୍ ଅଲିମ୍ପିକ୍ ବିଫଳତାକୁ ଭୁଲିବାରେ ସମର୍ଥ ହୋଇଛନ୍ତି।

### ଏସିଆ ମାଷ୍ଟର୍ସ ବ୍ୟାଡମିଣ୍ଟନ

## କ୍ୱାର୍ଟରରେ ହାରିଲେ ସିନ୍ଧୁ

ନୂଆଦିଲ୍ଲୀ,୧୯।୯ (ଏଜେନ୍ସି): ପ୍ୟାରିସରେ ସ୍ୱର୍ଣ୍ଣ ପଦକ ବିଜେତା କୋରିଆର ଆନ୍ ସେ ୟଙ୍ଗଙ୍କଠାରୁ ଭାରତର ଡବଲ ଅଲିମ୍ପିକ୍ ପଦକ ବିଜେତା ପିଭି ସିନ୍ଧୁ ଏଠାରେ ଚାଲିଥିବା ଚାଇନା ମାଷ୍ଟର୍ସ ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତାର କ୍ୱାର୍ଟର ଫାଇନାଲରେ ପରାଜିତ ହୋଇଛନ୍ତି। ଏହି ମ୍ୟାଚ୍‌ଟି ମାତ୍ର ୩୮ ମିନିଟ୍‌ରେ ଶେଷ ହୋଇଥିଲା ଓ ଏଥିରେ ୟଙ୍ଗ ୨୧-୧୪, ୨୧-୧୩ରେ ଜିତିନେଇଥିଲେ। ଏହାକୁ ମିଶାଇ ସିନ୍ଧୁ କ୍ରମାଗତ ୮ମ ଥର ଲାଗି ୟଙ୍ଗଙ୍କ ନିକଟରୁ ହାରିଯାଇଛନ୍ତି। ୟଙ୍ଗଙ୍କ ସୁପର ପାୱାର ଆଗରେ ସିନ୍ଧୁଙ୍କ ରିଟର୍ଣ୍ଣ ଖୁବ୍ ଦୁର୍ବଳ ରହିଥିଲା। ଦୁଇଟିଯାକ ସେଟ୍‌ରେ ୟଙ୍ଗ ପୂରା ପ୍ରାଧାନ୍ୟ ବିସ୍ତାର କରି ଖେଳିଥିଲେ। ଏହି ତାରକା ଖେଳାଳିଙ୍କ ବିପକ୍ଷରେ ସିନ୍ଧୁ ଏଯାଏ ଗୋଟିଏ ହେଲେ ମ୍ୟାଚ୍ ଜିତିବାରେ ସମର୍ଥ ହୋଇପାରି ନାହାନ୍ତି।

### ମଡର୍ଣ୍ଣ ପେଣ୍ଟାଥଲନ ଲେଜର ରନ୍

## ପଦକ ବିଜେତାଙ୍କୁ ସମ୍ବର୍ଦ୍ଧନା



ଭୁବନେଶ୍ୱର,୧୯।୯ (ସମିସ): ବିହାରରେ ଆୟୋଜିତ ହୋଇଥିବା ନବମ ମଡର୍ଣ୍ଣ ପେଣ୍ଟାଥଲନ ଲେଜର ରନ୍ ଜାତୀୟ ଚାମ୍ପିଅନସିପ୍‌ରେ ଓଡ଼ିଶା କାଂସ୍ୟ ପଦକ ବିଜୟୀ ହୋଇଥିଲା। ଏହି ପଦକ ବିଜେତା ହେଲେ ପ୍ରଣବ ଦାସ, ମହମ୍ମଦ ଅମନ ଓ ଆକାଶ ମିର୍ଦ୍ଧା। ଏହି ୩ଜଣ ଖେଳାଳି ଓ ତାଙ୍କ କୋଚ୍ ମହମ୍ମଦ୍ ଆଜମଙ୍କୁ କ୍ରୀଡ଼ା ବିଭାଗର କମିଶନର ତଥା ଶାସନ ସଚିବ ସଚିନ ରାମଚନ୍ଦ୍ର ଯାଦବ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍‌ରେ ସମ୍ମାନିତ କରିଥିଲେ। ଏମାନଙ୍କ ବ୍ୟତୀତ ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର, ଓଡ଼ିଶା ଅଲିମ୍ପିକ ସଂଘ ଓ ପେଣ୍ଟାଥଲନ ସଂଘ ପକ୍ଷରୁ ଅଭିନନ୍ଦନ ଜ୍ଞାପନ କରାଯାଇଥିଲା।

### ଭାରତ ବନାମ ଓମାନ ଏସିଆ କପ୍ ମୁକାବିଲା

## ସାମସନଙ୍କ ଦମ୍‌ଦାର୍ ବ୍ୟାଟିଂ




ଦୁବାଇ, ୧୯।୯ (ଏଜେନ୍ସି):

ଏଠାରେ ଓମାନ ବିପକ୍ଷ ଶେଷ ଲିଗ୍ ମୁକାବିଲାରେ ଭାରତୀୟ ବ୍ୟାଟର ଅଭିଷେକ ଶର୍ମା ଓ ସଞ୍ଜୁ ସାମସନ ବିସ୍ଫୋରକ ବ୍ୟାଟିଂ ପ୍ରଦର୍ଶନ କରିଛନ୍ତି। ୧୦ ଓଭର ଖେଳ ଶେଷସୁଦ୍ଧା ଭାରତ ୩ ୱିକେଟ ବିନିମୟରେ ୧୦୦ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ସଞ୍ଜୁ ସାମସନ ୩୭ ଓ ଅକ୍ଷର ପଟେଲ ୧୦ ରନ୍‌ରେ ବ୍ୟାଟିଂ କରୁଥିଲେ। ଭାରତ ପକ୍ଷରୁ ଅଭିଷେକ ଶର୍ମା ମାତ୍ର ୧୫ ବଲ୍ ଖେଳି ୫ ଚୌକା ଓ ୨ ଛକା ସହ ୩୮ ରନ୍ କରିଥିଲେ। କିନ୍ତୁ ଅନ୍ୟତମ ଓପନର ଶୁବମନ ଗିଲ୍ ମାତ୍ର ୫ ରନ୍ କରି ପ୍ରଥମ ଖେଳାଳି ଭାବେ ଆଉଟ ହୋଇଛନ୍ତି। ପୂର୍ବାନୁମାନ ଅନୁଯାୟୀ ପୂର୍ବ ଦୁଇଟି ମ୍ୟାଚ୍‌ରେ ବ୍ୟାଟିଂ କରିବାକୁ ପର୍ଯ୍ୟାପ୍ତ ସୁଯୋଗ ପାଇ ନ ଥିବା ବ୍ୟାଟରଙ୍କୁ ଭାରତ ଏଠାରେ ଆଗୁଆ ପଠାଇ ସୁଯୋଗ ଦେଇଛି। ନଂ-୩ରେ ସାମସନ, ନଂ-୪ରେ ହାର୍ଦ୍ଦିକ ପାଣ୍ଡ୍ୟା ଓ ନଂ- ୫ରେ ଅକ୍ଷର ପଟେଲ ବ୍ୟାଟିଂ କରିବାକୁ ଆସିଥିଲେ। ୟୁଏଇ ଓ ପାକିସ୍ତାନକୁ ହରାଇଥିବା ଭାରତୀୟ ଦଳରେ ଦୁଇଜଣ ଖେଳାଳିଙ୍କୁ ପରିବର୍ତ୍ତନ କରାଯାଇଛି। ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍ରା ଓ ସ୍ପିନର ବରୁଣ ଚକ୍ରବର୍ତ୍ତୀଙ୍କ ସ୍ଥାନରେ ଦୁଇ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଓ ହର୍ଷିତ ରାଣାଙ୍କୁ ଖେଳିବାର ସୁଯୋଗ ଦେଇଛି ଭାରତ। ଏହି ମ୍ୟାଚ୍‌ରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିବାକୁ ନିଷ୍ପତ୍ତି ନେଇଥିଲା। କିନ୍ତୁ ଦଳ ୭୩ ରନ୍‌ରେ ପ୍ରଥମ ୩ଟି ୱିକେଟ ହରାଇବା କଷ୍ଟକର ହୋଇଥିଲା। ବିଶେଷ କରି ଗିଲ ୫ ରନ୍‌ରେ ଓ ପାଣ୍ଡ୍ୟା ୧ ରନ୍ କରି ରନ୍‌ଆଉଟ ହେବା ଭାରତୀୟ ଯୋଜନାକୁ ସଫଳ କରାଇବାରେ ଅସମର୍ଥ ହୋଇଛି।

ଏହା ମଧ୍ୟରେ ବିବାଦରେ ଫସିଥିବା ପାକିସ୍ତାନ ସହ ସୁପର-୪ ମ୍ୟାଚ୍ ଖେଳିବାକୁ ଭାରତ ଜୋରଦାର ପ୍ରସ୍ତୁତି ଭାବେ ଓମାନ ବିପକ୍ଷ ମ୍ୟାଚ୍‌କୁ ନେଇଛି। ରବିବାର ସେପ୍ଟେମ୍ବର ୨୧ରେ ସୁପର-୪ରେ ପାକିସ୍ତାନ ସହ ଭାରତ ପ୍ରଥମ ମ୍ୟାଚ୍ ଖେଳିବ। ଏହି ମୁକାବିଲାକୁ ନେଇ ଏବେଠାରୁ ଉତ୍ତେଜନା ପ୍ରକାଶ ପାଇଲାଣି।

### ଅଫଗାନିସ୍ତାନ ବିଦା

ମହମ୍ମଦ୍ ନବିଙ୍କ ବିସ୍ଫୋରକ ଅର୍ଦ୍ଧଶତକୀୟ ଇନିଂସ ସତ୍ତ୍ୱେ ଗୁରୁବାର ଏଠାରେ ଅନୁଷ୍ଠିତ ଏସିଆ କପ୍ ଗ୍ରୁପ୍-ବି'ର ଏକ ମ୍ୟାଚରେ ଆଫଗାନିସ୍ତାନ ୬ ୱିକେଟରେ ଶ୍ରୀଲଙ୍କା ନିକଟରୁ ହାରିଯାଇଛି। ଏଥିସହ ୩ୟ ମ୍ୟାଚରୁ ୨ୟ ପରାଜୟ ସହିତ ଆଫଗାନିସ୍ତାନ ସୁପର୍-୪ ଦୌଡ଼ରୁ ବାଦ୍ ପଡ଼ିଛି। ଅପରପକ୍ଷରେ ହ୍ୟାଟ୍ରିକ ବିଜୟ ସହ ଶ୍ରୀଲଙ୍କା ଗ୍ରୁପ୍ ଟପ୍ପର ହୋଇ ସୁପର୍-୪ରେ ପହଞ୍ଚିଥିଲା। ଶ୍ରୀଲଙ୍କାର ବିଜୟ ମଧ୍ୟ ବାଂଲାଦେଶକୁ ସୁପର୍-୪ରେ ପହଞ୍ଚାଇବାରେ ସହାୟତା କରିଥିଲା।

ଏହି ମ୍ୟାଚରେ ଆଫଗାନିସ୍ତାନ ପ୍ରଦତ୍ତ ୧୭୦ ରନର ଲକ୍ଷ୍ୟକୁ ଶ୍ରୀଲଙ୍କା ୧୮.୪ ଓଭରରେ ୪ ୱିକେଟ୍ ହରାଇ ହାସଲ କରିନେଇଥିଲା। ଦଳ ପକ୍ଷରୁ ଓପନର୍ କୁଶାଲ ମେଣ୍ଡିସ ସର୍ବାଧିକ ୭୪ ରନ କରି ଅପରାଜିତଥିଲେ। ୫୨ ବଲର ଏହି ପାଳିରେ ସେ ୧୦ ଚୌକା ମାରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କୁଶାଲ ପରେରା ୨୮, ଅଧିନାୟକ ଚାରିଥ ଆସାଲଙ୍କା ୧୭ ଓ କାମିନ୍ଦୁ ମେଣ୍ଡିସ ଅପରାଜିତ ୨୬ ରନ କରିଥିଲେ। ପୂର୍ବରୁ ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଆଫଗାନିସ୍ତାନ ୨୦ ଓଭରରେ ୮ ୱିକେଟ୍ ହରାଇ ୧୬୯ ରନ କରିଥିଲା। ବ୍ୟାଟିଂକ୍ରମର ୭ମ ସ୍ଥାନରେ ଆସିଥିବା ୪୦ ବର୍ଷୀୟ ନବି ୨୨ ବଲରେ ୬୦ ରନର ବିସ୍ଫୋରକ ଅର୍ଦ୍ଧଶତକୀୟ ପାଳି ଖେଳି ଇନିଂସର ଶେଷ ବଲରେ ରନଆଉଟ୍ ହୋଇଥିଲେ। ଅନ୍ତିମ ଓଭର ବୋଲିଂ କରିଥିବା ବାମହାତୀ ସ୍ପିନର ଦୁନିଥ ୱେଲେଲାଗେଙ୍କୁ ନବି ୫ଟି ବିଶାଳ ଛକା ସହ ୩୨ ରନ୍ ସଂଗ୍ରହ କରିଥିଲେ। ଶ୍ରୀଲଙ୍କା ପକ୍ଷରୁ ନୁୱାନ ତୁଷାରା ସର୍ବାଧିକ ୪ଟି ୱିକେଟ୍ ସଫଳତା ପାଇଥିଲେ।

#### ସୁପର-୪ ଖେଳସୂଚୀ

| ତାରିଖ | ପ୍ରତିଦ୍ୱନ୍ଦ୍ୱୀ | ଭେନ୍ୟୁ |
|---|---|---|
| ୨୦।୯ | ଶ୍ରୀଲଙ୍କା-ବାଂଲାଦେଶ | ଦୁବାଇ |
| ୨୧।୯ | ଭାରତ-ପାକିସ୍ତାନ | ଦୁବାଇ |
| ୨୩।୯ | ଶ୍ରୀଲଙ୍କା-ପାକିସ୍ତାନ | ଆବୁଧାବି |
| ୨୪।୯ | ଭାରତ-ବାଂଲାଦେଶ | ଦୁବାଇ |
| ୨୫।୯ | ପାକିସ୍ତନ-ବାଂଲାଦେଶ | ଦୁବାଇ |
| ୨୬।୯ | ଭାରତ-ଶ୍ରୀଲଙ୍କା | ଦୁବାଇ |
| ୨୮।୯ | ଫାଇନାଲ | ଦୁବାଇ |

ଖେଳ ଆରମ୍ଭ - ରାତି ୯ଟା
ପ୍ରସାରଣ -ସୋନି ସ୍ପୋର୍ଟ୍ସ ନେଟ୍‌ୱର୍କ

### ରାଞ୍ଚି ରୟାଲ ଟସ୍କର ନୂଆ ଟିମ୍

## ୨୪ରେ ହକି ଇଣ୍ଡିଆ ଲିଗ୍ ନିଲାମ

ନୂଆଦିଲ୍ଲୀ,୧୯।୯ (ଏଜେନ୍ସି): ହକି ଇଣ୍ଡିଆ ଲିଗ୍‌ର ମିନି ନିଲାମି ନୂଆଦିଲ୍ଲୀରେ ଥିବା ହକି ଇଣ୍ଡିଆ କାର୍ଯ୍ୟାଳୟରେ ଆସନ୍ତା ୨୪ରେ ଅନୁଷ୍ଠିତ ହେବବ। ଏଥର ପୁରୁଷ ଦଳ ଲାଗି ୪ କୋଟି ଓ ମହିଳା ଦଳ ଲାଗି ୨ କୋଟି ଟଙ୍କାର ପର୍ସ ରଖାଯାଇଛି। ସେହିପରି ଟିମ୍‌ରେ ସ୍ଥାନ ପାଉଥିବା ଖେଳାଳିଙ୍କ ସଂଖ୍ୟା ୨୪ରୁ କମାଇ ଦିଆଯାଇ ୨୦ରେ ରଖାଯାଇଛି। ଏହା ମଧ୍ୟରେ ଜଣେ ବିଦେଶୀ ଖେଳାଳି କମିଯାଇଛନ୍ତି। ଏହା ଫଳରେ ଭଲ ଖେଳାଳି କିଣିବାକୁ ଦଳଗୁଡିକ ନିକଟରେ ଅଧିକ ଅର୍ଥ ଉପଲବ୍ଧ ହେବ ବୋଲି ଜଣାଯାଇଛି। ଯେଉଁ



ଦଳରେ ଶୂନ୍ୟସ୍ଥାନ ରହିଛି ତାହା ଏହି ମିନି ନିଲାମିରୁ ପୂରଣ କରାଯିବ। ପ୍ରଥମ ସିଜନରେ ଖେଳିଥିଲା ପୁରୁଷ ବିଭାଗରେ ଟିମ୍ ଗୋନାସିକା ଓ ମହିଳା ବିଭାଗରେ ଡିଫେଣ୍ଡିଂ ଚାମ୍ପିଅନ ଓଡ଼ିଶା ୱାରିୟର୍ସ ଦ୍ୱିତୀୟ ସିଜନରୁ ଓହରିଯାଇଛନ୍ତି। ଏହା ଫଳରେ ଗୋଟିଏ ଦଳ କମିଯାଇଥିଲା। ଏହା ବଦରେ ରାଞ୍ଚି ରୟାଲ ଟସ୍କର ଉଭୟ ପୁରୁଷ ଓ ମହିଳା ବିଭାଗରେ ନୂଆ ଦଳ ଭାବେ ଚଳିତ ସିଜନରେ ଅଂଶଗ୍ରହଣ କରିବେ ବୋଲି ହକି ଇଣ୍ଡିଆ ସମ୍ପାଦକ ଭୋଳାନାଥ ସିଂ ପ୍ରକାଶ କରିଛନ୍ତି।

ଚେନ୍ନଇରେ ଦ୍ୱିତୀୟ ସଂସ୍କରଣ ୨୦୨୬ ଜାନୁଆରୀରେ ଆରମ୍ଭ ହେବ। ଚେନ୍ନଇରେ ଉଦ୍‌ଘାଟନୀ ଉତ୍ସବ ସହ ପ୍ରଥମ ପର୍ଯ୍ୟାୟ ମୁକାବିଲା ଅନୁଷ୍ଠିତ ହେବ। ଏହା ପରେ ଭୁବନେଶ୍ୱର ଓ ରାଞ୍ଚିରେ ପରବର୍ତ୍ତୀ ଦୁଇଟି ପର୍ଯ୍ୟାୟ ମ୍ୟାଚ୍ ଅନୁଷ୍ଠିତ ହେବ। ବିହାରର ରାଜଗିରିକୁ ଚତୁର୍ଥ ସହର ଭାବେ ବିବେଚନା କରାଯାଉଛି। ପୁରୁଷ ବିଭାଗରେ ରାର ବେଙ୍ଗଲ ଟାଇଗର୍ସ ଓ ମହିଳା ବିଭାଗରେ ଓଡ଼ିଶା ୱାରିୟର୍ସ ପ୍ରଥମ ସଂସ୍କରଣରେ ଟାଇଟଲ ବିଜୟୀ ହୋଇଥିଲେ।

### ସୁପ୍ରିମ୍‌କୋର୍ଟଙ୍କ ନିର୍ଦ୍ଦେଶ

## ୪ ସପ୍ତାହରେ ଏଆଇଆଇଏଫ୍‌ର ନୂଆ ସମ୍ବିଧାନ ଚୂଡ଼ାନ୍ତ କର

ନୂଆଦିଲ୍ଲୀ,୧୯।୯ (ଏଜେନ୍ସି): ଏଆଇଆଇଏଫ୍ (ସର୍ବଭାରତୀୟ ଫୁଟବଲ ମହାସଂଘ)ର ନୂଆ ସମ୍ବିଧାନ ଚିଠା ପ୍ରସ୍ତାବ ଆଜି ସୁପ୍ରିମ୍‌କୋର୍ଟରେ ସାମାନ୍ୟ କିଛି ସଂଶୋଧନ ସହ ଗୃହୀତ ହୋଇଯାଇଛି। ଏହି ନୂଆ ସମ୍ବିଧାନକୁ ଆସନ୍ତା ୪ ସପ୍ତାହ ମଧ୍ୟରେ ଜେନେରାଲ ବଡି ବୈଠକ କରି ଚୂଡାନ୍ତ କରିବାକୁ ସୁପ୍ରିମକୋର୍ଟ ଆଜି ନିର୍ଦ୍ଦେଶ ଦେଇଛନ୍ତି। ଏହି ସମୟ ମଧ୍ୟରେ ନୂଆ ସମ୍ବିଧାନକୁ ଗ୍ରହଣ କରିବାକୁ ମଧ୍ୟ ନିର୍ଦ୍ଦେଶରେ ସ୍ପଷ୍ଟଭାବେ ଉଲ୍ଲେଖ ରହିଛି। ଏହା ବ୍ୟତୀତ ବର୍ତ୍ତମାନ ଏଆଇଆଇଏଫ୍‌ର ନିର୍ବାଚିତ କର୍ମକର୍ତ୍ତାଙ୍କୁ ମଧ୍ୟ ସୁପ୍ରିମକୋର୍ଟ ସ୍ୱୀକୃତି ଦେଇଛନ୍ତି। ଏହି ନିର୍ବାଚିତ କର୍ମକର୍ତ୍ତା ସେମାନଙ୍କ ପୂରା କାର୍ଯ୍ୟକାଳ ପୂରଣ କରିବେ। ୨୦୨୬ରେ ଏଆଇଆଇଏଫ୍‌ର ପରବର୍ତ୍ତୀ ନିର୍ବାଚନ ଅନୁଷ୍ଠିତ ହେବ। ଏଆଇଆଇଏଫ୍‌ର ତାହାର ସମ୍ବିଧାନରେ ଅକ୍ଟୋବର ୩୦ ଅଲିମ୍ପିକ୍ ଚାର୍ଟର ଅନୁଯାୟୀ ସଂଶୋଧନ ନ କଲେ ଭାରତୀୟ ଫୁଟବଲର




ଏହି ସର୍ବୋଚ୍ଚ ସଂଗଠନକୁ ବାସନ୍ଦ କରିବାକୁ ଫିଫା ଓ ଏସୀୟ ଫୁଟବଲ କନଫେଡେରେସନ ଧମକ ଦେଇଥିଲେ। ୨୦୧୭ରୁ ଏହି ସଂଶୋଧନ ପ୍ରକ୍ରିୟା ଆରମ୍ଭ ହୋଇଥିଲେ ମଧ୍ୟ ୨୦୨୨ରେ ଏହାର ଚିଠା ପ୍ରସ୍ତାବ ସୁପ୍ରିମ୍‌କୋର୍ଟରେ ଉପସ୍ଥାପନ କରାଯାଇଥିଲା। ଆଜି ଏହି ମାମଲାର ଚୂଡାନ୍ତ ରିପୋର୍ଟ ସହ ଏଆଇଆଇଏଫ୍ ଓ ଏହାର ସଭାପତି କଲ୍ୟାଣ ଚୌବେଙ୍କ ଏକ ବଡ଼ ମୁଣ୍ଡବ୍ୟଥା ଟଳିଯାଇଛି।

### ଜୁରେଲଙ୍କ ପରେ ପଡ଼ିକାଲଙ୍କ ଶତକ

## ଭାରତ ଏ'- ଅଷ୍ଟ୍ରେଲିଆ ଏ' ଟେଷ୍ଟ ଡ୍ର

ଲକ୍ଷ୍ନୌ,୧୯।୯ (ଏଜେନ୍ସି): ଆୟୋଜକ ଭାରତ-ଏ ଏବଂ ଅଷ୍ଟ୍ରେଲିଆ-ଏ ମଧ୍ୟରେ ଏଠାରେ ଚାଲିଥିବା ପ୍ରଥମ ଅନ୍‌ଅଫିସିଆଲ ଟେଷ୍ଟ ମ୍ୟାଚ୍ ଡ୍ର ରହିଛି। ଏହା ଫଳରେ ଦୁଇ ଦେଶ ମଧ୍ୟରେ ଚାଲିଥିବା ଟେଷ୍ଟ ସିରିଜ୍ ବରାବର ସ୍ଥିତିରେ ରହିଛି। ସିରିଜ୍‌ର ଦ୍ୱିତୀୟ ତଥା ନିର୍ଣ୍ଣାୟକ ଅନ୍‌ଅଫିସିଆଲ ଟେଷ୍ଟ ଏହିଠାରେ ସେପ୍ଟେମ୍ବର ୨୩ରୁ ୨୬ଯାଏ ଖେଳାଯିବ। ଏହି ମ୍ୟାଚ୍‌ରେ ଭାରତର ଦୁଇ ଯୁବ ଖେଳାଳି ୱିକେଟରକ୍ଷକ ଧ୍ରୁବ ଜୁରେଲ (୧୪୦) ଓ ଦେବଦତ୍ତ ପଡ଼ିକାଲ (୧୫୦) ଶତକ ହାସଲ କରି ଚୟନକର୍ତ୍ତାଙ୍କ ଦୃଷ୍ଟି ଆକର୍ଷଣ କରିବାରେ ସମର୍ଥ ହୋଇଛନ୍ତି।

ଏଠାରେ ପ୍ରଥମେ ବ୍ୟାଟିଂ କରି ଅଷ୍ଟ୍ରେଲିଆ ୬ ୱିକେଟରେ ୫୩୨ ରନ୍ କରି ପ୍ରଥମ ଇନିଂସ ସମାପ୍ତି ଘୋଷଣା କରିଥିଲା। ଦଳ ପକ୍ଷରୁ ୱିକେଟରକ୍ଷକ ଜୋଶ ଫିଲିପ୍ ଅପରାଜିତ ୧୨୩ ଓ ସାମ କୋନଷ୍ଟାସ୍ ୧୦୯ ରନ୍ କରିଥିଲେ। ଜବାବରେ ଭାରତ ୭ ୱିକେଟରେ ୫୩୧ ରନ୍ କରିବା ପରେ ପ୍ରଥମ ଇନିଂସ ଘୋଷଣା କରିଥିଲା। ଦଳ ପକ୍ଷରୁ ନଂ-୪ରେ ବ୍ୟାଟିଂ କରିଥିବା ପଡ଼ିକାଲ ସର୍ବାଧିକ ୧୫୦ ରନ୍ କରିଥିଲେ। ସେ ୨୮୧ ବଲ୍ ଖେଳି ୧୪ ଚୌକା ଓ ୧ଛକା ସହ ଏହି ରନ୍ କରିଥିଲେ। ତାଙ୍କ ପୂର୍ବରୁ ୱିକେଟ ରକ୍ଷକ ଧ୍ରୁବ ଜୁରେଲ ୧୪୦ ରନ୍ କରିଥିଲେ। ସେ




୧୯୭ ବଲ୍‌ର ସମ୍ମୁଖୀନ ହୋଇ ୧୩ ଚୌକା ଓ ୪ ଛକା ସହ ଏହି ସ୍କୋର କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରଥମ ୩ଜଣ ବ୍ୟାଟର ଅଭିମନ୍ୟୁ ଈଶ୍ୱରନ ୪୪, ଏନ୍ ଜଗଦୀଶନ ୬୪ ଓ ସାଇ ସୁଦର୍ଶନ ୭୩ ରନ୍ କରିଥିଲେ। ଅଷ୍ଟ୍ରେଲୀୟ ଅଫ୍‌ସ୍ପିନର କୋରୀଙ୍କୁ ସର୍ବାଧିକ ୩ଟି ୱିକେଟ ମିଳିଥିଲା। ମାତ୍ର ଗୋଟିଏ ରନ୍‌ରେ ପ୍ରଥମ ଇନିଂସ ଆଗୁଆ ରହିଥିବା ଅଷ୍ଟ୍ରେଲିଆ-ଏ' ଦ୍ୱିତୀୟ ଇନିଂସ ଆରମ୍ଭ କରି ୧୬ ଓଭରରେ କୌଣସି ୱିକେଟ ନ ହରାଇ ୫୬ ରନ୍ କରିବା ପରେ ଖେଳକୁ ବନ୍ଦ ରଖାଯାଇଥିଲା। ଭ୍ରମଣକାରୀ ଦଳର ସାମ କୋନ୍‌ଷ୍ଟାସ ୨୭ କ୍ୟାମ୍ପବେଲ କେଲାୱେ ୨୪ ରନ୍‌ରେ ଅପରାଜିତ ରହିଥିଲେ।

### ବାରବାଟୀରେ ଫରଭେଜ୍ ମାହାରୁଫ୍

## ଓପିଟିଏଲ ଓଡ଼ିଆ ଖେଳାଳିଙ୍କ ଲାଗି ବଡ଼ ସୁଯୋଗ

କଟକ,୧୯।୯ (କୁମାରଶ୍ରୀ ସାହୁ):

ଓଡ଼ିଶା ପ୍ରୋ ଟି-୨୦ ଲିଗ୍ ଉପରେ ଅନେକ ଚୟନକର୍ତ୍ତାଙ୍କ ନଜର ରହିଛି। ରାଜ୍ୟ ଘରୋଇ କ୍ରିକେଟର ଏହା ଏକ ବଡ ମଞ୍ଚ। ଆୟୋଜନ ଆକର୍ଷଣୀୟ ଲାଗୁଛି। ଏଥିରେ ଖେଳାଳିମାନଙ୍କ ଦମ୍‌ଦାର ପ୍ରଦର୍ଶନ ଇଣ୍ଡିଆନ ପ୍ରିମିୟର ଲିଗ୍(ଆଇପିଏଲ) ପାଇଁ ପଥ ଉନ୍ମୁକ୍ତ କରିପାରେ ବୋଲି ଶ୍ରୀଲଙ୍କାର ପୂର୍ବତନ ଅଲରାଉଣ୍ଡର ଫରଭେଜ୍ ମହାରୁଫ୍ ଏକ ସ୍ୱତନ୍ତ୍ର ସାକ୍ଷାତକାରରେ କହିଛନ୍ତି। ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଏବଂ କାରିଭା ସ୍ପୋର୍ଟସର ମିଳିତ ଆନୁକୂଲ୍ୟରେ ବାରବାଟୀ ଷ୍ଟାଡିୟମରେ ଓପିଟିଏଲ୍‌ର ପ୍ରଥମ ସଂସ୍କରଣ ଜାରି ରହିଛି। ଏଥିରେ ସିଂହଳୀ ତାରକା ମହାରୁଫ୍‌ଙ୍କୁ ଭାସ୍ୟକାର ଭାବେ ଦେଖିବାକୁ ମିଳିଛି।

**ପ୍ର:** ଓଡ଼ିଶାରେ ପ୍ରଥମଥର ଆୟୋଜନ ହୋଇଥିବା ଓପିଟିଏଲ ବାବଦରେ ଆପଣଙ୍କ ମତ କଣ?

ଉ: ପ୍ରଥମ ତିନି ଦିନର ଅଭିଜ୍ଞତା ବେଶ୍ ଭଲ ରହିଛି। ପ୍ରଥମଶ୍ରେଣୀ କ୍ରିକେଟ ଜଗତର ଖେଳାଳି ମାନଙ୍କୁ ଏଭଳି ପ୍ଲାଟଫର୍ମ ଯୋଗାଇ ଦେବା କ୍ଷେତ୍ରରେ ଓସିଏର ଭୂମିକା ପ୍ରଶଂସନୀୟ। ଓପିଟିଏଲରେ ଖେଳାଳିମାନେ ନିଜ ପ୍ରଦର୍ଶନକୁ ଗୁରୁତ୍ୱ ଦେବା ଆବଶ୍ୟକ। ଅନେକ ଚୟନକର୍ତ୍ତାଙ୍କ ନଜର ସେମାନଙ୍କ ଉପରେ ରହିଛି, ଏହା ସେମାନେ ଭୁଲନ୍ତୁ ନାହିଁ।

**ପ୍ର:** ଜଣେ ପୂର୍ବତନ ଅନ୍ତର୍ଜାତୀୟ ଖେଳାଳିଭାବେ ଆପଣ କେଉଁ ଖେଳାଳିଙ୍କ ପ୍ରଦର୍ଶନ ଉପରେ ସନ୍ତୁଷ୍ଟ ଅଛନ୍ତି?

ଉ: ସେମିତି ଅନେକ ଖେଳାଳି ଅଛନ୍ତି। ତଥାପି କଟକ ପାନ୍ଥର୍ସର ପେସ୍‌ବୋଲର ଭଗୀଶ ଶର୍ମାଙ୍କ ପ୍ରଦର୍ଶନ ପ୍ରଭାବଶାଳୀ ଲାଗିଛି। ନୂଆ ଖେଳାଳିଙ୍କୁ ନେଇ ଚାଲିଥିବା ଏହି ଲିଗ୍ ଓଡ଼ିଶା କ୍ରିକେଟକୁ ସଫଳ ରୂପ ଦେବା ନିଶ୍ଚିତ।



**ପ୍ର:** ଓଡ଼ିଶାର ସ୍ୱତନ୍ତ୍ର ସ୍ଥାନ ଓ ସ୍ୱତନ୍ତ୍ର ଖାଦ୍ୟର ଅନୁଭୂତି ପାଇଲେଣି?

ଉ: ବ୍ୟସ୍ତତା ଭିତରେ ଓଡ଼ିଶାର ବିଭିନ୍ନ ସ୍ଥାନକୁ ଯାଇ ପାରିନାହିଁ। ହେଲେ ଓଡ଼ିଶାର ଆମିଷ ଥାଳି ବହୁତ ପସନ୍ଦ ଆସିଛି। ପୂର୍ବରୁ ଅନେକଥର ଓଡ଼ିଶା ଆସିବାର ସୁଯୋଗ ପାଇଛି। ୨୦୧୦ରେ ଦିଲ୍ଲୀ ଡେୟାର ଡେଭିଲ୍ସ ଦଳରୁ ଆଇପିଏଲ ଖେଳିବା ପାଇଁ କଟକ ଆସିଥିଲି। ଏଲଏଲସି ମ୍ୟାଚ୍ ସମୟରେ ମଧ୍ୟ କଟକରେ ସମୟ ବିତିଥିଲା।

**ପ୍ର:** ଟି-୨୦ ଫର୍ମାଟ ଏକଦିବସୀୟ କ୍ରିକେଟ ଉପରେ ପ୍ରଭାବ ପକାଉଛି କି?

ଉ: ହଁ ପ୍ରଭାବ ପକାଉଛି, ହେଲେ ଏହା ସକରାତ୍ମକ। କ୍ରିକେଟ ଖେଳର ତରିକା ବଦଳୁଛି। ଭବିଷ୍ୟତରେ ଏକଦିବସୀୟ କ୍ରିକେଟ ପ୍ରତି ଉତ୍କଣ୍ଠା କମିବ ବୋଲି କୁହାଯାଇପାରେ। ତେବେ ଏ ବାବଦରେ ଆଇସିସିର କାର୍ଯ୍ୟଧାରାକୁ ଅନୁଶୀଳନ କରିବାକୁ ପଡିବ।

**ପ୍ର:** ସନତ ଜୟସୂରିଆଙ୍କ ତତ୍ତ୍ୱାବଧାନରେ ଖେଳୁଥିବା ଶ୍ରୀଲଙ୍କା ଦଳର ଭବିଷ୍ୟତକୁ କିପରି ଦେଖୁଛନ୍ତି?

ଉ: ତାଙ୍କ ଦାୟିତ୍ୱକୁ ପ୍ରଶଂସା କରାଯାଇପାରେ। ଖେଳାଳିମାନଙ୍କ ପ୍ରଦର୍ଶନ ମଧ୍ୟ ନୈରାଶ୍ୟଜନକ ରହିନାହିଁ। ସାମ୍ପ୍ରତିକ ସ୍ଥିତିରେ ଆଗାମୀ ଟି-୨୦ ଓ ଏକଦିବସୀୟ ବିଶ୍ୱକପ୍ ଟାଇଟଲ୍ ଜିତିବା କେବଳ ଦଳର ଲକ୍ଷ୍ୟ ରହିଛି।

### ଓଡ଼ିଶା ପ୍ରୋ ଟି-୨୦ ଲିଗ୍

## ପାନ୍ଥର୍ସଙ୍କୁ ହରାଇଲା ଟାଇଟନ୍ସ

କଟକ,୧୯।୯ (ସମିସ): ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ର ୪ର୍ଥ ଲିଗ୍ ମ୍ୟାଚ୍‌ରେ ପୁରୀ ଟାଇଟନ୍ସ ୯ ୱିକେଟରେ କଟକ ପାନ୍ଥର୍ସକୁ ପରାସ୍ତ କରିଛି। ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳିଥିବା ଟାଇଟନ୍ସର ଏହା ପ୍ରଥମ ବିଜୟ। ବାରବାଟୀ ଷ୍ଟାଡିୟମରେ ଆଜି ଅପରାହ୍ନରେ ଅନୁଷ୍ଠିତ ମ୍ୟାଚ୍‌ରେ ପାନ୍ଥର୍ସ ଅଧିନାୟକ ସ୍ୱସ୍ତିକ ସାମଲ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ଟାଇଟନ୍ସର ଶାଣିତ ବୋଲିଂରେ ଫସି ପାନ୍ଥର୍ସ ୭ ୱିକେଟ ହରାଇ ୧୪୧ରନ ସଂଗ୍ରହ କରିଥିଲା। ବିପ୍ଳବ ସାମନ୍ତରାୟ ସର୍ବାଧିକ ୩୩ ରନ୍ କରିଥିବା ବେଳେ ଅଭିଷେକ ରାଉତ ୨୫ରନ, ସ୍ୱସ୍ତିକ ସାମଲ ୨୨ରନ କରିଥିଲେ। ଟାଇଟନ୍ସ ପକ୍ଷରୁ ଏମଏ ଡାନିସ୍ ୩ଟି ୱିକେଟ ଦଖଲ କରିଥିବା ବେଳେ ରାଜେଶ ମହାନ୍ତି, ଆଶୁତୋଷ ଛୁରିଆ, ସୁଶୀଲ ବାରିକ ଓ ଉଦୟ ଜଟଙ୍କୁ ଗୋଟିଏ ଲେଖାଏ ୱିକେଟ ମିଳିଥିଲା। ୧୭.୪ ଓଭରରେ ଗୋଟିଏ ୱିକେଟ ହରାଇ ପୁରୀ ବିଜୟୀ ହୋଇଥିଲା। ଓପନର ଶାନ୍ତନୁ ମିଶ୍ର ଅପରାଜିତ ୭୯ରନର ମ୍ୟାଚ୍ ବିଜୟୀ ପାଳି ଖେଳିଥିଲେ। ଅନ୍ୟତମ ଓପନର ଅନୁରାଗ ଷଡ଼ଙ୍ଗୀ ୩୧ରନରେ ଆଉଟ ହୋଇଥିବା ବେଳେ ଅଧିନାୟକ ସନ୍ଦୀପ ପଟ୍ଟନାୟକ




୧୭ବଲରୁ ୩୧ରନ କରିଥିଲେ। କଟକର ଅଭିଷେକ ରାଉତଙ୍କୁ ଏକମାତ୍ର ୱିକେଟ ମିଳିଥିଲା। ଶାନ୍ତନୁ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ ହୋଇଥିଲେ।

### ୧ ରନ୍‌ରେ ଜିତିଲା ସମ୍ବଲପୁର ୱାରିୟର୍ସ

ଗୁରୁବାର ସନ୍ଧ୍ୟାରେ ଖେଳାଯାଇଥିବା ଦ୍ୱିତୀୟମୁକାବିଲାରେ ସମ୍ବଲପୁର ୱାରିୟର୍ସ ମାତ୍ର ୧ରନରେ ରାଉରକେଲା ଷ୍ଟିଲର୍ସଙ୍କୁ ପରାସ୍ତ କରିଥିଲା। ଏହି ମ୍ୟାଚ୍‌ରେ ଦୁଇ ଓପନର ଆଦିତ୍ୟ ରାଉତ(୬୮ରନ) ଏବଂ ଶ୍ରେୟାଂଶ ଭରଦ୍ୱାଜ(୫୨ରନ)ଙ୍କ ଅର୍ଦ୍ଧଶତକୀୟ ପାଳି ବଦଳରେ ସମ୍ବଲପୁର ୱାରିୟର୍ସ ୩ ୱିକେଟ ହରାଇ ୧୯୪ରନ ସଂଗ୍ରହ କରିଥିଲା। ୧୯୫ରନର ବିଜୟ ଲକ୍ଷ୍ୟକୁ ପିଛା କରୁଥିବା ଷ୍ଟିଲର୍ସ ୯ ୱିକେଟ ହରାଇ ୧୯୩ରନରେ ଅଟକିଥିଲା। ଅନ୍ତିମ ଓଭରରେ ୧୭ରନ ଆବଶ୍ୟକ ଥିବା ବେଳେ ଦୁଇଟି ଛକା ସତ୍ତ୍ୱେ ଷ୍ଟିଲର୍ସ ୧୫ରନ କରିପାରିଥିଲା। ଅର୍ଦ୍ଧଶତକୀୟ ପାଳି ଖେଳିଥିବା ଆଦିତ୍ୟ ପ୍ଲେୟାର ଅଫ ଦି ମ୍ୟାଚ୍ ହୋଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS